

'ବର୍ଡର ୨'
ଆସିଲା ବରୁଣଙ୍କ ଲୁକ୍

▸ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-135 ♦TUESDAY ♦11 NOVEMBER 2025 ♦PAGE-12 ♦₹ 6.00 | JEYPORE | ♦ବର୍ଷ-୪୩ ♦ସଂଖ୍ୟା-୧୩୫ ♦ମଙ୍ଗଳବାର ♦୧୧ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


# ବିସ୍ଫୋରଣରେ ଥରିଲା ଦିଲ୍ଲୀ; ୮ ମୃତ

## ଲାଲ୍‌କିଲ୍ଲା ନିକଟରେ ଭୟଙ୍କର କାର୍ ଧମାକା




**ଜଳିଗଲା ୮ଟି କାର୍; ୨୨ଟି ଗାଡ଼ି କ୍ଷତିଗ୍ରସ୍ତ**

**ଘଟଣାସ୍ଥଳରେ ଏନ୍‌ଆଇଏ, ଏନ୍‌ଏସ୍‌ଜି ଫୋରେନ୍‌ସିକ୍ ଟିମ୍**

**ହାଇଆଲର୍ଟରେ ଦେଶର ପ୍ରମୁଖ ମେଟ୍ରୋ ସହର**

■ **ନୂଆଦିଲ୍ଲୀ, ୧୦।୧୧ (ଏଜେନ୍ସି):** ଆଜି ସନ୍ଧ୍ୟାରେ ଶକ୍ତିଶାଳୀ ବୋମା ବିସ୍ଫୋରଣରେ ଥରହର ହୋଇଛି ଜାତୀୟ ରାଜଧାନୀ ନୂଆଦିଲ୍ଲୀ। ଏହି ବିସ୍ଫୋରଣରେ ୮ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ଏବଂ ଆହୁରି ୧୭ ଜଣ ବ୍ୟକ୍ତି ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ଅନେକଙ୍କ ଅବସ୍ଥା ଗୁରୁତର ରହିଛି। ସେମାନଙ୍କୁ ବିଭିନ୍ନ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ଆସନ୍ତାକାଲି ବିହାର ବିଧାନସଭାର ଅନ୍ତିମ ପର୍ଯ୍ୟାୟ ନିର୍ବାଚନ ହେବାକୁ ଯାଉଛି ଏବଂ ସମଗ୍ର ଦେଶବାସୀଙ୍କ ନଜର ବିହାର ଉପରେ ଥିବା ବେଳେ ଦିଲ୍ଲୀରେ ଏଭଳି ବିସ୍ଫୋରଣ ସମଗ୍ର ଦେଶକୁ ସ୍ତବ୍ଧ କରିଦେଇଛି। ତେବେ ଏହି ବିସ୍ଫୋରଣ ପଛରେ କିଏ ଅଛନ୍ତି, ତାହା ଜଣାପଡ଼ି ନାହିଁ। ଦିଲ୍ଲୀ ସମେତ ବିଭିନ୍ନ ସ୍ଥାନରେ ଆତଙ୍କବାଦୀ ଆକ୍ରମଣ ପାଇଁ ଯୋଜନା ଚଳାଇଥିବା ୪ ଜଣ ଡାକ୍ତରଙ୍କ ସମେତ ୮ ଜଣଙ୍କୁ ଗିରଫ କରାଯିବା ପରେ ଏହି ବିସ୍ଫୋରଣ ଘଟିଛି। ବିସ୍ଫୋରଣ ପରେ ଦିଲ୍ଲୀ ସମେତ ମୁମ୍ବଇ, ଚେନ୍ନଇ, ଉତ୍ତରପ୍ରଦେଶ, ହରିଆଣା, ଉତ୍ତରାଖଣ୍ଡ ଏବଂ ମହାରାଷ୍ଟ୍ରରେ ହାଇ ଆଲର୍ଟ ଜାରି କରାଯାଇଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏକ ଉଚ୍ଚସ୍ତରୀୟ ବୈଠକରେ ପରିସ୍ଥିତିର ସମୀକ୍ଷା କରିଛନ୍ତି। ସୁରକ୍ଷା ଏଜେନ୍ସିଗୁଡ଼ିକୁ ସତର୍କ କରିଦିଆଯାଇଛି। ରାଜଧାନୀ ଦିଲ୍ଲୀର ସୁରକ୍ଷାକୁ କଡ଼ାକଡ଼ି କରିଦିଆଯାଇଛି।

ସୂଚନା ଅନୁଯାୟୀ ଲାଲକିଲ୍ଲା ମେଟ୍ରୋ ଷ୍ଟେସନ୍ ନିକଟସ୍ଥ ପାର୍କିଂରେ ଛିଡ଼ା ହୋଇଥିବା ଏକ ହୁଣ୍ଡାଇ ଆଇ-୨୦ କାର୍‌ରେ ଆଜି ସନ୍ଧ୍ୟାରେ ବଡ଼ଧରଣର ବିସ୍ଫୋରଣ ହୋଇଥିଲା। ବିସ୍ଫୋରଣ ଯୋଗୁଁ ନିଆଁ ବ୍ୟାପି ଆଖପାଖରେ ଥିବା ଆଉ ତିନିଗାଡ଼ିକୁ କବଳିତ କରି ନେଇଥିଲା। ସୂଚନା ମିଳିବା ପରେ ସୁରକ୍ଷାବାହିନୀ, ଏନ୍‌ଆଇଏ ଏବଂ ଫୋରେନ୍‌ସିକ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚିଥିଲା। ଅଞ୍ଚଳକୁ ସମ୍ପୂର୍ଣ୍ଣ ସିଲ୍ କରି ତଦନ୍ତ ଆରମ୍ଭ କରାଯାଉଛି। ଏ ପର୍ଯ୍ୟନ୍ତ ବିସ୍ଫୋରଣର କାରଣ ଜଣାପଡ଼ି ନାହିଁ। କିନ୍ତୁ ଜମ୍ମୁ-କଶ୍ମୀରରୁ ବିସ୍ଫୋରକ ▸ପୃଷ୍ଠା-୭



### ସବୁ ଦିଗରୁ ଯାଞ୍ଚ ହେବ: ଶାହା

ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ଦିଲ୍ଲୀ ବିସ୍ଫୋରଣକୁ ନେଇ ଗଭୀର ଶୋକ ପ୍ରକାଶ କରିଛନ୍ତି। ଏହି ଜୀବନହାନୀର କଷ୍ଟକୁ ଶବ୍ଦର ପ୍ରକାଶ କରିହେବ ନାହିଁ ବୋଲି ସେ କହିଛନ୍ତି। ଏଥିରେ ପ୍ରାଣ ହରାଇଥିବା ବ୍ୟକ୍ତିଙ୍କ ସମ୍ପର୍କୀୟଙ୍କ ପ୍ରତି ସେ ସମବେଦନା ଜଣାଇଛନ୍ତି। ସ୍ୱରାଷ୍ଟ୍ରମନ୍ତ୍ରୀ ବିସ୍ଫୋରଣ ସ୍ଥଳକୁ ଗସ୍ତ କରିଛନ୍ତି ଏବଂ ଏଲଏନଜେପି ହସ୍ପିଟାଲକୁ ଯାଇ ଆହତଙ୍କ ସହ କଥା ହୋଇଛନ୍ତି। ସେ ଆହତଙ୍କ ଦ୍ରୁତ ଆରୋଗ୍ୟ କାମନା କରିଛନ୍ତି। ପ୍ରମୁଖ ଏଜେନ୍ସିଗୁଡ଼ିକ ମାମଲାର ତଦନ୍ତ ଆରମ୍ଭ କରିଦେଇଛନ୍ତି। ଆଖପାଖର ସିସିଟିଭି ଫୁଟେଜକୁ ଯାଞ୍ଚ ନିର୍ଦ୍ଦେଶ ଦିଆଯାଇଛି। ଶାହା ଦିଲ୍ଲୀ ▸ପୃଷ୍ଠା-୭

### ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ, ମୋହନ ଓ ନବୀନଙ୍କ ଶୋକ

ଦିଲ୍ଲୀ ବିସ୍ଫୋରଣକୁ ନେଇ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଗଭୀର ଶୋକ ପ୍ରକାଶ କରିବା ସହ ମୃତକଙ୍କ ପରିବାର ପ୍ରତି ଗଭୀର ସମବେଦନା ଜଣାଇ ଆହତଙ୍କ ଆଶୁଆରୋଗ୍ୟ କାମନା କରିଛନ୍ତି। ପ୍ରଧାନମନ୍ତ୍ରୀ କହିଛନ୍ତି ଯେ ଆହତଙ୍କୁ ଅଧିକାରୀମାନେ ସହାୟତା ପ୍ରଦାନ କରୁଛନ୍ତି। ସେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ▸ପୃଷ୍ଠା-୭

---

**ଆତଙ୍କବାଦର ନୂଆ ଚେହେରା**

## ବିସ୍ଫୋରକ, ରାଇଫଲ ସହ ୪ ଡାକ୍ତର ଗିରଫ

■ **ନୂଆଦିଲ୍ଲୀ, ୧୦।୧୧ (ଏଜେନ୍ସି):** ଏକ ଉଦ୍‌ବେଗଜନକ ଘଟଣା କ୍ରମେ ଆତଙ୍କବାଦୀ ଆକ୍ରମଣ ପାଇଁ ଯୋଜନା ଚଳାଇଥିବା ୪ ଜଣ ଡାକ୍ତର ଧରାପଡ଼ିଛନ୍ତି। ସେମାନଙ୍କ ନିକଟରୁ ୨୯୦୦ କିଲୋ ବିସ୍ଫୋରକ ସହିତ ଏକେ-୪୭ ରାଇଫଲ ଏବଂ କିଛି ବିଷାକ୍ତ ରସାୟନ ସାମଗ୍ରୀ ଜବତ କରାଯାଇଛି। ରାଜଧାନୀ ଦିଲ୍ଲୀ ସମେତ ଉତ୍ତର ଭାରତରେ ବଡ଼ ଧରଣର ଆତଙ୍କବାଦୀ ଆକ୍ରମଣ ପାଇଁ ଚାଲିଥିଲା ଯୋଜନା। ଠିକ୍ ସମୟରେ ପୁଲିସ ସେମାନଙ୍କୁ ଧରିବା ପରେ ଏକ ବଡ଼ ଧରଣର ଆକ୍ରମଣ ଯୋଜନାକୁ ପଣ୍ଡ କରିଦେଇଛି ଜମ୍ମୁ-କଶ୍ମୀର ପୁଲିସ। ଏହି ୪ ଜଣ ଡାକ୍ତରଙ୍କୁ ଜମ୍ମୁ-କଶ୍ମୀର, ଉତ୍ତର ପ୍ରଦେଶ, ହରିଆଣା ଏବଂ ଗୁଜରାଟରୁ ଗିରଫ କରାଯାଇଛି। କଶ୍ମୀରରେ ଧରାପଡ଼ିଥିବା ଜଣେ ଡାକ୍ତରଙ୍କ ସୂଚନା ଆଧାରରେ ପୁଲିସ ବିଭିନ୍ନ ସ୍ଥାନରେ ଚଢ଼ଉ କରି ସେମାନଙ୍କୁ ଗିରଫ କରିଛି। ଗିରଫଙ୍କ ମଧ୍ୟରେ ଉତ୍ତର ପ୍ରଦେଶର ଜଣେ ମହିଳା ଡାକ୍ତର ମଧ୍ୟ ଅଛନ୍ତି। ତାଙ୍କ କାରରେ ରାଇଫଲ ଓ ବିସ୍ଫୋରକ ସାମଗ୍ରୀ ଥିଲା। ଏହି ଘଟଣାରେ ମୋଟ୍ ୮ ଜଣଙ୍କୁ ଗିରଫ କରାଯାଇଥିବା ଜଣାପଡ଼ିଛି। ସେମାନେ ପାକିସ୍ତାନୀ ଆତଙ୍କବାଦୀଙ୍କ ଇସାରାରେ କାମ କରୁଥିଲେ।

ଗିରଫ ଡାକ୍ତରମାନେ ହେଲେ ଆଦିଲ ରାଠେର, ମୁଜାମ୍ମିଲ ସକିଲ, ସାହିନ ସହିଦ ଓ ଅହମଦ ସହିଦ। ପାକିସ୍ତାନ ସମର୍ଥିତ ଆତଙ୍କବାଦୀ ସଂଗଠନ ଜୈସ-ଇ- ମହମ୍ମଦ ଓ ଗଜବତ-ଅଲ- ହିନ୍ଦ ସହିତ ସେମାନଙ୍କର ସଂପର୍କ ରହିଛି। ▸ପୃଷ୍ଠା-୭



**ଆକ୍ରମଣ ପାଇଁ ଚାଲିଥିଲା ଯୋଜନା; ପଣ୍ଡ କଲା କଶ୍ମୀର ପୁଲିସ**

**ଟାର୍ଗେଟରେ ଥିଲା ଦିଲ୍ଲୀ ସମେତ ଉତ୍ତର ଭାରତ**

## ବିହାରରେ ଶେଷ ପର୍ଯ୍ୟାୟ ମତଦାନ ଆଜି

■ **ପାଟନା, ୧୦।୧୧ (ଏଜେନ୍ସି):** ବିହାର ନିର୍ବାଚନ ପାଇଁ ମଙ୍ଗଳବାର ଅନ୍ତିମ ପର୍ଯ୍ୟାୟ ମତଦାନ ହେବାକୁ ଯାଉଛି। ସକାଳ ୭ଟାରୁ ଏହି ମତଦାନ ପ୍ରକ୍ରିୟା ଆରମ୍ଭ ହୋଇ ସନ୍ଧ୍ୟା ୫ଟାରେ ଶେଷ ହେବ। ଏହି ପର୍ଯ୍ୟାୟରେ ୨୦ ଜିଲ୍ଲାର ୩.୭ କୋଟି ଭୋଟର ୧୨୨ ଆସନର ପ୍ରାର୍ଥୀଙ୍କ ଭାଗ୍ୟ ସ୍ଥିର କରିବେ। ୨୪୩ ଆସନ ବିଶିଷ୍ଟ ବିହାରରେ କିଏ ପରବର୍ତ୍ତୀ ସରକାର ଗଠନ କରୁଛି ତାହା ଏହି ପର୍ଯ୍ୟାୟ ନିର୍ବାଚନରୁ ସ୍ଥିର ହେବ ବୋଲି କୁହାଯାଉଛି। ଏହି ପର୍ଯ୍ୟାୟରେ ମୋଟ ୧୩୦୨ ପ୍ରାର୍ଥୀ ମୈଦାନକୁ ଓହ୍ଲାଇଛନ୍ତି। ଏମାନଙ୍କ ମଧ୍ୟରେ ୧୩୬ ମହିଳା ସାମିଲ ଅଛନ୍ତି। ଶାନ୍ତିପୂର୍ଣ୍ଣ ନିର୍ବାଚନ ସମାପ୍ତ କରିବା ପାଇଁ ୪ ଲକ୍ଷରୁ ଉର୍ଦ୍ଧ୍ୱ ସୁରକ୍ଷାବାହିନୀ ନିୟୋଜିତ କରାଯାଇଛି। ୪୫, ୩୯୯ ବୁଥ୍ ପ୍ରତିଷ୍ଠା ▸ପୃଷ୍ଠା-୭

**ସୀମାଞ୍ଚଳ ଉପରେ ନଜର**

**୧୨୨ ଆସନରେ ପ୍ରାର୍ଥୀଙ୍କ ଭାଗ୍ୟ ସ୍ଥିର କରିବେ ୩.୭ କୋଟି ଭୋଟର**




### ଆଜି ନୂଆପଡ଼ା ଭୋଟ

■ **ନୂଆପଡ଼ା, ୧୦।୧୧ (ସମିସ):** ନୂଆପଡ଼ା ଉପନିର୍ବାଚନ ପାଇଁ ଆସନ୍ତାକାଲି ଭୋଟଗ୍ରହଣ ହେବ। ଏଥିପାଇଁ ପ୍ରଶାସନ ପକ୍ଷରୁରୁ ସବୁପ୍ରକାର ପ୍ରସ୍ତୁତି ଶେଷ ହୋଇଛି। ସୋମବାର ସନ୍ଧ୍ୟା ସୁଦ୍ଧା ସମସ୍ତ ପୋଲିଂ ଷ୍ଟେସନରେ ପୋଲିଂ ଟିମ ନିଜ ନିଜ ସ୍ଥାନରେ ପହଞ୍ଚିସାରିଛନ୍ତି। ମତଦାନ ପ୍ରକ୍ରିୟାକୁ ସୁରୁଖୁରରେ ସମ୍ପନ୍ନ କରିବା ପାଇଁ ୧୫୮୪ ଜଣ ପୋଲିଂ କର୍ମଚାରୀ ନିୟୋଜିତ ଥିବାବେଳେ ଶାନ୍ତି ଶୃଙ୍ଖଳା ରକ୍ଷା ପାଇଁ ୧୨୩୧ ପୁଲିସ କର୍ମଚାରୀଙ୍କୁ ନିୟୋଜିତ କରାଯାଇଛି। ନୂଆପଡ଼ା ଜିଲ୍ଲାର ଦୁଇଟି ବ୍ଲକ ନୂଆପଡ଼ା ଏବଂ କୋମନା, ଦୁଇଟି ଏନ୍‌ଏସି ଖରିଆରରୋଡ ଏବଂ ନୂଆପଡାରେ ଭୋଟ ଗ୍ରହଣ ହେବ। ▸ପୃଷ୍ଠା-୭

---

**୨୭ରୁ ବିଧାନସଭା ଶୀତ ଅଧିବେଶନ**

## ସମ୍ବୋଧିତ କରିବେ ରାଷ୍ଟ୍ରପତି

■ **ଭୁବନେଶ୍ୱର, ୧୦।୧୧ (ସମିସ):** ଆସନ୍ତା ୨୭ ତାରିଖରୁ ସପ୍ତଦଶ ବିଧାନସଭାର ପଞ୍ଚମ ଅର୍ଥାତ୍ ଶୀତକାଳୀନ ଅଧିବେଶନ ଆରମ୍ଭ ହେବ। ଏନେଇ ବିଧାନସଭା ସଚିବାଳୟ ପକ୍ଷରୁ ବିଧବଦ୍ଧ କାର୍ଯ୍ୟସାରଣୀ ପ୍ରକାଶ ପାଇଛି। ଅଧିବେଶନର ପ୍ରଥମ ଦିନରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ବିଧାନସଭାକୁ ସମ୍ବୋଧିତ କରିବେ। ▸ପୃଷ୍ଠା-୭



**୨୯ଟି କାର୍ଯ୍ୟଦିବସ**

**୨୮ରେ ଅତିରିକ୍ତ ବଜେଟ ଉପସ୍ଥାପନ**

**ସିଇସିଙ୍କ ହସ୍ତକ୍ଷେପ ଲୋଡ଼ିଲେ ନବୀନ**

## ନିରବ ଅବଧିରେ ଆଚରଣ ବିଧି ଉଲ୍ଲଙ୍ଘନ

■ **ଭୁବନେଶ୍ୱର, ୧୦।୧୧ (ସମିସ):** ନୂଆପଡ଼ା ଉପନିର୍ବାଚନରେ ନିର୍ବାଚନ ଆଚରଣ ବିଧିର ଖୋଲା ଉଲ୍ଲଙ୍ଘନ ନେଇ ଗଭୀର ଉଦବେଗ ପ୍ରକାଶ କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଭୋଟଗ୍ରହଣର ୩୬ ଘଣ୍ଟା ପୂର୍ବରୁ ଧାର୍ଯ୍ୟ ସାଇଲେନ୍ସ ପିରିୟଡ (ନିରବ ଅବଧି)ରେ ଏପରି ଅନେକ କାର୍ଯ୍ୟକଳାପ ଦେଖିବାକୁ ମିଳୁଛି, ଯାହା ନିର୍ବାଚନ ଆଚରଣ ବିଧିକୁ ଖୋଲାଖୋଲି ଉଲ୍ଲଙ୍ଘନ କରୁଛି। ପୁଲିସ ଏବଂ ସ୍ଥାନୀୟ ପ୍ରଶାସନ ଶାସକ ଦଳର ସ୍ୱାର୍ଥ ପୂରଣ ଦିଗରେ ପୂରା ଜୋରରେ ଲାଗିପଡ଼ିଛି। ମୁକ୍ତ ଓ ଅବାଧ ନିର୍ବାଚନ ▸ପୃଷ୍ଠା-୭

**ବିଶ୍ୱସନୀୟତା ରକ୍ଷା ପାଇଁ ନିଅନ୍ତୁ ତୁରନ୍ତ ପଦକ୍ଷେପ**

**କଡ଼ାକଡ଼ି ଲାଗୁ ହେଉ ୩୬ ଘଣ୍ଟାର ନିରବ ଅବଧି**



---

**ଅପମିଶ୍ରିତ ତିରୁପତି ଲଡୁ ମାମଲା: ବଡ଼ ସୂଚନା ଦେଲା ସିବିଆଇ**

## ନକଲି ଘିଅ ଦେଇଥିଲା ଉତ୍ତରାଖଣ୍ଡ କମ୍ପାନୀ

■ **ତିରୁପତି, ୧୦।୧୧ (ଏଜେନ୍ସି):** ତିରୁମାଲା ତିରୁପତି ଦେବସ୍ଥାନମ (ଟିଟିଡି)ରେ ଅପମିଶ୍ରିତ ପ୍ରସାଦ ମାମଲାକୁ ନେଇ ବଡ଼ ସୂଚନା ସାମ୍ନାକୁ ଆସିଛି। ମନ୍ଦିରକୁ ଘିଅ ଯୋଗାଣ କରୁଥିବା ଉତ୍ତରାଖଣ୍ଡ ଡାଏରୀ କମ୍ପାନୀର କଳାକାରନାମାର ଗୁମର ଖୋଲି ଯାଇଛି। ଏହି କମ୍ପାନୀ ୨୦୧୯ରୁ ୨୦୨୪ ମଧ୍ୟରେ ୬୮ ଲକ୍ଷ କେଜି ଅପମିଶ୍ରିତ ଘିଅ ମନ୍ଦିରକୁ ଯୋଗାଣ କରିଥିଲା। ଏହି ବାବଦରୁ ୨୫୦ କୋଟି ଟଙ୍କା ଲାଭ କରିଥିଲା। ସିବିଆଇ ଏବଂ ଆନ୍ଧ୍ର ପ୍ରଦେଶ ଖାଦ୍ୟ ସୁରକ୍ଷା ବିଭାଗ ପକ୍ଷରୁ ହୋଇଥିବା ଯାଞ୍ଚରୁ ଏହା ଜଣାପଡ଼ିଛି।

ଯାଞ୍ଚ ରିପୋର୍ଟ ଅନୁଯାୟୀ ଏହି ଘିଅ ଯୋଗାଣ କରୁଥିବା ଡାଏରୀ କମ୍ପାନୀର ସବୁ କାଗଜପତ୍ର ନକଲି ଥିଲା। ଏହି କମ୍ପାନୀ କେବେ ବି କ୍ଷୀର ▸ପୃଷ୍ଠା-୭



**୬୮ ଲକ୍ଷ କେଜି ଘିଅ ବିକି ଆୟ କରିଥିଲା ୨୫୦ କୋଟି ଟଙ୍କା**

**ନକଲି ଥିଲା କମ୍ପାନୀର ସବୁ କାଗଜପତ୍ର**

**ଧରାପଡ଼ିବା ସତ୍ତ୍ୱେ ନୂଆ କମ୍ପାନୀ ଗଠନ କରି ଚାଲିଥିଲା ଯୋଗାଣ**

**ରଥଯାତ୍ରା ମହାବିଭ୍ରାଟ**

## ବିରାଦରୀ ପ୍ରୀତି: ବରିଷ୍ଠ ସୁରକ୍ଷିତ; କନିଷ୍ଠଙ୍କୁ ବଳି

■ **ଭୁବନେଶ୍ୱର, ୧୦।୧୧ (ସମିସ):** ଅପରେସନ ସିନ୍ଦୂର ପରେ ପୁରୀରେ ମହାପ୍ରଭୁଙ୍କ ରଥଯାତ୍ରା ଥିଲା ଦେଶର ସବୁଠାରୁ ବଡ଼ ଧାର୍ମିକ ଉତ୍ସବ। ରଥଯାତ୍ରାରେ ୧୫ ଲକ୍ଷ ଲୋକଙ୍କ ସମାଗମ ହେବା ଆକଳନ ହୋଇଥିଲା ଓ ଏହାକୁ କୃତ୍ରିମ ବୁଦ୍ଧିମତ୍ତା (ଏଆଇ) କ୍ୟାମେରାରେ ପରିଚାଳନା ପାଇଁ ସରକାର ଯୋଜନା କରିଥିଲେ। ତୁହାକୁ ତୁହା ବୈଠକ ବସିଲା, ସରକାର ଘନଘନ ବିବୃତି ଦେଲେ। ମୁଖ୍ୟମନ୍ତ୍ରୀ, ଉପମୁଖ୍ୟମନ୍ତ୍ରୀ, ଆଇନମନ୍ତ୍ରୀ ଠାରୁ ଆରମ୍ଭ କରି ପୁଲିସ ଡ଼ିଜିଙ୍କ ପର୍ଯ୍ୟନ୍ତ ରଥଯାତ୍ରାକୁ ଐତିହାସିକ କରାଯିବ ବୋଲି ଘୋଷଣା କଲେ। ସତରେ ଚଳିତ ବର୍ଷ ରଥଯାତ୍ରା ଐତିହାସିକ ହେଲା। ରଥଯାତ୍ରା ଦିନ ମହାପ୍ରଭୁ ଜଗନ୍ନାଥଙ୍କ ରଥ ଗଡ଼ିଲା ନାହିଁ। କେବଳ ବିଧି ଦୃଷ୍ଟିରୁ ରାତିରେ ଆଲୁଅ ଲଗାଇ କେଇ ହାତ ରଥ ଟଣାଗଲା। ରଥଯାତ୍ରାରେ ଠେଲାପେଲାରେ ଶହଶହ ଭକ୍ତ ଆହତ ହେଲେ; ଦଳାଚକଟାରେ ୩ ଜଣଙ୍କ ମୃତ୍ୟୁ ହେଲା। ସରକାର ଉନ୍ନୟନ କମିଶନରଙ୍କୁ ଘଟଣାର ତଦନ୍ତ ନିମନ୍ତେ ନିର୍ଦ୍ଦେଶ ଦେଲେ ଓ ତଦନ୍ତ ରିପୋର୍ଟ ଆଧାରରେ ୭ ଜଣ କନିଷ୍ଠ ପୁଲିସ କର୍ମଚାରୀଙ୍କୁ ଦାୟୀ କରି କାର୍ଯ୍ୟାନୁଷ୍ଠାନ ନିର୍ଦ୍ଦେଶ ଦେଲେ। ▸ପୃଷ୍ଠା-୭

**ସିସିଟିଭି ଲଗାଇବା ଦାୟିତ୍ୱରେ ଥିବା ପୁଲିସ ଏଡିଜିଙ୍କୁ କାହିଁକି ଅନୁକମ୍ପା**

**ଲୋକ ମଲେ ବାବୁଙ୍କର କି ଯାଏ ?**

- ୫ ମେଗାପିକ୍ସଲ ପରିବର୍ତ୍ତେ କାହିଁକି ଲାଗିଲା ୨ ମେଗାପିକ୍ସଲ କ୍ୟାମେରା
- ୨୮୨ ବଦଳରେ ୧୭୦ଟି କ୍ୟାମେରା ଲଗାଇବା ପଛରେ କାହା ହାତ
- ସିସିଟିଭି ଲଗାଇବା ନିମନ୍ତେ ସମ୍ପୃକ୍ତ ଠିକା ସଂସ୍ଥାକୁ କାହିଁକି ବଛାଗଲା
- ଠିକା ସଂସ୍ଥା ବାଛିଥିବା ତତ୍କାଳୀନ ଏଡିଜି (ମୁଖ୍ୟାଳୟ)ଙ୍କ ଭୂମିକାକୁ ନେଇ ପ୍ରଶ୍ନ
- ୨୦ ଆଇପିଏସ୍, ୪୫୦ ଓପିଏସ୍ ପାହ୍ୟା ଅଧିକାରୀ କ'ଣ ଦୋଷମୁକ୍ତ
- ରିପୋର୍ଟରେ ଶ୍ରୀମନ୍ଦିର ପ୍ରଶାସନର ଭୂମିକାକୁ ନେଇ ରହସ୍ୟମୟ ନିରବତା



# ଦିଲ୍ଲୀ ବିସ୍ଫୋରଣ ପଛରେ କିଏ ?

ନୂଆଦିଲ୍ଲୀ, ୧୦।୧୧ (ଏଜେନ୍ସି): ଆଜି ସନ୍ଧ୍ୟାରେ ଦିଲ୍ଲୀରେ ହୋଇଥିବା ଭୟଙ୍କର ବିସ୍ଫୋରଣରେ ୮ ଜଣ ପ୍ରାଣ ହରାଇଥିବା ବେଳେ ଅନ୍ୟ ୧୭ ଜଣ ଗୁରୁତର ଆହତ ହୋଇଛନ୍ତି। ଘଟଣାସ୍ଥଳରେ ନେସନାଲ ସିକୁରିଟି ଗାର୍ଡ, ନେସନାଲ ସିକୁରିଟି ଏଜେନସି, ଦିଲ୍ଲୀ ପୁଲିସ ଏବଂ ଫରେନସିକ୍ ସାଇନ୍ସ ଟିମ୍ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ଏହି ବିସ୍ଫୋରଣ ପାଇଁ କେହି ନିଜକୁ ଦାୟୀ କରିନାହାନ୍ତି। ବିସ୍ଫୋରଣ ପଛରେ କିଏ, ତାହା ମଧ୍ୟ ଜଣାପଡ଼ି ନାହିଁ। ତେବେ ଯେଉଁ କାରରେ ବିସ୍ଫୋରଣ ହୋଇଛି, ତାହାର ମାଲିକଙ୍କୁ ଅଟକ ରଖି ପଚରାଉଚରା କରାଯାଉଛି। ମହମ୍ମଦ ସଲମାନ ନାମକ ଏହି ବ୍ୟକ୍ତି ଦୁଇ ବର୍ଷ ପୂର୍ବେ ଉକ୍ତ କାରକୁ ଓଖଲାର ଦେବେନ୍ଦ୍ର ନାମକ ଆଉ ଜଣେ ବ୍ୟକ୍ତିଙ୍କୁ ବିକ୍ରି କରିଦେଇଥିଲେ। ପୁଣି ଦେବେନ୍ଦ୍ର ଏହି କାରକୁ ଅମ୍ବାଲାରେ ଆଉ ଜଣେ ବ୍ୟକ୍ତିଙ୍କୁ ବିକ୍ରି କରିଦେଇଥିଲେ। ସଲମାନଙ୍କ ଘର ହରିଆଣାର ଗୁରୁଗ୍ରାମ ହୋଇଥିବା ବେଳେ କାରର ନମ୍ବର ମଧ୍ୟ ହରିଆଣାରେ ପଞ୍ଜୀକରଣ ହୋଇଛି। ତେବେ ଏବେ ଯେଉଁ

## ■ କାର୍‌ର ପୁରୁଣା ମାଲିକ ଅଟକ
## ■ ଗିରଫ ଡାକ୍ତରଙ୍କୁ ପଚରାଉଚରା

ଲୋକର ନାମରେ ଏହି କାର ରହିଛି, ତାହାକୁ ପୁଲିସ ଖୋଜୁଛି। ଏହି ବିସ୍ଫୋରଣରେ ସେମାନଙ୍କର ସଂପୃକ୍ତି ରହିଛି କି ନାହିଁ, ତାହା ଯାଞ୍ଚ କରାଯାଉଛି। ଏହି କାରଟି ହେଉଛି ହୁଣ୍ଡାଇ ଆଇ-୨୦ କାର ଏବଂ ଏଥିରେ ତିନି ଚାରି ଜଣ ଲୋକ ବସିଥିଲେ ବୋଲି କୁହାଯାଉଛି। ପୁଲିସ ଏଅଧିକ କିଛି ସୂଚନା ଦେଉନାହିଁ।

ଅନ୍ୟପକ୍ଷରେ ବିଭିନ୍ନ ସ୍ଥାନରେ ଆକ୍ରମଣ ପାଇଁ ଯୋଜନା କରୁଥିବା ବେଳେ ଧରାପଡ଼ିଥିବା ୮ ଜଣ ବ୍ୟକ୍ତିଙ୍କୁ ପୁଲିସ ଏସଂପର୍କରେ ପଚରାଉଚରା କରୁଛି। ଆଜିର ବିସ୍ଫୋରଣ ସହିତ ସେମାନଙ୍କର ସଂପର୍କ ରହିଛି କି ନାହିଁ ତାହାର ଖୋଳତାଡ଼ କରରୁଛି ପୁଲିସ। ଗିରଫ ୮ ଜଣଙ୍କ ମଧ୍ୟରୁ ୪ ଜଣ ଡାକ୍ତର ଥିବା ବେଳେ ୭ ଜଣ ହେଉଛନ୍ତି କଶ୍ମୀର ବାସିନ୍ଦା। ସେମାନେ ମଧ୍ୟ ଦିଲ୍ଲୀ ସମେତ ଉତ୍ତର ଭାରତରେ ବିସ୍ଫୋରଣ କରିବାକୁ ଯୋଜନା କରିଥିଲେ ବୋଲି ପୁଲିସ ଆଗରେ ବୟାନ ଦେଇଥିଲେ। ତେଣୁ ଆଜିର ବିସ୍ଫୋରଣ ପଛରେ ସେମାନଙ୍କ ଗୋଷ୍ଠୀର ହାତ ଥାଇପାରେ ବୋଲି ସନ୍ଦେହ କରାଯାଉଛି। ତେଣୁ ସେମାନେ ଆଉ କାହା ସହିତ ସଂପର୍କରେ ଥିଲେ, ସେସଂପର୍କରେ ସୂଚନା ହାସଲ ଲାଗି ଆଜି ରାତି ତମାମ ସେମାନଙ୍କୁ ଜେରା କରାଯାଉଛି। ଇଇତିମଧ୍ୟରେ ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହ ଏକ ଉଚ୍ଚସ୍ତରୀୟ ବୈଠକରେ ପରିସ୍ଥିତିର ସମୀକ୍ଷା କରିବା ପରେ ବିସ୍ଫୋରଣ ସ୍ଥଳକୁ ମଧ୍ୟ ଯାଇଥିଲେ।





● ଦିଲ୍ଲୀ ବିସ୍ଫୋରଣରେ ନୂଆ ପାଟର୍ଣ୍ଣ

## ହୋଇନି ଖାଲ କି କଳା ପଡ଼ିନି ଆହତଙ୍କ ଶରୀର

ଦିଲ୍ଲୀ ଲାଲ୍‌କିଲ୍ଲା ବିସ୍ଫୋରଣରେ ନୂଆ ପାଟର୍ଣ୍ଣ ସାମ୍‌ନାକୁ ଆସିଛି। ଯେଉଁ କାର୍‌ରେ ବିସ୍ଫୋରଣ ହୋଇଥିଲା, ସେଥିରେ ଆଉ କିଛି ଲୋକ ବସି ଥିଲେ। ତେବେ ଏହି ବିସ୍ଫୋରଣ ଯୋଗୁଁ ଘଟଣାସ୍ଥଳରେ କୌଣସି ଖାଲ ହୋଇ ନ ଥିଲା। ଆହତଙ୍କ ଶରୀରରେ କଣ୍ଟା କିମ୍ବା ତାର ପଶି ଯାଇ ନ ଥିଲା। ଆହତ ବ୍ୟକ୍ତିଙ୍କ ମୁହଁ କିମ୍ବା ଶରୀର କଳା ପଡ଼ି ନ ଥିଲା। ଦିଲ୍ଲୀ ପୁଲିସ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ଏହା ସାଧାରଣ ବିସ୍ଫୋରଣ ନ ଥିଲା। ଏହା ଏକ ବଡ଼ ବୋମା ବିସ୍ଫୋରଣ ଥିଲା। ୨୦୦ ମିଟର ପର୍ଯ୍ୟନ୍ତ ଏହାର ପ୍ରଭାବ ଦେଖିବାକୁ ମିଳିଥିଲା। ପ୍ରାରମ୍ଭିକ ଯାଞ୍ଚରୁ ଏହା ଏକ ବଡ଼ ଆତଙ୍କବାଦୀ ଘଟଣା ବୋଲି ଜଣାପଡୁଛି। ଏବେ ଯାଞ୍ଚ ଜାରି ରହିଛି। ଏବେ ବିସ୍ଫୋରଣକୁ ନେଇ ଅନେକ ପ୍ରଶ୍ନ ଉଠୁଛି। ବିସ୍ଫୋରଣରେ କେଉଁ ବାରୁଦ ବ୍ୟବହାର କରାଯାଇଥିଲା? କାହିଁକି ବିସ୍ଫୋରଣ ପରେ ମୃତାହତଙ୍କ ଶୀରର କଳା ପଡ଼ି ନ ଥିଲା? କାର୍ ଭିତରେ କିଏ ବସି ଥିଲେ? ଜମ୍ମୁ-କଶ୍ମୀରରୁ ଜବତ ବିସ୍ଫୋରକ ସହ ଏହାର କୌଣସି ଲିଙ୍କ୍ ନାହିଁ ତ? ବିସ୍ଫୋରଣ ପଛରେ କୌଣସି ବଡ଼ ଷଡ଼ଯନ୍ତ୍ର ନାହିଁ ତ? ଏଭଳି ଅନେକ ପ୍ରଶ୍ନ ଉଠୁଛି।

## ଆତଙ୍କୀଙ୍କ ଟାର୍ଗେଟରେ ଦିଲ୍ଲୀ: ୧୯୯୬ରୁ ୨୦୨୫

୧୯୯୬ ମେ ୨୫: ଲାଜପତ ନଗରରେ ବିସ୍ଫୋରଣ, ୨୦ ମୃତ
୧୯୯୭ ନଭେମ୍ବର ୩୦; ଲାଲକିଲ୍ଲା ଅଞ୍ଚଳରେ ଟ୍ୱିନ୍ ବ୍ଲାଷ୍ଟ, ୩ ମୃତ
୧୯୯୭ ଡିସେମ୍ବର ୩୦: ପଞ୍ଜାବୀ ବାଗରେ ବସ୍ ବିସ୍ଫୋରଣ, ୪ମୃତ
୨୦୦୦ ଜନୁ ୧୮; ଲାଲକିଲ୍ଲାରେ ଦୁଇଟି ବିସ୍ଫୋରଣ, ୨ ମୃତ
୨୦୦୧ ଡିସେମ୍ବର: ପାର୍ଲାମେଣ୍ଟ ଉପରେ ଆକ୍ରମଣ, ୯ ସୁରକ୍ଷା କର୍ମୀ ସହିଦ
୨୦୦୫ ଅକ୍ଟୋବର ୨୯: ସରୋଜିନୀ ନଗର, ପାହାଡଗଞ୍ଜରେ ବିସ୍ଫୋରଣ, ୬୭ ମୃତ
୨୦୦୬ ଏପ୍ରିଲ ୧୪; ଜାମା ମସଜିଦ ପରିସରରେ ବିସ୍ଫୋରଣ, ୧୪ ଆହତ
୨୦୦୮ ସେପ୍ଟେମ୍ବର ୧୩; କାରୋଲ ବାଗ, କନଟ ପ୍ଲେସ, ଗ୍ରେଟର କୈଳାଶ-୧ରେ ସିରିଜ ବିସ୍ଫୋରଣ, ୩୦ ମୃତ
୨୦୧୧ ମେ ୨୫: ଦିଲ୍ଲୀ ହାଇକୋର୍ଟ ପାର୍କିଂ ଲଟ୍‌ରେ ବିସ୍ଫୋରଣ, ୧୫ ମୃତ
୨୦୨୫ନଭେମ୍ବର ୧୦: ଲାଲକିଲ୍ଲା ନିକଟରେ କାର ବିସ୍ଫୋରଣ, ୮ ମୃତ



## ଭେଣ୍ଟିଲେଟରରେ ହି-ମ୍ୟାନ ଧର୍ମେନ୍ଦ୍ର

ମୁମ୍ବଇ, ୧୦।୧୧(ଏଜେନ୍ସି): ବର୍ଷୀଆନ ବଲିଉଡ ଅଭିନେତା ତଥା ହି-ମ୍ୟାନ ଧର୍ମେନ୍ଦ୍ରଙ୍କ ସ୍ୱାସ୍ଥ୍ୟାବସ୍ଥା ପୁଣି ବିଗିଡିଛି। ମୁମ୍ବଇର ବ୍ରିଚ୍‌କାଣ୍ଡି ହସ୍ପିଟାଲ୍‌ରେ ତାଙ୍କୁ ଭର୍ତ୍ତି କରାଯାଇଛି ବୋଲି ତାଙ୍କ ପରିବାର ତରଫରୁ କୁହାଯାଇଛି। ତାଙ୍କୁ ଭେଣ୍ଟିଲେଟରରେ ରଖାଯାଇଛି। ନିଃଶ୍ୱାସ ନେବାରେ ସମସ୍ୟା ହେବା କାରଣରୁ ତାଙ୍କୁ ଗୋଟିଏ ସପ୍ତାହ ତଳେ ହସ୍ପିଟାଲ ନିଆଯାଇଥିଲା। ଆଗାମୀ ଡିସେମ୍ବର ୮ରେ ସେ ୯୦ ବର୍ଷରେ ପଦାର୍ପଣ କରିବେ। ପୂର୍ବରୁ ଏପ୍ରିଲ୍‌ରେ ତାଙ୍କର ଚକ୍ଷୁ ପ୍ରତିରୋପଣ ଅସ୍ତ୍ରୋପଚାର କରାଯାଇଥିଲା। ଧର୍ମେନ୍ଦ୍ର ହସ୍ପିଟାଲରେ ଅଛନ୍ତି। ତେବେ ଧର୍ମେନ୍ଦ୍ରଙ୍କୁ ଭେଣ୍ଟିଲିଟରରେ ରଖାଯାଇନାହିଁ ବୋଲି ତାଙ୍କ ଟିମ୍ ତରଫରୁ କୁହାଯାଇଛି। ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ହୋଇଛି। ସେ ଏକାଧିକ ଡାଙ୍କରଙ୍କ ତତ୍ତ୍ୱାବଧାନରେ ରହିଛନ୍ତି। ଚିନ୍ତା କରିବାର କୌଣସି କାରଣ ନାହିଁ ବୋଲି କୁହାଯାଇଛି। ପୂରା ପରିବାର ତାଙ୍କ ସହ ଅଛନ୍ତି। ଦୁଇ ଝିଅଙ୍କୁ ମଧ୍ୟ ଆମେରିକାରୁ ଡକାଯାଇଛି। ୧୯୬୦ରେ ସେ 'ଦିଲ୍ ଭି ତେରା, ହମ୍ ଭି ତେରା' ସିନେମାରେ ସେ ବଲିଉଡ୍‌ରେ ପଦାର୍ପଣ କରିଥିଲେ। ୧୯୬୦ ଦଶକରେ ସେ ଅନପଢ଼, ବନ୍ଦିନୀ, ଅନୁପମା ଓ ଆୟା ସାବନ ଝୁମ୍‌କେରେ ଅଭିନୟ କରି ବଲିଉଡ୍‌ରେ ନିଜର ସ୍ୱତନ୍ତ୍ର ସ୍ଥାନ ଓ ପରିଚୟ ସୃଷ୍ଟି କରିଥିଲେ। ସେ ସୁପରହିଟ୍ ଚଳଚ୍ଚିତ୍ର ଶୋଲେ, ଧରମବୀର, ଚୁପ୍‌କେ ଚୁପ୍‌କେ, ମେରା ଗାଁଓ ମେରା ଦେଶ ଓ ଡ୍ରିମ ଗର୍ଲରେ ଅଭିନୟ କରି ଦର୍ଶକଙ୍କ ମନ ଜିଣିଥିଲେ। ଦୀର୍ଘ ୬ ଦଶନ୍ଧିର କ୍ୟାରିୟରରେ ସେ ମୋଟ ୩୦୦ଟି ସିନେମାରେ ଅଭିନୟ କରିଛନ୍ତି।

## ଫ୍ଲାଇଟ୍ ଜିପିଏସ୍‌ରେ ଟ୍ୟାମ୍ପରିଂ କରାଯାଇଥିଲା

ନୂଆଦିଲ୍ଲୀ, ୧୦।୧୧(ଏଜେନ୍ସି): ଦିଲ୍ଲୀ ଇନ୍ଦିରା ଗାନ୍ଧୀ ବିମାନ ବନ୍ଦରରେ ଦୁଇଦିନ ତଳେ ୮୦୦ରୁ ଊର୍ଦ୍ଧ୍ୱ ବିମାନ ଉଡାଣ ବାଧାପ୍ରାପ୍ତ ହୋଇଥିଲା ଓ ଏଥିପାଇଁ ହଜାର ହଜାର ଯାତ୍ରୀ ହନ୍ତସନ୍ତ ହୋଇଥିଲେ। ଏବେ ଏହି ଘଟଣା ପଛର କାରଣ ସାମ୍ନାକୁ ଆସିଛି। ଜିପିଏସ୍ ଅର୍ଥାତ ଗ୍ଲୋବାଲ ପୋଜିସନିଂ ସିଷ୍ଟମର ସିଗନାଲ୍‌କୁ ଟ୍ୟାମ୍ପରି କରାଯାଇଥିଲା ବୋଲି ଯାଞ୍ଚ୍ ଓ ବିଶେଷଜ୍ଞଙ୍କଠାରୁ ମିଳିଥିବା ସୂଚନାରୁ ସ୍ପଷ୍ଟ ହୋଇଛି। ନଭେମ୍ବର ୬ ଓ ୭ରେ ସନ୍ଧ୍ୟା ୭ଟାରେ ବିମାନଗୁଡିକର ଜିପିଏସ୍‌ର ନକଲି ସିଗ୍‌ନାଲ ମିଳିଥିଲା। କକ୍‌ପିଟ୍‌ର ପର୍ଦ୍ଦାରେ ବିମାନର ପୋଜିସନିଂ ବଦଳି ଯାଇଥିଲା ଓ ନକଲି ଚିତ୍ର ଦେଖିବାକୁ ମିଳିଥିଲା। ଫଳରେ ଏହି ଅବସରରେ ରନୱେ ବଦଳରେ ଚାଷଜମି ଦେଖିବାକୁ ମିଳିଥିଲା। ସେହିପରି ବିମାନର ଉଚ୍ଚତା ନେଇ ଭ୍ରମ ସୃଷ୍ଟି ହୋଇଥିଲା। ଫଳରେ ବିମାନର ପାଇଲଟ୍ ଜିପିଏସ୍ ବେଷ୍ଟ ଅଟୋ ମେସେଜିଂ ବଦଳରେ ମାନୁଆଲ ପୋଜିସନକୁ ସ୍ଥାନାନ୍ତର ହୋଇଥିଲା। ନଭେମ୍ବର ୭ରେ ଏୟାର ଟ୍ରାଫିକ କଣ୍ଟ୍ରୋଲ (ଏଟିସି)ର ଅଟୋମେଟିକ ମେସେଜ ସୁଇଚ୍ ସିଷ୍ଟମ୍ (ଏଏମ୍‌ଏସ୍‌ଏସ)ରେ ବୈଷୟିକ ତ୍ରୁଟି ବିମାନଗୁଡିକର ଚଳାଚଳ ୧୨ ଘଣ୍ଟାଧରି ପ୍ରଭାବିତ ହୋଇଥିଲା। ୮୦୦ରୁ ଊର୍ଦ୍ଧ୍ୱ ଘରୋଇ ଓ ଅନ୍ତର୍ଜାତୀୟ ବିମାନର ଉଡାଣ ବିଳମ୍ବିତ ହୋଇଥିଲା। ଏପରିକି ୨୦ଟି ବିମାନର ଉଡାଣକୁ ବାତିଲ କରିବାକୁ ପଡ଼ିଥିଲା। ୪୮ ଘଣ୍ଟା ପରେ ଯାଇ ବିମାନବନ୍ଦରର ପରିଚାଳନା ସାଧାରଣ ହୋଇଥିଲା।

## ପାଟନାରେ ଛାତ ଭୁଶୁଡ଼ି ଗୋଟିଏ ପରିବାରର ୫ ମୃତ

ପାଟନା, ୧୦।୧୧(ଏଜେନ୍ସି): ବିହାର ରାଜଧାନୀ ପାଟନା ଉପକଣ୍ଠରେ ଥିବା ଦାନପୁରରେ ଘରର ଛାତ ଭୁଶୁଡିବା ଫଳରେ ଗୋଟିଏ ପରିବାର ୫ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ରବିବାର ରାତି ୯ଟାରେ ମାନସ ନୟା ପାନାପୁର ଗାଁରେ ଏହି ଘଟଣା ଘଟିଛି। ଏହି ଗାଁ ପାଟନା ଓ ସାରଣ ସୀମରେ ଅବସ୍ଥିତ। ଛାତ ଭୁଶୁଡିବା ଫଳରେ ୩୫ ବର୍ଷୀୟ ମହମ୍ମଦ ବବଲୁ, ପତ୍ନୀ ୩୦ ବର୍ଷୀୟ ରୋଶନ ଖାତୁନ ଓ ତାଙ୍କ ଦୁଇ ଝିଅ ଓ ଗୋଟିଏ ପୁଅ ପ୍ରାଣ ହରାଇଛନ୍ତି। ଭଙ୍ଗା ଛାତ ଓ କାନ୍ଥ ତଳେ ସମସ୍ତଙ୍କ ମୃତଦେହ ଫସି ରହିଛି। ଭଗ୍ନାବଶେଷ ତଳେ ପିଲାଙ୍କ ସ୍କୁଲ ବ୍ୟାଗ, କିଛି ପୋଷାକ ଓ ପଙ୍ଖା ଦେଖିବାକୁ ମିଳିଛି। କେତୋଟି ଇଟାରେ ରକ୍ତର ଛିଟା ମଧ୍ୟ ଦେଖାଯାଇଛି। ପାଖରେ ଏକ କଡେଇ, ଗ୍ୟାସ ଚୁଲା ଓ ଅନ୍ୟାନ୍ୟ ରୋଷେଇ ତଥା ଘରୋଇ ଉପକରଣ ପଡ଼ି ରହିଛି। ଛାତ ଭୁଶୁଡିବା ପରେ ଜୋରରେ ଶବ୍ଦ ଶୁଣି ଲୋକେ ଘରୁ ବାହରକୁ ଆସିଥିଲେ। ପୂରା ପରିବାର ରାତିରେ ଖାଇ ସାରିବା ପରେ ଶୋଇଥିବା ବେଳେ ଏହି ଘଟଣା ଘଟିଥିଲା ବୋଲି ପଡୋଶୀ କହିଛନ୍ତି। ଇନ୍ଦିରା ଆବାସ ଯୋଜନାରୁ ବବ୍‌ଲୁ ଏହି ଘର ତିଆରି କରିଥିଲେ। କିନ୍ତୁ ଏହି ଘର ପୁରଣା ହୋଇଯାଇଥିଲା ଓ ଅତି ବିପଦ ଶଙ୍କୁଳ ଅବସ୍ଥାରେ ଥିଲା। ଏହି ଘର ୩୦ ବର୍ଷର ପୁରୁଣା ଘର ଥିଲା। ଆରଜେଡି ନେତ୍ରୀ ତଥା ପାଟଳିପୁତ୍ର ସାଂସଦ ମିସା ଭାରତୀ ପୀଡିତ ପରିବାର ସଦସ୍ୟଙ୍କୁ ଭେଟିଛନ୍ତି।

### ସଂରକ୍ଷଣକୁ ନେଇ କେନ୍ଦ୍ରକୁ ଜବାବ ମାଗିଲେ ସୁପ୍ରିମକୋର୍ଟ

## ମହିଳା ସବୁଠୁ ବଡ଼ ସଂଖ୍ୟାଲଘୁ

ନୂଆଦିଲ୍ଲୀ, ୧୦।୧୧ (ଏଜେନ୍ସି): ଲୋକସଭା, ବିଧାନସଭା ନିର୍ବାଚନରେ ମହିଳା ସଂରକ୍ଷଣ ନିୟମ କାର୍ଯ୍ୟକାରୀ କରିବାକୁ ନେଇ ଦାଏର ଆବେଦନ ଉପରେ ସୁପ୍ରିମକୋର୍ଟ କେନ୍ଦ୍ର ସରକାରଙ୍କୁ ନୋଟିସ ଜାରି କରିଛନ୍ତି। ଏହାର ଉପରେ ଜବାବ ଦେବାକୁ ଜଷ୍ଟିସ ବିଭି ନାଗରତ୍ନା ଏବଂ ଆର ମହାଦେବନଙ୍କ ଖଣ୍ଡପୀଠ ନିର୍ଦ୍ଦେଶ ଦେଇଛନ୍ତି। ଏହି ମହିଳା ସଂରକ୍ଷଣ ଆଇନରେ ନିର୍ବାଚନରେ ମହିଳାଙ୍କୁ ୩୩ ପ୍ରତିଶତ ସଂରକ୍ଷଣ ଦେବାର ନିୟମ ରହିଛି।

ମାମଲାର ଶୁଣାଣି ସମୟରେ ସୁପ୍ରିମକୋର୍ଟର ଏକମାତ୍ର ମହିଳା ବିଚାରପତି ଜଷ୍ଟିସ ନାଗରତ୍ନା ବଡ଼ ଟିପ୍ପଣୀ ଦେଇଥିଲେ। ଦେଶରେ ମହିଳା ସବୁଠୁ ବଡ଼ ସଂଖ୍ୟାଲଘୁ ବୋଲି କହିଥିଲେ। ଭାରତୀୟ ସମ୍ବିଧାନର ପ୍ରସ୍ତାବନାରେ କୁହାଯାଇଛି ଯେ ସମସ୍ତ ନାଗରିକ ରାଜନୈତିକ ଏବଂ ସାମାଜିକ ସମାନତା ପାଇବାକୁ ହକ୍‌ଦାର। ଏହି ଦେଶରେ ମହିଳା ସବୁଠାରୁ ବଡ଼ ସଂଖ୍ୟାଲଘୁ। ମହିଳା ସଂଖ୍ୟା ୪୮ ପ୍ରତିଶତ ରହିଛି। ତେବେ ଏହା ମହିଳାଙ୍କ ରାଜନୈତିକ କ୍ଷମତା ଆଧାରରେ ବୋଲି ଜଷ୍ଟିସ ନାଗରତ୍ନା ସ୍ପଷ୍ଟ କରିଥିଲେ। କଂଗ୍ରେସ ନେତ୍ରୀ ଜୟା ଠାକୁରଙ୍କ ଆବେଦନର ଶୁଣାଣି କରି ସେ ଏହି ଟିପ୍ପଣୀ ଦେଇଛନ୍ତି। ୨୦୨୪ରେ ଅଣାଯାଇଥିବା ମହିଳା ସଂରକ୍ଷଣ ନିୟମକୁ ତୁରନ୍ତ ଲାଗୁ କରିବାକୁ କଂଗ୍ରେସ ନେତ୍ରୀ ଏଥିରେ ଦାବି କରିଥିଲେ।

ଆବେଦନକାରୀଙ୍କ ପକ୍ଷରୁ ବରିଷ୍ଠ ଓକିଲ ସୋଫିଆ ଗୁପ୍ତା କହିଥିଲେ ଯେ ଦେଶ ସ୍ୱାଧୀନତାକୁ ୭ ଦଶନ୍ଧି ବିତି ଯାଇଥିଲେ ମଧ୍ୟ ମହିଳାଙ୍କ ପ୍ରତିନିଧିତ୍ୱ ପାଇଁ କୋର୍ଟଙ୍କ ଦ୍ୱାରସ୍ଥ ହେବା ଦୁର୍ଭାଗ୍ୟର ବିଷୟ। ଏହା ଉପରେ ଜଷ୍ଟିସ ନାଗରତ୍ନା କେନ୍ଦ୍ରକୁ ନୋଟିସ ଜାରି କରିବାକୁ କହିଥିଲେ ଏବଂ ପରିସୀମା ନିର୍ଦ୍ଧାରଣ କେବେ ହେବ ବୋଲି ଜବାବ ମାଗିଥିଲେ। ତେବେ ସେ ସ୍ପଷ୍ଟ କରିଥିଲେ ଯେ ଆଇନ କାର୍ଯ୍ୟକାରୀ କରିବା କାର୍ଯ୍ୟପାଳିକା ଉପରେ ନିର୍ଭର କରୁଛି। ଏ ନେଇ କୋର୍ଟ ମାଣ୍ଡାମସ ରୁଜୁ କରିପାରିବେ ନାହିଁ।



## ଆମେରିକାରେ ଶେଷ ହେବ ସଟ୍‌ଡାଉନ୍

ୱାସିଂଟନ, ୧୦।୧୧(ଏଜେନ୍ସି): ରେକର୍ଡ ୪୦ ଦିନ ହେବ ଆମେରିକାରେ ସଟ୍‌ଡାଉନ୍ ଜାରି ରହିଥିବା ବେଳେ ଏବେ ଏହା ଶେଷ ହେବା ନେଇ ଆଶା ସଞ୍ଚାର ହୋଇଛି। ରବିବାର ଆମେରିକାର ଉପର ଗୃହ ସିନେଟ୍‌ରେ ଫଣ୍ଡିଂ ବିଲ୍ ପାରିତ କରାଇବା ପ୍ରକ୍ରିୟା ଆଗକୁ ବଢ଼ିଛି। ଏହି ବିଲ୍ ସରକାରଙ୍କୁ ଜାନୁଆରୀ ୩୧ ପର୍ଯ୍ୟନ୍ତ ଫଣ୍ଡିଂ ଉପଲବ୍ଧ କରାଇବ। ଏହି ବିଲ୍ ଅନୁସାରେ ଜାନୁଆରୀ ୩୧ ପର୍ଯ୍ୟନ୍ତ କର୍ମଚାରୀଙ୍କୁ ଛଟେଇ କରିବାରୁ ରୋକାଯିବ। ଏଥିସହ ସଟ୍‌ଡାଉନ୍ ଅବସରରେ କାର୍ଯ୍ୟ କରିଥିବା କର୍ମଚାରୀଙ୍କ ବାକିଆ ପାଉଣା ପ୍ରଦାନ କରାଯିବ। ଏହି ବିଲ୍ ୬୦-୪୦ ଅନ୍ତରେ ପାରିତ ହୋଇଛି।

**'ଓବାମା କେୟାର' ଉପରେ ଭୋଟିଂ ପାଇଁ ଟ୍ରମ୍ପ ରାଜି**

ଏବେ ସିନେଟ ଏଥିରେ ସଂଶୋଧନ କରିବ। ଏହାପରେ ଏହି ପ୍ରସ୍ତାବ ହାଉସ୍ ଅଫ୍ ରିପ୍ରେଜେଣ୍ଟେଟିଭ ଅର୍ଥାତ ନିମ୍ନ ଗୃହରେ ମଞ୍ଜୁରୀ ଓ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦସ୍ତଖତ ପାଇଁ ପଠାଯିବ। ଏହି ସମ୍ପୂର୍ଣ୍ଣ ପ୍ରକ୍ରିୟା ଶେଷ ହେବା ପାଇଁ ଏବେ ଆହୁରି କିଛି ଦିନ ଲାଗିବ। ସଟ୍‌ଡାଉନ୍ ଶେଷ କରିବା ପାଇଁ ରିପବ୍ଲିକାନ ପାର୍ଟି କେତେଜଣ ଡେମୋକ୍ରାଟ୍ ସିନେଟରଙ୍କୁ ଓବାମାକେୟାରର ସବ୍‌ସିଡ ବୃଦ୍ଧି କରିବା ପାଇଁ ଡିସେମ୍ବରରେ ଭୋଟିଂ କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି।

ଇତିମଧ୍ୟରେ ସଟ୍‌ଡାଉନ୍ ଶେଷ ହେବା ଭଳି ମନେ ହେଉଥିବା ଟ୍ରମ୍ପ ହ୍ୱାଇଟ୍ ହାଉସ୍‌ରେ ସାମ୍ବାଦିକଙ୍କୁ କହିଛନ୍ତି। କିନ୍ତୁ ଓବାମା କେୟାର ସବ୍‌ସିଡ୍‌କୁ ହେଲଥ୍ ଇନସୁରାନ୍ସ କମ୍ପାନୀଗୁଡିକ ପାଇଁ ଲାଭଜନକ ଓ ଆମେରିକୀୟ ଲୋକଙ୍କ ପାଇଁ କ୍ଷତିକାରକ ବୋଲି ସେ କହିଛନ୍ତି। ଲୋକଙ୍କ ସବ୍‌ସିଡ୍ ବଦଳରେ ସିଧା ପଇସା ଦେଇ ସେମାନଙ୍କୁ ନିଜ ପସନ୍ଦର ଇନସୁରାନ୍ସ କ୍ରୟ କରିବାକୁ ସୁବିଧା ଦିଆଯିବ ଆବଶ୍ୟକ। ଦୁଇ ପାର୍ଟି ସହ ଆଲୋଚନା କରି ସମସ୍ୟାର ସମାଧାନ କରିବାକୁ ରାଜି ଅଛି ବୋଲି ଟ୍ରମ୍ପ କହିଛନ୍ତି।

## ସନ୍ଦେହଜନକ ଅବସ୍ଥାରେ ମଡେଲଙ୍କ ମୃତ୍ୟୁ




ଭୋପାଳ, ୧୦।୧୧(ଏଜେନ୍ସି): ମଧ୍ୟପ୍ରଦେଶର ସେହୋର ଜିଲ୍ଲାର ଏକ ଘରୋଇ ହସ୍ପିଟାଲରେ ଖୁସ୍‌ବୁ ଅହିରୱାର ନାମକ ଜଣେ ୨୧ ବର୍ଷୀୟା ମଡେଲ ରହସ୍ୟଜନକ ଭାବେ ମୃତ୍ୟୁବରଣ କରିଛନ୍ତି। ସୋମବାର ସକାଳେ ପୁରୁଷ ବନ୍ଧୁ ଏହି ହସ୍ପିଟାଲରେ ଛାଡି ତାଙ୍କୁ ଚାଲିଯାଇଥିଲେ ବୋଲି ଅଭିଯୋଗ ହୋଇଛି। ତାଙ୍କୁ ମୃତ ଅବସ୍ଥାରେ ଅଣାଯାଇଥିବା ଡାକ୍ତରମାନେ କହିଛନ୍ତି। ମୃତ ବୋଲି ଜାଣିବା ପରେ ପୁଲିସକୁ ତୁରନ୍ତ ସୂଚନା ଦିଆଯାଇଥିଲା। ମାଜିଷ୍ଟ୍ରେଟ୍‌ଙ୍କ ତତ୍ତ୍ୱାବଧାନରେ ଖୁସ୍‌ବୁଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ଭୋପାଳର ଗାନ୍ଧୀ ମେଡିକାଲ କଲେଜକୁ ପଠାଇ ଦିଆଯାଇଛି। 'ଝିଅକୁ ମାରି ଦିଆଯାଇଛି ଓ ଦେହସାରା ନୀଳ ଚିହ୍ନ ରହିଛି। ତାର ମୁହଁ ମଧ୍ୟ ଫୁଲି ଯାଇଛି ଓ ଗୁପ୍ତାଙ୍ଗରେ ଆଘାତ ଲାଗିଛି। ଝିଅକୁ ନିର୍ମମ ଭାବେ ପିଟି ପିଟି ହତ୍ୟା କରାଯାଇଛି। ଆମେ ନ୍ୟାୟ ଚାହୁଁଛୁ। ଝିଅର ହତ୍ୟାକାରୀକୁ କଠୋର ଦଣ୍ଡ ଦିଆଯାଉ' ବୋଲି ଖୁସ୍‌ବୁଙ୍କ ମା' ଲକ୍ଷ୍ମୀ ଅଭିଯୋଗ କରିଛନ୍ତି। ଖୁସ୍‌ବୁ ୨୭ ବର୍ଷୀୟ କାସିମଙ୍କ ସହ ଲିଭ୍ ଇନ୍‌ରେ ରହୁଥିଲେ ବୋଲି ତାଙ୍କ ପରିବାର ତରଫରୁ କୁହାଯାଇଛି। ଉଜ୍ଜୈନରୁ ଭୋପାଳ ଫେରିବା ବାଟରେ ଖୁସ୍‌ବୁ ଅସୁସ୍ଥ ହୋଇପଡ଼ିଥିଲେ। କିନ୍ତୁ କାସିମ ହସ୍ପିଟାଲରେ ରହିବା ପରିବର୍ତ୍ତେ ତାଙ୍କୁ ଛାଡି ପଳାଇଥିଲେ ବୋଲି ପୁଲିସ କହିଛି। ଶବ ବ୍ୟବଚ୍ଛେଦ ରିପୋର୍ଟ ମିଳିବା ପରେ ସବୁ ଦିଗରୁ ତଦନ୍ତ କରାଯିବ ବୋଲି ପୁଲିସ କହିଛି। ନ୍ୟାୟ ପାଇଁ ଖୁସ୍‌ବୁଙ୍କ ଭଉଣୀ ମଧ୍ୟପ୍ରଦେଶ ମୁଖ୍ୟମନ୍ତ୍ରୀ ମୋହନ ଯାଦବଙ୍କୁ ନିବେଦନ କରିଛନ୍ତି।

## ଭୟଙ୍କର ପ୍ରଦୂଷଣ; ଦିଲ୍ଲୀ ପ୍ରଶ୍ୱାସରେ ବିଷ

ନୂଆଦିଲ୍ଲୀ, ୧୦।୧୧(ଏଜେନ୍ସି): ରାଜଧାନୀ ଦିଲ୍ଲୀରେ ପ୍ରଦୂଷଣ ସ୍ଥିତି ଆହୁରି ଖରାପ ସ୍ତରରେ ପହଞ୍ଚିଛି। ଘନ କୁହୁଡି ଓ ତାପମାତ୍ର ହ୍ରାସ ସମସ୍ୟାକୁ ଦ୍ୱିଗୁଣିତ କରିଛି। ଦିଲ୍ଲୀ ଏୟାର କ୍ୱାଲିଟି ଇଣ୍ଡେକ୍ସ (ଏକ୍ୟୁଆଇ) ବିପଜ୍ଜନକ ସ୍ଥିତିରେ ପହଞ୍ଚିଛି। ପିଏମ୍ ୨.୫ ଓ ପିଏମ ୧୦ ଦୁଇଟିର ସ୍ତର ଅତି ଖରାପ ହୋଇଯାଇଛି। ବିଷାକ୍ତ ବାୟୁରେ ପ୍ରଶ୍ୱାସ ନେବାକୁ ଲୋକେ ବାଧ୍ୟ ହେଉଛନ୍ତି। ଏଥିସହ (ଗ୍ରେଡେଡ ରେସପନ୍ସ ଆକ୍ସନ ପ୍ଲାନ) ଜିଆରଏପି-୨ ନିୟମର ଖୋଲାଖୋଲି ଉଲ୍ଲଂଘନ ହେଉଛି। ଦୀପାବଳି ପରେ ଦିଲ୍ଲୀରେ ପ୍ରଦୁଷଣ ଆହୁରି ଖରାପ ସ୍ଥିତିରେ ପହଞ୍ଚିଛି। ଏହି ସମସ୍ୟାର ସମାଧାନ ପାଇଁ ଇଣ୍ଡିଆ ଗେଟ୍ ନିକଟରେ ପିଲାମାନଙ୍କ ସହ ସେମାନଙ୍କ ପିତାମାତା ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ପ୍ରଦୂଷଣ ନିୟନ୍ତ୍ରଣକୁ ଆଣିବା ପାଇଁ ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ ଏମାନେ ଦାବି କରିଛନ୍ତି। ବିନା ଅନୁମତିରେ ଇଣ୍ଡିଆ ଗେଟ୍ ନିକଟରେ ଏକାଠି ହୋଇ ବିକ୍ଷୋଭ ପ୍ରଦର୍ଶନ କରିଥିବାରୁ କେତେଜଣଙ୍କୁ ଅଟକ ରଖାଯାଇଛି ବୋଲି ଦିଲ୍ଲୀ ପୁଲିସ କହିଛି। କେବଳ ଜନ୍ତରମନ୍ତରରେ ଆନ୍ଦୋଳନ ତଥା ବିକ୍ଷୋଭ ପ୍ରଦର୍ଶନ କରିବାକୁ ଅନୁମତି ଦିଆଯାଇଛି। ତେବେ ନିୟମ ଅନୁସାରେ ଏଥିପାଇଁ ଅନୁମତିର ଆବଶ୍ୟକତା ଅଛି ବୋଲି ପୁଲିସ କହିଛି। ସୋମବାର ସକାଳ ୭ଟାରେ ଦିଲ୍ଲୀ ଏକ୍ୟୁଆଇ ୩୫୪ ଥିଲା। ଏହା ଅତ୍ୟନ୍ତ ଖରାପ ବର୍ଗରେ ରହିଥିବା ସେଣ୍ଟ୍ରାଲ ପଲ୍ୟୁସନ କଣ୍ଟ୍ରୋଲ ବୋର୍ଡ (ସିପିସିବି) କହିଛି। ଏହା ରବିବାର ୩୧୦ ଥିଲା।

ଅନ୍ୟ ସ୍ଥାନଗୁଡିକରେ ଏକ୍ୟୁଆଇ ଆହୁରି ଖରାପ ରହିଛି। ଏକ୍ୟୁଆଇ ଆନନ୍ଦ ବିହାରରେ ୩୭୯, ଦିଲ୍ଲୀ ଆଇଟିଓରେ ୩୭୬, ଚାନ୍ଦିନୀ ଚୌକରେ ୩୬୦, ଅଖଲା ଫେଜ-୨ରେ ୩୪୮, ଜବାହରଲାଲ ନେହେରୁ ଷ୍ଟାଡିୟମରେ ୩୧୬ ଓ ଇନ୍ଦିରାଗାନ୍ଧୀ ବିମାନ ବନ୍ଦର ଟର୍ମିନାଲ-୩ରେ ୩୦୫ ରହିଛି। ସେହିପରି ନୋଏଡାରେ ଏକ୍ୟୁଆଇ ୩୪୨, ସେକ୍ଟର-୧ରେ ୩୨୫ ଓ ସେକ୍ଟର ୧୧୬ରେ ୩୩୯, ଗ୍ରେଟର ନୋଏଡା ନଲେଜ ପାର୍କ-୩ ଓ ୫ରେ ଯଥାକ୍ରମେ ୩୧୬ ଓ ୩୧୪ ରହିଛି। ଅନ୍ୟପଟେ ଗୁରୁଗ୍ରାମ ସେକ୍ଟର ୫୧ରେ ଏକ୍ୟୁଆଇ ୩୨୭ ରହିଛି। ସେହିପରି ଫରିଦାବାଦ୍‌ର ନ୍ୟୁ ଇଣ୍ଡଷ୍ଟ୍ରିଆଲ ଟାଉନ୍ ଓ ସେକ୍ଟର ୧୧ରେ ଏକ୍ୟୁଆଇ ଯଥାକ୍ରମେ ୨୩୦ ଓ ୨୩୮ ରହିଛି। ରବିବାର ଦିଲ୍ଲୀ ସର୍ବାଧିକ ତାପମାତ୍ରା ୨୮.୧ ଓ ସର୍ବନିମ୍ନ ୧୧.୭ ରହିଥିଲା ଏବଂ ଏହା ସାଧାରଣ ତାପମାତ୍ରାଠାରୁ ଯଥେଷ୍ଟ କମ୍ ରହିଥିଲା।



ଭିଏନାର ସ୍ୱଚ୍ଛ ଆକାଶ (ବାମ) ଏବଂ ଦିଲ୍ଲୀର ପ୍ରଦୂଷିତ ଆକାଶ (ଡାହାଣ)ର ଦୃଶ୍ୟ। ଭିଏନାରୁ ଦିଲ୍ଲୀ ଆସିଥିବା ଏକ ବିମାନରୁ ଜଣେ ଯାତ୍ରୀ ଏହି ଫଟୋ ଉତ୍ତୋଳନ କରିଛନ୍ତି।

# ବିଜେପି ନେତାଙ୍କୁ ସାତ୍‌ଖୁଣ ମାଫ୍

## ନିର୍ବାଚନ ଅଧିକାରୀଙ୍କ ଦ୍ୱାରସ୍ଥ ହେଲେ ବିଜେଡି-କଂଗ୍ରେସ

■ ନୂଆପଡ଼ାରେ ବୁଲୁଛନ୍ତି ଗଣ୍ଡାଗଣ୍ଡା ବିଜେପି ନେତା
■ ସୋସିଆଲ୍ ମିଡିଆରେ ଭାଇରାଲ ଟଙ୍କା ବଣ୍ଟା ଭିଡିଓ
■ ନୂଆପଡ଼ା ଥାନା ସମ୍ମୁଖରେ ବିଜେଡି କର୍ମୀଙ୍କ ଧାରଣା

ନୂଆପଡ଼ା/ଭୁବନେଶ୍ୱର,୧୦।୧୧(ସମିସ): ନୂଆପଡ଼ା ଉପନିର୍ବାଚନ ପାଇଁ ଭୋଟ୍ ପଡ଼ିବାକୁ ଆଉ କେଇ ଘଣ୍ଟା ବାକି ରହିଛି। ସୋମବାରଠାରୁ ନୂଆପଡ଼ାରେ ନିରବ ଅବଧି ଆରମ୍ଭ ହେବା ସହ ବାହାର ନେତାଙ୍କୁ ଜିଲ୍ଲା ଛାଡ଼ିଦେବା ପାଇଁ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ (ସିଇଓ) କଡ଼ା ନିର୍ଦ୍ଦେଶ ଦେଇଛନ୍ତି। ମାତ୍ର ନୂଆପଡ଼ାରେ ସ୍ଥିତି ଠିକ ବିପରୀତ। ଏ ସଂକ୍ରାନ୍ତରେ ନିର୍ବାଚନ ଅଧିକାରୀଙ୍କ ହସ୍ତକ୍ଷେପ ଲୋଡ଼ିଛନ୍ତି ଉଭୟ ବିଜେଡି ଓ କଂଗ୍ରେସ। ସୋମବାର ବିଜେଡି ଏକାଧିକ ଥର ସିଇଓଙ୍କ କାର୍ଯ୍ୟାଳୟକୁ ଯାଇ ବିଭିନ୍ନ ପ୍ରସଙ୍ଗରେ ଅଭିଯୋଗ କରିଥିବା ବେଳେ ପିସିସି ସଭାପତି ଭକ୍ତ ଚରଣ ଦାସ ନିଜର ସୋସିଆଲ୍ ମିଡିଆ ଆକାଉଣ୍ଟ ଜରିଆରେ ସରକାରୀ ଦଳ ଦ୍ୱାରା ନିର୍ବାଚନ ଆଚରଣ ବିଧିର ଉଲ୍ଲଂଘନ ନେଇ ଆପତ୍ତି ଉଠାଇ ଚାଲିଛନ୍ତି। ଏସବୁ ଅଭିଯୋଗ ସତ୍ତ୍ୱେ ସିଇଓଙ୍କ ପକ୍ଷରୁ ସେଭଳି କୌଣସି କଡ଼ା କାର୍ଯ୍ୟାନୁଷ୍ଠାନ କରାଯାଇ ନାହିଁ ବୋଲି ଅଭିଯୋଗ କରି ବିଜେଡି ଓ କଂଗ୍ରେସ ଭାରତ ନିର୍ବାଚନ ଆୟୋଗଙ୍କ ହସ୍ତକ୍ଷେପ ଲୋଡ଼ିଛନ୍ତି।

ନିରବ ଅବଧି ମଧ୍ୟରେ ନିର୍ବାଚନ ଆଚରଣ ବିଧି କଡ଼ାକଡ଼ି ପାଳନ ହୋଇଥାଏ। ଏହି ସମୟରେ ବାହାର ଜିଲ୍ଲାର ନେତାଙ୍କୁ ସେଠାରେ ରହଣି ଅନୁମତି ନ ଥିବା ସତ୍ତ୍ୱେ ଅତାବିରା ବିଜେପି ବିଧାୟକ ନିହାର ମହାନନ୍ଦ ଜିଲ୍ଲାରେ ଭୋଟରଙ୍କୁ ପ୍ରଭାବିତ କରୁଥିବା ନେଇ ଅଭିଯୋଗ ହୋଇଛି। ତାଙ୍କ ଗାଡ଼ି ନୂଆପଡ଼ାରେ ଥିବା ନେଇ ମଧ ଏକ ଭିଡିଓ ସୋସିଆଲ୍ ମିଡିଆରେ ପୋଷ୍ଟ ହୋଇଛି। ଏହାକୁ ନେଇ ପିସିସି ସଭାପତି ଭକ୍ତ ଚରଣ ଦାସ ଏକ୍ସରେ ପ୍ରଶ୍ନ ଉଠାଇବା ସହିତ ମୁଖ୍ୟ ନିର୍ବାଚନ ଅଧିକାରୀ କଂଗ୍ରେସ କାର୍ଯ୍ୟାଳୟରେ ରେଡ୍ କରିପାରୁଛନ୍ତି ହେଲେ ଏହା କଣ ତାଙ୍କ ଆଖିକୁ ଦିଶୁନାହିଁ ବୋଲି ଭକ୍ତ ପ୍ରଶ୍ନ କରିଛନ୍ତି। ସେହିପରି ଖୋର୍ଦ୍ଧା ଜିଲ୍ଲା ବିଜେପି ସଭାପତିଙ୍କ ନେମ୍‌ପ୍ଲେଟ୍ ଲାଗିଥିବା ଗାଡ଼ିକୁ ମଧ ସେଠାରେ ସ୍ଥାନୀୟ ଲୋକେ ଅଟକ ରଖିବା ସହ ବିଜେପି ପକ୍ଷରୁ ସେ ଭୋଟରଙ୍କୁ ପ୍ରଭାବିତ କରୁଥିବା ନେଇ ଅଭିଯୋଗ କରିଛନ୍ତି। ଏହାର ଭିଡିଓ ସୋସିଆଲ୍ ମିଡିଆରେ ଭାଇରାଲ୍ ହେଉଛି। ପୁନଶ୍ଚ ନୂଆପଡ଼ାରେ ବିଜେପି ନେତା ଟଙ୍କା ବାଣ୍ଟୁଥିବା, ବିଜେପି ପ୍ରାର୍ଥୀ ଜୟ ଢୋଲକିଆ ନିରବ ଅବଧିରେ ସୋସିଆଲ ମିଡିଆରେ ଭିଡିଓ ପୋଷ୍ଟ କରି ଭୋଟ୍ ଭିକ୍ଷା କରୁଥିବାରୁ ଭିଡ଼ିଓ ଭାଇରାଲ ହୋଇଛି। ଏଭଳି ଅଭିଯୋଗ ଆସୁଥିଲେ ମଧ ମୁଖ୍ୟ ନିର୍ବାଚନ ଅଧିକାରୀ କୌଣସି କାର୍ଯ୍ୟାନୁଷ୍ଠାନ ନେଉ ନ ଥିବାରୁ ରାଜନୈତିକ ଦଳଗୁଡ଼ିକ ଅସନ୍ତୋଷ ପ୍ରକାଶ କରିଛନ୍ତି।

ଅନ୍ୟପଟେ ସରକାରୀ ଦଳର ନେତା ଓ କର୍ମୀଙ୍କ ଏଭଳି କାଣ୍ଡକୁ ବିଜେଡି କର୍ମୀ ବିରୋଧ କରିବା ସହ ଅନେକ ସ୍ଥାନରେ ପ୍ରତିବାଦ କରିଛନ୍ତି। ପରିଣାମ ସ୍ୱରୂପ କିଛି ବିଜେଡି କର୍ମୀଙ୍କୁ ପୁଲିସ ଗିରଫ ମଧ କରିଥିବା ଅଭିଯୋଗ ହୋଇଛି। ଏହାକୁ ଆଧାର କରି ନୂଆପଡ଼ା ବିଜେଡି ଜିଲ୍ଲାସଭାପତି ଓ ବିଜେଡି ପ୍ରାର୍ଥୀ ନୂଆପଡ଼ାର ଏକ ଥାନାରେ ଆଜି ଧାରଣାରେ ମଧ ବସିଥିଲେ। ଏହାକୁ ନେଇ ବିଜେଡି ରାଜଧାନୀରେ ସାମ୍ବାଦିକ ସମ୍ମିଳନୀ କରି ଗର୍ଜିଥିବା ବେଳେ କଂଗ୍ରେସ ମଧ ବିଭିନ୍ନ ମାଧ୍ୟମରେ ଏଭଳି ଘଟଣାକୁ ନେଇ ଆପତ୍ତି ଉଠାଉଛି।

## ଦିଲ୍ଲୀରେ ବିସ୍ଫୋରଣ

# ପୁରୀ, ସମ୍ବଲପୁରରେ ହାଇଆଲର୍ଟ

ଭୁବନେଶ୍ୱର, ୧୦।୧୧(ସମିସ): ନୂଆଦିଲ୍ଲୀର ଲାଲକିଲାରେ କାର୍ ବିସ୍ଫୋରଣରେ ୮ ଜଣଙ୍କ ମୃତ୍ୟୁ ହେବା ପରେ ଓଡ଼ିଶାର ବିଭିନ୍ନ ସ୍ଥାନରେ ହାଇଆଲର୍ଟ ଜାରି ହୋଇଛି। ବିଶେଷକରି ପୁରୀ ଓ ସମ୍ବଲପୁରକୁ ହାଇଆଲର୍ଟରେ ରଖାଯାଇଛି। ସେହିପରି ରାଜଧାନୀ ଭୁବନେଶ୍ୱର ସମେତ ପ୍ରାୟ ସବୁ ସହରରେ ସୁରକ୍ଷା ବ୍ୟବସ୍ଥାକୁ ବଢ଼ାଇ ଦିଆଯାଇଛି। ବନ୍ଦର ସହର ଗୋପାଳପୁର ଏବଂ ପାରାଦୀପରେ ମଧ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ସେହିପରି ରାଉରକେଲା, ସୁନ୍ଦରଗଡ଼, ବ୍ରହ୍ମପୁର ସମେତ ବିଭିନ୍ନ ଜିଲ୍ଲାରେ ସୁରକ୍ଷା ବ୍ୟବସ୍ଥାକୁ ବଢ଼ାଇ ଦିଆଯାଇଛି। ଜନଗହଳିପୂର୍ଣ୍ଣ ସ୍ଥାନଗୁଡ଼ିକରେ ସୁରକ୍ଷା ବ୍ୟବସ୍ଥା ବଢ଼ାଇବାକୁ ସମସ୍ତ ଜିଲ୍ଲାର ଏସ୍‌ପିମାନେ ଥାନା ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।



■ ମା' ସମଲେଇ ମନ୍ଦିର ଓ ହୀରାକୁଦର ସୁରକ୍ଷା ବଢ଼ିଲା
■ ବହୁ ସହରରେ ସୁରକ୍ଷା ବ୍ୟବସ୍ଥା ବଢ଼ିଲା
■ ବଢ଼ିଲା ଚେକିଂ, ବ୍ଲକିଂ; ହୋଟେଲ ଯାଞ୍ଚକୁ ଗୁରୁତ୍ୱ

ଏହି ପରିପ୍ରେକ୍ଷୀରେ ସଂଧ୍ୟାରେ କମିସନରେଟ୍ ପୁଲିସ କାର୍ଯ୍ୟାଳୟରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ବରିଷ୍ଠ ପୁଲିସ ଅଧିକାରୀମାନେ ସାମିଲ ହୋଇ ଆଲୋଚନା କରିଛନ୍ତି। ଗୁଇନ୍ଦା ବ୍ୟବସ୍ଥାକୁ ବଢ଼ାଇବା ସହ ଗୁରୁତ୍ୱପୂର୍ଣ୍ଣ ଛକଗୁଡ଼ିକରେ ଚେକିଂ, ବ୍ଲକିଂ କରିବାକୁ ନିଷ୍ପତ୍ତି ନିଆଯାଇଛି। ତଦନୁଯାୟୀ, ଭୁବନେଶ୍ୱରର ବିଭିନ୍ନ ଛକରେ ପୁଲିସ ପକ୍ଷରୁ କଡ଼ାକଡ଼ି ଚେକିଂ କରାଯାଉଛି। ଗାଡ଼ିଗୁଡ଼ିକୁ ତନ୍ନତନ୍ନ କରି ଯାଞ୍ଚ କରାଯାଉଛି। ସେହିପରି ଭୁବନେଶ୍ୱର ବିମାନବନ୍ଦର, ରେଳଷ୍ଟେସନ୍, ପ୍ରବେଶପଥ ଓ ଜନଗହଳିପୂର୍ଣ୍ଣ ସ୍ଥାନରେ ସୁରକ୍ଷା ବ୍ୟବସ୍ଥାକୁ ବଢ଼ାଯାଇଛି। ଥାନାସ୍ତରରେ ଏଥିପାଇଁ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ଏହି ଟିମ୍ ଗୋଟିଏ ହୋଟେଲରୁ ଅନ୍ୟ ହୋଟେଲକୁ ବୁଲିବୁଲି ଅତିଥିଙ୍କୁ ସମ୍ପର୍କରେ ତଥ୍ୟ ସଂଗ୍ରହ କରିବା ସହିତ ରୁମ୍ ଯାଞ୍ଚ କରୁଛି।

ସମ୍ବଲପୁରର ସମଲେଇ ମନ୍ଦିର ଏବଂ ହୀରାକୁଦ ଡ୍ୟାମ୍‌ର ସୁରକ୍ଷା ବ୍ୟବସ୍ଥାକୁ ବଢ଼ାଇ ଦିଆଯାଇଛି। ଏହାସହ ରାଉରକେଲାର ବିଭିନ୍ନ ହୋଟେଲରେ ଯାଞ୍ଚ ପ୍ରକ୍ରିୟାକୁ କଡ଼ାକଡ଼ି କରାଯାଇଛି। ବର୍ଦ୍ଧିତ ସୁରକ୍ଷା ବ୍ୟବସ୍ଥା ଆଗାମୀ କିଛି ଦିନ ପର୍ଯ୍ୟନ୍ତ ଚାଲିବ ବୋଲି ଜଣେ ଅଧିକାରୀ ସୂଚନା ଦେଇଛନ୍ତି।

## ନୂଆପଡ଼ା ଉପନିର୍ବାଚନ

# ମାଓ ଅଞ୍ଚଳକୁ ହେଲିକପ୍ଟରରେ ଗଲେ ପୋଲିଂ ଦଳ

ନୂଆପଡ଼ା,୧୦।୧୧(ସମିସ): ନୂଆପଡ଼ା ଉପନିର୍ବାଚନ ପାଇଁ ଆସନ୍ତାକାଲି ଭୋଟଗ୍ରହଣ ହେବ। ଜିଲ୍ଲାରେ ମୋଟ ୩୫୮ଟି ବୁଥ୍‌ରେ ଭୋଟଗ୍ରହଣ କରାଯାଉଥିବାବେଳେ ଏଥିରୁ ୪୭ଟି ମାଓବାଦୀ ପ୍ରଭାବିତ ବୁଥ୍ ରହିଥିବା ତଥ୍ୟ ରହିଛି। ତନ୍ମଧ୍ୟରୁ ୮ଟି ବୁଥ ଦୁର୍ଗମ ଅଞ୍ଚଳରେ ଥିବା ଯଥା ୩୨୦ନମ୍ବର ବୁଥ୍ ସୋସେଙ୍ଗ ସେବାଶ୍ରମ, ସୋସେଙ୍ଗ-୨, ଦେଓସିଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ସୁନାବେଡା -୧, ସୁନାବେଡା ସେବାଶ୍ରମ ୧(କ), ଜାମଗାଁ ଉଚ୍ଚପ୍ରାଥମିକ ବିଦ୍ୟାଳୟ, ଗାତିବେଡା ଉଚ୍ଚପ୍ରାଥମିକ ବିଦ୍ୟାଳୟ- ୧, ଗାତିବେଡା ୨ ପାଇଁ ହେଲିକପ୍ଟର ଯୋଗେ ପୋଲିଂ କର୍ମଚାରୀମାନଙ୍କୁ ସ୍ୱତନ୍ତ୍ର ଭାବେ ନିଆଯାଇଛି।



### ୧୫୮୪ ପୋଲିଂ କର୍ମଚାରୀ, ୧୨୩୧ ପୁଲିସ ନିୟୋଜିତ

ସୋମବାର ସନ୍ଧ୍ୟା ସୁଦ୍ଧା ସମସ୍ତ ପୋଲିଂ ଷ୍ଟେସନରେ ପୋଲିଂ ଟିମ ନିଜ ନିଜ ସ୍ଥାନରେ ପହଞ୍ଚିସାରିଛନ୍ତି। ମତଦାନ ପ୍ରକ୍ରିୟାକୁ ସୁରୁଖୁରରେ ସମ୍ପନ୍ନ କରିବା ପାଇଁ ୧୫୮୪ ଜଣ ପୋଲିଂ କର୍ମଚାରୀ ନିୟୋଜିତ ଥିବାବେଳେ ଶାନ୍ତି ଶୃଙ୍ଖଳା ରକ୍ଷା ପାଇଁ ୧୨୩୧ ପୁଲିସ କର୍ମଚାରୀଙ୍କୁ ନିୟୋଜିତ କରାଯାଇଛି। ନୂଆପଡ଼ା ଜିଲ୍ଲାର ଦୁଇଟି ବ୍ଲକ ନୂଆପଡ଼ା ଏବଂ କୋମନା, ଦୁଇଟି ଏନ୍‌ଏସି ଖରିଆରରୋଡ ଏବଂ ନୂଆପଡାରେ ଭୋଟ ଗ୍ରହଣ ହେବ। ଏଥିରେ ମୋଟ ୨ଲକ୍ଷ ୫୪ହଜାର ଭୋଟର ମତଦାନ କରିବେ। ଏଥିରେ ୧ଲକ୍ଷ ୨୪ହଜାର ୫୪୪ଜଣ ପୁରୁଷ ଭୋଟର ଥିବାବେଳେ ୧ଲକ୍ଷ ୨୯ ହଜାର ୯୩୨ଜଣ ମହିଳା ଭୋଟର ଏବଂ ୨୧ଜଣ ତୃତୀୟଲିଙ୍ଗୀ ମତଦାତା ନିଜର ମତଦାନ କରିବାକୁ ଯାଉଛନ୍ତି। ନିର୍ବାଚନକୁ ଅବାଧ, ମୁକ୍ତ ଏବଂ ନିରପେକ୍ଷ କରିବାକୁ ବ୍ୟାପକ ପୁଲିସ ବଳ ନିୟୋଜିତ କରାଯାଇଛି। ଏଥିରେ ମୋଟ୍ ୧୨୩୧ଜଣ କର୍ମଚାରୀ ନିୟୋଜିତ ହୋଇଛନ୍ତି। ଜଣେ ଏସ୍‌ପି, ଏଏସ୍‌ପି, ୬ଜଣ ଡିଏସପି, ୯ଜଣ ଇନ୍ସପେକ୍ଟର, ୩୭ଜଣ ହାବିଲଦାର, ୧୨୩ଜଣ ଓଆର କନଷ୍ଟେବଲ, ୪୧ଜଣ ଏପିଆର କନ୍‌ଷ୍ଟେବଲ, ୩୭ଜଣ ଓଏପିଏଫ, ୫୭ଜଣ ହୋମଗାର୍ଡ ନିୟୋଜିତ ରହିଥିବା ଏକ ସୂତ୍ରରୁ ପ୍ରକାଶ। ଏହାବ୍ୟତୀତ ୧୪ କମ୍ପାନୀ ସିଏପିଫ, ୬ ପ୍ଲାଟୁନ ୨ସେକ୍ସନ ଏସପି ନିୟୋଜିତ ଥିବା ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ତରଫରୁ ସୂଚନା ପ୍ରଦାନ କରାଯାଇଛି।

# ଭୁବନେଶ୍ୱରରେ ହେବ 'ଫିଲ୍ମ ଆର୍କାଇଭସ୍'

ଭୁବନେଶ୍ୱର,୧୦।୧୧(ସମିସ): ପୁଣିଥରେ ପୁରୁଣା ଓଡ଼ିଆ ସିନେମା ଦେଖିବାକୁ ପାଇବେ ଦର୍ଶକ। ନଷ୍ଟ ହୋଇଯାଇଥିବା ବହୁ ବର୍ଷର ସିନେମାଗୁଡ଼ିକ ପୁନଃସ୍ଥାପନ କରାଯିବ। ଓଡ଼ିଆ ସିନେମାର ଅନେକ ଚିର ସବୁଜ ସ୍ମୃତିକୁ ସାଇତି ରଖାଯିବାକୁ ପୁରୁଣା ଫିଲ୍ମ ଗୁଡ଼ିକର ରିଷ୍ଟୋରେସନ୍ ଏବଂ ପ୍ରିଜର୍ଭେସନ୍ ପାଇଁ ରାଜ୍ୟରେ ପ୍ରତିଷ୍ଠା ହେବ ଫିଲ୍ମ ଆରକାଇଭସ୍ ବା ଅଭିଲେଖାଗାର। ଏଥିପାଇଁ ଫିଲ୍ମ ହେରିଟେଜ ଫାଉଣ୍ଡେସନ୍, ଟାଟା ଟ୍ରଷ୍ଟ ଏବଂ ଇଣ୍ଟରନେସନାଲ ଫେଡେରେସନ ଅଫ ଫିଲ୍ମ ଆର୍କାଇଭ ସହ ଓଡିଶା ସରକାରଙ୍କର ସହ ଆସନ୍ତା ୧୯ ତାରିଖରେ ଏକ ବୁଝାମଣା ହେବ। ଏହି ଐତିହାସିକ ଚୁକ୍ତି ଦ୍ୱାରା ଓଡିଶା ସଂସ୍କୃତିର ଦର୍ପଣ ସାଜିଥିବା ଓଡ଼ିଆ ସିନେମାର ଅନେକ ଚିରସବୁଜ ସିନେମାର ଇତିହାସକୁ ଆଗାମୀ ପିଢ଼ି ପାଇଁ ସାଇତି ରଖିହେବ। ଓଡ଼ିଆ ଚଳଚିତ୍ର ଜଗତର ସ୍ୱର୍ଣ୍ଣିମ ଇତିହାସକୁ ପୁନର୍ଜୀବିତ କରିବା ପାଇଁ ଚଳିତ ମାସ ୧୨ ରୁ ୧୯ ତାରିଖ ଯାଏ ଅନୁଷ୍ଠିତ ହେବ 'ଫିଲ୍ମ ପ୍ରିଜର୍ଭସନ ଆଣ୍ଡ ରେଷ୍ଟୋରେସନ ୱାର୍କସପ ଇଣ୍ଡିଆ ୨୦୨୫'। ଫିଲ୍ମ ହେରିଟେଜ ଫାଉଣ୍ଡେସନ୍ ପକ୍ଷରୁ ରାଜ୍ୟ ପର୍ଯ୍ୟଟନ ବିଭାଗ, ବୟନ ଓ ହସ୍ତତନ୍ତ ବିଭାଗ ସହଯୋଗରେ ପ୍ରଥମ ପାଇଁ ଭାରତୀୟ ଚଳଚିତ୍ର ଐତିହ୍ୟ ସଂରକ୍ଷଣର ଏହି କର୍ମଶାଳା ଓଡ଼ିଶାରେ ଆୟୋଜିତ ହେବ।



■ ଆସିବେ ୱାହିଦା ରହେମାନ, ଆଭାସୀରେ ଯୋଗ ଦେବେ ଅମିତାଭ୍
■ ପୁରୁଣା ସିନେମାର ସଂରକ୍ଷଣ ପାଇଁ ପ୍ରଥମ ଥର ଅନ୍ତର୍ଜାତୀୟ କର୍ମଶାଳା

ପୋଖରୀପୁଟ ସ୍ଥିତ କ୍ରାଫ୍ଟ ମ୍ୟୁଜିୟମ୍ କଳାଭୂମିଠାରେ ଏହି ଅନ୍ତର୍ଜାତୀୟ କର୍ମଶାଳାରେ ଦାଦା ସାହେବ ଫାଲକେ ପୁରସ୍କାର ବିଜେୟିନୀ ବିଶିଷ୍ଟ ଅଭିନେତ୍ରୀ ୱାହିଦା ରେହମାନ ମୁଖ୍ୟ ଅତିଥି ଭାବେ ଯୋଗ ଦେବେ। ସେହିପରି ବରିଷ୍ଠ ବଲିଓଡ୍ ଅଭିନେତା ତଥା ଫିଲ୍ମ ହେରିଟେଜ ଫାଉଣ୍ଡେସନର ବ୍ରାଣ୍ଡ ଆମ୍ବାସଡର ଅମିତାଭ ବଚ୍ଚନ ଭିଡିଓ କନଫରେନସିଂ ମାଧ୍ୟମରେ ଉପସ୍ଥିତ ରହିବେ। କର୍ମଶାଳାରେ ବିଭିନ୍ନ ଦେଶର ଫିଲ୍ମ ଏକ୍ସପର୍ଟ, ଟେକ୍ନିସିଆନ୍ସ, ରେଷ୍ଟୋରେଟରମାନେ ଅଂଶଗ୍ରହଣ କରି ନଷ୍ଟ ହୋଇଯାଇଥିବା ସାଉଣ୍ଡ, ଫଟୋ, ରିଲ୍ସ ଆଦିରୁ ପୁଣିଥରେ କିପରି ସିନେମାକୁ ସଂରକ୍ଷଣ କରାଯିବ ସେ ସଂକ୍ରାନ୍ତରେ ପ୍ରଶିକ୍ଷଣ ଦେବେ। ଏହି ଅବସରରେ ଓଡ଼ିଆ ସିନେମା ବିକାଶ ଦିଗରେ କାର୍ଯ୍ୟକରୁଥିବା ଚଳଚ୍ଚିତ୍ର ନିର୍ମାତା ଓ ନିର୍ଦ୍ଦେଶକ ସଞ୍ଜୟ ପଟ୍ଟନାୟକ ଓ ବରିଷ୍ଠ ସାମ୍ବାଦିକ ସୂର୍ଯ୍ୟଦେଓଙ୍କୁ 'ଚମ୍ପିଆନ୍ସ ଅଫ ଫିଲ୍ମ ହେରିଟେଜ ସମ୍ମାନ'ରେ ସମ୍ମାନିତ କରାଯିବ। ପୁନଃସ୍ଥାପିତ ହୋଇଥିବା ନିରୋଦ ମହାପାତ୍ରଙ୍କର 'ମାୟା ମିରିଗ' (୧୯୮୪ ) ଓ ଘନଶ୍ୟାମ ମହାପାତ୍ରଙ୍କର 'କନକଲତା'(୧୯୭୪) ସିନେମା ନଭେମ୍ବର ୧୩ ଓ ୧୭ ତାରିଖ ସନ୍ଧ୍ୟା ୬ଟା୩୦ରେ ସ୍ଥାନୀୟ କେଶରୀ ହଲରେ ପ୍ରଦର୍ଶିତ କରାଯିବ। ଦର୍ଶକମାନେ ଏହି ଫିଲ୍ମକୁ ନିଃଶୁଳ୍କ ଦେଖିପାରିବେ।

■ ବେଆଇନ ମାଛ ଧରା

# ଆନ୍ଧ୍ରପ୍ରଦେଶର ଦୁଇ ଡଙ୍ଗା ଜବତ



ଛତ୍ରପୁର,୧୦।୧୧(ସମିସ): ଆର୍ଯ୍ୟପଲ୍ଲୀ ସମୁଦ୍ରକୁ ବେଆଇନ ଭାବେ ପଡୋଶୀ ରାଜ୍ୟ ଆନ୍ଧ୍ରପ୍ରଦେଶରୁ ଅଧିକାଂଶ ସମୟରେ ବଡ଼ ବଡ଼ ଡଙ୍ଗା ଓ ଟ୍ରଲର ଆସି ଏଠାରେ ଜାଲରେ ମାଛ ମାରୁଥିବା ନେଇ ସ୍ଥାନୀୟ ମତ୍ସ୍ୟଜୀବୀ ମାନେ ବହୁବାର ଅଭିଯୋଗ କରିଆସୁଥିଲେ। ସୋମବାର କିଛି ବଡ ବଡ ଡ଼ଙ୍ଗା କାକିନାଡା ଓ ବିଶାଖାପଟନମରୁ ଆର୍ଯ୍ୟପଲ୍ଲୀ ସମୁଦ୍ର ନିକଟରେ ମାଛ ମାରୁଥିବା ଛତ୍ରପୁର ସାମୁଦ୍ରିକ ମତ୍ସ୍ୟବିଭାଗ ଜାଣିପାରି ଦୁଇଟି ଡଙ୍ଗାକୁ ଜବତ କରି ଜେଟି ନିକଟକୁ ଆଣିଥିଲା। ସୀମା ପାର କରି ବେନିୟମ ଭାବେ ମାଛ ମାରୁଥିବାରୁ ସେମାନଙ୍କ ମତ୍ସ୍ୟଜୀବୀ ମାନଙ୍କୁ ବିଭାଗ ପକ୍ଷରୁ ତାଗିଦ କରାଯାଇଥିଲା। ପରେ ଦୁଇ ଡଙ୍ଗାକୁ ଛଡାଯାଇଥିଲା। ଯେପରି ଏହାର ପୁନାରୁବୃତ୍ତି ନହେବ ସେଥିପ୍ରତି ଧ୍ୟାନ ଦେବାକୁ ସେମାନଙ୍କୁ କଡ଼ା ନିର୍ଦ୍ଦେଶ ଦିଆଯାଇଥିଲା। ଯଦି ପୁଣି ବେନିୟମ ଭାବେ ଏଠାକୁ ଆସି ମାଛ ଧରିବ ସେମାନଙ୍କ ଡଙ୍ଗାକୁ ଜବତ କରାଯିବ ବୋଲି ଛତ୍ରପୁର ସାମୁଦ୍ରିକ ମତ୍ସ୍ୟବିଭାଗ ପକ୍ଷରୁ କୁହାଯାଇଛି। ଏପରିକି ମେ ୩୧ ପର୍ଯ୍ୟନ୍ତ ଆର୍ଯ୍ୟପଲ୍ଲୀ ଠାରୁ ପ୍ରୟାଗି ଯାଏଁ ନୋ ଫିସିଂ ଜୋନ ରହିଛି। ବେନିୟମ ଭାବେ ଆନ୍ଧ୍ରରୁ ବଡ ବଡ ଡଙ୍ଗା ଓ ଟ୍ରଲର ଆସି ବଡ ବଡ ଜାଲରେ ବେନିୟମ ଭାବେ ମାଛ ଧରି ନେଇଯାଉଥିବା ବେଳେ ସ୍ଥାନୀୟ ମତ୍ସ୍ୟଜୀବିଙ୍କ ଛୋଟ ଡଙ୍ଗା ଓ ଜାଲ ଥିବାରୁ ସେମାନଙ୍କ ଜାଲରେ ମାଛ ସଂଖ୍ୟା କମିଯାଉଥିଲା ଏନେଇ ସେମାନେ ବହୁବାର ଅଭିଯୋଗ କରିଆସୁଥିଲେ।

## ବିଜେଡିର ଅଭିଯୋଗ

# ଆଦର୍ଶ ଆଚରଣବିଧି କେବଳ ବିରୋଧୀ ଦଳଙ୍କ ପାଇଁ ଲାଗୁ ହୋଇଛି

ଭୁବନେଶ୍ୱର,୧୦।୧୧(ସମିସ): ନୂଆପଡ଼ା ନିର୍ବାଚନମଣ୍ଡଳୀରେ ଥିବା ସମ୍ବେଦନଶୀଳ ବୁଥ୍‌ଗୁଡ଼ିକର ତାଲିକା ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ପ୍ରଦାନ କରିଛି ବିଜେଡି। ଏହାସହ ଉପରୋକ୍ତ ବୁଥ୍‌ଗୁଡିକରେ ନିଆଯାଇଥିବା ଇଭିଏମ୍‌ଗୁଡିକୁ ବ୍ୟବହାର କରିବାକୁ ଯୋଜନା କରାଯାଉଛି ବୋଲି ବିଜେଡି ପକ୍ଷରୁ ପୁଣି ଥରେ ଅଭିଯୋଗ କରିଛି।



■ ସମ୍ବେଦନଶୀଳ ବୁଥ୍‌ର ଇଭିଏମ୍ ବ୍ୟବହାର ପାଇଁ ଉଦ୍ୟମ ହେଉଛି
■ ଶାସକ ଦଳ ସରକାରୀ କଳର ଅପବ୍ୟବହାର କରୁଛି: ବିଜେଡି

ସୋମବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ମୁଖପାତ୍ର ଡ. ଲେନିନ୍ ମହାନ୍ତି କହିଛନ୍ତି ଯେ ଗୋଟିଏ ଟ୍ରକ୍‌ରେ ଇଭିଏମ୍ ମେସିନ ନୂଆପଡ଼ାକୁ ନିଆଯାଇଛି ବୋଲି କରାଯାଇଥିବା ଅଭିଯୋଗ ଉପରେ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ପକ୍ଷରୁ କୁହାଯାଇଛି ଯେ ଗଞ୍ଜାମ ଜିଲ୍ଲାରେ ରଖାଯାଇଥିବା ଇଭିଏମ୍ ମେସିନଗୁଡିକ ସିସି କ୍ୟାମେରା ନଜରରେ ରଖାଯାଇଛି। ତେବେ ଆଇନଜୀବୀ ପୀତବାସ ପଣ୍ଡାଙ୍କ ହତ୍ୟା ରାଜରାସ୍ତାରେ ହୋଇଥିଲା ବେଳେ ଏହି ଅଞ୍ଚଳର ସିସିଟିଭି କାମ କରୁ ନ ଥିଲା। ସରକାରୀ ଖାତାରେ ସିସିଟିଭି ଅଛିର ଅର୍ଥ ଏହା ନୁହେଁ ଯେ ସିସିଟିଭିର ଫୁଟେଜ୍ ରହିଛି। ଆଜି ବିଜେଡି ପକ୍ଷରୁ ସିଇଓଙ୍କ ପାଖରେ ସମ୍ବେଦନଶୀଳ ବୁଥ୍‌ଗୁଡିକର ତାଲିକା ପ୍ରଦାନ କରାଯାଇଛି। ଏହି ବୁଥ୍‌ଗୁଡିକୁ ନିଆଯାଇଥିବା ଇଭିଏମ୍ ମେସିନ୍‌ଗୁଡ଼ିକ ସ୍ଥାନିତ କରିବା ପାଇଁ ଚେଷ୍ଟା କରାଯାଉଛି ବୋଲି ଅଭିଯୋଗ କରାଯାଇଛି।

ରାଜ୍ୟସଭା ସାଂସଦ ସୁଲତା ଦେଓ କହିଥିଲେ ଯେ ଏହି ଉପନିର୍ବାଚନରେ ନିୟମିତ ଭାବେ ସରକାରୀ ଦଳ ପକ୍ଷରୁ ଆଦର୍ଶ ଆଚରଣ ବିଧି ଉଲ୍ଲଂଘନ କରାଯାଉଥିବା ନେଇ ବିଜେଡି ପକ୍ଷରୁ ସିଇଓଙ୍କ ପାଖରେ ବାରମ୍ବାର ଉପସ୍ଥାପନ କରାଯାଇଛି। ଏହାଛଡ଼ା ଆୟକର ବିଭାଗ ଓ ଅନ୍ୟ ଅଧିକାରୀଙ୍କ ଦ୍ୱାରା ଉଦ୍ଦେଶ୍ୟମୂଳକ ଭାବେ ବିଜେଡି ନେତାଙ୍କ ଘରେ ଚଢ଼ଉ କରାଯାଇଛି। ଇଭିଏମ୍‌ଗୁଡ଼ିକୁ ଷ୍ଟ୍ରଙ୍ଗ ରୁମ୍‌ରେ ରଖା ନ ଯାଇ କେଉଁ ଏକ ଅଜଣା ସ୍ଥାନରେ ରଖା ଯାଇଛି ବୋଲି ଅଭିଯୋଗ କରାଯାଇଥିଲା। ଏହାକୁ ଖୋଜି ବାହାର କରିବା ନିର୍ବାଚନ ଅଧିକାରୀଙ୍କ ଦାୟିତ୍ୱ। ସେହିପରି ବିଜେପି ଦ୍ୱାରା କରାଯାଉଥିବା ବିଭିନ୍ନ ଆଚରଣ ବିଧି ଉଲ୍ଲଂଘନକୁ ରୋକିବା ସହିତ ମୁକ୍ତ ଅବାଧ ନିର୍ବାଚନ କରିବା ପାଇଁ ମୁଖ୍ୟ ନିର୍ବାଚନ ଅଧିକାରୀ ଯତ୍ନବାନ ହୁଅନ୍ତୁ ବୋଲି ପୂର୍ବତନ ମହିଳା କମିସନର ମୀନତି ବେହେରା ଓ ବିଜେଡି ଛାତ୍ର ସଭାପତି ଇପ୍ସିତା ସାହୁ ଦାବି କରିଛନ୍ତି।

## ୧୫ ଡିଗ୍ରୀ ତଳେ ରାଜ୍ୟର ୧୬ ସହର

# ଆଜିଠୁ କଲବଲ କରିବ ଶୀତ

ଭୁବନେଶ୍ୱର,୧୦।୧୧(ସମିସ): ରାଜ୍ୟରେ ତାପମାତ୍ରା ହ୍ରାସ ସାଙ୍ଗକୁ ଥଣ୍ଡା ବଢ଼ିବାରେ ଲାଗିଛି। କ୍ରମାଗତ ଭାବେ ରାଜ୍ୟକୁ ଥଣ୍ଡା ଓ ଶୁଷ୍କ ବାୟୁର ପ୍ରବାହ ହେତୁ ତାପମାତ୍ରା କମିଚାଲିଛି। ଏହାଫଳରେ ମଙ୍ଗଳବାରଠାରୁ ରାଜ୍ୟର ବିଭିନ୍ନ ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି ହେବାର ଆଶଙ୍କା ରହିଛି। ଏହାକୁ ଦୃଷ୍ଟିରେ ରଖି ପାଣିପାଗ କେନ୍ଦ୍ର ପକ୍ଷରୁ ୧୧ ଓ ୧୨ ତାରିଖ ପାଇଁ ୫ ଟି ଜିଲ୍ଲାରେ ଶୀତ ଲହରୀ ଜନିତ ୟେଲୋ ଆଲର୍ଟ ଜାରି କରିଛି। ଅନ୍ୟପଟେ ଗତ ୨୪ ଘଣ୍ଟାରେ ରାଜ୍ୟର ଅନେକ ସ୍ଥାନରେ ତାପମାତ୍ରା ଦୃଷ୍ଟାନ୍ତମୂଳକ ଭାବେ ହ୍ରାସ ପାଇଛି। ଏହାସହିତ ପ୍ରଥମ ଥର ପାଇଁ ଚଳିତ ରାଜ୍ୟରେ ତାପମାତ୍ରା ୧୦ ଡିଗ୍ରୀ ତଳକୁ ଖସିଥିବା ବେଳେ ରାଜ୍ୟର ୧୬ ଟି ସହରରେ ତାପମାତ୍ରା ୧୫ ଡିଗ୍ରୀ ତଳେ ରେକର୍ଡ ହୋଇଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ୮.୪ ଡିଗ୍ରୀ ସହ ଜି.ଉଦୟଗିରି ରାଜ୍ୟର ସବୁଠୁ ଥଣ୍ଡା ସହର ପାଲଟିଥିବା ବେଳେ ଦାରିଙ୍ଗବାଡ଼ି ୧୦, ଫୁଲବାଣୀ ୧୧, ଝାରସୁଗୁଡ଼ା ୧୧.୬, କିରେଇ ୧୨, ସେମିଳିଗୁଡ଼ା ୧୨.୫, ରାଉରକେଲା ୧୨.୫ ଓ ଅନୁଗୁଳରେ ତାପମାତ୍ରା ୧୨.୬ ଡିଗ୍ରୀ ରେକର୍ଡ ହୋଇଛି। ସେହିପରି ଚଳିତ ବର୍ଷ ପ୍ରଥମ ଥର ପାଇଁ ଭୁବନେଶ୍ୱରରେ ପ୍ରଥମ ଥର ପାଇଁ ତାପମାତ୍ରା ୧୫ ଡିଗ୍ରୀ ତଳକୁ ଖସିଛି। ରାଜଧାନୀରେ ରାତିର ତାପମାତ୍ରା ୧୪.୮ ଡିଗ୍ରୀ ରେକର୍ଡ ହୋଇଛି। ଅନ୍ୟପଟେ ଆସନ୍ତା ୨-୩ ଦିନ ମଧ୍ୟରେ ରାଜ୍ୟରେ ତାପମାତ୍ରାରେ ଆହୁରି ୨.୩ ଡିଗ୍ରୀ ହ୍ରାସ ହେବାର ସମ୍ଭାବନା ରହିଛି। ଏଥିପାଇଁ ରାଜ୍ୟର ଅନେକ ସ୍ଥାନରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ୩-୪ ଡିଗ୍ରୀ କମ୍ ରହିବା ସହ କିଛି କିଛି ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହାକୁ ଦୃଷ୍ଟିରେ ରଖି ମଙ୍ଗଳବାର ପାଇଁ ଅନୁଗୁଳ, ଝାରସୁଗୁଡ଼ା, କନ୍ଧମାଳ, ସୁନ୍ଦରଗଡ଼ ଓ ଖୋର୍ଦ୍ଧା ଜିଲ୍ଲାରେ ଶୀତ ଲହରୀ (କୋଲ୍ଡ ୱେଭ୍) ସ୍ଥିତି ସୃଷ୍ଟି ହେବା ନେଇ ପାଣିପାଗ କେନ୍ଦ୍ର କହିଛି। ଏଥିପାଇଁ ଏହି ୫ ଜିଲ୍ଲାକୁ ୨ ଦିନ ଯାଏଁ ୟେଲୋ ଆଲର୍ଟ ଜାରି କରାଯାଇଛି।

■ ଜି.ଉଦୟଗିରିରେ ୮.୪ ଡିଗ୍ରୀକୁ ଖସିଲା ପାରଦ
■ ଦାରିଙ୍ଗବାଡ଼ିରେ ୧୦ ଡିଗ୍ରୀ, ଫୁଲବାଣୀ ୧୧, ଝାରସୁଗୁଡ଼ା ୧୧.୬

# ପିଣ୍ଟୁ ଦାଶଙ୍କ ପିଟିସନର ଶୁଣାଣି ଶେଷ; ରାୟ ସଂରକ୍ଷିତ

ବ୍ରହ୍ମପୁର,୧୦।୧୧(ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଛନ୍ଦି ହୋଇ ଜେଲରେ ଥିବା ବ୍ରହ୍ମପୁରର ପୂର୍ବତନ ମେୟର ଶିବଶଙ୍କର ଦାଶ ଓରଫ୍ ପିଣ୍ଟୁଙ୍କ ପକ୍ଷରୁ କୋର୍ଟରେ ବରିଷ୍ଠ ଆଇନଜୀବୀ କୈଳାସ ପଣ୍ଡା ପିଟିସନ ଦାଖଲ କରିଛନ୍ତି। ସ୍ଥାନୀୟ ଏସ୍‌ଡିଜେଏମ୍‌ଙ୍କ ଅଦାଲତରେ ଦାଖଲ ହୋଇଥିବା ପିଟିସନରେ ମୁଖ୍ୟତଃ ପିଣ୍ଟୁଙ୍କ ସ୍ୱାସ୍ଥ୍ୟଗତ ତଥା ପାରିବାରିକ ସମସ୍ୟା ଦର୍ଶାଇ ବିଭିନ୍ନ ସୁବିଧା ଓ ସୁଯୋଗ ପ୍ରଦାନ କରିବାକୁ ନିବେଦନ କରାଯାଇଛି। ବ୍ରହ୍ମପୁର ଜେଲରେ ପିଣ୍ଟୁଙ୍କ ଜୀବନ ପ୍ରତି ବିପଦ ଥିବା ଆଶଙ୍କା କରି ତାଙ୍କୁ ଫୁଲବାଣୀ ମଣ୍ଡଳ କାରାଗାରକୁ ସ୍ଥାନାନ୍ତର କରାଯାଇଛି। ତେବେ ପିଣ୍ଟୁ ଜଣେ ରକ୍ତଚାପ ରୋଗୀ ହୋଇଥିବାରୁ ତାଙ୍କୁ ଜୋତା ପିନ୍ଧିବା ଓ ସ୍ୱାସ୍ଥ୍ୟପୂର୍ଣ୍ଣ ଖାଦ୍ୟ ଖାଇବା ସହ ସେ କାନରେ ପିନ୍ଧିଥିବା କୁଣ୍ଡଳ ବାହାର ନ କରିବା ପାଇଁ କୋର୍ଟରେ ନିବେଦନ କରାଯାଇଛି। ସେହିଭଳି ପିଣ୍ଟୁଙ୍କୁ ଫୁଲବାଣୀ ଜେଲକୁ ସ୍ଥାନାନ୍ତର କରାଯାଇଥିବା ବେଳେ ତାଙ୍କ ପରିବାରବର୍ଗ ବ୍ରହ୍ମପୁରରେ ଅଛନ୍ତି। ଏଣୁ ଇ-ମୁଲାକାତ ମାଧ୍ୟମରେ ପରିବାର ସଦସ୍ୟଙ୍କ ସହ ସାକ୍ଷାତ କରିବାର ସୁଯୋଗ ଉପଲବ୍ଧ କରାଇବାକୁ ପିଣ୍ଟୁ କୋର୍ଟଙ୍କୁ ନିବେଦନ କରିଥିବା ଜଣାପଡ଼ିଛି। ଏହି ପିଟିସନ୍ ଉପରେ ସୋମବାର ଶୁଣାଣି ଶେଷ ହୋଇଥିବା ବେଳେ ମଙ୍ଗଳବାର ରାୟ ପ୍ରକାଶ ପାଇବ ବୋଲି ଜଣାପଡ଼ିଛି।

## ନବୋଦୟ ବିଦ୍ୟାଳୟରେ ଛାତ୍ର ଅଶାନ୍ତି

# ରାଜପଥରେ ୮ କି.ମି ଚାଲିଲେ

କୋରାପୁଟ, ୧୦।୧୧ (ସମିସ): ସ୍କୁଲର ବିପର୍ଯ୍ୟସ୍ତ ଶିକ୍ଷା ବ୍ୟବସ୍ଥା ସଂପର୍କରେ ଜିଲ୍ଲାପାଳଙ୍କୁ ଅଭିଯୋଗ କରିବାକୁ ଜାତୀୟ ରାଜପଥରେ ବିପଜ୍ଜନକ ଭାବେ ୮ କି.ମି ଚାଲିଲେ ଛାତ୍ରଛାତ୍ରୀ। କୋରାପୁଟ ସହର ଉପକଣ୍ଠ ଲାଣ୍ଡିଗୁଡ଼ାସ୍ଥିତ ଜବାହାର ନବୋଦୟ ବିଦ୍ୟାଳୟର ଏହି ଘଟଣା ଆଜି ଅଭିଭାବକମହଲରେ ତୀବ୍ର ପ୍ରତିକ୍ରିୟା ସୃଷ୍ଟି କରିଛି।

ସୂଚନାନୁଯାୟୀ, ଦଶମ ଶ୍ରେଣୀ ପରୀକ୍ଷା ପାଖେଇ ଆସୁଥିବା ବେଳେ ବିଦ୍ୟାଳୟର ବିଭିନ୍ନ ସମସ୍ୟା ଯୋଗୁଁ ଛାତ୍ରଛାତ୍ରୀମାନେ ଠିକ୍ ଭାବେ ପାଠ ପଢ଼ିପାରୁନାହାନ୍ତି। ବିଶେଷକରି ଇତିହାସ ଶିକ୍ଷକଙ୍କ ପାଠପଢ଼ାକୁ ନେଇ ଛାତ୍ରଛାତ୍ରୀମାନଙ୍କ ଭିତରେ ପ୍ରବଳ ଅସନ୍ତୋଷ ରହିଛି। ଏ ସଂପର୍କରେ ସେମାନେ ବାରମ୍ବାର ଅଭିଯୋଗ କରିଥିଲେ ହେଁ ସ୍କୁଲ କର୍ତ୍ତୃପକ୍ଷ ଶୁଣି ନଥିଲେ। ତେଣୁ ଆଜି ଛାତ୍ରଛାତ୍ରୀମାନେ ଏକାଠି ହୋଇ ଜିଲ୍ଲାପାଳଙ୍କୁ ଅଭିଯୋଗ କରିବାକୁ ବାହାରିଥିଲେ। ସକାଳୁ ସେମାନେ ୨୬ ନମ୍ବର ଜାତୀୟ ରାଜପଥରେ ଚାଲିଚାଲି ଜିଲ୍ଲାପାଳଙ୍କ ଅଫିସ୍‌କୁ ଯାଇଥିଲେ। ଖବର ପାଇ କୋରାପୁଟ ଉପଜିଲ୍ଲାପାଳ, ବିଡିଓ, ତହସିଲଦାର, ଅତିରିକ୍ତ ଶିକ୍ଷା ଅଧିକାରୀ ଓ ପୁଲିସ ସେମାନଙ୍କୁ ଅଧାବାଟରୁ ବୁଝାସୁଝା କରିଥିଲା। କିନ୍ତୁ ଛାତ୍ରଛାତ୍ରୀମାନେ ନିଜ ଜିଦ୍‌ରେ ଅଟଳ ରହିଥିଲେ। ସେମାନେ ଚାଲିଚାଲି ଜିଲ୍ଲାପାଳଙ୍କ ଅଫିସରେ ପହଞ୍ଚି ଅଭିଯୋଗ କରିଥିଲେ। ସେମାନଙ୍କ ଅଭିଯୋଗ ହେଲା, ଦଶମ ଶ୍ରେଣୀ ପରୀକ୍ଷା ପାଖେଇ ଆସୁଥିବା ବେଳେ ଠିକାରେ ଥିବା ଇତିହାସ ଶିକ୍ଷକ ଏପର୍ଯ୍ୟନ୍ତ ପାଠ୍ୟକ୍ରମ ସାରିନାହାନ୍ତି। ସେ ଠିକ୍ ଭାବେ ପାଠ ପଢ଼ାଉନାହାନ୍ତି। ପ୍ରଶ୍ନ କଲେ ଛାତ୍ରଛାତ୍ରୀଙ୍କୁ ଗାଳିଗୁଲଜ କରିବା ସହ ଉଚ୍ଚ ସ୍ୱରରେ ତାଗିଦ୍ କରୁଛନ୍ତି। ସ୍କୁଲ କର୍ତ୍ତୃପକ୍ଷଙ୍କୁ ଏ ବାବଦରେ ବାରମ୍ବାର ଅଭିଯୋଗ କରାଯିବା ପରେ ମଧ ସେମାନେ କିଛି ଶୁଣୁନାହାନ୍ତି। ଜିଲ୍ଲାପାଳଙ୍କ ଅନୁପସ୍ଥିତିରେ ଉପଜିଲ୍ଲାପାଳ ଛାତ୍ରଛାତ୍ରୀମାନଙ୍କ ଅଭିଯୋଗ ଶୁଣିଥିଲେ। ପରେ ଜିଲ୍ଲାପାଳ ସ୍କୁଲରେ ପହଞ୍ଚି ସମସ୍ୟା ସମାଧାନ ଦିଗରେ ପଦକ୍ଷେପ ନେବେ ବୋଲି ସେ ପ୍ରତିଶ୍ରୁତି ଦେବା ପରେ ଛାତ୍ରଛାତ୍ରୀମାନେ ଶାନ୍ତ ପଡ଼ିଥିଲେ। ପରେ ପ୍ରଶାସନ ପକ୍ଷରୁ ଛାତ୍ରଛାତ୍ରୀମାନଙ୍କ ପାଇଁ ଖାଇବା ଓ ସ୍କୁଲକୁ ଫେରିବାର ବ୍ୟବସ୍ଥା କରାଯାଇଥିଲା।



### ବିପର୍ଯ୍ୟସ୍ତ ଶିକ୍ଷା ବ୍ୟବସ୍ଥା ନେଇ ଜିଲ୍ଲାପାଳଙ୍କୁ ଗୁହାରି

# କୋଲାରରେ ପଞ୍ଚାୟତସ୍ତରୀୟ ଜନଶୁଣାଣି ଶିବିର



ବୈପାରୀଗୁଡ଼ା,୧୦।୧୧(ସମିସ): ବୈପାରୀଗୁଡା ବ୍ଲକ ଅନ୍ତର୍ଗତ କୋଲାର ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ଗ୍ରାମପଞ୍ଚାୟତ ସ୍ତରୀୟ ଜନଶୁଣାଣି ତଥା ଜନ ସଚେତନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି ।ଆଜି ମୋଟ ୯ଟି ଅଭିଯୋଗ ଶୁଣାଣି ହୋଇଥିଲା । ଏବିଡ଼ିଓ ନିବେଦିତା ଦଣ୍ଡସେନାଙ୍କ ଉପସ୍ଥିତିରେ ଆୟୋଜିତ ଏହି ଶିଶିରରେ ବିଭିନ୍ନ ବିଭାଗୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ । ଏଥିରେ ବିଶେଷ କରି ବିଭିନ୍ନ ୱାର୍ଡରେ ରାସ୍ତା ନିର୍ମାଣ, ରାମପୁର ସ୍କୁଲ କୋଠା ନିର୍ମାଣ ଏବଂ ଅଙ୍ଗନବାଡି କେନ୍ଦ୍ର ମରାମତି, ଗୌଡ଼ଗୁଡାରେ ଖେଳ ପଡିଆ ନିର୍ମାଣ, କେବେଡା ଅଟାଲଠାରେ ପାନୀୟ ଜଳ ସମସ୍ୟା, କେ ପଡାପଦର ଠାରେ ନୂତନ ଅଙ୍ଗନବାଡି କେନ୍ଦ୍ର ନିର୍ମାଣ ଆଦି ମୋଟ ୯ ଟି ଦାବୀ ଥିଲା । ଏହି କାର୍ଯ୍ୟକ୍ରମକୁ ଆବାସ ଯୋଜନା ପ୍ରକଳ୍ପ ସଂଯୋଜକ ପ୍ରଦୀପ ଆଚାର୍ଯ୍ୟ ପରିଚାଳନା କରିଛନ୍ତି ।

## ମହିଳାଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

# ହତ୍ୟା ଅଭିଯୋଗ ଆଣିଲେ ଝିଅର ପରିବାର ଲୋକେ

ବୈପାରିଗୁଡ଼ା,୧୦।୧୧(ସମିସ): ବୈପାରୀଗୁଡା ଥାନା ଅନ୍ତର୍ଗତ ପ୍ରଧାନୀପୁଟରେ ଜଣେ ମହିଳାଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର ହୋଇଛି। ଝିଅର ପରିବାର ଲୋକେ ହତ୍ୟା ଅଭିଯୋଗ୍ ଆଣି ବୈପାରୀଗୁଡା ଥାନରେ ଏତଲା ଦେଇଛନ୍ତି । ଏତଲା ଅନୁଯାୟୀ, ଜୟପୁର ସଦର ଥାନା ଅନ୍ତର୍ଗତ ବାମୁଣିପୁଟ ଗ୍ରାମର ଧନ ବାରିକଙ୍କ ଝିଅ ପଦ୍ମିନୀ ବାରିକ (୨୫) ବୈପାରିଗୁଡା ଥାନା ଅନ୍ତର୍ଗତ ପ୍ରଧାନୀପୁଟ ଗ୍ରାମର ରମେଶ ହରିଜନ(୨୮)ଙ୍କ ସହ ବିବାହ ହୋଇଥିଲା। ତାଙ୍କର ପୂର୍ବରୁ ୪ ବର୍ଷର ଝିଅ ଥିବାବେଳେ ୪ ମାସ ତଳେ ଏକ ଶିଶୁପୁତ୍ର ଜନ୍ମ ହୋଇଥିଲା। ଆଜି ସକାଳେ ୯ଟା ବେଳେ ଶୌଚ ହେବାକୁ କହି ପଦ୍ମନୀ ଘର ପଛପଟ ଥିବା ଏକ କାଜୁ ଗଛରେ ଦଉଡ଼ି ଦେଇ ଝୁଲି ପଡ଼ିଥିଲେ। ସ୍ୱାମୀ ରମେଶ ହରିଜନ ଏବଂ ପରିବାର ଲୋକେ ପଦ୍ମିନୀ ଝୁଲି ପଡ଼ିଥିବା ଜାଣି ତୁରନ୍ତ ଦଉଡ଼ି କାଟି ବୈପାରିଗୁଡା ମେଡ଼ିକାଲରେ ଭର୍ତ୍ତି କରିଥିଲେ। ମେଡ଼ିକାଲରେ ଭର୍ତ୍ତି କରାଯାଇଥିବା ନେଇ ପଦ୍ମିନୀଙ୍କ ବାପାଙ୍କୁ ଫୋନ୍ କରି ଜଣାଇଥିଲେ ରମେଶ। ପଦ୍ମିନୀଙ୍କ ବାପା ଏବଂ ପରିବାର ଲୋକେ ବୈପାରିଗୁଡା ମେଡ଼ିକାଲରେ ପହଞ୍ଚିବା ବେଳକୁ ଡାକ୍ତରଖାନାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିସାରିଥିଲେ। ଏଭଳି ମୃତ୍ୟୁକୁ ନେଇ ବାପ ଘର ଲୋକେ ବିଶ୍ୱାସ କରିନଥିଲେ। ହତ୍ୟା କରାଯାଇଥିବା ନେଇ ବୈପାରିଗୁଡା ଥାନାରେ ଏତଲା ଦେଇଛନ୍ତି ବାପା ଧନ ବାରିକ। ପୁଲିସ ଏତଲା ଆଧାରରେ ସ୍ୱାମୀ ରମେଶ ହରିଜନ ଏବଂ ଶଶୁରଙ୍କୁ ଥାନାକୁ ଆଣି ପଚରାଉଚରା କରୁଛି। ଆସନ୍ତାକାଲି ସାଇଣ୍ଟିଫିକ ଟିମ ଆସି ତଦନ୍ତ ପରେ ହତ୍ୟା ନା ଆତ୍ମହତ୍ୟା ଜଣାପଡ଼ିବ ବୋଲି ପୁଲିସ କହିଛି।

# ‘ପରବ’ ପ୍ରସ୍ତୁତି ବୈଠକରେ ଲୋକ ପ୍ରତିନିଧି, ନେତାଙ୍କ ଅନୁପସ୍ଥିତି

ଲମତାପୁଟ,୧୦।୧୧(ସମିସ): କୋରାପୁଟ ଜିଲ୍ଲା ଲମତାପୁଟ ବ୍ଲକ କାର୍ଯ୍ୟାଳୟ ପରିସର ଆଲୋଚନା ପ୍ରକୋଷ୍ଠରେ ୨୦୨୫ ପରବ କାର୍ଯ୍ୟକ୍ରମ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଲମତାପୁଟ ବ୍ଲକର ୧୫ ଗୋଟି ପଞ୍ଚାୟତର ସରପଞ୍ଚ ସମିତି ସଭ୍ୟ/ସଭ୍ୟା, ବ୍ଲକସ୍ତରୀୟ ଓ ପଞ୍ଚାୟତ ସ୍ତରୀୟ ଅଧିକାରୀ ସହ ଦୁଇ ଜିଲ୍ଲା ପରିଷଦ ସହ ସର୍ବଦଳୀୟ ରାଜନେତା ଉପସ୍ଥିତ ରହିବା କଥା ।କିନ୍ତୁ ଏହି ବୈଠକରେ ଏହାର ବ୍ୟତିକ୍ରମ ଦେଖା ଦେଇଥିବା ଜଣାଯାଇଛି । ବୈଠକରେ ସାତ ଗୋଟି ସରପଞ୍ଚ ଓ ସମିତି ସଭ୍ୟ/ସଭ୍ୟା, ବ୍ଲକ କଂଗ୍ରେସ ସଭାପତି ଉପସ୍ଥିତ ରହିଥିବା ବେଳେ କିଛି ବ୍ଲକସ୍ତରୀୟ ହାତ ଗଣତି ଅଧିକାରୀ ଉପସ୍ଥିତ ରହିଥିବାରୁ ଉପସ୍ଥିତ ସମିତି ଜଗନ୍ନାଥ ହନ୍ତାଳ ଲମତାପୁଟ ସରପଞ୍ଚ ପ୍ରଫୁଲ୍ଲ କ୍ରୀସାନି ବ୍ଲକ ଅଧକ୍ଷ ତାପସ ଚାଲାଣଙ୍କୁ ପ୍ରଶ୍ନ କରିଥିଲେ। ଏହି ଆଲୋଚନାରେ ପ୍ରତି ପଞ୍ଚାୟତରୁ ଗୋଟିଏ ଗୋଟିଏ ଗାଡ଼ିରେ ସରପଞ୍ଚ ସମିତି ଓ ୱାର୍ଡ ମେମ୍ବର ମାନେ ଯିବା ଲାଗି ନିର୍ଦ୍ଦେଶ ଦେଇଥିବା ବେଳେ ତୁଷୁବା ପଞ୍ଚାୟତର ଆଉଡ଼ିପଡ଼ା ଗ୍ରାମର ଢେମସା ଓ ମୟୁରୀ ବାଜା ଆଣିବା ପାଇଁ ନିଷ୍ପତି ନିଆ ଯାଇଥିଲା। ବୁଧବାର ୧୨ ତାରିଖରେ ସକାଳ ୮ଟା ସୁଦ୍ଧା ଲମତାପୁଟ ବ୍ଲକ କାର୍ଯ୍ୟାଳୟ ଠାରେ ପହଞ୍ଚିବାକୁ ସମସ୍ତଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ସକାଳ ୧୦ ସୁଦ୍ଧା ଲକ୍ଷ୍ମୀପୁର ବ୍ଲକର କାକିରିଗୁମା ନିକଟସ୍ଥ କୁଟୁଣୀପଦର ସହସ୍ର ଶିବ ଲିଙ୍ଗ ଠାରୁ ପରବ ମଶାଲ ଆସିବା ନେଇ ନିଷ୍ପତି ହୋଇଥିବା ସୂଚନା ମିଳିଛି। ଆଜିର ଏହି ପରବ ପ୍ରସ୍ତୁତି ବୈଠକରେ ଦୁଇ ଜିଲ୍ଲା ପରିଷଦ ସହ ବିଜେଡି ଓ ବିଜେପି ଦଳର ଜଣେ ହେଲେ କର୍ମକର୍ତ୍ତା ଉପସ୍ଥିତ ରହି ନଥିବା ନେଇ କିଛି ସମୟ ପାଇଁ ହୋ ହଲ୍ଲା ହୋଇଥିଲା। ଆଜିର ଏହି ବୈଠକରେ ବ୍ଲକ ଅଧକ୍ଷ, ଏବିଡିଓ, ସହକାରୀ ନିର୍ବାହୀ ଯନ୍ତ୍ରୀ, ସାଂସଦ ପ୍ରତିନିଧିଙ୍କ ସହ କିଛି ବ୍ଲକ୍ସ୍ତରୀୟ ଅଧିକାରୀ ଉପସ୍ଥିତ ରହିଥିଲେ।

# ମେସିନ୍ ହସ୍ତାନ୍ତର ପାଇଁ ଉପଜିଲ୍ଲାପାଳଙ୍କୁ ଦାବିପତ୍ର



କୋରାପୁଟ,୧୦।୧୧(ସମିସ): କୋରାପୁଟ ଜିଲ୍ଲା ଦଶମନ୍ତପୁର ବ୍ଲକ୍ ପରଜାବେଡାପଦର ଗ୍ରାମପଞ୍ଚାୟତ ଅନ୍ତର୍ଗତ ଟୋଟାଗୁଡାର ସୁବର୍ଣ୍ଣା ମହିଳା ସ୍ୱୟଂସହାୟକ ଗୋଷ୍ଠୀ ତରଫରୁ ତୁରନ୍ତ ଚୟନ କମିଟି ବୈଠକ ଓ ମେସିନ୍ ହସ୍ତାନ୍ତର କରିବା ନେଇ ଉପଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି । ପ୍ରଶାସନର ସ୍ପଷ୍ଟ ନିର୍ଦ୍ଦେଶ ସତ୍ତ୍ୱେ ବର୍ତ୍ତମାନ ପର୍ଯ୍ୟନ୍ତ ଜରୁରୀ ଚୟନ କମିଟି ବୈଠକ ହୋଇନାହିଁ ଏବଂ ଗୋଷ୍ଠୀର କାର୍ଯ୍ୟଚାଳନା ପାଇଁ ଆବଶ୍ୟକ ମେସିନ୍ ମଧ ହସ୍ତାନ୍ତର ହୋଇନାହିଁ। ଗୋଷ୍ଠୀ ପକ୍ଷରୁ ଦିଆଯାଇଥିବା ଲିଖିତ ଅଭିଯୋଗ ଅନୁଯାୟୀ କୋରାପୁଟ ଉପଜିଲ୍ଲାପାଳଙ୍କ ପକ୍ଷରୁ ପତ୍ର ସଂଖ୍ୟା ୭୧୩୦/୨୦୨୫ ୮/୯/୨୦୨୫ ମାଧମରେ ସରକାରୀ ନିୟମ ଅନୁଯାୟୀ ତୁରନ୍ତ ଚୟନ କମିଟି ବୈଠକ ଡକାରିବାକୁ ନିର୍ଦ୍ଦେଶ ଜାରି ହୋଇଥିଲା । କିନ୍ତୁ ଉପଜିଲ୍ଲାପାଳ ଦୁଇ ଦୁଇ ଥର ବିଡିଓଙ୍କୁ ଚିଠି କରିବା ସତ୍ତ୍ୱେ ଏଯାଏ ବୈଠକ ନହେବା ସହ ପ୍ରକଳ୍ପ ସଂଚାଳନ ପାଇଁ ଅତ୍ୟାବଶ୍ୟକ ମେସିନ୍‌ଗୁଡ଼ିକ ହସ୍ତାନ୍ତର ହୋଇନାହିଁ। ତେଣୁ ତୁରନ୍ତ ଚୟନ କମିଟି ବୈଠକ ଓ ମେସିନ୍ ହସ୍ତାନ୍ତର କରିବା ନେଇ ସ୍ୱୟଂସହାୟକ ଗୋଷ୍ଠୀର ଅଧକ୍ଷା ସ୍ମୃତି ସୁନାମଣି ଖୋସଲା ଦାବି କରିଛନ୍ତି। ପ୍ରଶାସନ ତ୍ୱରିତ ପଦକ୍ଷେପ ନେବାକୁ ଗୋଷ୍ଠୀର ମହିଳା ମାନେ ଅନୁରୋଧ କରିଛନ୍ତି।

# ମୋବାଇଲ ଲୁଟ୍ ଅଭିଯୋଗ

ଜୟପୁର,୧୦।୧୧(ସମିସ): ଜୟପୁର ସଦରଥାନା ଅନ୍ତର୍ଗତ ମୁଖିଖୁଡପି ନିକଟରେ ଦୁଇ ଜଣ ବନ୍ଧୁ ଶୌଚ ପାଇଁ ଯାଇ ଠିଆ ହୋଇଥିବା ସମୟରେ ୩ଜଣ ଅଜଣା ଦୁର୍ବୃତ୍ତ ଛୁରା ଦେଖାଇ ଭୟଭୀତ କରିବା ସହ ଗୋଟିଏ ମୋବାଇଲ ଲୁଟି ନେଇଥିବା ନେଇ ସଦରଥାନାରେ ଅଭିଯୋଗ ହୋଇଛି। ସଦରଥାନା ପୁଲିସ ସୂଚନା ଅନୁଯାୟୀ, ଗତମାସ ୨୭ ତାରିଖ ଦିନ ଡଙ୍ଗରଛିଞ୍ଚି ଗ୍ରାମର ଦୁଇ ବନ୍ଧୁ ପଦ୍ମନ ଗାଦବା ଓ ଲକ୍ଷ୍ମଣ ଗାଦବା ଦୁହେଁ ମିଶି ସକାଳ ସାଢେ ୮ଟା ସମୟରେ କେନାଲରେ ଶୌଚ ହୋଇ ନିକଟସ୍ଥ ନୀଳଗିରି ବଣ ନିକଟେ ଠିଆ ହୋଇଥିବା ସମୟରେ ତିନିଜଣ ଦୁର୍ବୃତ୍ତ ଏକ ସ୍କୁଟି (ଓଡି ୧୦ ଏବି ୧୬୭୧) ଯୋଗେ ସେଠାରେ ପହଞ୍ଚି ଉଭୟଙ୍କୁ ଛୁରା ଦେଖାଇ ଭୟଭୀତ କରିବା ସହିତ ଟଙ୍କା ମାଗିଥିଲେ ଏବଂ ଜୋରଜବରଦସ୍ତ ଅଭିଯୋଗକାରୀ ପଦ୍ମନ ପକେଟ ଯାଞ୍ଚ କରିବା ସହ ଟଙ୍କା ନ ମିଳିବାରୁ ତାଙ୍କର ମୋବାଇଲ ଲୁଟି ନେଇଥିଲେ। ଏହାପରେ ତାଙ୍କ ବନ୍ଧୁ ଲକ୍ଷ୍ମଣଙ୍କୁ ମୋବାଇଲ ମାଗିଥିଲେ। କିନ୍ତୁ ଏହା ପୂର୍ବରୁ ମୋବାଇଲ ଲୁଟ ହେବା ଆଶଙ୍କା ନେଇ ବନ୍ଧୁ ଲକ୍ଷ୍ମଣ ତାଙ୍କ ମୋବାଇଲକୁ କୌଶଳ କ୍ରମେ ଏକ ବୁଦା ମୂଳରେ ଲୁଚାଇ ଦେଇଥିଲେ। ତାଙ୍କ ପକେଟ ମଧ ଯାଞ୍ଚ କରିଥିଲେ କିନ୍ତୁ କିଛି ନ ମିଳିବାରୁ ସେମାନେ ଆଣିଥିବା ସ୍କୁଟି ଯୋଗେ ପାତ୍ରପୁଟ ଗ୍ରାମ ପଟେ ଚାଲିଯାଇଥିଲେ। କିନ୍ତୁ ବନ୍ଧୁ ଲକ୍ଷ୍ମଣ ମୋବାଇଲ ଲୁଚାଇବା ପୂର୍ବରୁ ଉକ୍ତ ଯୁବକ ମାନଙ୍କ ସ୍କୁଟିର ନମ୍ବର ପ୍ଲେଟର ଫୋଟ ଉଠାଇ ଦେଇଥିଲେ। କିନ୍ତୁ ଦୀର୍ଘ ଦିନ ହେଲା ଅଭିଯୋଗକାରୀ ମାନେ ଏତଲା ଦେଇଛନ୍ତି। ଏହିପରି ପୁଲିସକୁ ମୋବାଇଲରେ ଉଠାଯାଇଥିବା ସ୍କୁଟି ଓ ନମ୍ବର ପ୍ଲେଟର ଫୋଟ ପ୍ରଦାନ କରିଛନ୍ତି। ଏଥିନେଇ ଥାନାରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଆରମ୍ଭ କରିବା ସହ ଦୁର୍ବୃତ୍ତ ମାନଙ୍କୁ ଠାବ କରିବା ନେଇ ପଦକ୍ଷପ ଗ୍ରହଣ କରାଯାଇଥିବା ନେଇ ଥାନା ଅଧିକାରୀ ସଚିନ୍ଦ୍ର ପ୍ରଧାନ ସୂଚନା ଦେଇଛନ୍ତି।

## ● ଓଏମସି ଲଗାଇଛି ଷ୍ଟ୍ରିଟ ଲାଇଟ୍

# ବିଲ୍ ପଇଠ କରିପାରୁନି ପ୍ରଶାସନ

ଲକ୍ଷ୍ମୀପୁର,୧୦।୧୧(ସମିସ): କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ସଦର ମହକୁମାରେ ୨୦୨୩ ମସିହାରେ ପ୍ରାୟ ୭୦ ଲକ୍ଷ ଟଙ୍କା ବ୍ୟୟରେ ଘୋଡ଼ାବନ୍ଧ ଠାରୁ କଲେଜ, ମୃତ୍ୟାଲୁ ମା’ ମନ୍ଦିର ଠାରୁ ବ୍ଲକ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଷ୍ଟ୍ରିଟ୍ ଲାଇଟ୍ ଲଗାଇ ସହରକୁ ଆଲୋକିତ କାର୍ଯ୍ୟ କରାଯାଇଥିଲା। ଏହା ସବୁ କାର୍ଯ୍ୟ କରି ପଞ୍ଚାୟତ ସମିତିକୁ ଦାୟିତ୍ୱ ତୁଲାଇବାକୁ ହସ୍ତାନ୍ତର କରାଯାଇଛି। ଏହାର ରକ୍ଷାବେକ୍ଷଣା, କରେଣ୍ଟ ବିଲ୍ ଭଲ ମନ୍ଦ ସବୁ ଦାୟିତ୍ୱ ପଞ୍ଚାୟତ ସମିତି ନିର୍ବାହ କରିବ। ହେଲେ କରେଣ୍ଟ ବିଲ୍ ଏପରି ଆସୁଛି ଯେ, ତାହା ପୈଠ କରିବା ସମ୍ଭବ ହେଉନାହିଁ। ପଞ୍ଚାୟତରେ ସେଭଳି ଫଣ୍ଡ ନାହିଁ, ଯାହାକି ବିଲ୍ ପୈଠ କରିହେବ । ତେଣୁ ଲାଇଟ୍ ସେବା ବନ୍ଦ ରହିଛି। ପରବ ପରେ ତାର ବ୍ୟବସ୍ଥା କରାଯିବ ବୋଲି ବିଡିଓ ସବ୍ୟସାଚୀ ବେହେରା କହିଛନ୍ତି। ଲକ୍ଷ୍ମୀପୁର ହେଉଛି ମା ଲକ୍ଷ୍ମୀଙ୍କ ଭଣ୍ଡାର ହୋଇ ଥିବା ବେଳେ ଆଜି କରେଣ୍ଟ ବିଲ୍ ପୈଠ କରାନ ଯିବା ଲୋକଙ୍କୁ ନିରାଶ କରିଛି। ଏହି ଅଞ୍ଚଳ ମୂଲ୍ୟବାନ ସମ୍ପତିରେ ଭରପୁର ରହିଛି । ସରକାର ଏହା ଦ୍ୱାରା ଯଥେଷ୍ଟ ଲାଭବାନ ହେଉଛନ୍ତି । କିନ୍ତୁ ଦୁଃଖର ବିଷୟ ଯେ, ପ୍ରଶାସନ ପାଖରେ ଏଥି ପାଇଁ ଅର୍ଥ ନାହିଁ। ଏହା ଜାଣିବା ପରେ ଅଞ୍ଚଳବାସୀ ଦୁଃଖ ସହ କ୍ଷୋଭ ପ୍ରକାଶ କରିଛନ୍ତି। ଲକ୍ଷ୍ମୀପୁର ବ୍ଲକ ହେଉଛି ଏକ ଖଣି ଅଞ୍ଚଳ । ହେଲେ ସୁଦ୍ଧା ଏଠି ଅର୍ଥର ଅଭାବ ରହିଛି। ଏଠିକାର ଅର୍ଥ ରେ ରାଜ୍ୟ ଓ ଦେଶ ଚଳାଇବାରେ ସହାୟକ ହେଉଥିବା ବେଳେ ସ୍ଥାନୀୟ ଲୋକ ଅନ୍ଧାରରେ ରହୁଛନ୍ତି କଥାରେ ଅଛି ଦୀପ ତଳେ ଅନ୍ଧାର। ଏହାର ଯେତେ ଉନ୍ନତି ହେବା କଥା । କିନ୍ତୁ ସେ ଅନୁପାତରେ ହୋଇନାହିଁ। ସ୍ଥାନୀୟ ଲୋକେ ଅତି ସରଳ ହୋଇ ଥିବା ହେତୁ ଆଜି ଏପରି ସମୟ ଦେଖିବାକୁ ମିଳୁଛି। ଆଗକୁ ଯଦି ଏହି ସମ୍ପତ୍ତି ସରିଯାଏ ତେବେ ଲକ୍ଷ୍ମୀପୁର ର ଅବସ୍ଥା କଣ ହେବ ବୋଲି ବୁଦ୍ଧିଜୀବୀ ମହଲରେ ମତ ପ୍ରକାଶ ପାଉଛି। ସାଧାରଣତଃ ଗମନାଗମନ, ଶିକ୍ଷା, ପାନୀୟ ଜଳ, ବିଦ୍ୟୁତ୍, ସ୍ୱାସ୍ଥ୍ୟ ଇତ୍ୟାଦି ବିଷୟକୁ ସରକାର ଗୁରୁତ୍ୱ ଦେବା କଥା। କିନ୍ତୁ ଆଜି ଅନ୍ଧାରରେ ଲକ୍ଷ୍ମୀପୁର ସହର ଆଜକୁ ପ୍ରାୟ ୩୦ ଦିନ ହେବ ରହିଛି । ତାହା ସମସ୍ତଙ୍କ ମନରେ କ୍ଷଭୋ ପ୍ରକାଶ ପାଉଛି। ଅଞ୍ଚଳରୁ ହଜାର ହଜାର କୋଟି ଟଙ୍କା ଅନ୍ୟତ୍ର ଯାଇ ଖର୍ଚ୍ଚ କରାଯାଇ ସୌନ୍ଦର୍ଯ୍ୟକରଣ କରାଯାଉଛି । କିନ୍ତୁ ଏଠି କରେଣ୍ଟ ବିଲ୍ ବାନ୍ଧିବାକୁ ଟଙ୍କା ନାହିଁ। ସ୍ଥାନୀୟ ସରପଞ୍ଚ ଶ୍ୟାମ ସୁନ୍ଦର ତାଡିଙ୍ଗି କହିଛନ୍ତି, ଯେଉଁଭଳି ବିଲ୍ ଆସୁଛି, ଆମ ପାଖରେ ବଲ୍ ଦେବାକୁ ସେତିକି ପଇସା ନାହିଁ। ଏହାର ସ୍ଥାୟୀ ସମାଧାନ ଯଦି ତୁରନ୍ତ ନ କରାଯାଏ, ତେବେ ଏହା ଆଗକୁ ଭିନ୍ନ ରୂପ ଏନେବ ବୋଲି ସ୍ଥାନୀୟ ଅଞ୍ଚଳର ଯୁବପିଢି ମତ ରଖିଛନ୍ତି।

# ‘ପରବ’ ପାଳନ ପ୍ରସ୍ତୁତି

ଜୟପୁର, ୧୦।୧୧(ସମିସ): ଜୟପୁର ବ୍ଲକ ସ୍ତରୀୟ ପରବ ପ୍ରସ୍ତୁତି ବୈଠକ ବ୍ଲକ ସଭା ଗୃହରେ ଆଜି ସଂଧ୍ୟାରେ ଅନୁଷ୍ଠିତ ହୋଇଥିଲା। ଜୟପୁର ବିଡିଓ ଶକ୍ତି ମହାପାତ୍ରଙ୍କ ଆହ୍ୱାନ କ୍ରମେ ଆୟୋଜିତ ବୈଠକରେ ବ୍ଲକ ଅଧକ୍ଷା ତିଳତ୍ତମା ମୁଦୁଲି ଅଧକ୍ଷତାରେ ଅନୁଷ୍ଠିତ ହୋଇଥିଲା। ଜିଲ୍ଲା ସ୍ତରୀୟ ପରବ ଆସନ୍ତା ୧୨ ତାରିଖରେ ଲକ୍ଷ୍ମୀପୁଟ ବ୍ଲକ ପର୍ଯ୍ୟଟନ ସ୍ଥଳୀ କୋଟି ଲିଙ୍ଗେଶ୍ୱର୍ ଶୈବପୀଠ କୁଟିନିପଦର ଠାରୁ ଶୁଭାରମ୍ଭ ହେବ। ତେଣୁ ଆଗାମୀ ୨୩ ତାରିଖରୁ ଆସନ୍ତା ଡିସେମ୍ବର ୪ ତାରିଖ ପର୍ଯ୍ୟନ୍ତ ବ୍ଲକସ୍ତରୀୟ ପରବ ଆୟୋଜନ କରିବାକୁ ଜିଲ୍ଲା ପ୍ରଶାସନ ନିର୍ଦ୍ଦେଶ ଦେଇଛନ୍ତି। ତେଣୁ ଜୟପୁର ବ୍ଲକରେ ଏହି ପରବ ଉତ୍ସବ କାର୍ଯ୍ୟକ୍ରମ ପାଳନ ଉକ୍ତ ସମୟ ମଧ୍ୟରେ ଆୟୋଜିତ ହେବାକୁ ବୈଠକରେ ନିଷ୍ପତି ହୋଇଛି। ସେହିପରି ସ୍ଥାନୀୟ ପାରାବେଡ଼ା ସ୍ଥିତ ଜାଙ୍କଡଦେଈ ମନ୍ଦିରରେ ପୂଜା ଅର୍ଚ୍ଚନା ପରେ ସହରର ମା’ଜଗତ ଜନନୀ ମନ୍ଦିରରୁ ମଶାଲ ଶୋଭାଯାତ୍ରା ଆରମ୍ଭ ହେବ। ବିଗତ ବର୍ଷ ଭଳି ସମସ୍ତ କାର୍ଯ୍ୟକ୍ରମ ଗୁଡ଼ିକ ଆୟୋଜନ ନେଇ ନିଷ୍ପତି ହୋଇଛି। ଏହିପରି କିଛି ନୂତନ ସାଂସ୍କୃତିକ କାର୍ଯ୍ୟକ୍ରମର ପ୍ରସ୍ତାବ ଅନୁଯାୟୀ ନିଷ୍ପତି ହେବ। ସେହିପରି ଜୟପୁର ପୌରାଞ୍ଚଳ ସ୍ତରୀୟ ପରବ ପାଳନ ଅନୁଯାୟୀ ଏହାର ସମୟ ଓ ତାରିଖ ନିର୍ଦ୍ଧାରଣ କରାଯିବ ବୋଲି ବୈଠକରେ ନିଷ୍ପତି ହୋଇଥିବା ସୂଚନା ପ୍ରାପ୍ତ ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଉପାଧକ୍ଷ ଗଣେଶ ପାଢି, ଜିଲ୍ଲା ପରିଷଦ ସଦସ୍ୟା ତପତି ପଟ୍ଟନାୟକ, ରଶ୍ମି ରଥ, ଆସ୍ତା ନାୟକ ସମସ୍ତ ସମିତି ସଭ୍ୟ ସଭ୍ୟା, ସରପଞ୍ଚ, ପିଇଓ ଏବଂ ଅନ୍ୟାନ୍ୟ କର୍ମଚାରୀ ମାନେ ଉପସ୍ଥିତି ଥଲେ।

# ପର୍ଯ୍ୟଟକ ବସ୍ ଓଲଟି ୬ ଆହତ

ପୋଡ଼ାଗଡ଼,୧୦।୧୧(ସମିସ): କୋରାପୁଟରୁ ରାୟଗଡ଼ା ସଂଯୋଗ ୩୨୬ନଂ ଜାତୀୟ ରାଜପଥରେ ପର୍ଯ୍ୟଟମାନଙ୍କୁ ନେଇ ଯାଉଥିବା ମିନି ବସ ଓଲଟି ପଡ଼ିବାରୁ ୬ ଜଣ ଆହତ ହୋଇଛନ୍ତି। ସୂଚନାରୁ ଜଣାପଡିଛି ଯେ ଗତ ୩ ଦିନ ଆଗରୁ ଭୁବନେଶ୍ୱର ୧୫ ଜଣ, ଏମ୍ସ ହସ୍ପିଟାଲର କିଛି କାର୍ଯ୍ୟରତ ଯୁବକ ଯୁବତୀ କୋରାପୁଟ ଆସିଥିଲେ। କୋରାପୁଟରୁ ଏକ ଘରୋଇ ନମ୍ବର ଓଡ଼ି ୧୦ ଜେଡ ୩୯୩୯ ବସ ଯୋଗେ ବିଭିନ୍ନ ପର୍ଯ୍ୟଟନ ସ୍ଥଳୀ ତଥା ଦେଓମାଳି ତାଲମାଲି କାଳିଆ ମାଳି ବୁଲିବା ପରେ ଶେଷରେ ପୁଞ୍ଜିସିଲ୍ ଜଳ ପ୍ରପାତ ବୁଲି ଥିଲେ। ପୁଞ୍ଜିସିଲ୍ ବୁଲିବା ପରେ କୋରାପୁଟ ଅଭିମୁଖେ ଯାତ୍ରା କରିଥିଲେ। କିନ୍ତୁ କୋରାପୁଟ ସଦର ବ୍ଲକ ଅନ୍ତର୍ଗତ ମସ୍ତି ପୁଟ ପଞ୍ଚାୟତ ଅଧିନସ୍ଥ ଭାରତ ମାଳା ରାସ୍ତା ଅମିନି ଗୁଡା ନିକଟରେ ଭାରସାମ୍ୟ ହରାଇ ବସ୍‌ଟି ରାସ୍ତା କଡ଼ରେ ଥିବା ନାଳକୁ ଖସି ପଡିଥିଲା। ଫଳରେ ବସ୍‌ଟି ଓଲଟି ପଡ଼ିଥିଲା। ଏଥିରେ ୧୫ଜଣ ପର୍ଯ୍ୟଟକ ଥିଲେ। ସେଥିମଧ୍ୟରୁ ୬ ଜଣ ଆହତ ହୋଇଥିଲେ। ଆହତ ମାନଙ୍କୁ ସ୍ଥାନୀୟ ଲୋକ ସହ ଅନ୍ୟ ଯାତ୍ରୀମାନେ ଉଦ୍ଧାର କରି କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସପିଟାଲକୁ ଚିକିତ୍ସା ନିମନ୍ତେ ପଠାଇଥିଲେ। ପର୍ଯ୍ୟଟକ ମାନେ କୋରାପୁଟରୁ ହୀରାଖଣ୍ଡ ଏକ୍ସପ୍ରେସରେ ଭୁବନେଶ୍ୱର ଯାଇଥାନ୍ତେ। ଖବର ପାଇ କୋରାପୁଟ ସଦର ପୁଲିସ ପହଞ୍ଚି ତଦନ୍ତ କରୁଥିବା ଜଣାପଡ଼ିଛି।

# ଡାବୁଗାଁ ବ୍ଲକରେ ୬ ଆଇଏଏସ୍ ପ୍ରଶିକ୍ଷାର୍ଥୀ

ଡାବୁଗାଁ,୧୦।୧୧(ସମିସ): ନବରଙ୍ଗପୁର ଜିଲ୍ଲା ଡାବୁଗାଁ ବ୍ଲକ ଘୋଡାଖୁଣ୍ଟା ଗ୍ରାମପଞ୍ଚାୟତକୁ ଉତ୍ତରାଖଣ୍ଡ ମଶୁରି ତାଲିମ କେନ୍ଦ୍ରରୁ ନବରଙ୍ଗପୁର ଜିଲ୍ଲାକୁ ଆସିଥିବା ୧୨ଜଣ ଭାରତୀୟ ପ୍ରଶାସନିକସେବା (ଆଇଏଏସ) ପ୍ରଶିକ୍ଷାର୍ଥୀଙ୍କ ମଧ୍ୟରୁ ୬ ଜଣ ପ୍ରଶିକ୍ଷାର୍ଥୀ ଡାବୁଗାଁ ବ୍ଲକ ଘୋଡାଖୁଣ୍ଟା ସରକାରୀ ଉଚ୍ଚ ବିଦ୍ୟାଳୟରେ ଆସି ପହଞ୍ଚିଥିଲେ। ସେହି ୬ ଜଣକୁ ସମ୍ବର୍ଦ୍ଧନା ପ୍ରଶାସନ ଓ ବିଦ୍ୟାଳୟତରଫରୁ ଦିଆଯାଇଥିଲା। ବିଡିଓ ଶରତ ମାଝି ସମସ୍ତଙ୍କୁ ସ୍ୱାଗତ କରିବା ସହ ସମସ୍ତଙ୍କ ପରିଚୟ ପ୍ରଦାନ କରିବା ସହ ସମସ୍ତ କର୍ମଚାରୀଙ୍କ ପରିଚୟ ପ୍ରଦାନ କରିଥିଲେ। ୬ ଜଣଙ୍କ ମଧ୍ୟରେ ମୁଦିତା ବଂଶଲ, ଜାଭେଦ ମେଭ, କୌଶିକ ଭି, ସକ୍ଷମ ଭାଟିଆ, ମୁସ୍କାନ ଶର୍ମା ଓ ବିଶାଳ ମହର ପ୍ରମୁଖ ପ୍ରଶିକ୍ଷାର୍ଥୀମାନଙ୍କୁ ଉପଢୌକନ ଓ ଫୁଲ ତୋଡ଼ା ଦେଇ ସମ୍ବର୍ଦ୍ଧନା ଦିଆ ଯାଇଥିଲା



। ବିଡିଓ ଶରତ ମାଝି ୧୨ ତାରିଖ ପର୍ଯ୍ୟନ୍ତର କାର୍ଯ୍ୟକ୍ରମ ସମ୍ପର୍କରେ ଅବଗତ କରାଇଥିଲେ । ଏଥି ସହିତ ସରକାରଙ୍କ ବିଭିନ୍ନ ଯୋଜନା ସମ୍ପର୍କରେ ଅବଗତ କରାଇଥିଲେ। ଜିଲା ପରିଷଦ ସଭ୍ୟ ଧନସିଂ ଭତ୍ରା, ସିଡିପିଓ ମିନତୀ ଦାସ, ସହକାରୀ ନିର୍ବାହୀ ଯନ୍ତ୍ରୀ ସଙ୍କେତ ନାୟକ, ବ୍ଲକ ଶିକ୍ଷାଧିକାରୀ ରଶ୍ମିତା ନେତାମ, ଗ୍ରାମ ପଞ୍ଚାୟତ ଉନ୍ନୟନ ଅଧିକାରୀ ପଦ୍ମନାଭ ଭାଲ୍ଲା, ବ୍ଲକ କୃଷି ଅଧିକାରୀ ସୁଦେଷ୍ଣା ଧଳ, ଯୋଗାଣ ନିରିକ୍ଷକ ସିପ୍ରା ସାମଲ, କନିଷ୍ଠ ଯନ୍ତ୍ରୀ ଦିଲ୍ଲୀପ ଦୀପକ ମିଶ୍ର, ଜନସ୍ୱାସ୍ଥ୍ୟ ସଂପ୍ରସାରଣ ଅଧିକାରୀ ପୁଷ୍ପାରାଣୀ ସାମଲ, ଜଳ ଓ ପରିମଳ ବିଭାଗ କନିଷ୍ଠ ଜନ୍ତ୍ରୀ ରୋହିତ କିଶାନ, ଆକାଂକ୍ଷା ବ୍ଲକ ସହଭାଗୀ ମୋନଲ ପରିଡା, ସ୍ଥାନୀୟ ସରପଞ୍ଚ ଲୀଳାଦେଇ ମାଝି, ପଞ୍ଚାୟତ ନିର୍ବାହୀ ଅଧିକାରୀ କାମିନୀ ହରିଜନ, ପେସା ସଂଯୋଜକ ଶୁଭଶ୍ରୀ ମହାଙ୍କୁଡଙ୍କ ସମେତ ସମସ୍ତ ବିଭାଗ ର ଅଧିକାରୀ ଓ କର୍ମଚାରୀ ସହଯୋଗ କରିବେ ବୋଲି ସୂଚନା ମିଳିଛି

# ଆଇଏଏସ୍ ପ୍ରୋବେଶନରଙ୍କ ଗସ୍ତ କାର୍ଯ୍ୟକ୍ରମ



ଲମତାପୁଟ,୧୦।୧୧(ସମିସ): କୋରାପୁଟ ଜିଲ୍ଲା ଲମତାପୁଟ ବ୍ଲକର ପେଟା ପଞ୍ଚାୟତ ଠାରେ ଆଜି ଛଅ ଜଣ ଆଇଏଏସ ଅଧିକାରୀଙ୍କ ଗସ୍ତ ସମୟରେ ଗଣ ମାଧ୍ୟମ ପ୍ରତିନିଧିମାନଙ୍କୁ ଖବର ପ୍ରକାଶନ କରିବା ପାଇଁ ସିଧାସଳଖ ମନା କରାଯାଇଥିବା ନେଇ ଅଞ୍ଚଳରେ ଚର୍ଚ୍ଚାର ବିଷୟ ହୋଇଛି। ସୂଚନା ଅନୁଯାୟୀ, ଲମତାପୁଟ ବ୍ଲକ ପେଟା ପଞ୍ଚାୟତର ରାଣୀତୋଟା ଗ୍ରାମରେ ବ୍ଲକ ପ୍ରଶାସନ ତରଫରୁ ୬ ଜଣ ପ୍ରବେଶନର ଆଇଏଏସ ଅଧିକାରୀ ଗସ୍ତ କରିଥିବା ବେଳେ ସେଠାରେ ତାଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା କରି ପୁଷ୍ପ ଗୁଚ୍ଛ ଦେଇଥିଲେ। ବ୍ଲକସ୍ତରୀୟ ଅଧିକାରୀ। ସେଠାରୁ ତାଙ୍କୁ ପାଛୋଟି ନେଇ ଗ୍ରାମ ସଦର ମଣ୍ଡପକୁ ନେଇଥିଲେ। ସେଠାରେ ଆଇଏଏସ ଅଧିକାରୀମାନେ ଗ୍ରାମ ପଞ୍ଚାୟତର ଲୋକଙ୍କ ସହ ସିଧା ସଳଖ ଗ୍ରାମର ବିଭିନ୍ନ ବିଷୟରେ ଆଲୋଚନା କରିବାକୁ ପ୍ରୟାସ କରୁଥିବା ବେଳେ ଆଗୁଆ ବ୍ଲକସ୍ତରୀୟ ଅଧିକାରୀ ତାଙ୍କ ପ୍ରଶ୍ନର ଉତ୍ତର ଦେଉଥିବା ନଜରକୁ ଆସିଥିଲା। ପ୍ରକୃତରେ ଏହି ଅଫିସର ଲୋକଙ୍କ ସହ ଆଲୋଚନା କରିବାକୁ ଆସିଛନ୍ତି ନା ବର୍ତ୍ତମାନ ପର୍ଯ୍ୟଟନ ରତୁ ହୋଇଥିବା ବେଳେ କୋରାପୁଟ ଜିଲ୍ଲା ବୁଲିବାକୁ ଆସିଛନ୍ତି। ଗଣମାଧ୍ୟମ ଖବର ପ୍ରକାଶନ ନ କରିବାକୁ କାହିଁକି ଚାପ ପକାଗଲା ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଆଜିର ଏହି ଆଲୋଚନାରେ ପାନୀୟ ଜଳ, ବିଦ୍ୟାଳୟ ସମସ୍ୟା, ରାସ୍ତାଘାଟ ସମସ୍ୟା, ଅଙ୍ଗନବାଡି କେନ୍ଦ୍ର ସମସ୍ୟା, ସ୍ୱାସ୍ଥ୍ୟ ସମସ୍ୟା, ଆବାସ ଗୃହ, ରାସନ କାର୍ଡ ସହ ବିଭିନ୍ନ ସମସ୍ୟା ନେଇ ଉପସ୍ଥିତ ଗ୍ରାମବାସୀଙ୍କ ସହ ଆଲୋଚନା କରିଥିବା ବେଳେ ସମସ୍ତ ପ୍ରଶ୍ନର ଉତ୍ତର ପଞ୍ଚାୟତ ସ୍ତରୀୟ ଅଧିକାରୀ ଓ ବ୍ଲକ ସ୍ତରୀୟ ଅଧିକାରୀ ଦେଉଥିବା ନେଇ ଲୋକଙ୍କ ମନରେ ସନ୍ଦେହ ସୃଷ୍ଟି ହୋଇଛି। ଗଣମାଧ୍ୟମ ପ୍ରତିନିଧିଙ୍କ ନଜରକୁ ନ ଆଣିବା ପାଇଁ ଏଭଳି ପ୍ରୟାସ କରାଯାଉଥିବା ଜଣାପଡ଼ିଛି। ପୂର୍ବତନ ସରପଞ୍ଚ ଚିଙ୍ଗୁଡୁ ପୂଜାରୀ ସିଧା ସଳଖ ଗ୍ରାମବାସୀଙ୍କ ସହ ଆଲୋଚନା କରିବା କଥା । କିନ୍ତୁ ବ୍ଲକ ଓ ପଞ୍ଚାୟତ ସ୍ତରୀୟ ଅଧିକାରୀ ଆଲୋଚନାରେ ବାଧା ସୃଷ୍ଟି କରୁଥିବା ନେଇ ପ୍ରକାଶ କରିଥିବା ଜଣାଯାଇଛି। ଆଜିର ଏହି ଗସ୍ତ ସମୟରେ ଲମତାପୁଟ ଏବିଡିଓ ନିଲମ ମାନସୀ ଭତ୍ରା, ସହକାରୀ ନିର୍ବାହୀ ଯନ୍ତ୍ରୀ ଶ୍ରୁତି ସୁହାଶିନୀ ମଲ୍ଲିକ, ସିଡିପିଓ ଇନ୍ଦୁମତି ପାଣିଗ୍ରାହୀ, ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଭାରପ୍ରାପ୍ତ ସ୍ୱାସ୍ଥ୍ୟ ଅଧିକାରୀ ସ୍ପନ୍ଦନ ସ୍ଥିତପ୍ରଜ୍ଞା, ପାନୀୟ ଜଳ ବିଭାଗ ଯନ୍ତ୍ରୀ ଅଜିତ କୁମାର ହାଁସଦା, ପେଟା ସରପଞ୍ଚ ସମିତି, ଅଙ୍ଗନବାଡି, ଆଶା କର୍ମୀଙ୍କ ସହ ସ୍ଥାନୀୟ ଗ୍ରାମବାସୀ ସହ ବ୍ଲକ ଓ ପଞ୍ଚାୟତସ୍ତରୀୟ କର୍ମଚାରୀ ଉପସ୍ଥିତ ରହିଥିଲେ।

# ମଦ ଜବତ, ଜଣେ ଗିରଫ

କୋରାପୁଟ,୧୦।୧୧(ସମିସ): ଅବକାରୀ ଅଧିକ୍ଷକ ଅରୁଣ କୁମାର ପାଢୀଙ୍କ ନିର୍ଦ୍ଦେଶ କ୍ରମେ ସଦର ଅବକାରୀ ଇନ୍ସପେକ୍ଟର ସୁଧୀର କୁମାର ସାହୁଙ୍କ ନେତୃତ୍ୱରେ ଏକ ଟିମ ସୋମବାର ଦିନ ସୁନାବେଡ଼ା ଥାନା ଭେଜାପୁଟ ଅଞ୍ଚଳରେ ପାଟ୍ରୋଲିଂ କରୁଥିବା ବେଳେ ଏକ ବାଇକ୍ ସହ ଦେଶୀ ମଦ ଜବତ କରି ଜଣକୁ ଗିରଫ କରିଥିଲେ। ଗିରଫ ଅଭିଯୁକ୍ତ ଜଣକ ପୁଟ୍ରାଘାଟି ଗ୍ରାମର ଖଗେଶ୍ୱର ସାହୁ ବୋଲି ଜଣା ପଡିଛି। ଖଗେଶ୍ୱର ଆଜି ସକାଳେ ଓଡି ୧୦ ଏନ ୯୭୭୧ ନମ୍ବର ବାଇକ୍‌ରେ ୧୬ ଲିଟର ଦେଶୀ ମଦ ନେଇ ବିକ୍ରୀ ପାଇଁ ଯାଉଥିବା ବେଳେ ଭେଯାପୁଟ ଠାରେ ଅବକାରୀ ଟିମ୍ ହାତରେ ଧରା ପଡ଼ିଥିଲେ। ଅବକାରୀ ଟିମ୍ ବେଆଇନ ଚୋରା ମଦ କାରବାର ଅଭିଯୋଗରେ ଖଗେଶ୍ୱରକୁ ଗିରଫ କରି ବାଇକ୍ ଓ ମଦ ଜବତ କରିଥିଲେ। ଖଗେଶ୍ୱର ବିରୁଦ୍ଧରେ ଏକ ମାମଲା ରୁଜୁ କରି ସେମିଳିଗୁଡା କୋର୍ଟ ଚାଲାଣ କରା ଯାଇଥିବା ଇନ୍ସପେକ୍ଟର ସୁଧୀର କୁମାର ସାହୁ ସୂଚନା ଦେଇଛନ୍ତି। ଅନ୍ୟ ମାନଙ୍କ ମଧ୍ୟରେ ସଦର ଓଆଇସି ଜଗବନ୍ଧୁ ଜାନି, ସୁରେନ୍ଦ୍ର ପଣ୍ଡା, ମୀର ମୁସ୍ତାକ ଅଲ୍ଲୀ, ମମତା ମୟୀ ମହାନ୍ତି ପ୍ରମୁଖ ଟିମରେ ସାମିଲ ହୋଇଥିଲେ।

# ତେନ୍ତୁଳିଖୁଣ୍ଟିରେ ୬ ଆଇଏଏସ୍ ପ୍ରଶିକ୍ଷାର୍ଥୀ




ତେନ୍ତୁଳୀଖୁଣ୍ଟି ୧୦।୧୧(ସମିସ): ନବରଙ୍ଗପୁର ଜିଲ୍ଲା ତେନ୍ତୁଳୀଖୁଣ୍ଟି ବ୍ଲକ ଅଞ୍ଚଳଗୁମ୍ମା ପଞ୍ଚାୟତରେ ପହଞ୍ଚିଛନ୍ତି ଉତ୍ତରାଖଣ୍ଡର ମଶୁରି ତାଲିମ କେନ୍ଦ୍ରରୁ ଆସିଥିବା ୬ଜଣ ପ୍ରଶିକ୍ଷାର୍ଥୀ। ସୂଚନା ଅନୁଯାୟୀ, ନବରଙ୍ଗପୁର ଜିଲ୍ଲାକୁ ଆସିଥିବା ୧୨ଜଣ ପ୍ରଶିକ୍ଷାର୍ଥୀଙ୍କ ମଧ୍ୟରୁ ୬ଜଣ ପ୍ରଶିକ୍ଷାର୍ଥୀ ଆକାଶ ଗୁପ୍ତାଙ୍କ ନେତୃତ୍ୱରେ ଆସି ତେନ୍ତୁଳୀଖୁଣ୍ଟି ବ୍ଲକ ଅଞ୍ଚଳଗୁମ୍ମା ନୋଡାଲ ଉଚ୍ଚ ବିଦ୍ୟାଳୟରେ ପହଞ୍ଚିଛନ୍ତି। ଗୋଷ୍ଠୀଉନ୍ନୟନ ଅଧିକାରୀ ସମସ୍ତଙ୍କୁ ସ୍ୱାଗତ କରିବା ସହ ସମସ୍ତଙ୍କ ପରିଚୟ ପ୍ରଦାନ କରିଥିଲେ। ୬ଜଣଙ୍କ ମଧ୍ୟରେ ଆଇଏଏସ ପାରଗ ସରସ୍ୱତ, ପାରସ କୁମାର, ଲକ୍ଷ୍ମୀ ମେନନ ଭି, ଶ୍ରୀଦେବୀ ମାଳାପ ପଳ, ବତିଲା ସାଇ ବିନୋଦ କ୍ରିଷ୍ଣା ପ୍ରମୁଖଙ୍କୁ ଉପଢୌକନ ଓ ଫୁଲତୋଡ଼ା ଦେଇ ସମ୍ବର୍ଦ୍ଧନା କରିଥିଲେ। ଗୋଷ୍ଠୀ ଉନ୍ନୟନ ଅଧିକାରୀ ପାଣିଗ୍ରାହୀ ଆସନ୍ତା ୧୩ତାରିଖ ପର୍ଯ୍ୟନ୍ତ କାର୍ଯ୍ୟକ୍ରମ ସମ୍ପର୍କରେ ଅବଗତ କରାଇଥିଲେ। ନବରଙ୍ଗପୁର ଜିଲ୍ଲା ତେନ୍ତୁଳୀଖୁଣ୍ଟି ଆକାଂକ୍ଷା ବ୍ଲକ ହୋଇଥିବା ବେଳେ ଏଠାରେ କେନ୍ଦ୍ର ସରକାରଙ୍କ କେଉଁ କେଉଁ କାର୍ଯ୍ୟକ୍ରମ ହାତକୁ ନିଆଯାଇଛି ପଞ୍ଚାୟତରେ ଉନ୍ନୟନ ମୂଳକ କାର୍ଯ୍ୟ କିପରି ଚାଲିଛି, ଶିକ୍ଷା, ସ୍ୱାସ୍ଥ୍ୟ, ପରିମଳ, ମିଶନ ଶକ୍ତି, ପିଡ଼ିଏସ , ବାର୍ଦ୍ଧକ୍ୟ ଭତ୍ତା, ସହ ବିଭିନ୍ନ ଉନ୍ନୟନ କାର୍ଯ୍ୟ ବୁଲି ଦେଖିବେ। ବ୍ଲକ ଅଧକ୍ଷା ନୀଳାଦ୍ରି ନାୟକ, ଉପାଧକ୍ଷ ରାଜେନ୍ଦ୍ର ବିଷୋୟୀ, ଏଇ ଗୋବିନ୍ଦ କୋଅଁର, ପ୍ରଧାନ ଶିକ୍ଷକ ଲଳିତ ବାଘ, ବିଇଓ ସୁଦୀପ୍ତ ଦାସ, ସିଡିପିଓ ବିନିତା ଜେଠି, ଜିପିଡିଓ ରାଧାକାନ୍ତ ରଣା, ଡୋବ୍ଲୁଇଓ ଜଗମୋହନ ମାଝୀ, ସରପଞ୍ଚ ମାଝୀ, ଏମ୍ଆଇ ରହିତ ମାଝୀ, ସୁଶ୍ରୀ କିରଣ ପ୍ରଧାନ, ଯନ୍ତ୍ରୀ ବ୍ରଜବଲ୍ଲଭ ମାହାଙ୍କୁଡ, ଉମାକାନ୍ତ ସାହାଣୀ, ଗୌରୀ କର୍କରା ପ୍ରମୁଖ ସମସ୍ତ ବିଭାଗର ଅଧିକାରୀ ଓ କର୍ମଚାରୀ ସହଯୋଗ କରିବେ ବୋଲି ସୂଚନା ମିଳିଛି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

# ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର

ନବରଙ୍ଗପୁର/ନନ୍ଦାହାଣ୍ଡି,୧୦।୧୧(ସମିସ): ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ କାର୍ଯ୍ୟାଳୟ ପରିସର ସ୍ଥିତ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲାପାଳ ଓ ଆରକ୍ଷୀ ଅଧିକ୍ଷକଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଆଜିର ଆୟୋଜିତ ଶିବିରରେ ୨୩ଟି ଅଭିଯୋଗ ପଞ୍ଜିକରଣ ହୋଇଥିଲା । ସେଥିମଧ୍ୟରୁ ବ୍ୟକ୍ତିଗତ ୧୭ ଗୋଟି ଓ ସାମୂହିକ ୬ଟି ଅଭିଯୋଗ ପଞ୍ଜିକୃତ ହେଇଛି । ଏତଦ୍ ବ୍ୟତୀତ ଝରିଗାଁ ବ୍ଲକର ବେଲଗାଁ ପଞ୍ଚାୟତର ଏକ ସାମୂହିକ ସମସ୍ୟା ମଧ୍ୟ ଆସିଥିଲା । ସମାଧାନ ପାଇଁ ସମସ୍ତ ଅଭିଯୋଗ ଗୁଡ଼ିକୁ ବିଭାଗୀୟ ଅଧିକାରୀମାନଙ୍କୁ ହସ୍ତାନ୍ତର କରାଯାଇଥିଲା । ଅନୁଷ୍ଠିତ ଶିବିରରେ ଜିଲ୍ଲାପାଳ ଡ. ମହେଶ୍ୱର ସ୍ୱାଇଁ, ଆରକ୍ଷୀ ଅଧିକ୍ଷକ ମାଦକର ସନ୍ଦିପ ସମ୍ପଦ, ଅତିରିକ୍ତ ଜିଲ୍ଲାପାଳ ପ୍ରକାଶ ଚନ୍ଦ୍ର ମିଶ୍ର, ରାଜୀବ କୁମାର ସାହୁ, ଗୋଷ୍ଠୀ ଉନ୍ନୟନ ଅଧିକାରୀ କ୍ଷୀରୋଦ ଚନ୍ଦ୍ର ସାହୁ, ତହସିଲଦାର ଚନ୍ଦ୍ର ଦାସ ମହାନନ୍ଦିଆ, ଜିଲ୍ଲା ପରିଷଦ ସଭ୍ୟ ଦିବ୍ୟଦାନ ସୁନା ସାମିଲ ହୋଇଥିଲେ । ଏହି ଜନ ଶୁଣାଣି ଶିବିରରେ ବିଭିନ୍ନ ବିଭାଗର ବହୁ ଜିଲ୍ଲା ଓ ବ୍ଲକସ୍ତରୀୟ ଅଧିକାରୀମାନେ ଶିବିରରେ ଉପସ୍ଥିତ ଥିଲେ ।



# ଜିଲ୍ଲାପାଳଙ୍କ ମିଳିତ ଅଭିଯୋଗ ଶୁଣାଣିରୁ ମିଳୁନି ସୁଫଳ

କୁନ୍ଦୁରା, ୧୦।୧୧(ସମିସ): ଲୋକଙ୍କ ଅଭିଯୋଗ ଶୁଣାଣି ପ୍ରକ୍ରିୟାକୁ ଅଧିକ ଦକ୍ଷ ଓ ପ୍ରଭାବଶାଳୀ କରିବା ପାଇଁ ସରକାର ଗୁରୁତ୍ୱ ଦେଉଛନ୍ତି । ଲୋକ ଓ ସରକାରଙ୍କ ମଧ୍ୟରେ କୌଣସି ପ୍ରାଚୀର ରହିବା ଉଚିତ ନୁହେଁ । ଲୋକମାନେ ଯେଉଁ ସମସ୍ୟା ନେଇ ଅଧିକାରୀଙ୍କ ପାଖକୁ ଆସୁଛନ୍ତି, ତାହାର ସମାଧାନ ହେବା ଅତି ଜରୁରୀ । ଏଥିପାଇଁ ଟେକ୍ନୋଲୋଜି ସହିତ ଉପଯୁକ୍ତ ତଦାରଖ ବ୍ୟବସ୍ଥା ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ଦେଇଥିଲେ । କିନ୍ତୁ ସେ ସବୁ କାଗଜକଲମରେ ସୀମିତ ବୋଲି ଅଭିଯୋଗ ହୋଇଛି । ଆଜି କୋରାପୁଟ ଜିଲ୍ଲା କୁନ୍ଦୁରା ବ୍ଲକରେ ଆୟୋଜିତ ଜିଲ୍ଲାପାଳଙ୍କ ମିଳିତ ଜଶୁଣାଣିରେ ଏଭଳି ଦେଖିବାକୁ ମିଳିଛି । କୁନ୍ଦୁରା ବ୍ଲକରେ ଜନ ଶୁଣାଣି ମାଧ୍ୟମରେ ସମସ୍ୟା ସମାଧାନ ହେଉନାହିଁ ବୋଲି ଗଣ ମାଧ୍ୟମରେ ପ୍ରତିକ୍ରିୟା ଦେଇଛନ୍ତି କୃଷକ କଲ୍ୟାଣ ମଞ୍ଚ ସମ୍ପାଦକ ନରେନ୍ଦ୍ର ପ୍ରଧାନ ଏବଂ ଗ୍ରାମବାସୀ । କୁନ୍ଦୁରା ବ୍ଲକ କାର୍ଯ୍ୟାଳୟ ସଭାଗୃହଠାରେ ଜିଲ୍ଲାପାଳଙ୍କ ମିଳିତ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି । ଏଡିଏମ୍ ତପନ କୁମାର ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଶିବିରରେ ମୋଟ ୬୧ ଟି ଅଭିଯୋଗ ଶୁଣାଣି କରାଯାଇଥିଲା । ସେଥିରୁ ୩୩ ଗୋଷ୍ଠୀଗତ ଓ ୨୮ ଟି ବ୍ୟକ୍ତିଗତ ଅଭିଯୋଗ ରହିଥିଲା । ବିଶେଷ କରି କୃଷକଙ୍କ ବିଭିନ୍ନ ସମସ୍ୟା, ଜମି ବିବାଦ, ଘର ବାରି ପଟ୍ଟା ପ୍ରଦାନ, ବିଭିନ୍ନ ସ୍ଥାନରେ ଶିକ୍ଷକ ସମସ୍ୟା, ଜବା ପଦର ଠାରେ ପାନୀୟ ଜଳ ସମସ୍ୟା, ବିଭିନ୍ନ ସ୍ଥାନରେ ରାସ୍ତା ସମସ୍ୟା, ମସିଗାଁରେ ନେଟୱାର୍କ ସମସ୍ୟା ଜବାପଦର ରାଜସ୍ୱ ଗ୍ରାମରେ ନୂତନ ପଞ୍ଚାୟତ ଗଠନ, ଆବାସ ଗୃହ, ଆଦି ଅଭିଯୋଗ ଥିଲା । ଅଭିଯୋଗ ଗୁଡ଼ିକ ଶୁଣିବା ପରେ ତୁରନ୍ତ ସମାଧାନ ପାଇଁ ଏଡିଏମ୍ ବିଭାଗୀୟ ଅଧିକାରୀ ମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏହି ଶିବିରରେ ସିଡିଏମ୍ଓ ଏମ୍ ଏନ୍ ଶତପଥୀ, ସିଡିଓ ବେଣୁଧର ଶବର, ଉପ ଜିଲ୍ଲାପାଳ ଏ ଶଶ୍ୟା ରେଡ୍ଡୀ, ଭାରପ୍ରାପ୍ତ ବ୍ଲକ ଅଧ୍ୟକ୍ଷ ତରୁଣୀ ସେନ ବିଶୋୟୀ ପ୍ରମୁଖ ମଞ୍ଚାସୀନ ଥିଲେ । ବିଡିଓ ପି.ମନସ୍ମିତା, ତହସିଲଦାର ବିନୋଦ କୁମାର ନାଏକଙ୍କ ସମେତ ଜିଲ୍ଲା, ଉପଖଣ୍ଡ ଓ ବ୍ଲକ ସ୍ତରୀୟ ବିଭାଗୀୟ ଅଧିକାରୀ ଏବଂ କିଛି ସରପଞ୍ଚ ଓ ସମିତି ସଭ୍ୟ ଯୋଗ ଦେଇଥିଲେ । ଥାନା ଅଧିକାରୀ ଅଶ୍ୱନୀ କୁମାର ପଟ୍ଟନାୟକଙ୍କ ନିର୍ଦ୍ଦେଶରେ ଏଏସ୍ଆଇ ରବିନ୍ଦ୍ର କୁମାର ରଥ ଉପସ୍ଥିତ ରହି ଶାନ୍ତି ଶୃଙ୍ଖଳା ରକ୍ଷା କରିଥିଲେ ।



**● ଅଭିଯୋଗ ଆଣିଲେ ଗ୍ରାମବାସୀ**

# ଛଅ ମାସ ହେବ ମିଳୁନି ଭତ୍ତା

ନନ୍ଦପୁର,୧୦।୧୧ (ସମିସ): ନନ୍ଦପୁର ଥାନା ଅଧୀନ ବାନମାଲିପୁଟ ଅନ୍ତର୍ଗତ ଜଡ଼ାପୁଟ ଗ୍ରାମର ତୁଳସା କିର୍ଷାନି ଗତ ଛଅ ମାସ ଧରି ଭତ୍ତା ଟଙ୍କା ପାଇବାରୁ ବଞ୍ଚିତ ହୋଇଥିବା ନେଇ ଅଭିଯୋଗ ହୋଇଛି । ସୋମବାର ବନମାଳୀପୁଟ ଗ୍ରାମ ପଞ୍ଚାୟତ ସ୍ତରୀୟ ଅଭିଯୋଗ ଶୁଣାଣି ଶିବିରରେ ପହଞ୍ଚି ଅଭିଯୋଗ କରିଛନ୍ତି ତୁଳସା କ୍ରିସାନି । ଏ ନେଇ ପଞ୍ଚାୟତ ନିର୍ବାହୀ ଅଧିକାରୀଙ୍କୁ ପଚାରିବାରୁ ଯାହା ଖବର ମିଳିଛି ସେହି ଭତ୍ତା ଟଙ୍କା ସେହି ଗାଁର ୱାଡର୍ ସଭ୍ୟ ଙ୍କୁ ପ୍ରଦାନ କରାଯାଇଛି । ତେବେ ଯଦି ବା ୱାର୍ଡ ମେମ୍ବର ଭତ୍ତା ଟଙ୍କା ନେଇ ଯାଇଛନ୍ତି, ବୃଦ୍ଧା ଜଣକ ପାଇ ନାହାନ୍ତି କାହିଁକି, ସେପଟେ ଉକ୍ତ ଗ୍ରାମର ୱାଡର୍ ସଭ୍ୟ ଏହି ଟଙ୍କା ପାଇନଥିବା ପ୍ରକାଶ କରିଛନ୍ତି । ତେବେ ବୃଦ୍ଧା ଜଣଙ୍କ ଭତ୍ତା ଟଙ୍କା ନେଇ ବର୍ତ୍ତମାନ ପଞ୍ଚାୟତ ନିର୍ବାହୀ ଅଧିକାରୀ ଜଣେ ଅନ୍ୟ ଜଣକୁ ଦୋଷ ଦେଉଥିବା ବେଳେ ଏହି ମହିଳା ହିତାଧିକାରୀ ଭତ୍ତା ଟଙ୍କାରୁ ବଞ୍ଚିତ ହୋଇଛନ୍ତି । ସେ କିପରି ଏହି ଟଙ୍କା ପାଇବେ ସେ ନେଇ ଏବେ ଗ୍ରାମବାସୀ ଆଲୋଚନା କରିଥିବା ବେଳେ ପ୍ରଶାସନ ପକ୍ଷରୁ କୌଣସି ଉତ୍ତର ମିଳିନାହିଁ । ତେବେ ଏ ନେଇ ବନମାଳୀ ପୁଟ ସରପଞ୍ଚ ନିର୍ବାହୀ ଅଧିକାରୀ କହିଛନ୍ତି ଗତ ମେ ମାସ ପର୍ଯ୍ୟନ୍ତ ବ୍ୟାଙ୍କ୍ ଆକାଉଣ୍ଟ କୁ ଭତ୍ତା ଟଙ୍କା ଯାଇଛି, ହେଲେ ଗତ ଜୁନ ମାସରୁ ଭତ୍ତା ଟଙ୍କା ତାଙ୍କ ନାଁରେ ଟିପ ଦେଇ ଅନ୍ୟ ଜଣେ ଟଙ୍କା ନେଉଥିବା କହିଛନ୍ତି ପଞ୍ଚାୟତନିର୍ବାହୀ ଅଧିକାରୀ ।



# ମହୁମାଛି ଆକ୍ରମଣରେ ୧୦ ମହିଳା ଆହତ

ପାପଡାହାଣ୍ଡି,୧୦।୧୧ (ସମିସ): ପାପଡାହାଣ୍ଡି ବ୍ଲକ କାଳିଆଗୁଡା ଜଙ୍ଗଡ଼ଗୁଡାରେ ମହୁ ମାଛି ଆକ୍ରମଣରେ ଦଶରୁ ଉର୍ଦ୍ଧ ମହିଳା ଆହତ ହୋଇଛନ୍ତି । ସେମାନଙ୍କୁ ଆମ୍ବୁଲାନ୍ସ ଯୋଗେ ପାପଡାହାଣ୍ଡି ଗୋଷ୍ଠି ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଛି । ସୂଚନା ପ୍ରକାରେ ମହିଳା ମାନେ ଜମିରେ କାମ ସାରି ରାସ୍ତାରେ ଯାଉଥିବା ସମୟରେ ନିକଟରେ ଥିବା ମହୁ ଫେଣାରେ ଏକ ଚଢେଇ ଠୁଙ୍କି ଦେବା ଯୋଗୁଁ ମହୁ ମାଛି ମହିଳାଙ୍କୁ ଆକ୍ରମଣ କରିଥିଲେ । ମହିଳା ମାନେ ପ୍ରାଣ ବିକଳରେ ଧାଇଁ ଥିଲେ । ଡାଳିମ୍ବ ପାଇକ, ଦୈମତି ପାଇକ, ମମିତା ପାଇକ, ଜେମା ଭତରା, ଧନମତି ଭତରା ଓ ପ୍ରଭାତୀ ଭତରାଙ୍କୁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରି ଚିକିତ୍ସା କରାଯାଇଛି ।।

# ସାଇବର ଠକେଇର ଶିକାର ବ୍ୟବସାୟୀ

ଉମରକୋଟ,୧୦।୧୧ (ସମିସ): ଉମରକୋଟର ଜଣେ ବ୍ୟବସାୟୀ ସାଇବର ଠକାମୀର ଶିକାର ହୋଇଥିବା ଜଣାପଡ଼ିଛି । ମିଳିଥିବା ସୂଚନା ଅନୁସାରେ କେହି ଜଣେ ସାଇବର ଠକ ଉମରକୋଟର ଲକ୍ଷ୍ମୀ ମେଡିକାଲ ଷ୍ଟୋର ନାମରେ ନକଲି ଆଇଡି ଖୋଲି କମ ମୂଲ୍ୟରେ ଟିଭି, ଫ୍ରିଜ ଓ ଏସି ଯୋଗାଇ ଦିଆଯିବ ବୋଲି ବିଭିନ୍ନ ଲୋକଙ୍କୁ ଫୋନ ଟଙ୍କା ମାଗୁଥିବା ଜଣାପଡିଛି । ବର୍ତ୍ତମାନ ସୁଦ୍ଧା ଉମରକୋଟର ଜଣେ ବ୍ୟବସାୟୀ ଏହି ସାଇବର ଠକର ଶିକାର ହୋଇ ଚଉଦ ହଜାର ଟଙ୍କା ହରାଇ ଥିବା ଜଣାପଡ଼ିଛି । ତେବେ ଠକାମୀର ଶିକାର ହୋଇଥିବା ସଂଖ୍ୟା ବଢ଼ିପାରେ ବୋଲି ଅନୁମାନ କରାଯାଉଛି । ତେଣୁ ଏହା ଜାଣିବା ପରେ ଲକ୍ଷ୍ମୀ ମେଡିକାଲ ଷ୍ଟୋରର ମାଲିକ ସୁଶାନ୍ତ ପଣ୍ଡା ଏହା ସମ୍ପୂର୍ଣ୍ଣ ମିଥ୍ୟା, ଏଥିରେ କୌଣସି ସତ୍ୟତା ନାହିଁ ତେଣୁ କେହି ସାଇବର ଠକେର ଶିକାର ନ ହେଇ ଟଙ୍କା ନଦେବା ପାଇଁ ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରି ଲୋକଙ୍କୁ ସୂଚନା ପ୍ରଦାନ କରିଛନ୍ତି । ଅନ୍ୟପଟେ ଘଟଣାକୁ ନେଇ ଉମରକୋଟ ଥାନା ଅଧିକାରୀଙ୍କୁ ମଧ୍ୟ ଅବଗତ କରାଯାଇଛି । ଏହାକୁ ନେଇ ଥାନା ଅଧିକାରୀ ରମାକାନ୍ତ ସାଏ ଦୁଃଖ ପ୍ରକାଶ କରିଛନ୍ତି । ସାଇବର ଠକାମୀର ଶିକାର ନ ହେବା ପାଇଁ ସରକାର ଓ ପ୍ରଶାସନ ଅନେକ ସଚେତନତା ସୃଷ୍ଟି କରୁଛନ୍ତି । ତଥାପି ଲୋକେ ସଚେତନ ନ ହୋଇ ଲୋଭର ଶିକାର ହୋଇ ଠକାମୀର ଶିକାର ହେଉଛନ୍ତି ବୋଲି କହିଛନ୍ତି । ଚଉଦ ହଜାର ଠାକମୀର ଶିକାର ଘଟଣାରେ ସାଇବର ଥାନାରେ ସୂଚନା ଦିଆଯିବ ଏବଂ ଏହାର ତଦନ୍ତ କରାଯିବ ବୋଲି କହିଛନ୍ତି ।

# ବାଲ୍ୟ ବିବାହ ନିଷେଧ ସଚେତନତା ଅଭିଯାନ

**ନବରଙ୍ଗପୁର/ନନ୍ଦାହାଣ୍ଡି, ୧୦।୧୧(ସମିସ):** ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକ ଅନ୍ତର୍ଗତ ଦଳେଇଗୁଡା ଅଙ୍ଗନବାଡ଼ି କେନ୍ଦ୍ରରେ ଜିଲ୍ଲାପାଳ ଡ. ମହେଶ୍ୱର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ବାଲ୍ୟବିବାହ ନିଷେଧ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ନନ୍ଦାହାଣ୍ଡି ଶିଶୁ ବିକାଶ ଅଧିକାରୀ ସସ୍ମିତା ମହାନ୍ତିଙ୍କ ପରିଚାଳନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଅଞ୍ଚଳର ବହୁ ବୁଦ୍ଧିଜୀବୀ, ମହିଳା ଓ ଜିଲ୍ଲାସ୍ତରୀୟ ଅଧିକାରୀମାନେ ମଞ୍ଚାସୀନ ଥିଲେ । ଏହି ଅବସରରେ ମୁଖ୍ୟ ଉନ୍ନୟନ ଅଧିକାରୀ ଜିଲ୍ଲା ପରିଷଦ ବିରଞ୍ଚି ନାରାୟଣ ଦରୱାନ, ଉପ ଜିଲ୍ଲାପାଳ ପ୍ରକାଶ କୁମାର ମିଶ୍ର, ପି ଏ ଆଇ ଟି ଡି ଏ ରାଜିବ କୁମାର ସାହୁ, ଜିଲ୍ଲା ଶିକ୍ଷା ଅଧିକାରୀ ଛତ୍ରପତି ସାହୁ, ସିଡିଏମ୍ଓ ଡା. ସନ୍ତୋଷ ପଣ୍ଡା, ଡିଡବ୍ଲୁଓ ରବିନ୍ଦ୍ର ପାଲକା , ନନ୍ଦାହାଣ୍ଡି ବିଡିଓ କ୍ଷୀରୋଧ ଚନ୍ଦ୍ର ସାହୁ , ତହସିଲଦାର ଚନ୍ଦ୍ର ଦାସ ମହାନନ୍ଦିଆ ,ଡିଏସ୍‌ଡବ୍ଲୁଓ ଦ୍ରୌପଦୀ କହଁର , ଡିସିପିଓ ସୁରେଶ ଚନ୍ଦ୍ର ପଟ୍ଟନାୟକ, ଶ୍ରୀକାନ୍ତ ଜେନା ଶାନ୍ତିଲତା ଭୂମିଆ, ସଙ୍ଗୀତା ଦାଶ ,ନିକିସା ନାୟକ ନନ୍ଦାହାଣ୍ଡି ବ୍ଲକ ଅନ୍ତର୍ଗତ ବିଭିନ୍ନ ଅଙ୍ଗନବାଡ଼ି କେନ୍ଦ୍ରରୁ କର୍ମୀମାନେ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ । ଜିଲ୍ଲାପାଳ ଡ. ସ୍ୱାଇଁ ତାଙ୍କ ଉଦ୍‌ବୋଧନରେ ବାଲ୍ୟବିବାହ ହେଉଛି ସମାଜରେ ଏକ ଗୁରୁତର ଅପରାଧ ଏବଂ ଏହାକୁ ନିରୋଧ କରିବା ପାଇଁ ସମସ୍ତଙ୍କ ଏକତାବଦ୍ଧ ଉଦ୍ୟମ ଜାରି ରଖିବା ଆବଶ୍ୟକ ବୋଲି କହିବା ସହ କୌଣସି ପ୍ରକାର ଅବସ୍ଥାରେ ବାଲ୍ୟ ବିବାହକୁ ସମର୍ଥନ ନ ଜଣାଇ ଏହାକୁ ପ୍ରଶାସନ ସମ୍ମୁଖରେ ପ୍ରତିପାଦନ କରି ଏହାକୁ ବନ୍ଦ କରିବାକୁ ଚେଷ୍ଟା କରିବା ଉଚିତ ବୋଲି କହିଥିଲେ ।

# ତେନ୍ତୁଲିଖୁଣ୍ଟି ବ୍ଲକରେ ଡିଜିଟାଲ ଜନଗଣନା ସର୍ଭେ

ତେନ୍ତୁଲିଖୁଣ୍ଟି,୧୦।୧୧(ସମିସ):

ନବରଙ୍ଗପୁର ଜିଲ୍ଲା ତେନ୍ତୁଲିଖୁଣ୍ଟି ବ୍ଲକ ଅନ୍ତର୍ଗତ ୨୦ ଗ୍ରାମରେ ଚାଲିଛି ଡିଜିଟାଲ ସର୍ଭେ କାର୍ଯ୍ୟକ୍ରମ । ରାଜ୍ୟର ତିନୋଟି ସ୍ଥାନରେ ଡିଜିଟାଲ ମାଧ୍ୟମରେ ଜନଗଣନା କରାଯାଉଥିବା ବେଳେ ନବରଙ୍ଗପୁର ଜିଲ୍ଲାର ତେନ୍ତୁଲିଖୁଣ୍ଟି ବ୍ଲକକୁ ମଧ୍ୟ ପରୀକ୍ଷାମୂଳକ ଭାବେ ଏହି ଜନଗଣନାରେ ସାମିଲ କରାଯାଇଛି । ଏଥିପାଇଁ ପୂର୍ବରୁ ତିନିଦିନିଆ ତାଲିମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ବର୍ତ୍ତମାନ ତେନ୍ତୁଲିଖୁଣ୍ଟି ତହସିଲ ଅନ୍ତର୍ଗତ କୁକୁଡାବାଇ, କଣ୍ଟାଗାଁ, ଝରିଗୁମ୍ମା, ଅଞ୍ଚଳଗୁମ୍ମା, ଚାରୋଟି ରେଭିନ୍ୟୁ ସର୍କଲ ଅନ୍ତର୍ଗତ ୨୦ ଟି ଗ୍ରାମରେ ଏହି ଜନ ଗଣନା କାର୍ଯ୍ୟକ୍ରମ କରାଯାଉଛି । ଏଥିପାଇଁ ୬୬ ଜଣ ଜନଗଣନାକାରୀ ଓ ୧୧ ଜଣ ସୁପରଭାଇଜର ନିଯୁକ୍ତି ପାଇଛନ୍ତି । ଏଥିପାଇଁ ମୋବାଇଲ ର ଏକ ସ୍ୱତନ୍ତ୍ର ଆପ ମାଧ୍ୟମରେ ଏହି ସର୍ଭେ ରେ ଜନଗଣନାର ସମ୍ପୂର୍ଣ୍ଣ ତଥ୍ୟ ରହିବ ବୋଲି ତହସିଲଦାର ପୁଷ୍ପାଞ୍ଜଳି ଦଣ୍ଡପାଟ ପ୍ରକାଶ କରିଛନ୍ତି । ଏଣୁ ଜନଗଣନକାରୀ ଏବଂ ସୁପଭାଇଜର ମାନଙ୍କୁ ସହଯୋଗ କରିବା ପାଇଁ ମଧ୍ୟ କହିଛନ୍ତି । ଆଜି ଅର୍ଥାତ ନଭେମ୍ବର ୧୦ ଠାରୁ ଆସନ୍ତା ୩୦ ତାରିଖ ପର୍ଯ୍ୟନ୍ତ ଏହି ସର୍ଭେ କାର୍ଯ୍ୟକ୍ରମ ଚାଲିବ । ପୂର୍ବରୁ କାଗଜକଲମ ମାଧ୍ୟମରେ ଜନଗଣନା ହେଉଥିବା ବେଳେ ଚଳିତ ଥର ପ୍ରଥମ ଥର ପାଇଁ ବିନା କାଗଜ କଲମରେ ମୋବାଇଲ ଆପ୍ ମାଧ୍ୟମରେ ଏହି ସର୍ଭେ ହେଉଥିବାରୁ ଲୋକଙ୍କ ମଧ୍ୟରେ ଆଗ୍ରହ ଦେଖା ଦେଇଛି । ନିଜ ଓ ନିଜ ପରିବାର ସଦସ୍ୟଙ୍କ ସମ୍ପୂର୍ଣ୍ଣ ତଥ୍ୟ ଲୋକେ ଆଗ୍ରହର ସହ ପ୍ରଦାନ କରୁଛନ୍ତି ।


# ଆନ୍ତଃ ବିଭାଗୀୟ କ୍ରିକେଟ୍ ପ୍ରତିଯୋଗିତା



ଦାମନଯୋଡି,୧୦।୧୧(ସମିସ): ନାଲକୋ,ଦାମନଯୋଡି ପକ୍ଷରୁ ସ୍ଥାନୀୟ ଆମ୍ବେଦକର ଖେଳପଡିଆରେ ଆନ୍ତଃ ବିଭାଗୀୟ ସୀମିତ ଓଭର କ୍ରିକେଟ୍ ପ୍ରତିଯୋଗିତା ଆରମ୍ଭ ହୋଇଯାଇଛି । ନାଲ୍‌କୋ କ୍ରୀଡ଼ା ପ୍ରକୋଷ୍ଠର ବରିଷ୍ଠ ଅଧିକାରୀ ଅରୁଣ କୁମାର ମହାନ୍ତିଙ୍କ ତତ୍ତ୍ୱାବଧାନରେ ପରିଚାଳିତ ଏହି ପରିଯୋଗିତା ୧୦ ତାରିଖରୁ ଆରମ୍ଭ ହୋଇଥିବା ବେଳେ ୧୮ ତାରିଖରେ ଫାଇନାଲ ମ୍ୟାଚ ଖେଳାଯିବ ବୋଲି ସୂଚନା ମିଳିଛି । ଉଦ୍‌ଘାଟନୀ ଉତ୍ସବରେ ନାଲ୍‌କୋର ଅର୍ଥ ବିଭାଗ ମୁଖ୍ୟ ମହାପ୍ରବନ୍ଧକ ସଞ୍ଜୟ କୁମାର ଗୁପ୍ତା ଦୁଇ ଦଳର ଖେଳାଳୀ ମାନଙ୍କୁ ଶୁଭେଚ୍ଛା ଦେବା ସହିତ ଖେଳ ଆରମ୍ଭ ହୋଇଥିଲା । ମେକାନିକାଲ ଓ ଅପରେସନ ବିଭାଗ ମଧ୍ୟରେ ଉଦଘାଟନୀ ମ୍ୟାଚ୍ ଅନୁଷ୍ଠିତ ହୋଇଥିଲା । ନାଲକୋର ବିଭିନ୍ନ ବିଭାଗର ମୁଖ୍ୟ ମହାପ୍ରବନ୍ଧକ ସମ୍ମାନୀତ ଅତିଥି ଭାବେ ଯୋଗ ଦେଇଥିବା ବେଳେ ଅନ୍ୟ ବରିଷ୍ଠ ଅଧିକାରୀ ମାନେ ଉପସ୍ଥିତ ରହି ଖେଳାଳୀ ମାନଙ୍କୁ ଉତ୍ସାହିତ କରିଥିଲେ । ସୁରେଶ ଚନ୍ଦ୍ର ମାଣିଆ ମ୍ୟାଚ୍ ରେଫରୀ ଥିବା ବେଳେ ଡ. ରମେଶ ଚନ୍ଦ୍ର ସ୍ୱାଇଁ ଓ ରଜନୀକାନ୍ତ ରେଡ୍ଡୀ ଅମ୍ପାୟାର ଦାୟିତ୍ୱ ତୁଲାଇଥିଲେ । ଦୁଷ୍ମନ୍ତ ପଟ୍ଟନାୟକ ଓ ନିର୍ମଳ କୁମାର ରାଉତ ସ୍କୋରର ଭାବେ କାର୍ଯ୍ୟ କରିଥିଲେ ।

# ୨୪ରୁ ଦୁଇ ଦିନିଆ ପଟ୍ଟାଙ୍ଗି ପଞ୍ଚାୟତ ସମିତିସ୍ତରୀୟ 'ପରବ'

**ପଟ୍ଟାଙ୍ଗି,୧୦।୧୧(ସମିସ):** କୋରାପୁଟ ଜିଲ୍ଲା ପଟ୍ଟାଙ୍ଗି ବ୍ଲକ ସଭାଗୃହ ଠାରେ ୨୦୨୫ ବର୍ଷର ପଞ୍ଚାୟତ ସମିତି ସ୍ତରୀୟ ପରବ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଗୋଷ୍ଠୀ ଉନ୍ନୟନ ଅଧିକାରୀ ରାମକୃଷ୍ଣ ନାୟକଙ୍କ ଅଧ୍ୟକ୍ଷତାରେ କାର୍ଯ୍ୟକ୍ରମଟି ଆୟୋଜନ କରାଯାଇଥିଲା । କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ପଟ୍ଟାଙ୍ଗି ବିଧାୟକ ରାମଚନ୍ଦ୍ର କାଡାମ ଯୋଗଦାନ ଦେଇଥିଲେ । ବିଧାୟକ କୋରାପୁଟର 'ପରବ' କାର୍ଯ୍ୟକ୍ରମ କିଭଳି ପ୍ରାରମ୍ଭ ହୋଇଥିଲା, ଉକ୍ତ କାର୍ଯ୍ୟକ୍ରମ ରେ ଏଠାରେ ବସବାସ କରୁଥିବା ସମସ୍ତ ଜାତିର ଲୋକଙ୍କ ନିଜର ପାରମ୍ପରିକ ବସ୍ତ୍ର ସହ ନିଜର ପରମ୍ପରାକୁ ପ୍ରଦର୍ଶନ କରିବା, କିନ୍ଦ୍ରିଗିତ ଓ ଢେମସା ନୃତ୍ୟ ପ୍ରତିଯୋଗିତା ଏବଂ ସମସ୍ତ ସରକାରୀ କର୍ମଚାରୀ ଉକ୍ତ କାର୍ଯ୍ୟକ୍ରମରେ ସହଯୋଗ କରି କାର୍ଯ୍ୟକ୍ରମକୁ ସଫଳ କରିବା ନିମନ୍ତେ ନିବେଦନ କରିଥିଲେ । ଅନ୍ୟତମ ଅତିଥି ଭାବେ ପୂର୍ବତନ ବିଧାୟକ ପ୍ରଫୁଲ୍ଲ ପାଙ୍ଗି, ତହସିଲଦାର ଦେବେନ୍ଦ୍ର ଧାରୁଆ, ବ୍ଲକ ଅଧ୍ୟକ୍ଷା କଳ୍ପନା ପାଙ୍ଗି, ଜିଲ୍ଲା ପରିଷଦ ସଦସ୍ୟ ଲଇଛନ ଖରା, ବିଧାୟକ ପ୍ରତିନିଧି ଅର୍ଜୁନ ବାଙ୍କା, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଜଗତଜ୍ୟୋତି ପାଙ୍ଗି, ସମାଜସେବୀ ପ୍ରତାପ ଚୌଧୁରୀ ଏବଂ ସମସ୍ତ ୧୪ ଗୋଟି ପଞ୍ଚାୟତ ର ସରପଞ୍ଚ, ସମିତି ସଭ୍ୟ ଏବଂ ସରକାରୀ ଓ ବେସରକାରୀ କର୍ମଚାରୀଙ୍କ ଉପସ୍ଥିତିରେ ଆଲୋଚନା କରାଯାଇଥିଲା । ଗୋଷ୍ଠୀ ଉନ୍ନୟନ ଅଧିକାରୀ ରାମକୃଷ୍ଣ ନାୟକ ସ୍ୱାଗତ ଭାଷଣ ଦେବା ସହ ଚଳିତ ବର୍ଷର 'ପରବ' କାର୍ଯ୍ୟକ୍ରମ କିଭଳି ସଫଳ ହୋଇପାରିବ ସେଥିନେଇ ଉପସ୍ଥିତ ସମସ୍ତ ଅତିଥି ବୃନ୍ଦ ନିଜର ମତ ପ୍ରଦାନ କରିବା ନେଇ ନିବେଦନ କରିଥିଲେ । ବିଏସ୍‌ଏସ୍ ଓ ସୁଧୀର କୁମାର ସାହୁ ବିଗତ ବର୍ଷ କିଭଳି ପରବ କାର୍ଯ୍ୟକ୍ରମଟି ପାଳନ କରାଯାଇଥିଲା, ସେଥିନେଇ ସୌମ୍ୟକ ଧାରଣା ଦେଇଥିଲେ । ଚଳିତ ମାସ ୨୪ ରିଖ ଦିନ ପଟ୍ଟାଙ୍ଗିର ଅଧିଷ୍ଠାତ୍ରୀ ଦେବୀ ମା ଗାଙ୍ଗେଶ୍ୱରି ମନ୍ଦିର ଠାରୁ ମସାଲ ଆଣି କାର୍ଯ୍ୟକ୍ରମ ଟିକୁ ଶୁଭାରମ୍ଭ କରିବା ସହ ୨୫ ରିଖ ଦିନ ଉଦ୍‌ଯାପନୀ ଉତ୍ସବ କରିବା ନିମନ୍ତେ ନିଷ୍ପତି ନିଆଯାଇଥିଲା । ଜଗତାଜ୍ୟୋତି ପାଙ୍ଗି ପ୍ରତ୍ୟେକ ଗ୍ରାମର କଳାକୁ ପରିପ୍ରକାଶ କରିବା ନିମନ୍ତେ ପ୍ରଚେଷ୍ଟା କରିବା ନିମନ୍ତେ ଏବଂ ପ୍ରତ୍ୟେକ ୱାର୍ଡ ସଭ୍ୟଙ୍କୁ ସାମିଲ କରିବା ନିମନ୍ତେ କହିଥିଲେ । ପୂଜାରୀ, ସରପଞ୍ଚ ତ୍ରିପତି ସାରା ସମସ୍ତ ଜନପ୍ରତିନିଧିଙ୍କୁ ପ୍ରତ୍ୟେକ ବର୍ଷ ଅଣଦେଖା କରୁଥିବା ନେଇ ଅଭିଯୋଗ କରିବା ସହ ଚଳିତ ବର୍ଷ ଉକ୍ତ ଭୁଲ ନ ଦୋହରାଇବା ନିମନ୍ତେ କହିଥିଲେ । କାର୍ଯ୍ୟକ୍ରମରେ ଉପସ୍ଥିତ ଅତିଥି ବୃନ୍ଦ କୋରାପୁଟର ପାରମ୍ପରିକ ମଉରି , କବାଡି, ଢେମସା ଏବଂ ବିଭିନ୍ନ ପ୍ରତିଯୋଗିତା କରାଯିବା, ଷ୍ଟଲ କରିବା ସହ ଜନତାଙ୍କୁ ସଚେତନ କରିବା ଏହିଭଳି କାର୍ଯ୍ୟକ୍ରମ ଗୁଡ଼ିକ କରିବା ନିମନ୍ତେ ଆଲୋଚନା ହୋଇଥିଲା ।



**Government of India**
**Ministry of Environment, Forest & Climate Change**
**Regional Office, Bhubaneswar, Odisha**

**Online Proposal No.: FP/OR/RAIL/438606/2023**

**Dated: 24/01/2025**

**To,**
**The Addl. Chief Secretary,**
**Forest, Environment & CC Deptt.,**
**Government of Odisha,**
**Bhubaneswar – 751 001**

Subject: Diversion of 4.519 ha of forest land for construction of proposed Rail Corridor in village Kadei under Tangi Choudwar Tahasil of Cuttack District in Cuttack Forest Division by M/s My Home Industries Pvt. Ltd.

Sir/Madam,

I am directed to refer to State Govt. letter No.FE-DIV-FLD-0106-2023-25213/FE&CC dated 05.12.2023, No.26151/FE&CC dated 30.12.2024, No.2072/FE&CC dated 21.01.2025 and Online Proposal No.FP/OR/RAIL/438606/2023 on the above mentioned subject seeking prior approval of the Ministry of Environment, Forest & Climate Change under Section 2 of Van (Sanrakshan Evam Samvardhan) Adhiniyam, 1980.

2. After due consideration of the proposal of the State Government, the Ministry of Environment, Forest & Climate Change hereby conveys 'Stage-I/in-principle' approval for diversion of 4.519 ha of forest land for construction of proposed Rail Corridor in village Kadei under Tangi Choudwar Tahasilof Cuttack District in Cuttack Forest Division by M/s My Home Industries Pvt. Ltd., subject to the fulfillment of the following conditions.

**1. General Conditions**

| S. No | Conditions |
|---|---|
| 1.1 | The legal status of forest land proposed for diversion shall remain unchanged. |
| 1.2 | The user agency shall transfer online, the Net Present Value (NPV) of 4.519 ha forest land being diverted under this proposal, as per the Orders of Hon'ble Supreme Court of India dated 28.03.2008, 24.04.2008 and 09.05.2008 in Writ Petition (Civil) No.202/1995 and the guidelines issued by this Ministry vide its letter No.5-3/2011-FC (Vol-I) dated 06.01.2022, and 22.03.2022. The requisite funds shall be transferred through online portal in CAMPA account of the State concerned. |
| 1.3 | The non forest land of 4.654 ha identified in village Chhotapadagon under Tangi Choudwar Tahasil of Cuttack District under Cuttack Forest Division for raising compensatory afforestation shall be transferred and mutated in the name of Forest Department and notified as RF/PF prior to Stage-II approval. |
| 1.4 | The user agency shall transfer the cost of raising and maintaining the CA/Addl. CA at the current wage rate in consultation with State Forest Department in the account of CAMPA of the concerned State through online portal. The Scheme may include appropriate provision for anticipated cost increase for works scheduled for subsequent years. |
| 1.5 | Compensatory afforestation shall be raised over 4.654 ha identified in village Chhotapadagon under Tangi Choudwar Tahasil of Cuttack District under Cuttack Forest Division within two years from the date of Stage-II Clearance and maintained thereafter by the State Forest Department as per approved plan/scheme and maintained thereafter, at the cost of user agency. |
| 1.6 | Addl. Compensatory afforestation shall be raised over 5.2 ha of degraded forest land identified in Kaliamba PRF of Dalijoda Range under Cuttack Forest Division within two years from the date of Stage-II Clearance and maintained thereafter by the State Forest Department as per approved plan/scheme and maintained thereafter, at the cost of user agency. |
| 1.7 | The species to be planted in the CA scheme shall be of native species of the area. At least 18 month old seedlings should be planted. Intensive monitoring of the plantation needs to be done and documented using Geo tagging so that the increase of canopy density and survival and growth of plantation can be evaluated at regular intervals. |
| 1.8 | A Site Specific Wildlife Conservation Plan shall be prepared and duly approved by Chief Wildlife Warden, Odisha shall be implemented at project cost. The fund for implementation of Site Specific Wildlife Conservation shall be deposited by the user agency after duly vetted by Regional Office, MoEF&CC, Bhubaneswar. |
| 1.9 | At the time of payment of Net Present Value (NPV) at the then prevailing rate, the user agency shall furnish an undertaking to pay the additional amount of NPV, if so determined, as per the final decision of the Hon'ble Supreme Court of India. |
| 1.10 | The KML files of the area to be diverted and the CA areas shall be uploaded on the e-Green watch portal with all requisite details before issuing working permission towards linear projects or submitting compliance report for seeking Stage-II approval, as the case may be. |
| 1.11 | All the funds received from the user agency under the project shall be transferred/ deposited in CAMPA account only through e-portal (https://parivesh.nic.in/). Amount deposited through other mode will not be accepted as compliance of the Stage-I clearance. |
| 1.12 | The compliance report of the Stage-I approval shall be uploaded on e-portal (https://parivesh.nic.in/). |
| 1.13 | The complete compliance of the FRA, 2006 shall be ensured by way of prescribed certificate from the concerned District Collector. |
| 1.14 | The boundary of the proposed forest land for diversion, shall be demarcated on ground at the project cost, by erecting four feet high reinforced cement concrete pillars, each inscribed with its serial number, distance from pillar to pillar and GPS co-ordinates. |
| 1.15 | The user agency shall obtain Environment Clearance as per the provisions of the Environmental (Protection) Act, 1986, if applicable. |
| 1.16 | Speed regulating signage will be erected along the railway line at regular intervals in Protected Areas/Forest Areas. |
| 1.17 | The State Govt. shall ensure controlled speed limit of 20 Km/Hr, if the trains passing through the forest portion to enable the trains drivers to react to the sudden appearance of the wild animals on the track. As and when required speed of train shall be regulated in consultation with CWLWL of the State Govt. There should be regular communication with the local forest department to know the presence/movement of elephant near the track. |
| 1.18 | The designing of culverts/bridges, if any over the natural streams/rivers/canals should be done in such a manner that it does not hamper the natural course of water, does not give rise to water logging, and also does not hamper movement of wild animals including elephant. |
| 1.19 | The reclamation of quarry, if any, should be done under the supervision of the State Forest Department. The quarry shall be reclaimed and afforested completely before the project is closed |
| 1.20 | The user agency shall take up Avenue Plantation on either side of alignment of the track at its own cost in consultation with the DFO. |
| 1.21 | The user agency shall explore the possibility of successful transplantation of maximum number of trees identified to be felled and shall ensure that any tree felling shall be done only when it is unavoidable and that too under strict supervision of the State Forest Department. |
| 1.22 | No labour camp shall be established on the forest land and the user agency shall provide fuels preferably alternate fuels to the labourers and the staff working at the site so as to avoid any damage and pressure on the nearby forest areas. |
| 1.23 | No additional or new path will be constructed inside the forest area for any activity related to the project work. |
| 1.24 | The user agency while executing works, shall not fell any tree or damage forest growth in the surrounding forest area in any manner. |
| 1.25 | The layout plan of the proposed forest land shall not be changed without the prior approval of Ministry of Environment, Forest & Climate Change. |
| 1.26 | The forest land shall not be used for any purpose other than that specified in the proposal. |
| 1.27 | The forest land proposed to be diverted shall under no circumstances be transferred to any other user agency, department or person without the prior approval of Ministry of Environment, Forest & Climate Change. |
| 1.28 | No damage to the flora and fauna of the adjoining area shall be caused. |
| 1.29 | The concerned Divisional Forest Officer, will monitor and take necessary mitigative measures to ensure that there is no adverse impact on the forests in the surrounding area. |
| 1.30 | The user agency shall submit annual self monitoring report on compliance of stipulated conditions to the Nodal Officer (FCA) of the State and concerned Regional Office of this Ministry by the end of March every year. |
| 1.31 | Any other conditions that the Ministry of Environment, Forests & Climate Change may impose from time to time in the interest of afforestation, conservation and management of flora and fauna in the area, shall be complied by the user agency. |
| 1.32 | The State Govt. and user agency shall ensure compliance to provisions of the all Acts, Rules, Regulations, Guidelines, NGT Order (s) & Hon'ble Court Order (s) pertaining to this project, if any, for the time being in force, as applicable to the project. |
| 1.33 | Violation of any of these conditions will amount to violation of Van (Sanrakshan Evam Samvardhan) Adhiniyam, 1980 and action would be taken as prescribed in Para 1.16 of Consolidated Guidelines and Clarification issued under Van (Sanrakshan Evam Samvardhan) Adhiniyam, 1980 and Van (Sanrakshan Evam Samvardhan) Rules, 2023 vide Ministry's letter dated 29.12.2023. |

**2. Standard conditions**

**3. Specific Conditions**

3. After receipt of the report on compliance to the conditions stipulated above, from the State Government of Odisha, final/Stage-II approval for diversion of the said forest land under Section 2 of Van (Sanrakshan Evam Samvardhan) Adhiniyam, 1980 will be issued by this Ministry. Transfer of forest land to user agency should not be effected by the State Government of Odisha till final/Stage-II approval for its diversion is issued by the Ministry of Environment, Forest & Climate Change.

4. "The State Govt. or a Senior Office not below the Rank of a Divisional Forest Officer, having jurisdiction over the forest land proposed to be diverted, duly authorized in this behalf by the State Govt. can pass an order for tree cutting and commencement of work of a linear project in forest land for a period of one year ("working permission" means permission granted to linear project before final approval to mobilize the resources to commence the preliminary project work other than black topping, concretization, laying of railway tracks, charging of transmission lines, etc.). Such order shall be passed only after full realization of funds for compensatory afforestation, Net Present Value (NPV), Wildlife conservation Plan, plantation of dwarf species of medicinal plants, and all other compensatory levies, specified in the Stage-I (in-principle) approval from the User Agency, and where ever applicable, transfer and mutation of nonforest/ revenue forest land in favour of State Forest Department, declaration of PF/RF and compliance of other statues including ST&OTFD (Recognition of Forest Rights) Act, 2006" as stipulated in Para 11.1 of Chapter-11 of Consolidated Guidelines and Clarification issued under Van (Sanrakshan Evam Samvardhan) Adhiniyam, 1980 and Van (Sanrakshan Evam Samvardhan) Rules, 2023 vide Ministry's letter dated 29.12.2023.

**Copy To**

1. The Inspector General of Forests (ROHQ), Ministry of Environment, Forest & Climate Change, Indira Paryavaran Bhawan, Jor Bagh Road, Aliganj, New Delhi – 110003.
2. The PCCF & Nodal Officer (FCA), Forest Department, Govt. of Odisha, Aranya Bhawan, Chandrasekharpur, Bhubaneswar-751023.
3. The Deputy General Manager (Projects), M/s My Home Industries Pvt. Ltd., 9th Floor, Block-3, My Home Hub, Madhapur, Hyderbad-500081, Telangana.

**Your's faithfully**
**(Dr. Padma Mahanti)**
**Dy. Inspector General of Forests (C)**

# ସମ୍ପାଦକୀୟ



ଆମ ଭିତରୁ ଆଜି ଶାନ୍ତି ହଜିଯାଉଛି, କାରଣ ସମସ୍ତେ ସମସ୍ତଙ୍କ ପରିପୂରକ ବୋଲି ଆମେ ଭୁଲି ଯାଉଛେ।
-ମଦର ଟେରେସା

ସକାଳ THE SAKALA

## ଅଘଟଣ ପାଇଁ ଦାୟୀ କିଏ?

ହଜାରେ ବର୍ଷର ପୁରୁଣା ସହର କଟକ। ଯେଉଁଠି ସମ୍ଭ୍ରାନ୍ତୀୟ ଠାଣିରେ ହାକିମ ଓ ଜମିଦାରଙ୍କ ସୌଧ ମୁଣ୍ଡ ଟେକିଛି ସେଠି ଅଛି ଛୋଟ ବଡ଼ ଚାଳଘର। ସମୟ ବଦଳିବା ସହ ସେହି ଜୀବନଧାରା କୁଆଡ଼େ ହଜିଗଲାଣି। ଚାଳ ଛପର ଘର ସ୍ଥାନରେ ମୁଣ୍ଡ ଟେକିଲାଣି ଛାତ ଘର। କିନ୍ତୁ ସେହି ପୁରଣା ସୌଧ ସେମିତି ମୁଣ୍ଡ ଟେକି ରହିଛି। ତିନି ପୁରୁଷର ଘରକୁ ମରାମତି ପାଇଁ ଏବେ ଯେଉଁମାନେ ଅଛନ୍ତି ସେମାନଙ୍କ ଖୋସଣିରେ ପଇସା ନାହିଁ। ଏମିତି କିଛି ଘର ଅଛି ଯାହାକି ଭଙ୍ଗାରୁଜା ଅବସ୍ଥାରେ ପଡ଼ି ରହିଛି। ତାହାର ଦେଖାଶୁଣା ଦାୟିତ୍ୱରେ ଥିବା ଉତ୍ତର ପିଢ଼ି ସହର ଛାଡ଼ି ଅନ୍ୟତ୍ର ଘରବାଡ଼ି କରି ଅବସ୍ଥାନ କରିଛନ୍ତି। ଯେଉଁଠି ବିଶାଳକାୟ ସୌଧ ବା ଇମାରତ୍ ଅଛି ତତ୍‌ସଂଲଗ୍ନ ଅଞ୍ଚଳରେ ଗରିବ ଗୁରୁବାଙ୍କ ଛୋଟବଡ଼ ଘର ଅଛି। ଏମାନେ ପରସ୍ପର ଉପରେ ନିର୍ଭରଶୀଳ। ଆଜିକାଲି ସହରତଳି ଅଞ୍ଚଳରେ ଦିନ ମଜୁରିଆଙ୍କ ବସ୍ତି ମୁଣ୍ଡ ଟେକିଲାଣି। ବିପଦସଂକୁଳ ଅବସ୍ଥାରେ କୋଠାବାଡ଼ିଗୁଡ଼ିକୁ ଠିକଣା ସମୟରେ ଭାଙ୍ଗି ଦିଆନଗଲେ ତାହା ପାଖ ପଡ଼ିଶାଙ୍କ ପାଇଁ ନିଶ୍ଚୟ ଦିନେ ନା ଦିନେ ବିପଦ ହେବ। ଯାହା ଗତ ଶନିବାର କଟକ ମଣି ସାହୁ ଛକରେ ପରିଲକ୍ଷିତ ହୋଇଥିଲା। ଅସୁରକ୍ଷିତ ଘୋଷିତ ଆପାର୍ଟମେଣ୍ଟରେ ବାଲକୋନି ଭୁଶୁଡ଼ି ପଡ଼ିଲା। ତଳେ ଟିଣ ଛପର ଘରେ ରହୁଥିବା ଗୋଟିଏ ପରିବାରର ୩ ଜଣ ଙ୍କ ପ୍ରାଣହାନି ଘଟିଲା ଏବଂ ଅନ୍ୟ ୪ ଜଣ ଆହତ ଅବସ୍ଥାରେ ଚିକିତ୍ସିତ ହେଉଛନ୍ତି।

ଗତ ଦଶ ବର୍ଷ ତଳେ ସହରରେ ଭୂମିକମ୍ପ ଅନୁଭୂତ ହୋଇଥିବାରୁ ବହୁ କୋଠାରେ ଫାଟ ସୃଷ୍ଟି ହୋଇଥିଲା। ଜିଲ୍ଲା ପ୍ରଶାସନ ମହାନଗର ନିଗମ ଓ ପୂର୍ତ୍ତ ବିଭାଗ ପକ୍ଷରୁ କରାଯାଇଥିବା ମିଳିତ ସର୍ଭେରେ ସହରର ୨୩୭ ଟି ବିପଦସଂକୁଳ କୋଠା ଚିହ୍ନଟ କରାଯାଇଥିଲା। ସେଥିମଧ୍ୟରୁ ୧୬ଟିକୁ ଭାଙ୍ଗି ସେଠାରେ ନୂଆ ଇମାରତ ମୁଣ୍ଡଟେକିଛି। ଅବଶିଷ୍ଟ ଅସୁରକ୍ଷିତ ୨୨୧ ଟି ପ୍ରାସାଦ ସେମିତି ମୁଣ୍ଡ ଟେକି ରହିଛି। କେତେବେଳେ କାହା ଉପରେ ଭୁଶୁଡ଼ି ପଡ଼ିବ ତାହାର କୌଣସି ଠିକଣା ନାହିଁ। ହାଇକୋର୍ଟଙ୍କ ତାଗିଦ ସତ୍ତ୍ୱେ ଜିଲ୍ଲା ପ୍ରଶାସନ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନାହିଁ। ଘରମାଲିକଙ୍କୁ କେବଳ ନୋଟିସ ଦେଇ ଚୁପ ରହିଛି ପ୍ରଶାସନ। ସବୁଠାରୁ ଉଲ୍ଲେଖନୀୟ ହେଲା, ସରକାରୀ କ୍ୱାର୍ଟର୍ସ ଅଫିସ ଓ ଅବ୍ୟବହୃତ ଗୋଦାମ ଘର ସଂଖ୍ୟା ସବୁଠାରୁ ଅଧିକ। ଏକ୍ଷେତ୍ରରେ କିଏ କାହାକୁ ନୋଟିସ ଦେବ? ଅନ୍ତତଃ ସରକାରୀ ବ୍ୟବସ୍ଥା ଏଥିପ୍ରତି ସଚେତନ ହେବା ଜରୁରୀ। ମଣିସାହୁ ଛକ ଘଟଣା ପରେ ଜିଲ୍ଲା ପ୍ରଶାସନ, ମହାନଗର ନିଗମ ଓ ସିଡିଏ କର୍ତ୍ତୃପକ୍ଷ ଏହି ଦିଗ ପ୍ରତି ସ୍ୱତନ୍ତ୍ର ଧ୍ୟାନ ଦେବେ ବୋଲି ଆମେ ଆଶା କରୁ। ରାଜ୍ୟର ଐତିହାସିକ ସ୍ମୃତିର ସ୍ମାରକ ରୂପେ ପ୍ରସିଦ୍ଧ ଅଟ୍ଟାଳିକାର ମଧ୍ୟ ବ୍ୟବସ୍ଥିତ ଢଙ୍ଗରେ ସୁରକ୍ଷା ହେବା ଜରୁରୀ। ●

## କୁହାମୁଣ୍ଡା କପିଳା

ଜୁନ ୨୯ ତାରିଖରେ ଶ୍ରୀଗୁଣ୍ଡିଚା ମନ୍ଦିର ସମ୍ମୁଖରେ ଘଟିଥିବା ଦଳାଚକଟା ଓ ଚରମ ବିଶୃଙ୍ଖଳାର କାରଣ ସଂପର୍କରେ ତଦନ୍ତ କମିଟି ରିପୋର୍ଟ ସରକାରଙ୍କ ହସ୍ତଗତ ହୋଇଛି। ଏହି ଘଟଣାରେ ୩ ଜଣଙ୍କ ପ୍ରାଣହାନି ଘଟିଥିବା ବେଳେ ୨୦ ରୁ ଊର୍ଦ୍ଧ୍ୱ ଆହତ ହୋଇଥିଲେ। ସେତେବେଳେ ସରକାର ତୁରନ୍ତ ପୁରୀ ଜିଲ୍ଲାପାଳ ଓ ଏସପିଙ୍କୁ ବଦଳି କରି ଜନଅସନ୍ତୋଷକୁ ପ୍ରଶମିତ କରିଥିଲେ। ଉନ୍ନୟନ କମିଶନଙ୍କ ରିପୋର୍ଟ କିନ୍ତୁ ସରକାରଙ୍କ ମୁଖା ଖୋଲି ଦେଇଛି। ରାଜ୍ୟ କ୍ଷମତାରେ ଥିବା ନୂଆ ସରକାର, ଅନଭିଜ୍ଞ ଓ ଅପରିପକ୍ୱ। କିନ୍ତୁ ବାକ୍ୟବୀରଙ୍କ ବାକ୍‌ପଟୁତାରେ କେହି ତାଙ୍କ ସରି ହେବେନାହିଁ। ସମନ୍ୱିତ ନିୟନ୍ତ୍ରଣ କେନ୍ଦ୍ର(ଆଇସିସିସି )ର ଦାୟିତ୍ୱ ଥିଲା ଭିଡ଼ ନିୟନ୍ତ୍ରଣ, ଟ୍ରାଫିକ ପରିଚାଳନା, ଆଇନ ଶୃଙ୍ଖଳା ନିୟନ୍ତ୍ରଣ ଏବଂ ଜରୁରୀସ୍ଥିତି ଓ ଭିଆଇପିଙ୍କ ଗସ୍ତକୁ ସୁନିୟୋଜିତ ଉପାୟରେ ପରିଚାଳନା କରିବା। ଅସଲ ସମୟରେ ଏହି ବ୍ୟବସ୍ଥା ଫସର ଫାଟି ଯାଇଥିଲା। ଆଇସିସିସିକୁ ସହାୟତା ଯୋଗାଇବା ସକାଶେ ଯେଉଁ ଯାନ୍ତ୍ରିକ ବ୍ୟବସ୍ଥା ଉପରେ ନିର୍ଭର କରାଯାଉଥିଲା ସେ ସବୁ ଥିଲା ନିମ୍ନମାନର। ଅଥଚ ସେସବୁରୁ ଉପଯୋଗିତା ସଂପର୍କରେ ଧାରଣା ନଥିବା ଲୋକେ ବଡ଼ ବଡ଼ କଥା କହି ରାଜ୍ୟବାସୀଙ୍କୁ ଭରସା ଦେଇଥିଲେ। ଏବର୍ଷ ପ୍ରଥମ ଥର ପାଇଁ ବ୍ୟବହୃତ ହୋଇଥିବା ଏଆଇ (କୃତ୍ରିମ ବୁଦ୍ଧିମତ୍ତା) ସଂପୂର୍ଣ୍ଣ ଭାବେ ବିଫଳ ହୋଇଥିଲା। ସେହିଭଳି ଖଞ୍ଜାଯାଇଥିବା ସିସିଟିଭି ଭିଡ଼ ନିୟନ୍ତ୍ରଣ ପାଇଁ ଆଦୌ ଉପଯୋଗୀ ନଥିଲା। ଡ୍ରୋନ ମାଧ୍ୟମରେ ବ୍ୟବସ୍ଥାର ତଦାରଖ ଉଦ୍ୟମ ଅନ୍ୟ ଏକ ନିଷ୍ଫଳ ପ୍ରୟାସ। ଏହିସବୁ ସାଜ ସରଂଜାମ ଯୋଗାଇଥିବା ସଂସ୍ଥା (ଭେଣ୍ଡର) କୁ ରିପୋର୍ଟରେ କଳାତାଲିକାଭୁକ୍ତ କରିବାକୁ ପରାମର୍ଶ ଦିଆଯାଇଛି।

ଏକଥା ସତ ଯେ ରଥଯାତ୍ରାରେ ଭିଡ଼ ନିୟନ୍ତ୍ରଣରେ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ପୁଲିସ ବାହିନୀର। ଗୁଣ୍ଡିଚା ମନ୍ଦିର ସମ୍ମୁଖରେ ରଥାରୁଢ଼ ଚତୁର୍ଦ୍ଧାମୂର୍ତ୍ତିଙ୍କ ଦର୍ଶନ ପାଇଁ ଯାତ୍ରୀ ଭିଡ଼ ହେବାରେ କିଛି ଅସ୍ୱାଭାବିକ ନାହିଁ। ରଥ ସାମ୍ନାରେ ଯାତ୍ରୀଙ୍କ ପ୍ରବଳ ଭିଡ଼ ଲାଗି ରହିଥିବା ବେଳେ ଚାରମାଳ ଲଦା ଯାଇଥିବା ଟ୍ରକ ଧସେଇ ପଶି ଆସିଲା। ଏହି ଟ୍ରକର ପ୍ରବେଶ ଅନୁମତି ହିଁ ତଥାକଥିତ ବିଭ୍ରାଟ ପାଇଁ ଅନେକାଂଶରେ ଦାୟୀ। ଘଟଣାସ୍ଥଳରେ ଉପସ୍ଥିତ ଅଧିକାରୀ ଓ ନିୟନ୍ତ୍ରଣ କକ୍ଷ ମଧ୍ୟରେ ଯୋଗାଯୋଗ ନ ରହିବା ଅନ୍ୟତମ ପ୍ରମୁଖ କାରଣ। ଗୁଣ୍ଡିଚା ମନ୍ଦିର ସମ୍ମୁଖ ରଥରୁ ତିନିଠାକୁରଙ୍କ ବିଳମ୍ବିତ ପହଣ୍ଡି ବିଜେ ହେଉ ବା ଦାୟିତ୍ୱରେ ଥିବା ୭ ଜଣ ବରିଷ୍ଠ ପୁଲିସ୍ ଅଧିକାରୀଙ୍କ ଅନୁପସ୍ଥିତି ହେଉ ଦାୟିତ୍ୱ ନିର୍ବାହରେ ଗୁରୁତର ତ୍ରୁଟି ହୋଇଛି, ଯାହା ଅକ୍ଷମଣୀୟ। ତେଣୁ ସେମାନଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ସକାଶେ ତଦନ୍ତ ରିପୋର୍ଟରେ ପରାମର୍ଶ ଦିଆଯାଇଛି। ଗୃହ ବିଭାଗ ପକ୍ଷରୁ ଏ ସଂପର୍କରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ପଡ଼ିବ। ରିପୋର୍ଟର ତଥ୍ୟ ଅନୁଯାୟୀ ରଥଯାତ୍ରା ସମୟରେ ଅତି ବେପରବାୟ ଢଙ୍ଗରେ କର୍ତ୍ତୃପକ୍ଷ କାର୍ଯ୍ୟନିର୍ବାହ କରିଛନ୍ତି। ୨୭୫ ଟି ଏଆଇ ସିସିଟିଭି ଲଗାଇବାକୁ ନିର୍ଦ୍ଦେଶ ଥିବାବେଳେ ୧୨୩ ଟି କ୍ୟାମେରା କାର୍ଯ୍ୟକ୍ଷମ ଥିଲା। କ୍ୟାମେରାଠାରୁ କର୍ତ୍ତୃପକ୍ଷଙ୍କ ପର୍ଯ୍ୟନ୍ତ ସମସ୍ତେ ଉପର ମୁହାଁ। ତେଣୁ ଯାତ୍ରୀ ଭିଡ଼ ଉପରେ ନଜର ରଖାଯାଇ ପାରିଲା ନାହିଁ। ଏପରିକି କିଛି କ୍ୟାମେରାରେ ନିୟନ୍ତ୍ରଣ କକ୍ଷ ସହ ସଂଯୋଗ ନଥିଲା। ବଡ଼ ବଡ଼ ଏଲଇଡି ପ୍ୟାନେଲ ଓ ତଥାକଥିତ ଡ୍ରୋନର ମଧ୍ୟ ସଦୁପଯୋଗ ହୋଇପାରିନାହିଁ।

ଶୃଙ୍ଖଳିତ ରଥଯାତ୍ରା ଆୟୋଜନ ସକାଶେ ଯେଉଁ ଆଡ଼ମ୍ବରପୂର୍ଣ୍ଣ ପ୍ରତିଶ୍ରୁତି ଦିଆଯାଇଥିଲା ତାହା ଯେ ମିଛ ହାୱା ଏହା ପ୍ରମାଣିତ ହୋଇଛି ତଦନ୍ତ ରିପୋର୍ଟରୁ। ସରକାରଙ୍କୁ ମଧ୍ୟ ଏଥିରୁ ଶିକ୍ଷା ମିଳିଛି। ପଦାଧିକାରୀଙ୍କ ମିଛ ପ୍ରତିଶ୍ରୁତି ଉପରେ ନିର୍ଭର ନ କରି ତାହାର ଠିକଣା ଭାବେ ତଦାରଖ ନକଲେ ନିନ୍ଦା ଓ ଅପଯଶ ମୁଣ୍ଡାଇବାକୁ ପଡ଼ିବ। ●

# ନିଆଁ ସହ ଖେଳୁଛି ବାଂଲାଦେଶ



ତୀବ୍ର ଜନଆନ୍ଦୋଳନ ଓ ବିଦ୍ରୋହର ପୃଷ୍ଠଭୂମିରେ ତତ୍କାଳୀନ ପ୍ରଧାନମନ୍ତ୍ରୀ ଶେଖ୍ ହସିନାଙ୍କ ଦେଶାନ୍ତର ପରେ ବାଂଲାଦେଶରେ ସୃଷ୍ଟ ଅରାଜକତାକୁ ଦୂର କରିବାରେ ନୋବେଲ୍ ପୁରସ୍କାର ପ୍ରାପ୍ତ ଅର୍ଥନୀତିଜ୍ଞ ମହମ୍ମଦ ୟୁନୁସ୍‌ଙ୍କ ନେତୃତ୍ୱରେ ଗଠିତ କାମଚଳା ସରକାର ଏ ପର୍ଯ୍ୟନ୍ତ ଆଶାନୁରୂପ ଅଗ୍ରଗତି ପରିପାରିନାହିଁ। ଏହାର ଫାଇଦା ଆମେରିକା ଓ ଚୀନ୍ ନେବାକୁ ଯେ ଚାହିଁ ବସିଛନ୍ତି ଏହା ୟୁନୁସ୍ ବୋଧହୁଏ ବୁଝିପାରୁନାହାନ୍ତି କିମ୍ବା ତାଙ୍କ ଭଳି ବିଜ୍ଞ ବୁଦ୍ଧିଜୀବୀଙ୍କ ପକ୍ଷରେ ମୌଳବାଦୀ ରାଜନୀତିର ଜଟିଳ ଅଙ୍କ ବୁଝିବା ସହଜ ହେଉନାହିଁ। ସେ ତାଙ୍କ ଜାଣ ଅଜାଣତରେ ବାଂଲାଦେଶର ଭବିଷ୍ୟତକୁ ଏକପ୍ରକାର ଚୀନ୍ ଓ ପାକିସ୍ତାନ ହାତକୁ ଟେକି ଦେଉଛନ୍ତି। ଭାରତରେ ଅସ୍ଥିରତା ସୃଷ୍ଟି ପାଇଁ ପ୍ରଚ୍ଛନ୍ନ ଧମକ ହେଉ କିମ୍ବା ଚିକେନ୍ ନେକ୍ ଉପରେ ଆକ୍ରମଣ ଚେତାବନୀ ହେଉ କିମ୍ବା ଉତ୍ତର-ପୂର୍ବ ରାଜ୍ୟଗୁଡ଼ିକ ଭାରତର ମୂଳଭୂଖଣ୍ଡଠାରୁ ସ୍ୱାଧୀନ କରିବା ଏବଂ ବଙ୍ଗୋପସାଗରରେ କେବଳ ଚୀନ୍‌ର ଅଧିକାର ରହିଛି ବୋଲି ୟୁନୁସ୍‌ଙ୍କ ବିବାଦୀୟ ମନ୍ତବ୍ୟ ହେଉ - ସେଥିରୁ ସେଠାକାର କାମଚଳା ସରକାରର ଭାରତ ବିରୋଧୀ ମନୋଭାବ ଓ ଚୀନ୍-ପାକିସ୍ତାନ ପ୍ରତି ବଶମ୍ୱଦତା ପ୍ରମାଣିତ ହୋଇଛି। ଇସ୍‌ଲାମ୍ ମୌଳବାଦୀଙ୍କ ସଖିକେଣ୍ଟେଇ ସାଜିଥିବା ବାଂଲାଦେଶର କାମଚଳା ସରକାରର ଏଭଳି ଅପକର୍ମ ଓ ଅଯୋଗ୍ୟତା ପାଇଁ ଖୁବ୍‌ଶୀଘ୍ର ବାଂଲାଦେଶକୁ ବହୁମୂଲ୍ୟ ଦେବାକୁ ପଡ଼ିପାରେ।

ୟୁନୁସ୍ ଅପରିଣାଦର୍ଶୀ ଭାବେ ସାମରିକ ଓ ପ୍ରତିରକ୍ଷା ଦୃଷ୍ଟିରୁ ଗୁରୁତ୍ୱପୂର୍ଣ୍ଣ ବାଂଲାଦେଶର ବିଭିନ୍ନ ଭିତ୍ତିଭୂମି ବିକାଶ କାର୍ଯ୍ୟ ଚୀନ୍ ଓ ପାକିସ୍ତାନ ହାତକୁ ଟେକି ଦେବାରେ କୁଣ୍ଠା ପ୍ରକାଶ କରୁ ନଥିବା ବେଳେ ନିକଟରେ ପାକିସ୍ତାନର ଏକ ଯୁଦ୍ଧଜାହାଜ ବଙ୍ଗୋପସାଗର ଉପକୂଳ ପାରି ହୋଇ ବାଂଲାଦେଶର ଚଟଗାଁରେ ପହଞ୍ଚିଛି। ଏଥିସହିତ ପାକିସ୍ତାନ ନୌସେନାର ଅନେକ ଉଚ୍ଚ ଅଧିକାରୀ ବାଂଲାଦେଶ ଆସିଛନ୍ତି। ବାଂଲାଦେଶର ନୌସେନା ଚୀନ୍ ନିର୍ମିତ ଏହି ଯୁଦ୍ଧଜାହାଜକୁ ବିପୁଳ ସ୍ୱାଗତ କରିଛି। ପ୍ରାୟ ୫୦ ବର୍ଷ ପରେ ପାକିସ୍ତାନ ସହିତ ଏଭଳି ସାମରିକ ସମ୍ପର୍କ ବୃଦ୍ଧି ଜରିଆରେ ବାଂଲାଦେଶ ଭାରତକୁ ପରାଭବ ଦେବା ପାଇଁ ଷଡ଼ଯନ୍ତ୍ର କରିପାରୁଥାଇପାରେ। କିନ୍ତୁ ନିଆଁ ସହିତ ଖେଳିଲେ ପରାଭବ କ'ଣ ହୁଏ ତାହା ବୋଧହୁଏ ୟୁନୁସ୍‌ଙ୍କୁ ୧୯୭୧ ମସିହାରେ ପାକିସ୍ତାନ ସେନାର ବର୍ବରତା ବିଷୟରେ ବିଶ୍ୱ ସମୁଦାୟ ସ୍ମରଣ କରିବା ଆବଶ୍ୟକ ନୁହେଁ। ପାକିସ୍ତାନ-ବାଂଲାଦେଶ ବନ୍ଧୁତ୍ୱକୁ ତ୍ୱରାନ୍ୱିତ କରିବା ଏହାପଛର କାରଣ ବୋଲି ବାଂଲାଦେଶ ପକ୍ଷରୁ କୁହାଯାଉଥିଲେ ହେଁ ପ୍ରଚ୍ଛନ୍ନ କାରଣ ବିଷୟରେ ପ୍ରାୟ ବିଶ୍ୱବାସୀ ଜାଣିଛନ୍ତି। ଭାରତକୁ ପରାଭବ ଦେବା ଲକ୍ଷ୍ୟରେ ବାଂଲାଦେଶର ଚୀନ୍ ଓ ପାକିସ୍ତାନକୁ ଏଭଳି ଅକୁଣ୍ଠ ସମର୍ଥନ ନିଆଁ ସହିତ ଖେଳିବା ଭଳି। ଏହା ୟୁନୁସ୍ ଯେତେଶୀଘ୍ର ବୁଝିବେ ତାହା ତାଙ୍କ ଦେଶ ସହିତ ଭାରତ ପାଇଁ ଶୁଭଙ୍କର। ବାଂଲାଦେଶ ପୁଣି ପୂର୍ବ-ପାକିସ୍ତାନ ନାମ ଫେରି ପାଇବା ପୂର୍ବରୁ ୟୁନୁସ୍‌ଙ୍କ ଚେତନା ଉଦୟ ହେବା ଆବଶ୍ୟକ।

ଭୂ-ରାଜନୈତିକ ଦୃଷ୍ଟିକୋଣରୁ ଦକ୍ଷିଣ-ଏସିଆ ପ୍ରଶାନ୍ତ ମହାସାଗର ଅଞ୍ଚଳରେ ବାଂଲାଦେଶର ଭୌଗୋଳିକ ଅବସ୍ଥିତି ଆମେରିକା ପାଇଁ ଗୁରୁତ୍ୱପୂର୍ଣ୍ଣ। ସେଠାରେ ନୌସେନା ଘାଟି ସ୍ଥାପନ କରି ଦକ୍ଷିଣ-ଚୀନ୍ ସାଗର ଓ ତାଇୱାନ୍ ଉପରେ ଚୀନ୍‌ର ଆଧିପତ୍ୟକୁ ପ୍ରତିହତ କରିବାକୁ ଆମେରିକା ସଦା ଚେଷ୍ଟିତ। ଏଥିପାଇଁ ଆମେରିକା ଦେଇଥିବା ପ୍ରସ୍ତାବକୁ ଯଦି ହସିନା ଗ୍ରହଣ କରି ନେଇଥା'ନ୍ତେ ତେବେ ତାଙ୍କୁ ଗାଦିଚ୍ୟୁତ ହେବାକୁ ପଡ଼ି ନଥା'ନ୍ତା। ବାଂଲାଦେଶର ଅସ୍ଥିରତା ଓ ଏଥିରେ ଆମେରିକା-ପାକିସ୍ତାନର ପ୍ରଚ୍ଛନ୍ନ ଭୂମିକା ପୃଷ୍ଠଭୂମିରେ ଚୀନ୍ ମଧ୍ୟ ବାଂଲାଦେଶକୁ ହାତଛଡ଼ା କରିବାକୁ ଚାହୁଁନାହିଁ। ଇତିମଧ୍ୟରେ ଚୀନ୍ ସହିତ ଆମେରିକାର ବାଣିଜ୍ୟ ଯୁଦ୍ଧ ପ୍ରମଶିତ ହେବା ସ୍ଥିତିକୁ ଆସିଯାଇଛି। ତେଣୁ ଆମେରିକା-ଚୀନ୍-ପାକିସ୍ତାନ ବାଂଲାଦେଶକୁ ସାମରିକ ଉପନିବେଶ କରିବାର ସମ୍ଭାବନା ଉଜ୍ଜ୍ୱଳ।

କାମଚଳା ଶାସନ ମୁଖ୍ୟ ୟୁନୁସ୍ ଜଣେ ଭଦ୍ର ଓ ଜ୍ଞାନୀ ବ୍ୟକ୍ତି। କିନ୍ତୁ ବୁଦ୍ଧିଜୀବୀର ଦୁନିଆ ରାଜନୀତିର ଦୁନିଆଠାରୁ ସମ୍ପୂର୍ଣ୍ଣ ଭିନ୍ନ ହୋଇଥିବାରୁ ସେ ଖୁବ୍‌ଶୀଘ୍ର ଆମେରିକା, ଚୀନ୍ ଓ ପାକିସ୍ତାନର ଜାଲରେ ଫସିଗଲେ। ତେଣୁ ୟୁନୁସ୍ ଯେ ଆଗାମୀ ଦିନରେ ବାଂଲାଦେଶରେ ଢାଞ୍ଚାଗତ ସଂସ୍କାର ଏବଂ ନୀତି ନିର୍ଦ୍ଧାରଣରେ ଅନେକ ସମସ୍ୟାର ସମ୍ମୁଖୀନ ହେବେ ଏହା ଏବେଠାରୁ ଜଳଜଳ ଦିଶିଲାଣି। ବାଂଲାଦେଶରେ ଯାହା ଘଟୁଛି ତାହା ସେହି ଦେଶର ଆଭ୍ୟନ୍ତରୀଣ ବ୍ୟାପର; କିନ୍ତୁ ତା'ର ପାର୍ଶ୍ୱ ପ୍ରତିକ୍ରିୟା ସ୍ୱରୂପ ଯାହା ଘଟିବାକୁ ଯାଉଛି ତାହା ଭାରତ ପାଇଁ ଆଦୌ ଶୁଭଙ୍କର ନୁହେଁ।

ପ୍ରଥମତଃ, ଭାରତ ସହିତ ବାଂଲାଦେଶ ସୀମାନ୍ତ ସବୁଠାରୁ ଦୀର୍ଘ ୪୦୯୬ କିମି, ଯାହା ଉନ୍ମୁକ୍ତ। ଏଣୁ ସେଠାରେ ଯେକୌଣସି ଅଶାନ୍ତି, ଅସ୍ଥିରତା, ଅରାଜକତା ସୃଷ୍ଟି ହେଲେ ଅନୁପ୍ରବେଶକାରୀଙ୍କ ସମେତ ବିଭିନ୍ନ ସଶସ୍ତ୍ର ଉଗ୍ରବାଦୀ ସଂଗଠନର କାର୍ଯ୍ୟକଳାପ ଭାରତରେ ବୃଦ୍ଧି ପାଇବା ନିଶ୍ଚିତ। ଭୌଗୋଳିକ ଅବସ୍ଥିତି ଦୃଷ୍ଟିକୋଣରୁ ବାଂଲାଦେଶ ବାତ୍ୟା, ମରୁଡ଼ି, ଚାଷଜମିରେ ଲୁଣା ମାଡ଼ିଯିବା ଆଦି ପ୍ରାକୃତିକ ଦୁର୍ବିପାକରେ ଗୁରୁତର ପ୍ରଭାବିତ ଦେଶ। ତେଣୁ ସେଠାରେ ସାମାନ୍ୟତମ ବିପର୍ଯ୍ୟୟରେ ଭାରତ ଉପରେ ଅନୁପ୍ରବେଶ ସମସ୍ୟା ବୋଝ ଆହୁରି ବଢ଼ିବ। ଭାରତ ବିରୋଧୀ ଆଭିମୁଖ୍ୟରେ ଚୀନ୍ ଓ ପାକିସ୍ତାନ ବାଂଲାଦେଶର ମୌଳବାଦୀ ଉଗ୍ର ସଂଗଠନଗୁଡ଼ିକୁ ଆର୍ଥିକ ଓ ସାମରିକ ସହାୟତା ଓ ସମର୍ଥନ ଯୋଗାଇ ଆସୁଛନ୍ତି। ବାଂଲାଦେଶର ଅର୍ଥନୀତି ଗୁରୁତର ଚାପରେ ରହିଛି। କୃଷି, ଶିଳ୍ପ ଗୁରୁତର ପ୍ରଭାବିତ ହୋଇଥିବାରୁ ବେକାରୀ ସମସ୍ୟା ଉତ୍କଟ ହୋଇଛି। ଏଥିରୁ ଚୀନ୍ ଫାଇଦା ଉଠାଇବା ବିଚିତ୍ର ନୁହେଁ।

ବାଂଲାଦେଶର ଅସ୍ଥିରତା ଭାରତକୁ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଭୂରାଜନୈତିକ, କୂଟନୈତିକ, ଅର୍ଥନୈତିକ, ଆଭ୍ୟନ୍ତରୀଣ ସୁରକ୍ଷା, ସାର୍ବଭୌମ ଓ ଅଖଣ୍ଡତା ଦୃଷ୍ଟିରୁ ପ୍ରଭାବିତ କରିବା ନିଶ୍ଚିତ। ଉତ୍ତର-ପୂର୍ବ ଭାରତୀୟ ରାଜ୍ୟ ସହିତ ମୂଳ ଭୂଖଣ୍ଡକୁ ସଂଯୋଗ ପଥ(ଚିକେନ୍ ନେକ୍)ଅଧିକ ବିପଦସଂକୁଳ ହୋଇପଡ଼ିବ। ଏହାଦ୍ୱାରା ଉତ୍ତର-ପୂର୍ବ ରାଜ୍ୟ ମଣିପୁର, ତ୍ରିପୁରା, ମେଘାଳୟ ଓ ଆସାମ ସୀମା ଦେଇ ଆତଙ୍କବାଦୀ, ଡ୍ରଗ୍ସ, କଳା ଟଙ୍କା ଓ ବେଆଇନ କାରବାର ଭାରତରେ ବଢ଼ିବାର ଆଶଙ୍କା ଅଧିକ। ଯଦି ସେଠାରେ ପରିବର୍ତ୍ତିତ ଦୃଶ୍ୟପଟ୍ଟରେ ବିଏନ୍‌ପି ନେତ୍ରୀ ଖଲିଦା ଜିଆ କିମ୍ବା ଜମାତ୍ ଏ ଇସ୍‌ଲାମ୍ ନେତା ସଫିକ୍ ଉର ରହମାନ୍ ଶାସନ କ୍ଷମତାକୁ ଆସନ୍ତି ତେବେ ସେମାନେ ଯଥାକ୍ରମେ ଚୀନ୍ ଓ ପାକିସ୍ତାନର ଇଙ୍ଗିତରେ ଭାରତରେ ଅଶାନ୍ତି ଓ ଅସ୍ଥିରତା ସୃଷ୍ଟି କରିବାର ଆଶଙ୍କା ରହିଥିବା ବେଳେ ବାଂଲାଦେଶର ଶାନ୍ତି ଓ ସ୍ଥିରତା ମଧ୍ୟ ବ୍ୟାଘାତ ହେବ।

ଏବେ ୟୁନୁସ୍‌ଙ୍କ ଆଗରେ ମୁଖ୍ୟ ଆହ୍ୱାନ ରହିଛି ସେ ଦେଶରେ ନୀତିଗତ ସଂସ୍କାର ଏବଂ ଗଣତାନ୍ତ୍ରିକ ସରକାରର ପ୍ରତିଷ୍ଠା। ପାକିସ୍ତାନ ଓ ଚୀନ୍ କୋଳରେ ବସିଲେ ତାହା ଆଦୌ ସମ୍ଭବ ନୁହେଁ। କିନ୍ତୁ ଏ କଥା ୟୁନୁସ୍‌ଙ୍କୁ ବୁଝାଇବ କିଏ? ଓଡ଼ିଆରେ ଗୋଟେ ଢଗ ଅଛି - ନିଆଁ ଗିଳିଲେ ଅଙ୍ଗାର ବାହାରିବ। ଏବେ ପାକିସ୍ତାନ ରୂପୀ ଯେଉଁ ନିଆଁକୁ ୟୁନୁସ୍ ଗଳାହାର କରିଛନ୍ତି ତାହାର ପରାଭବ ବୁଝିବା ବେଳକୁ ବାଂଲାଦେଶର ରାଜନୀତି, ଅର୍ଥନୀତି, ଶାନ୍ତି, ସ୍ଥିରତା, ଗଣତନ୍ତ୍ର ଅଙ୍ଗାର ପାଲଟି ଯାଇଥିବ। ●

(ସକାଳ ମିଡିଆ ସର୍ଭିସ୍)

# କ୍ୱାଣ୍ଟମ୍ କମ୍ପ୍ୟୁଟିଂ: ଆଶା ଓ ଆହ୍ୱାନ

**ଡ. ଗୌରୀ ଶଙ୍କର ତ୍ରିପାଠୀ**

୨୦୨୫ କ୍ୱାଣ୍ଟମ୍ ମେକାନିକ୍ସର ପ୍ରଥମ ୧୦୦ ବର୍ଷ। ଏକ ବିରାଟ ମାଇଲଖୁଣ୍ଟ। କ୍ୱାଣ୍ଟମ୍ ବିଜ୍ଞାନ ଏବଂ ପ୍ରଯୁକ୍ତିବିଦ୍ୟାର ଅନ୍ତର୍ଜାତୀୟ ବର୍ଷ (ଆଇୱାଇକ୍ୟୁ) ରେ ବହୁତ କିଛି ଲେଖାଯାଇଛି। ତଥାପି ମୁଁ କ୍ୱାଣ୍ଟମ୍ ପ୍ରଯୁକ୍ତିର ଏକ ନିର୍ଦ୍ଦିଷ୍ଟ ଅଂଶ, ଅର୍ଥାତ୍ କ୍ୱାଣ୍ଟମ୍ କମ୍ପ୍ୟୁଟିଂ ଉପରେ ଏହି ଆଲେଖ୍ୟରେ କିଞ୍ଚିତ ଆଲୋଚନା କରିବାକୁ ଚାହେଁ।

ଲୋକମାନେ ନିଶ୍ଚିତ ଭାବରେ କ୍ୱାଣ୍ଟମ୍ କମ୍ପ୍ୟୁଟରକୁ ଭଲ କାମ କରିବା ପାଇଁ ବ୍ୟବହାର କରୁଛନ୍ତି ଏବଂ ନିଶ୍ଚିତ ଭାବରେ ଏଗୁଡ଼ିକ ଖୁବ୍‌ଶୀଘ୍ର ଶାସ୍ତ୍ରୀୟ କମ୍ପ୍ୟୁଟର ପରି ସାଧାରଣ ହୋଇଯିବ। କିନ୍ତୁ ପ୍ରକୃତରେ ଅବସ୍ଥା କ'ଣ, ତାହାର ଏକ ସ୍ପଷ୍ଟ ଚିତ୍ର ଏବେବି ଅସ୍ପଷ୍ଟ। ଆମେ ଏ କ୍ଷେତ୍ରରେ ଆହୁରି ଅଗ୍ରଗତି କରିବା ପୂର୍ବରୁ ମନେ ପକାଇବା ଉଚିତ ଯେ କ୍ୱାଣ୍ଟମ୍ କମ୍ପ୍ୟୁଟିଂ ଅନେକ ପ୍ରମୁଖ କ୍ୱାଣ୍ଟମ୍ ଗୁଣଧର୍ମ ଉପରେ ନିର୍ଭର କରେ, ଯେଉଁଥିରେ ସୁପରପୋଜିସନ୍ ଅନ୍ତର୍ଭୁକ୍ତ। ଏହା କ୍ୱାଣ୍ଟମ୍ ବିଟ୍ କିମ୍ବା କ୍ୟୁବିଟ୍ ସୃଷ୍ଟି କରେ। କ୍ୱାଣ୍ଟମ୍ କମ୍ପ୍ୟୁଟର ପାଇଁ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ହେଉଛି ଜଡ଼ିତ ହେବାର ଧାରଣା (ଏନଟାଙ୍ଗଲମେଣ୍ଟ), ଯାହା ଦ୍ୱାରା ଦୁଇ କିମ୍ବା ଅଧିକ କ୍ୱିବିଟ୍ ମଧ୍ୟରେ ସମନ୍ୱୟ ସ୍ଥାପନ ହୁଏ। ଏହା କ୍ୱିବିଟ୍‌ଗୁଡ଼ିକୁ କ୍ୱାଣ୍ଟମ୍ ସୂଚନା ପ୍ରଣାଳୀକୁ ଅନ୍ତର୍ଭୁକ୍ତ କରେ।

ଏକ ଅତ୍ୟନ୍ତ ସହବନ୍ଧିତ ବ୍ୟବସ୍ଥାରେ କ୍ୱାଣ୍ଟମ୍ କମ୍ପ୍ୟୁଟର ଏକକାଳୀନ ଅନେକ ପଥ ଅନୁସନ୍ଧାନ କରିପାରିବ। ଏହି ବୃହଦାକାର ସମାନ୍ତରାଳ ପ୍ରକ୍ରିୟାକରଣ ଦ୍ୱାରା କ୍ୱାଣ୍ଟମ୍ କମ୍ପ୍ୟୁଟର ଏକ ଶାସ୍ତ୍ରୀୟ କମ୍ପ୍ୟୁଟର ଅପେକ୍ଷା କିଛି ସମସ୍ୟାକୁ ଅତି ଦ୍ରୁତ ଗତିରେ ସମାଧାନ କରିପାରେ। କ୍ୱାଣ୍ଟମ୍ କମ୍ପ୍ୟୁଟର ପାଇଁ ଅନ୍ୟ ଏକ ପ୍ରମୁଖ ପ୍ରଣାଳୀ ହେଉଛି କ୍ୱାଣ୍ଟମ୍ ହସ୍ତକ୍ଷେପ (ଇଣ୍ଟରଫେରେନ୍ସ)। କ୍ୱାଣ୍ଟମ୍ କମ୍ପ୍ୟୁଟିଂରେ କ୍ୱାଣ୍ଟମ୍ ହସ୍ତକ୍ଷେପ ଗୁରୁତ୍ୱପୂର୍ଣ୍ଣ। କାରଣ ଏହା କ୍ୱାଣ୍ଟମ୍ ଆଲଗୋରିଦମରେ ସଠିକ୍ ଉତ୍ତରର ସମ୍ଭାବନାକୁ ବୃଦ୍ଧି କରେ ଏବଂ ଭୁଲ ଉତ୍ତରଗୁଡ଼ିକୁ ଦମନ କରେ, ଯାହା ଗଣନାକୁ ବହୁତ ଦ୍ରୁତ କରିଥାଏ। ସୁପରପୋଜିସନ୍ ଓ ଜଡ଼ିତ କରିବା ସହିତ କ୍ୱାଣ୍ଟମ୍ କମ୍ପ୍ୟୁଟରଗୁଡ଼ିକ ଏକାଥରେ ବିପୁଳ ସଂଖ୍ୟକ ସମ୍ଭାବନାକୁ ପ୍ରକ୍ରିୟାକରଣ ଓ ସଂରକ୍ଷଣ କରିପାରିବ। ସର୍ବୋତ୍ତମ ସୁପର କମ୍ପ୍ୟୁଟର ପକ୍ଷରେ ମଧ୍ୟ ଏହା ସମ୍ଭବ ନୁହେଁ।

ଯଦିଓ ଏହି ସବୁ ଉତ୍ସାହଜନକ ଲାଗୁଛି, ଏପର୍ଯ୍ୟନ୍ତ କ୍ୱାଣ୍ଟମ୍ କମ୍ପ୍ୟୁଟରଗୁଡ଼ିକର ସଫଳତା ଅସ୍ପଷ୍ଟ। ଏହା ସ୍ପଷ୍ଟ ଯେ କ୍ୱାଣ୍ଟମ୍ କମ୍ପ୍ୟୁଟରଗୁଡ଼ିକ ବାସ୍ତବ ଦୁନିଆରେ ନିୟୋଜିତ ହେବା ପାଇଁ ପ୍ରସ୍ତୁତ ନୁହନ୍ତି। ସମ୍ପୂର୍ଣ୍ଣ ଉପଲବ୍ଧ ହେବା ପୂର୍ବରୁ ଗୁରୁତ୍ୱପୂର୍ଣ୍ଣ ପ୍ରଯୁକ୍ତିବିଦ୍ୟା ଚ୍ୟାଲେଞ୍ଜଗୁଡ଼ିକୁ ଦୂର କରିବାକୁ ପଡ଼ିବ। ତଥାପି ଏହା ଦେଖାଯାଉଛି ଯେ କ୍ୱାଣ୍ଟମ୍ କମ୍ପ୍ୟୁଟିଂର ଦୃଢ଼ତା ହେଉଛି ଏହାର ଦୁର୍ବଳତା। ଯୋଉ କ୍ୱାଣ୍ଟମ୍ ଗୁଣଗୁଡ଼ିକ ଯଥା ସୁପରପୋଜିସନ୍, ଏନଟାଙ୍ଗଲମେଣ୍ଟ ଏବଂ ଇଣ୍ଟରଫେରେନ୍ସ- ଏହାକୁ ଏତେ ଶକ୍ତିଶାଳୀ କରେ, ସେମାନଙ୍କ ସୃଷ୍ଟି ଏବଂ ରକ୍ଷଣାବେକ୍ଷଣ କରିବା ମଧ୍ୟ ଅତ୍ୟନ୍ତ କଷ୍ଟକର। କ୍ୟୁବିଟ୍‌ଗୁଡ଼ିକ ସେମାନଙ୍କର ପାରିପାର୍ଶ୍ୱିକ ପରିବେଶ ପ୍ରତି ଅତ୍ୟନ୍ତ ସମ୍ବେଦନଶୀଳ। ସେଥିପାଇଁ କ୍ୱାଣ୍ଟମ୍ କମ୍ପ୍ୟୁଟରଗୁଡ଼ିକୁ ସଠିକ୍ ଗଣନା ପାଇଁ ଆବଶ୍ୟକ କ୍ୱାଣ୍ଟମ୍ ଅବସ୍ଥା ବଜାୟ ରଖିବା ପାଇଁ ବିଶେଷ ଏବଂ ପ୍ରାୟତଃ କ୍ରାୟୋଜେନିକାଲି-ନିୟନ୍ତ୍ରିତ ପରିବେଶ ଆବଶ୍ୟକ। ତେଣୁ ଅନେକ ପରସ୍ପର ସହିତ ଜଡ଼ିତ କ୍ୱିବିଟ୍ ସହିତ ଏକ କ୍ୱାଣ୍ଟମ୍ ସିଷ୍ଟମ୍ ନିର୍ମାଣ କରିବା ଏକ ମହଙ୍ଗା ଏବଂ ଜଟିଳ ଯାନ୍ତ୍ରିକ ଆହ୍ୱାନ। କ୍ୱାଣ୍ଟମ୍ ସିଷ୍ଟମ୍ ପାଇଁ ସଫ୍ଟୱେର୍ ଏବଂ ଆଲଗୋରିଦମର ବିକାଶ ନିମନ୍ତେ ଆବଶ୍ୟକ ଉପକରଣ ଓ ଫ୍ରେମୱାର୍କର ଅତ୍ୟନ୍ତ ଅଭାବ ଅଛି।

ଏତେ ବିପୁଳ ପରିମାଣର କାମର ଆବଶ୍ୟକତା ସତ୍ତ୍ୱେ କ୍ୱାଣ୍ଟମ୍ କମ୍ପ୍ୟୁଟରଗୁଡ଼ିକ ପୂର୍ବରୁ କିଛି ଆଶ୍ଚର୍ଯ୍ୟଜନକ ସମ୍ଭାବନା ପ୍ରଦର୍ଶନ କରିସାରିଛନ୍ତି। ଉଦାହରଣ ସ୍ୱରୂପ, ଆମେରିକୀୟ ଫାର୍ମ ଡି-ୱେଭ୍ ଏହି ବର୍ଷ ଆରମ୍ଭରେ ଦାବି କରିଥିଲା ଯେ ସେମାନେ କ୍ୱାଣ୍ଟମ୍ ଚୁମ୍ବକୀୟ ପର୍ଯ୍ୟାୟ ପରିବର୍ତ୍ତନ(କ୍ୱାଣ୍ଟମ ମାଗ୍ନେଟିକ ଫେଜ ଟ୍ରାଞ୍ଜିସନ)ର ସିମୁଲେସନ୍ କରିଛନ୍ତି, ଯାହା ସବୁଠାରୁ ଶକ୍ତିଶାଳୀ ଶାସ୍ତ୍ରୀୟ ଡିଭାଇସ୍ ଦ୍ୱାରା ସମ୍ଭବ ହେବ ନାହିଁ। ଯଦି ସତ୍ୟ, ତେବେ ଏହା ପ୍ରଥମ ଥର ପାଇଁ ଏକ କ୍ୱାଣ୍ଟମ୍ କମ୍ପ୍ୟୁଟରର ଏକ ବ୍ୟବହାରିକ ସଫଳତା ବୋଲି ଧରା ହେବ। କ୍ୱିବିଟ୍ ସ୍ଥିରତା ସମସ୍ୟାର ସମାଧାନ ପାଇଁ ସାରା ବିଶ୍ୱରେ ବହୁତ ଗବେଷଣା ଓ ବିକାଶ ଚାଲିଛି। କୌଣସି ପର୍ଯ୍ୟାୟରେ ଦୃଢ଼ ଓ ନିର୍ଭରଯୋଗ୍ୟ କ୍ୱାଣ୍ଟମ୍ କମ୍ପ୍ୟୁଟର ସ୍ଥାପତ୍ୟ ପାଇଁ ଏକ ଯୁଗାନ୍ତକାରୀ ଡିଜାଇନ୍ ହେବାର ସମ୍ଭାବନା ଅଛି। ପ୍ରଚ୍ଛଦପଟରେ ବର୍ତ୍ତମାନ ବହୁତ ବୈଷୟିକ ଉନ୍ନତି ଘଟୁଛି।

ବିଶ୍ୱାସ କରାଯାଉଛି ଯେ କ୍ୱାଣ୍ଟମ୍ କମ୍ପ୍ୟୁଟରଗୁଡ଼ିକ ଶାସ୍ତ୍ରୀୟ କମ୍ପ୍ୟୁଟରଗୁଡ଼ିକୁ ବଦଳାଇବ ନାହିଁ, ଅତି କମରେ ପ୍ରାରମ୍ଭିକ ଭାବରେ ନୁହେଁ, ବରଂ ସେମାନଙ୍କ ସହିତ କାମ କରିବ। କାରଣ ପ୍ରତ୍ୟେକର ନିଜସ୍ୱ ଆପେକ୍ଷିକ ଶକ୍ତି ଅଛି। କ୍ୱାଣ୍ଟମ୍ କମ୍ପ୍ୟୁଟରଗୁଡ଼ିକ ଔଷଧ ଆବିଷ୍କାର, ସାମଗ୍ରୀ ବିଜ୍ଞାନ, ଆର୍ଥିକ ମଡେଲିଂ, ଜଟିଳ ଅପ୍ଟିମାଇଜେସନ୍ ସମସ୍ୟା ଏବଂ ବର୍ଦ୍ଧିତ ବଡ଼ କୃତ୍ରିମ ବୁଦ୍ଧିମତ୍ତା ଏବଂ ମେସିନ୍-ଶିକ୍ଷଣ ମଡେଲ ଭଳି ନିର୍ଦ୍ଦିଷ୍ଟ ଏବଂ ଅତ୍ୟନ୍ତ ଦାବିପୂର୍ଣ୍ଣ (ଡିମାଣ୍ଡିଙ୍ଗ ) କମ୍ପ୍ୟୁଟେସନାଲ କାର୍ଯ୍ୟ ପାଇଁ ଉପଯୁକ୍ତ ହେବ। ଏଗୁଡ଼ିକ ସମସ୍ତ ଶାସ୍ତ୍ରୀୟ କମ୍ପ୍ୟୁଟର ସମ୍ବଳର ସୀମା ବାହାରେ। ଶାସ୍ତ୍ରୀୟ କମ୍ପ୍ୟୁଟରଗୁଡ଼ିକ ୱେବ୍ ବ୍ରାଉଜିଂ, ୱାର୍ଡ ପ୍ରୋସେସିଂ ଏବଂ ଡାଟାବେସ୍ ପରିଚାଳନା ଭଳି ଦୈନନ୍ଦିନ କାର୍ଯ୍ୟ ପାଇଁ ପ୍ରାସଙ୍ଗିକ ରହିବ ଏବଂ କ୍ୱାଣ୍ଟମ୍ ସିଷ୍ଟମ ଦ୍ୱାରା ଆବଶ୍ୟକ ତଥ୍ୟ ପ୍ରସ୍ତୁତି, ଭିଜୁଆଲାଇଜେସନ୍ ଏବଂ ତ୍ରୁଟି ସଂଶୋଧନ ପରିଚାଳନା ପାଇଁ ଅତ୍ୟାବଶ୍ୟକ ହେବ।

ଶେଷରେ, ଏଠାରେ ଉଲ୍ଲେଖ କରିବା ପାଇଁ ଗୋଟିଏ ବିଶେଷ କଥା ରହିଛି। ତାହା ହେଉଛି ସାଇବର ସୁରକ୍ଷା। କ୍ୱାଣ୍ଟମ୍ କମ୍ପ୍ୟୁଟିଂ ବର୍ତ୍ତମାନର ଏନକ୍ରିପ୍ସନ୍ ପଦ୍ଧତି ପାଇଁ ଏକ ବଡ଼ ବିପଦ ସୃଷ୍ଟି କରେ, ଯାହା ବହୁଳ ଭାବରେ ବ୍ୟବହୃତ ପବ୍ଲିକ୍-କୀ କ୍ରିପ୍ଟୋଗ୍ରାଫିକୁ ଦୁର୍ବଳ କରିବାର ଆଶଙ୍କା ରଖେ। ଏହା ଚିନ୍ତାର ବିଷୟ ଯେ ଆଜିକାଲି ହ୍ୟାକର୍ସମାନେ ଭବିଷ୍ୟତର କ୍ୱାଣ୍ଟମ୍ ଡିକ୍ରିପ୍ସନ୍ ଆଶାରେ ସେମାନଙ୍କର ଚୋରି ହୋଇଥିବା ତଥ୍ୟ ସଂରକ୍ଷଣ କରୁଛନ୍ତି। ଏହା ସତ୍ତ୍ୱେ ଆମେ ଆଶା କରିପାରିବା ଯେ କ୍ୱାଣ୍ଟମ୍ କମ୍ପ୍ୟୁଟରର ଭବିଷ୍ୟତ ଉଜ୍ଜ୍ୱଳ। ●

(ପୂର୍ବତନ ପ୍ରାଧ୍ୟାପକ, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ)
ବ୍ରହ୍ମପୁର, ମୋ: ୯୯୩୭୧୮୮୪୮୫

## ମାଇକ୍ରୋଓଏଭ ଚୁଲିର ଭଲ-ମନ୍ଦ

**ଶ୍ରୀନନ**

ବିଜ୍ଞାନ ବାର୍ତ୍ତା

ବର୍ତ୍ତମାନ ବିଶେଷ କରି ସହରାଞ୍ଚଳମାନଙ୍କରେ ମାଇକ୍ରୋଓଏଭ ଚୁଲି ପ୍ରାୟ ଘରେ ଘରେ ବ୍ୟବହାର ହେଉଛି। ଦିନକୁ ଦିନ ଏହାର ଚାହିଦା ବଢ଼ିବାରେ ଲାଗିଛି। ଏଥିରେ ରନ୍ଧନ ସହଜ ଓ ପରିଷ୍କାର ରହୁଥିବାରୁ ଆଦର ବଢୁଚି। କିନ୍ତୁ ଏହାର ଭଲ ଗୁଣ ଯେତିକି, ମନ୍ଦ ଗୁଣ ତା'ଠାରୁ ନିହାତି କମ ନୁହେଁ ବୋଲି ବୈଜ୍ଞାନିକମାନେ ମତ ଦେଲେଣି।

ମାଇକ୍ରୋଓଏଭ ଚୁଲିର ଉଦ୍ଭାବନ କରିଥିଲେ ଆମେରିକାର ପ୍ରସିଦ୍ଧ ପ୍ରତିରକ୍ଷା ସାମଗ୍ରୀ ପ୍ରସ୍ତୁତ ଓ ଯୋଗାଣକାରୀ କମ୍ପାନୀର ପ୍ରଯୁକ୍ତି ବିଜ୍ଞାନୀ ପର୍ସି ସ୍ପେନସର। ତତ୍ପରେ ଏ କମ୍ପାନୀ ୧୯୪୬ ମସିହାରେ ମାଇକ୍ରୋଓଏଭ ରନ୍ଧନ ପଦ୍ଧତିକୁ ସ୍ୱାଧିକାର ଭୁକ୍ତ (ପାଟେଣ୍ଟ) କଲା ଏବଂ ୧୯୪୭ ଦଶକର ପ୍ରାରମ୍ଭରେ ଲିଟନ୍ ନାମକ ଅନ୍ୟ ଏକ କମ୍ପାନୀ ଏହାର ସତ୍ତ୍ୱାଧିକାର କ୍ରୟ କରି ଆଧୁନିକ ମାଇକ୍ରୋଓଏଭ୍ ଚୁଲିମାନ ତିଆରି କରି ବଜାରକୁ ଛାଡ଼ିଲା। ଏ ଚୁଲିରେ ରନ୍ଧନ ଆନେକ ଦୃଷ୍ଟିରୁ ସୁବିଧାଜନକ। ପ୍ରଥମତଃ, ଏହା ପାରମ୍ପରିକ ପଦ୍ଧତିଗୁଡ଼ିକ ଠାରୁ କମ୍ ସମୟ ନିଏ ଏବଂ ସେଥିପାଇଁ କମ୍ ଶକ୍ତି ଆବଶ୍ୟକ କରେ। ପୁନଶ୍ଚ ଏଥିରେ ପ୍ରସ୍ତୁତ ଖାଦ୍ୟରେ ଥିବା ବିବଧ ପୁଷ୍ଟିକର। ବିଶେଷକରି, ପ୍ରୋଟିନ ଓ ଭିଟାମିନ୍ ଏହିପ୍ରକାର ରନ୍ଧନ ପ୍ରଣାଳୀରେ ସୁରକ୍ଷିତ ରହେ। ଏପରିକି ଏଥିରେ ଖାଦ୍ୟକୁ ବାରମ୍ବାର ଗରମ କଲେ ମଧ୍ୟ ତାର ପୌଷ୍ଟିକମାନ ବିଶେଷ ପ୍ରଭାବିତ ହୁଏ ନାହିଁ।

ତେବେ ଏ ରନ୍ଧନର କେତେକ ନକାରାତ୍ମକ ଦିଗ ଥିବା କଥା ବୈଜ୍ଞାନିକମାନେ ସୂଚୀତ କଲେଣି। ତଦନୁଯାୟୀ ଏଥିରେ ଖାଦ୍ୟ ଅଳ୍ପ ସମୟ ପାଇଁ ଗରମ କରାଯାଉଥିବାରୁ ତାହା ଅସମାନ ହୁଏ। ଅଧିକାଂଶ ସମୟରେ ଆମେ ଏଥିରେ ଆଗରୁ ପ୍ରସ୍ତୁତ ଖାଦ୍ୟକୁ ପୁନର୍ବାର ଗରମ କରି ଖାଇଥାଉ। ସେଥିରେ ଜୀବାଣୁ ସମେତ କିଛି ସୂକ୍ଷ୍ମଜୀବ ବଢ଼ି ପାରିଥା'ନ୍ତି। ଅସମାନ ଗରମ ସେଗୁଡ଼ିକୁ ମାରି ପାରେ ନାହିଁ। ପୁନଶ୍ଚ ମାଇକ୍ରୋଓଏଭ ଚୁଲିରେ ବାରମ୍ବାର ପ୍ରକ୍ରିୟାକରଣ ଖାଦ୍ୟରେ କିଛି ଅଜଣା ଉପଜାତ ପଦାର୍ଥ ସୃଷ୍ଟି କରିପାରେ ବୋଲି କୁହାଯାଉଛି। ଏଗୁଡିକୁ ଆମ ଚୟାପ୍ରନ (ମେଟାବୋଲିଜିମ୍) ପ୍ରକ୍ରିୟା ବିଭାଜିତ କରିପାରେ ନାହିଁ। ଏହା ଆମ ମସ୍ତିଷ୍କର ସ୍ନାୟୁତନ୍ତୁଗୁଡ଼ିକୁ କ୍ଷତି ପହଞ୍ଚାଇ ପାରନ୍ତି। ଏହାବ୍ୟତୀତ ଏଥିରେ ରନ୍ଧା ହେଲେ ପନିପରିବାରେ ଥିବା ଖଣିଜ ଲବଣଗୁଡ଼ିକ କର୍କଟ ରୋଗକାରୀ ମୁକ୍ତ ମୂଳକ (ଫ୍ରି-ରାଡିକାଲସ୍)ରେ ପରିଣତ ହୋଇପାରନ୍ତି। ସେହିପରି ଏତଦ୍ୱାରା ଖାଦ୍ୟର ଅନ୍ୟାନ୍ୟ ପୁଷ୍ଟିକାରକ ଅଣୁଗୁଡ଼ିକର ସଂରଚନା ବଦଳି ସେମାନେ ଭିନ୍ନ ରୂପ ନେଇପାରନ୍ତି, ଯାହାକି ଆମ ସ୍ୱାସ୍ଥ୍ୟ ପାଇଁ ହାନିକାରକ ହୋଇପାରେ।

ତେବେ ବର୍ତ୍ତମାନ ମାଇକ୍ରୋଓଏଭ ଚୁଲି ଆମର ଏକ 'ଅତ୍ୟାବଶ୍ୟକ ହାନିକାରୀ'ରେ ପରିଣତ ହୋଇଛି। ଏଣୁ ଏହାକୁ ଆଉ ପରିତ୍ୟାଗ କରିବା ସମ୍ଭବପର ନୁହେଁ। ଏପରିସ୍ଥଳେ ତାହା ବ୍ୟବହାର କଲାବେଳେ କେତେକ ପ୍ରତିକାର ପଦକ୍ଷେପ ନିର୍ଦ୍ଧାରଣ କରାଯାଇଛି। ସେଗୁଡ଼ିକ ହେଲା ଖାଦ୍ୟ ପଦାର୍ଥଗୁଡ଼ିକୁ ସମାନଭାବେ ଛୋଟ ଛୋଟ କରି କାଟିଲେ ଏଥିଷର ଭଲ ରାନ୍ଧି ହୁଏ। କାରଣ ସେଥିମଧ୍ୟକୁ ମାଇକ୍ରୋଓଏଭ ତରଙ୍ଗ ସମାନ ଭାବେ ପ୍ରବେଶ କରେ। ଏଥିରୁ ଜୀବାଣୁ ନଷ୍ଟ ହୋଇଯାଆନ୍ତି। ଏଥିରେ ବ୍ୟବହୃତ ରନ୍ଧନ ପାତ୍ର କାଚ ବା ସେରାମିକ ହେବା ଦରକାର। ତାହା ଟେକା ବା ଗୋଲ ହୋଇଥିଲେ ତାହାର ଚାରିଆଡ଼େ ତାପମାତ୍ରା ସମାନ ହୁଏ। ଯେଉଁ ଖାଦ୍ୟ ଯେତିକି ସମୟ ରନ୍ଧାଯିବା କଥା ତା'କୁ ସେତିକି ସମୟ ରନ୍ଧିବା ଉଚିତ। ଏଥିରେ ମାଂସ, କୁକୁଡ଼ା ମାଂସ, ମାଛ କିମ୍ବା ଅଣ୍ଡା ରାନ୍ଧିଲେ ବିଶେଷ ସାବଧାନତା ଅବଲମ୍ବନ କରିବା ଦରକାର। ଯେତେଦୂର ସମ୍ଭବ, ଏଥିରେ ତାହା ନ ରାନ୍ଧିଲେ ଭଲ। ରାନ୍ଧିବା ଭିତରେ ଖାଦ୍ୟକୁ ଅନ୍ତତଃ ଥରେ ଘାଣ୍ଟିବା ଦରକାର। ନଚେତ୍ ତାହାକୁ ଚୁଲି ଭିତରୁ କାଢ଼ିବା ଆଗରୁ କିଛିସମୟ ରହିବାକୁ ଦେବା ଭଲ। ତା'ହେଲେ ତହିଁରେ ତାପମାତ୍ରା ସୁଷମ ରୂପେ ଆବଣ୍ଟନ ହେବା ସମ୍ଭବ ହେବ।

ମାଇକ୍ରୋଓଏଭ ଚୁଲିରେ ପ୍ଲାଷ୍ଟିକ ବାସନ ବ୍ୟବହାର ଯେତେ କମ କରାଯିବ ସେତେ ଭଲ। କାରଣ ଏ ସମୟରେ ତହିଁରୁ ସୂକ୍ଷ୍ମ ପ୍ଲାଷ୍ଟିକ କଣିକା ନିର୍ଗତ ହୋଇ ଖାଦ୍ୟରେ ମିଶିପାରେ। ଏଥିପାଇଁ କିଛି ବିଶେଷ ଧରଣର ମାଇକ୍ରୋଓଏଭ ନିରାପଦ ରନ୍ଧନ ପାତ୍ର ରହିଛି। ତାହାର ବ୍ୟବହାର ନିରାପଦ ବୋଲି ମନେ କରାଯାଏ। ●

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରେମିକାର ତଣ୍ଟି କାଟିଦେଲା

ବାରିପଦା/କରଞ୍ଜିଆ, ୧୦।୧୧ (ସମିସ): ଅନ୍ୟ ଜଣଙ୍କ ସହ ଫୋନ୍‌ରେ କଥା ହେବାରୁ ପ୍ରେମିକାର ତଣ୍ଟି କାଟିଦେଲା ପ୍ରେମିକ। ମୟୂରଭଞ୍ଜ ଜିଲ୍ଲା ଯଶିପୁର ଥାନା ଇଟାମୁଣ୍ଡି ଛକ ନିକଟରେ ଏଭଳି ଏକ ଘଟଣା ଘଟିଛି। ଗୁରୁତର ପ୍ରେମିକାକୁ ଯଶିପୁର ମେଡିକାଲରେ ଭର୍ତ୍ତି କରାଯାଇଛି। ପୁଲିସ ଅଭିଯୁକ୍ତ ପ୍ରେମିକକୁ ଥାନାରେ ଅଟକ ରଖି ପଚରାଉଚରା କରୁଛି। କେନ୍ଦୁଝର ଜିଲ୍ଲା ଆନନ୍ଦପୁର ଅଞ୍ଚଳର ଜଣେ ଯୁବକ ଯଶିପୁର ଥାନା ମହାରାଜପୁର ଗାଁର ଏକ ଭଡ଼ାଘରେ ରହୁଥିଲେ। ସେଠାରେ ତାଙ୍କର ଜଣେ ଯୁବତୀଙ୍କ ସହ ପ୍ରେମ ସଂପର୍କ ଗଢ଼ି ଉଠିଥିଲା। ସବୁ ଠିକ୍‌ଠାକ୍ ଚାଲିଥିଲା। ରବିବାର ବିଳମ୍ବିତ ରାତିରେ ଯୁବତୀଜଣଙ୍କ ଅନ୍ୟ କାହା ସହ ଫୋନ୍‌ରେ ଦୀର୍ଘ ସମୟ ଧରି କଥା ହେଉଥିଲେ। ଏପଟେ ବାରମ୍ବାର ଫୋନ୍ କରି ନିରାଶ ହେବାରୁ ଯୁବକଜଣଙ୍କ ସନ୍ଦେହ କରିଥିଲେ ଏବଂ ରାତିରେ ଯୁବତୀଙ୍କ ଘରେ ପହଞ୍ଚି ତାଙ୍କୁ ଫୋନ୍ କାଟିବାକୁ କହିଥିଲେ। ଏହାକୁ ନେଇ ଦୁହିଁଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଯୁବକଜଣଙ୍କ ଏକ ବ୍ଲେଡ୍‌ରେ ପ୍ରେମିକାର ବେକକୁ କାଟି ଦେଇଥିଲେ। ପରିବାରଲୋକ ଏହା ଜାଣିବା ପରେ ତାଙ୍କୁ ତୁରନ୍ତ ଯଶିପୁର ମେଡିକାଲରେ ଭର୍ତ୍ତି କରାଇଥିଲେ।

## ପ୍ରେମିକାକୁ ଫଟୋ ପଠାଇ ଆତ୍ମହତ୍ୟା

ବ୍ରହ୍ମପୁର, ୧୦।୧୧(ସମିସ): ବାରମ୍ବାର ମେସେଜ୍, କଲ୍ କଲେ। ଫ୍ୟାନ୍ ହୁକରେ ଗାମୁଛା ବାନ୍ଧି ଜୀବନ ହାରିବେ ବୋଲି ଧମକ ଦେଇ ତାହାର ଫଟୋ ବି ପଠାଇଲେ। କିନ୍ତୁ ପ୍ରେମିକାଙ୍କ ପକ୍ଷରୁ କୌଣସି ପ୍ରତ୍ୟୁତ୍ତର ନ ମିଳିବାରୁ ସତକୁ ସତ ଜୀବନ ହାରିଦେଲେ। ବ୍ରହ୍ମପୁର ବଡ଼ବଜାର ଥାନା ଅନ୍ତର୍ଗତ ପ୍ରେମନଗର ଅଞ୍ଚଳରେ ଆଜି ଏଭଳି ଏକ ଅଘଟଣ ଘଟିଛି। ମୃତ ଯୁବକଜଣଙ୍କ ହେଲେ, ଲକଣ୍ଠେଶ୍ୱର ସ୍କୁଲ ନିକଟସ୍ଥ ସୁବୁଦ୍ଧିସାହିର ଦଣ୍ଡପାଣି ସାହୁ(୨୨)। ସେ ପ୍ରେମନଗର ଅଞ୍ଚଳରେ ଏକ ବାର୍ ଆଣ୍ଡ ରେଷ୍ଟୋରାଁରେ କାମ କରୁଥିଲେ। ପୁଲିସ ଘଟଣାସ୍ଥଳରୁ ଦଣ୍ଡପାଣିଙ୍କ ମୋବାଇଲ ଜବତ କରିଛି।

ସୂଚନାନୁଯାୟୀ, ଦଣ୍ଡପାଣି ପାରାଦ୍ୱୀପ ଅଞ୍ଚଳରେ ରହୁଥିବା ଜଣେ ଯୁବତୀଙ୍କୁ ଭଲ ପାଉଥିଲେ। ଗତ ଅକ୍ଟୋବର ମାସରେ କୌଣସି କାରଣରୁ ଉଭୟଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଦୁଇ ବର୍ଷ ତଳେ ଦଣ୍ଡଙ୍କ ମା' ମୃତ୍ୟୁବରଣ କରିଥିଲେ। ମାଆଙ୍କୁ ଭୁଲି ନ ପାରି ମା' ପାଖକୁ ଚାଲିଯିବି ବୋଲି ସୋସିଆଲ ମିଡିଆରେ ସେ ପ୍ରେମିକାକୁ କହି ଆସୁଥିଲେ। ରବିବାର ସକାଳେ ଦଣ୍ଡପାଣି ପ୍ରେମନଗର ଅଞ୍ଚଳରେ ଥିବା ଏକ ମେସ୍ ରୁମ୍‌ରେ ରହି ପ୍ରେମିକାକୁ ବାରମ୍ବାର ଫୋନ କରିଥିଲେ। ଆତ୍ମହତ୍ୟା ଲାଗି ନିଜକୁ ପ୍ରସ୍ତୁତ କଲା ଭଳି ବିଭିନ୍ନ ଫଟୋ ପଠାଇଥିଲେ। ରୁମ୍‌ର ଅନ୍ୟ କର୍ମଚାରୀମାନେ କାମକୁ ଯାଇଥିବା ବେଳେ ଦଣ୍ଡପାଣି ଫ୍ୟାନ୍‌ରେ ଗାମୁଛା ଦେଇ ଝୁଲି ପଡ଼ିଥିଲେ। ବଡ଼ବଜାର ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ବ୍ରହ୍ମପୁର ଏମ୍‌କେସିଜି ମେଡିକାଲରେ ଭର୍ତ୍ତି କରାଇଛି। ଏହାସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଥିବା ଜଣାପଡ଼ିଛି।

### 'ପରବ' ଆୟୋଜନ ହେବାକୁ ଥିବା ସ୍ଥାନକୁ ନେଇ ବିବାଦ

## ମାମଲାରେ ହସ୍ତକ୍ଷେପ ପାଇଁ ମନା କଲେ ହାଇକୋର୍ଟ

କଟକ,୧୦।୧୧ (ସମିସ): କୋରାପୁଟର ଗଣପର୍ବ 'ପରବ' ଆୟୋଜନ ପାଇଁ ଚୟନ କରାଯାଇଥିବା ସ୍ଥାନକୁ ନେଇ ବିବାଦ ଦେଖାଦେଇଥିବା ବେଳେ ଏ ସଂପର୍କିତ ଜନସ୍ୱାର୍ଥ ମାମଲାରେ ହସ୍ତକ୍ଷେପ କରିବାକୁ ହାଇକୋର୍ଟ ମନା କରିଛନ୍ତି। ଫଳରେ ପରବ ଆୟୋଜନ ପ୍ରସଙ୍ଗକୁ ନେଇ ଦେଖାଦେଇଥିବା ଅନିଶ୍ଚିତତା ଦୂର ହୋଇଛି। ରଘୁ ପରଜା ଓ ଅନ୍ୟ ୧୩ ଜଣଙ୍କ ତରଫରୁ ଦାୟର ଜନସ୍ୱାର୍ଥ ଆବେଦନର ଶୁଣାଣି କରି ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ୍ ଏମ.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ହସ୍ତକ୍ଷେପ କରିବାକୁ ମନା କରିଛନ୍ତି। ଏଥିସହ ଶୁଣାଣିରେ ଅନ୍ତ ଘଟାଇଛନ୍ତି।

ମାମଲାର ବିବରଣୀରୁ ପ୍ରକାଶ, କୁମ୍ଭା-୧ ମୌଜାର ଗୋଚର ଜମି ଉପରେ ପରବ ଆୟୋଜନ ପାଇଁ ଜିଲ୍ଲା ପ୍ରଶାସନ ନିଷ୍ପତ୍ତି ନେଇଥିଲା। ପୂର୍ବରୁ ଡିଏଭି କଲେଜ ପଡ଼ିଆରେ ପରବ ଆୟୋଜନ କରାଯାଉଥିବା ବେଳେ ଜନସଂଖ୍ୟା ବୃଦ୍ଧି ଓ ଟ୍ରାଫିକ ସମସ୍ୟା ପାଇଁ ନୂଆ ସ୍ଥାନ ଚିହ୍ନଟ କରାଯାଇଥିଲା। ପରେ ଏହି ଜମି ଉପରେ ପ୍ରଶାସନ ପାଚେରି ଉଠାଇବା ସହ ବାଲି ପକାଉଥିବା ଅଭିଯୋଗ ହୋଇଥିଲା। ଏହି ଅଞ୍ଚଳର ଲୋକମାନେ କୃଷି ଓ ପଶୁପାଳନ ଉପରେ ମୁଖ୍ୟତଃ ନିର୍ଭର କରୁଥିବା ବେଳେ ଗୋଚର ଜମିର ଆବଶ୍ୟକତା ରହିଛି ବୋଲି ଆବେଦନକାରୀଙ୍କ ତରଫରୁ ଦର୍ଶାଯାଇଥିଲା। ଗୋଚର ଜମିକୁ ଅନ୍ୟ କାର୍ଯ୍ୟରେ ବ୍ୟବହାର କରାଯିବା ଦ୍ୱାରା ଗାଈଗୋରୁ କେଉଁ ସ୍ଥାନକୁ ଯିବେ ବୋଲି ଆବେଦନକାରୀ ପ୍ରଶ୍ନ ଉଠାଇଥିଲେ। ଏଥିସହ ଏହି ଜମିର କିସମକୁ ବେଆଇନ ଭାବେ ପରିବର୍ତ୍ତନ କରିବା ପାଇଁ ପ୍ରଶାସନ ପଦକ୍ଷେପ ଗ୍ରହଣ କରୁଛି ବୋଲି ଆବେଦନକାରୀ ଅଭିଯୋଗ କରିଥିଲେ। ଆଜି ମାମଲାର ଶୁଣାଣି ସମୟରେ ସରକାରଙ୍କ ତରଫରୁ ଦର୍ଶାଯାଇଥିଲା ଯେ ଆଇନ ଅନୁସାରେ ୨୬.୨୫ ଏକର ଜମିର କିସମ ଗୋଚରରୁ ପତିତକୁ ପରିବର୍ତ୍ତନ କରାଯାଇଛି। କୁମ୍ଭା-୧ ମୌଜାରେ ଅନ୍ୟ ୬୨.୬୩ ଏକର ଗୋଚର ଜମି ରହିଛି। ତେଣୁ ଆବେଦନକାରୀଙ୍କ ଅଭିଯୋଗ ଭିତ୍ତିହୀନ ବିକଳ୍ପ ଗୋଚର ଜମି ରହିଛି। ଏଥିସହ ଆଇନ ଅନୁସାରେ କିସମ ପରିବର୍ତ୍ତନ କରାଯାଇଛି। ତେଣୁ ଜନସ୍ୱାର୍ଥ ମାମଲା ଗ୍ରହଣୀୟ ନୁହେଁ ବୋଲି ସରକାରଙ୍କ ତରଫରୁ ଦର୍ଶାଯାଇଥିଲା। ସରକାରଙ୍କ ତରଫରୁ ଏଜିଏ ଦେବାଶିଷ ତ୍ରିପାଠୀ ମାମଲା ପରିଚାଳନା କରୁଥିଲେ।

## ମହିଳାଙ୍କୁ ହତ୍ୟା କରି ଗଛରେ ଟାଙ୍ଗିଦେଲେ!

ପାଲଲହଡ଼ା, ୧୦।୧୧ (ସମିସ): ଅନୁଗୋଳ ଜିଲ୍ଲା ପାଲଲହଡ଼ା ଥାନା ନନ୍ଦିନୀପାଲି ଗ୍ରାମ ରାସ୍ତାପାର୍ଶ୍ୱ ଏକ ଗଛରୁ ଜଣେ ମହିଳାଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର କରାଯାଇଛି। ମୃତକ ହେଲେ, ଗ୍ରାମର ଗୁରୁବାରୀ ନାୟକ। ରବିବାର ସନ୍ଧ୍ୟାରୁ ଗୁରୁବାରୀ କୌଣସି କାମରେ ବାହାରକୁ ଯାଇଥିଲେ। ବିଳମ୍ବିତ ରାତି ପର୍ଯ୍ୟନ୍ତ ଘରକୁ ନ ଫେରିବାରୁ ପରିବାରଲୋକେ ତାଙ୍କୁ ଖୋଜାଖୋଜି କରିଥିଲେ ହେଁ ପାଇନଥିଲେ। ତେବେ ସୋମବାର ସକାଳେ ଗାଁ ନିକଟ ଆମ୍ବ ଗଛରେ ତାଙ୍କ ମୃତଦେହ ଝୁଲୁଥିବା ଦେଖିବାକୁ ମିଳିଥିଲା। ଏ ସଂପର୍କରେ ପରିବାର ପକ୍ଷରୁ ଥାନାରେ ଅଭିଯୋଗ ପରେ ସାଇଣ୍ଟିଫିକ୍ ଟିମ ଓ ସନ୍ଧାନୀ କୁକୁର ସହାୟତାରେ ପୁଲିସ ତଦନ୍ତ ଆରମ୍ଭ କରିଛି। କେହି ଦୁର୍ବୃତ୍ତ ତାଙ୍କୁ ହତ୍ୟା କରି ଗଛରେ ଝୁଲାଇ ଦେଇଥିବା ପରିବାରଲୋକେ ଅଭିଯୋଗ କରିଛନ୍ତି। ତଦନ୍ତ ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ଥାନା ଅଧିକାରୀ ପ୍ରଦୀପ କୁମାର ମହାନ୍ତ ସୂଚନା ଦେଇଛନ୍ତି।


**NOTICE**

By virtue of an affidavit sworn before Executive Magistrate, Banpur, Vide No.- 4068, dated- 06/11/2025 I, Adeitya Baghasingh, Address:- S/o- Prasanna Baghasingh, At- Paladhuapalli, Po.- Ayatpur, Ps.- Nachuni, Dist.- Khordha, Odisha, Pin- 752035, declare that I have changed my name from **Ajita Baghasingh** to **Adeitya Baghasingh**. Henceforth, I shall be known as **Adeitya Baghasingh** for all purposes.

Adeitya Baghasingh

**AFFIDAVIT**

**I, Sri Rajesh Kumar Behera, S/o- Sri Chandra Sekhar Behera, R/o At/PO- Bijabandali, PS- Ambadola, Dist.- Rayagada declare that from now onwards my wife named Kshirodara shall be known as KSHIRODRA for all legal purposes by an affidavit No.384 sworn on Dt.09.06.2025.**

**AFFIDAVIT**

I, Rajib Lochan Ratha, S/o- Niranjan Ratha, resident of Po/Ps-Bhanjpur, Baripada, Mayurbhanj, Pin-757002, Odisha declare by this affidavit No. 1373 dtd- 31/10/25 that I will be known and signed as Rajib Lochan Ratha for all future purpose instead of Rajib Lachan Ratha, that reflects in my Matric Certificate.

**AFFIDAVIT**

I, Hasamtun Nisha, aged about 42 years, W/o- Fazle Karim, resident of At- Mahemudabad, Po- Kerang, Ps/Dist- Khurda, Odisha, Pin- 752055 declare by this affidavit No. 2281, dtd- 10/11/2025, that now onwards I shall be known as **HASMATUN NISHA** for all future purposes.

**AFFIDAVIT**

By virtue of an affidavit (CF No. 8003, date- 04/11/2025 sworn before the Executive Magistrate, Jharsuguda. I, **Basanti Nayak,** W/o- Keshab Parida, permanent resident of At- A.N. Guhalane, Laxmi Narayan Lane, PO: Budharaja, PS: Town, Dist: Sambalpur, PIN- 768004, Odisha declare that I have changed my minor daughter's name from **Nivedita Parida** (old name) to **Siddhi Parida** (new name). Henceforth, she shall be known as **Siddhi Parida** (new name) for all purposes.

**Basanti Nayak**

**AFFIDAVIT**

By virtue of an affidavit sworn before The Executive Magistrate, Panposh, Uditnagar, Rourkela , date- 23/05/2025. I, **Santosh Kumar Mohanty,** permanent resident of Qr No. D-418, Koelnagar, PO: Saktinagar, PS: Jhirpani, Rourkela, Dist: Dundargarh, PIN: 769014 Odisha declare that I have changed my minor son's name from **Rohan Mohnaty** to **Swarit Mohanty**. Henceforth, he shall be known as **Swarit Mohanty** (new name) for all purposes.

**Santosh Kumar Mohanty**

**AFFIDAVIT**

By virtue of an affidavit sworn before The Executive Magistrate, Deogarh, date- 31/10/2025. I, **Prema Manjari Acharya,** W/o Sribatsha Kumar Acharya, resident of Deogarh Town, Panda Sahi, New Colony, Ward No.2, PO/PS: Deogarh, Tahasil/Dist: Deogarh, Pin: 768108, Odisha declare that I have changed my name from **Premalata Acharya to Prema Manjari Acharya.** Henceforth, I shall be known as **Prema Manjari Acharya** (new name) for all purposes.

**Prema Manjari Acharya**

**AFFIDAVIT**

By virtue of an Affidavit No.6588 dt.04.07.2025 before the Executive Magistrate, Bhadrak I, Balaram Rout, aged 34 years, S/o-Nirmal Rout, At- Ajimatpur, Po-Ananda Bazar, Ps-Dhamnagar, Dist- Bhadrak have declare that my previous nick name was Deepak Kumar Jena S/o-Antaryami Jena and accordingly in my service documents at ATG Tyre Pvt. Ltd. has maintained, but my real name is Balaram Rout S/o-Nirmal Rout. Aadhaar No.6892 3027 4597 and both Deepak Kumar Jena S/o- Antaryami Jena is one and same person and both the names are belong to the deponent and I am known as Balaram Rout S/o-Nirmal Rout for all future purposes.

**Sd/- Balaram Rout**


# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ବିସ୍ଫୋରଣରେ ଥରିଲା...

ଜବତ ଘଟଣାକୁ ଏହା ସହ ଯୋଡ଼ି ଦେଖାଯାଉଛି। ଏହି ବିସ୍ଫୋରଣର ଭିଡିଓ ଭାଇରାଲ ହେବାରେ ଲାଗିଛି। ଏଥିରେ କାର୍‌ଟି ସମ୍ପୂର୍ଣ୍ଣ ଧ୍ୱଂସ ହୋଇଯାଉଥିବା ଦେଖାଯାଉଛି।ଭାରତର ଲୋକପ୍ରିୟ ପର୍ଯ୍ୟଟନ ସ୍ଥଳ ନିକଟରେ ଏଭଳି ବିସ୍ଫୋରଣ ହେବା ବଡ଼ ସୁରକ୍ଷା ଅବହେଳାକୁ ଦର୍ଶାଉଛି। ଦିଲ୍ଲୀ ପୁଲିସ ଡିଆଇଜି କହିଛନ୍ତି ଯେ ଆଜି ସନ୍ଧ୍ୟା ୬ଟା ୫୦ ମିନିଟରେ ଏକ କାର ରେଡ ସିଗ୍ନାଲ ନିକଟରେ ଅଟକିବା ମାତ୍ରେ ଏଥିରେ ବିସ୍ଫୋରଣ ହୋଇଥିଲା। ବିସ୍ଫୋରଣ ଯୋଗୁଁ ନିଆଁ ଆଖପାଖକୁ ବ୍ୟାପିଯାଇଥିଲା। ଏଥିରେ ଅନେକ କାର ଜଳିଯାଇଛି। ତେବେ ବିସ୍ଫୋରଣର କାରଣ ଜଣାପଡ଼ି ନାହିଁ। ଜଣେ ଆହତ ବ୍ୟକ୍ତି କହିଛନ୍ତି ଯେ ବିସ୍ଫୋରଣ ଶବ୍ଦ ଏତେ ପ୍ରଚଣ୍ଡ ଥିଲା ଯେ ସେ ତିନି ଥର ତଳେ ପଡ଼ି ଯାଇଥିଲେ। ଅନ୍ୟ ଜଣେ କହିଛନ୍ତି ଯେ ନିଆଁ ଗୋଳା ଉଠିବା ପରେ ସେ ଭୟରେ ଛାତରୁ ତଳକୁ ଚାଲି ଆସିଥିଲେ। କ'ଣ ହେଉଛି ଜାଣିବା ପାଇଁ ଚାହିଁଥିଲେ। ଏକାଧିକ କାର୍‌ରେ ବିସ୍ଫୋରଣ ହୋଇଥିବା ସେ କହିଥିଲେ। ଏହି ବିସ୍ଫୋରଣ ସ୍ଥଳଠାରୁ ଗୁରୁଦ୍ୱାର ସିସ୍ ଗଞ୍ଜ ସାହିବ କିଛି ଶହ ମିଟର ଦୂରରେ ଏବଂ ଜାମା ମସ୍‌ଜିଦ ଏକ କିମି ଦୂରରେ ରହିଛି।

## ସବୁ ଦିଗର...

ପୁଲିସ ମୁଖ୍ୟ ଏବଂ ସ୍ପେସିଆଲ ବ୍ରାଞ୍ଚର ପ୍ରଭାରୀଙ୍କ ସହ ଆଲୋଚନା କରିଛନ୍ତି। ଉଭୟେ ଘଟଣାସ୍ଥଳରେ ଉପସ୍ଥିତି ଅଛନ୍ତି। ବିସ୍ଫୋରଣର ପ୍ରତ୍ୟେକ ସମ୍ଭାବନାକୁ ଧ୍ୟାନରେ ରଖି ଯାଞ୍ଚ କରାଯିବ ବୋଲି ଶାହା କହିଛନ୍ତି। ସବୁ ବିକଳ୍ପ ଯାଞ୍ଚ କରାଯିବ ଏବଂ ଫଳାଫଳକୁ ଜନତାଙ୍କ ସାମ୍ନାରେ ରଖାଯିବ।

## ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀ...

ଏବଂ ଅନ୍ୟ ଅଧିକାରୀଙ୍କ ସହ କଥା ହୋଇ ସ୍ଥିତି ସମୀକ୍ଷା କରିଛନ୍ତି। ଏହି ବିସ୍ଫୋରଣ ସମ୍ପର୍କରେ ଅମିତ ଶାହା ମୋଦୀଙ୍କୁ ବିସ୍ତୃତ ସୂଚନା ଦେଇଛନ୍ତି। ଦିଲ୍ଲୀ ପୁଲିସ କମିଶନର, ଏନଆଇଏ ମୁଖ୍ୟ ଏବଂ ଗୁଇନ୍ଦା ବ୍ୟୁରୋ (ଆଇବି) ମୁଖ୍ୟ ନିୟମିତ ଭାବେ ସ୍ୱରାଷ୍ଟ୍ରମନ୍ତ୍ରୀଙ୍କୁ ସ୍ଥିତି ବିଷୟରେ ଅବଗତ କରାଉଛନ୍ତି।

ଓଡ଼ିଶାର ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଘଟଣାର କଡ଼ା ନିନ୍ଦା କହିଛନ୍ତି, ଏଭଳି ଅମାନବୀୟ ଘଟଣାକୁ ଭାରତ କେବେ ବରଦାସ୍ତ କରିନାହିଁ, କି କରିବ ନାହିଁ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏବଂ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହାଙ୍କ ନେତୃତ୍ୱରେ କେନ୍ଦ୍ର ସରକାର ନିଶ୍ଚିତ ଭାବେ ଏ ଘଟଣାର ଉପଯୁକ୍ତ ତଦନ୍ତ କରି ଦୋଷୀମାନଙ୍କୁ ଦଣ୍ଡବିଧାନ କରିବେ ବୋଲି ମୁଖ୍ୟମନ୍ତ୍ରୀ ଦୃଢୋକ୍ତି ପ୍ରକାଶ କରିଛନ୍ତି। ଏହି ଘଟଣା ପରେ ମୁଖ୍ୟମନ୍ତ୍ରୀ ପୁଲିସ ମହାନିର୍ଦ୍ଦେଶକଙ୍କ ସହିତ ଟେଲିଫୋନ ଯୋଗେ ଆଲୋଚନା କରି ଓଡ଼ିଶାରେ ବ୍ୟାପକ ସୁରକ୍ଷା ବ୍ୟବସ୍ଥା କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ବିଶେଷକରି ଓଡ଼ିଶାରେ ବାଲିଯାତ୍ରା ପରି ଉତ୍ସବ ଅନୁଷ୍ଠିତ ହେଉଥିବାବେଳେ, ପୁଲିସ ପକ୍ଷରୁ ସମ୍ପୂର୍ଣ୍ଣ ଭାବେ ସଜାଗ ରହିବାକୁ ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି। ଏହା ସହିତ ରାଜ୍ୟର ପ୍ରମୁଖ ସହର ଏବଂ ବିଭିନ୍ନ ସମ୍ବେଦନଶୀଳ ସ୍ଥାନ ମାନଙ୍କରେ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରିବାକୁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି।

## ଆତଙ୍କବାଦର ନୂଆ...

ମିଳିଥିବା ସୂଚନା ଅନୁଯାୟୀ ଡାକ୍ତର ମୁଜାମ୍ମିଲ ଫରିଦାବାଦ୍‌ର ଅଲଫଲାହ ସ୍କୁଲ ଅଫ୍ ମେଡିକାଲ ସାଇନ୍ସ ଆଣ୍ଡ ରିସର୍ଚ୍ଚ ସେଣ୍ଟରରେ ପଢ଼ାଉଥିଲା।। ତାକୁ ଉତ୍ତରପ୍ରଦେଶର ସାହାରନପୁରରେ ପୁଲିସ ଗିରଫ କରାଯାଇଛି। ଏହାପୂର୍ବରୁ ନଭେମ୍ବର ୭ରେ ଜମ୍ମୁ-କଶ୍ମୀର ପୁଲିସ ଶାହାରନପୁରରେ ଡାକ୍ତର ଆଦିଲ ଅହମ୍ମଦକୁ ଗିରଫ କରିଥିଲା। ସେ କଶ୍ମୀର ଅନନ୍ତନାଗର ବାସିନ୍ଦା। ସେ ଅନନ୍ତନାଗର ସରକାରୀ ମେଡିକାଲ କଲେଜରେ ପ୍ରାକ୍ଟିସ କରୁଥିଲା। ୨୦୧୪ ସେ ଏଠାରେ ଇସ୍ତଫା ଦେବା ସହ ସାହାରନପୁରରେ ପ୍ରାକ୍ଟିସ କରୁଥିଲା। ମୁଜାମ୍ମିଲ ଫରିଦାବାଦ୍‌ର ଧୋଜ ଗାଁରେ ୩ ମାସ ତଳେ ଘରଭଡ଼ା ନେଇଥିଲା।। ସେ ଏଠାରେ ରହୁ ନଥିଲେ ମଧ୍ୟ କେବଳ ଜିନିଷପତ୍ର ରଖୁଥିଲା। ଗତ ୧୫ ଦିନ ହେବ ଜମ୍ମୁ-କଶ୍ମୀର ଓ ହରିୟାଣା ପୁଲିସ ମିଳିତ ଭାବେ ଜଏଣ୍ଟ ଅପରେସନ କରିଥିଲେ। ନଭେମ୍ବର ୯ ରେ ଚଢ଼ାଉ କରାଯାଇ ମୁଜାମ୍ମିଲ ଘରର ତଲାସି ନିଆଯାଇଥିଲା ବୋଲି ଫରିଦାବାଦ୍ ପୁଲିସ କମିଶନର ସତେନ୍ଦ୍ର କୁମାର ଗୁପ୍ତା କହିଛନ୍ତି। ଏଥିରେ ୩୬୦ କେଜିର ବିସ୍ଫୋରକ ଜବତ କରାଯାଇଥିଲା। ଏହା ଆମୋନିୟମ ନାଇଟ୍ରେଟ। କିନ୍ତୁ ଏହା ଆରଡିଏକ୍ସ ନୁହଁ ବୋଲି ସ୍ପଷ୍ଟ କରାଯାଇଛି। ଆତଙ୍କବାଦୀ ଗତିବିଧି ସହିତ ଜଡିତ ବହୁ ଜିନିଷପତ୍ର ମଧ୍ୟ ଜବଦ କରାଯାଇଥିଲା। ସେଗୁଡିକ ମଧ୍ୟରେ ୨୦ ଟାଇମର୍ସ, ବେଟୋରୀ ଓ ଅନ୍ୟ ଜିନିଷ ଜବତ କରାଯାଇଥିଲା। ସେହିପରି ଏକ ଆସଲ୍ଟ ରାଇଫଲ, ୩ ମ୍ୟାଗାଜିନ, ୮୩ ଗୁଳି, ଗୋଟିଏ ପିସ୍ତଲ ଓ ତା'ର ୮ ରାଉଣ୍ଡ ଗୁଳି, ୨ଟି ଖାଲି ଗୁଳି ଓ ଦୁଇଟି ଅତିରିକ୍ତ ମ୍ୟାଗାଜିନ ଜବତ କରାଯାଇଛି। ଜାତୀୟ ସୁରକ୍ଷା ଦୃଷ୍ଟିରେ ରଖି ଏ ନେଇ ଅଧିକ ସୂଚନା ଦେବାକୁ ମନା କରିଦିଆଯାଇଛି। ସେହିପରି ଆଦିଲକୁ ପଚରା ଉଚରା ଜାରି ରହିଛି। ବେଆଇନ୍ ତଥା ସଂଦୀଗ୍ଧ ଗତିବିଧି ନେଇ ୟୁଏପିଏ ଆଇନ୍ ଅନୁଯାଇ ମାମଲା ରୁଜୁ କରାଯାଇଛି।

## ବିହାରରେ ଶେଷ...

ହୋଇଛି। ଏହି ପର୍ଯ୍ୟାୟରେ ମୁସଲିମ ବହୁଳ ସୀମାଞ୍ଚଳ ସବୁଠୁ ଗୁରୁତ୍ୱପୂର୍ଣ୍ଣ ନିର୍ବାଚନୀ କ୍ଷେତ୍ର ପାଲଟି ଯାଇଛି। ପୂର୍ଣ୍ଣିଆ, ଅରରିଆ, କଟିହାର ଏବଂ କିଶନଗଞ୍ଜର ୨୪ ବିଧାନସଭା କ୍ଷେତ୍ରକୁ ବ୍ୟାପିଥିବା ଏହି ଅଞ୍ଚଳ ସରକାର ଗଠନ ପାଇଁ ଟ୍ରମ୍ପ କାର୍ଡ ସାବ୍ୟସ୍ତ ହୋଇପାରେ। ଆରଜେଡି ନେତୃତ୍ୱାଧୀନ କଂଗ୍ରେସ ଏଠାରେ ମଜବୁତ ସ୍ଥିତିରେ ଥିବାବେଳେ ଚଳିତ ଥର ଏଆଇଏମଆଇଏମ ଏବଂ ଜନସୁରାଜ ଏହି ମହାମେଣ୍ଟ ପାଇଁ ସମସ୍ୟା ସୃଷ୍ଟି କରିଛି। ମୁସଲମାନ ଏବଂ ଯାଦବଙ୍କ ବହୁଳ ଏହି କ୍ଷେତ୍ରରେ ଏନ୍‌ଡିଏ ବ୍ୟାକ୍‌ଫୁଟରେ ଅଛି। ଗତ ନିର୍ବାଚନରେ ସୀମାଞ୍ଚଳର ୫ ଆସନରେ ଏଆଇଏମଆଇଏମ ବିଜୟୀ ହୋଇ ସମସ୍ତଙ୍କୁ ଚକିତ କରିଦେଇଥିଲା। ଚଳିତ ଥର ଅଧିକ ଆସନରେ ଜିତିବାକୁ ଏହି ଦଳ ଆଶାବାଦୀ ରହିଛି। କିନ୍ତୁ ଜନସୁରାଜ ଏଥିରେ କିଛି ସମସ୍ୟା ସୃଷ୍ଟି କରିପାରେ ବୋଲି କୁହାଯାଉଛି।

ସୂଚନାଯୋଗ୍ୟ ଯେ ଗତ ୬ ତାରିଖରେ ଅନୁଷ୍ଠିତ ପ୍ରଥମ ପର୍ଯ୍ୟାୟ ମତଦାନରେ ୬୫ ପ୍ରତିଶତ ଭୋଟ୍ ରେକର୍ଡ କରାଯାଇଥିଲା। ଏଥିରେ ମହିଳାମାନେ ଅଧିକ ସଂଖ୍ୟାରେ ଭୋଟ୍ ଦେଇଥିଲେ। ଏମାନଙ୍କ ଭୋଟ୍ ନୂଆ ସରକାର ଗଠନରେ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିବ ବୋଲି କୁହାଯାଉଛି।

## ଆଜି ନୂଆପଡ଼ା...

ଏଥିରେ ମୋଟ ୨ଲକ୍ଷ ୫୪ହଜାର ଭୋଟର ମତଦାନ କରିବେ। ଏଥିରେ ୧ଲକ୍ଷ ୨୪ହଜାର ୫୪୪ଜଣ ପୁରୁଷ ଭୋଟର ଥିବାବେଳେ ୧ଲକ୍ଷ ୨୯ ହଜାର ୯୩୨ଜଣ ମହିଳା ଭୋଟର ଏବଂ ୨୧ଜଣ ତୃତୀୟଲିଙ୍ଗୀ ମତଦାତା ନିଜର ମତଦାନ କରିବାକୁ ଯାଉଛନ୍ତି।

ମିଳିଥିବା ସୂଚନା ଅନୁଯାୟୀ ମତଦାନ ପ୍ରକ୍ରିୟାରେ ମୋଟ୧୫୮୪ଜଣ କର୍ମଚାରୀ ଭାଗ ନେଉଛନ୍ତି। ସେହିପରି ମତଦାନ ପ୍ରକ୍ରିୟା ପରିଚାଳନାରେ ନିର୍ବାଚନ ମଣ୍ଡଳୀରେ ମୋଟ ୧୫୮୪ଜଣ କର୍ମଚାରୀ ଅଂଶଗ୍ରହଣ କରିଛନ୍ତି। ମୋଟ ୩୫୮ଟି ବୁଥ୍‌ରେ ୧୫୫୨ଜଣ ପୁରୁଷ ଏବଂ ୩୨ଜଣ ମହିଳା କର୍ମଚାରୀ ନିୟୋଜିତ ହୋଇଛନ୍ତି। ମୋଟ୍ ବୁଥ ଗୁଡ଼ିକ ମଧ୍ୟରୁ ୬ଟି ସଖି(ପିଙ୍କ) ବୁଥ୍ ରହିଥିବାବେଳେ ଏଥି ସହକାରେ ୮ଟି ପାର୍ଟି ବ୍ୟବସ୍ଥା କରାଯାଇଛି। ମତଦାନକୁ ନିରପେକ୍ଷ ଏବଂ ଅବାଧ କରିବାକୁ ନୂଆପଡ଼ାକୁ ନିର୍ବାଚନ ମଣ୍ଡଳୀ ବାହାର ଅର୍ଥାତ ଖଡ଼ିଆଳ ନିର୍ବାଚନ ମଣ୍ଡଳୀରୁ କର୍ମଚାରୀମାନଙ୍କୁ ନିୟୋଜିତ କରାଯାଇଛି। ଜିଲ୍ଲାରେ ମୋଟ ୩୫୮ଟି ବୁଥରେ ଭୋଟଗ୍ରହଣ କରାଯାଉଥିବାବେଳେ ଏଥିରୁ ୪୭ଟି ମାଓବାଦୀ ପ୍ରଭାବିତ ବୁଥ୍ ରହିଥିବା ତଥ୍ୟ ରହିଛି। ତନ୍ମଧ୍ୟରୁ ୮ଟି ବୁଥ ଦୁର୍ଗମ ଅଞ୍ଚଳରେ ଥିବା ଯଥା ୩୨୦ନମ୍ବର ବୁଥ୍ ସୋସେଙ୍ଗ ସେବାଶ୍ରମ, ସୋସେଙ୍ଗ-୨, ଦେଓସିଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ସୁନାବେଡା -୧, ସୁନାବେଡା ସେବାଶ୍ରମ ୧(କ), ଜାମଗାଁ ଉଚ୍ଚପ୍ରାଥମିକ ବିଦ୍ୟାଳୟ, ଗାତିବେଡା ଉଚ୍ଚପ୍ରାଥମିକ ବିଦ୍ୟାଳୟ- ୧, ଗାତିବେଡା ୨ ପାଇଁ ହେଲିକପ୍ଟର ଯୋଗେ ପୋଲିଂ କର୍ମଚାରୀମାନଙ୍କୁ ସ୍ୱତନ୍ତ୍ର ଭାବେ ନିଆଯାଇଛି। ଏହାକୁ ଜିଲ୍ଲାପାଳ ମଧୁସୂଦନ ଦାଶ ଏବଂ ଏସପି ଅମ୍ରିତ ପାଲ ସିଂ ଉପସ୍ଥିତ ରହି ପ୍ରତ୍ୟକ୍ଷ ମାର୍ଗଦର୍ଶନ କରିଥିଲେ। ନିର୍ବାଚନକୁ ଅବାଧ, ମୁକ୍ତ ଏବଂ ନିରପେକ୍ଷ କରିବାକୁ ବ୍ୟାପକ ପୁଲିସ ବଳ ନିୟୋଜିତ କରାଯାଇଛି। ଏଥିରେ ମୋଟ୍ ୧୨୩୧ଜଣ କର୍ମଚାରୀ ନିୟୋଜିତ ହୋଇଛନ୍ତି। ଜଣେ ଏସ୍‌ପି, ଏଏସ୍‌ପି, ୬ଜଣ ଡିଏସପି, ୯ଜଣ ଇନ୍ସପେକ୍ଟର, ୩୭ଜଣ ହାବିଲଦାର, ୧୨୩ଜଣ ଓଆର କନଷ୍ଟେବଲ, ୪୧ଜଣ ଏପିଆର କନ୍‌ଷ୍ଟେବଳ, ୩୭ଜଣ ଓଏପିଏଫ, ୫୭ଜଣ ହୋମଗାର୍ଡ ନିୟୋଜିତ ରହିଥିବା ଏକ ସୂତ୍ରରୁ ପ୍ରକାଶ। ଏହାବ୍ୟତୀତ ୧୪ କମ୍ପାନୀ ସିଏପିଫ, ୬ ପ୍ଲାଟୁନ ୨ସେକ୍ସନ ଏସପି ନିୟୋଜିତ ଥିବା ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ତରଫରୁ ସୂଚନା ପ୍ରଦାନ କରାଯାଇଛି।

## ସମ୍ବୋଧିତ କରିବେ...

ଏହାର ପରଦିନ ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ପ୍ରଥମ ଅତିରିକ୍ତ ବଜେଟ ଆଗତ ହେବ। ଡିସେମ୍ବର ୩୧ ତାରିଖ ଯାଏଁ ଚାଲିବାକୁ ଥିବା ଏହି ଅଧିବେଶନରେ ମୋଟ ୨୯ଟି କାର୍ଯ୍ୟ ଦିବସ ଥିବାବେଳେ ରାଷ୍ଟ୍ରପତିଙ୍କ ଅଭିଭାଷଣ ଦୃଷ୍ଟିରୁ ଅଧିବେଶନଟି ଐତିହାସିକ ହେବାକୁ ଯାଉଛି।

ବିଜ୍ଞପ୍ତି ଅନୁଯାୟୀ ୨୮ ତାରିଖରେ ଅତିରିକ୍ତ ବଜେଟ ଆଗତ ହେବା ପରେ ଏହା ଉପରେ ଡିସେମ୍ବର ୪, ୫ ଓ ୬ ତାରିଖ ତିନିଦିନ ଧରି ଅତିରିକ୍ତ ଖର୍ଚ୍ଚଦାବି ଆଲୋଚନା ହେବ। ଏହାପରେ ୭ ତାରିଖ ଛୁଟି ଥିବାବେଳେ ୮ ତାରିଖରେ ବ୍ୟୟମଞ୍ଜୁରୀ ବିଧେୟକ ଆଗତ ହେବ। ଉଲ୍ଲେଖଯୋଗ୍ୟ ଯେ ଓଡ଼ିଶା ବିଧାନସଭାର ଏକ ଅଧିବେଶନକୁ କୌଣସି ଅଧିବେଶନକୁ ରାଷ୍ଟ୍ରପତି ସମ୍ବୋଧନ କରିବା ପ୍ରଥମ ଘଟଣା । ରାଷ୍ଟ୍ରପତିଙ୍କ ଗସ୍ତକୁ ଦୃଷ୍ଟିରେ ରଖାଯାଇ ବିଧାନସଭା ପରିସରକୁ ନୂଆ ରୂପ ଦିଆଯାଉଛି। ବିଶେଷକରି ରାଷ୍ଟ୍ରପତି ଓଡ଼ିଶା ବିଧାନସଭାର ସଦସ୍ୟ ତଥା ମନ୍ତ୍ରୀ ଥିବାବେଳେ ଯେଉଁ କୋଠରୀରେ ବସୁଥିଲେ, ତାହାର ନବୀକରଣ କରାଯାଉଛି। ସୂଚନାଯୋଗ୍ୟ ଯେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଅତୀତରେ ରାଇରଙ୍ଗପୁର ବିଧାନସଭା ଆସନରୁ ବିଧାନସଭାକୁ ପ୍ରତିନିଧିତ୍ୱ କରିଥିବା ବେଳେ ବିଜେଡି-ବିଜେପି ମେଣ୍ଟ ସରକାର ସମୟରେ ବାଣିଜ୍ୟ ଓ ପରିବହନ ବିଭାଗର ମନ୍ତ୍ରୀ ଭାବେ ଦାୟିତ୍ୱ ତୁଲାଇଥିଲେ।

## ନିରବ ଅବଧିରେ...

ପରିଚାଳନା ଗଣତନ୍ତ୍ରର ପ୍ରକୃତ ପରିଚୟ। ଅତଏବ ନୂଆପଡ଼ା ଉପନିର୍ବାଚନର ବିଶ୍ୱସନୀୟତା ରକ୍ଷା ପାଇଁ ତୁରନ୍ତ ଏ ଦିଗରେ ପଦକ୍ଷେପ ଗ୍ରହଣ କରିବାକୁ ଭାରତୀୟ ନିର୍ବାଚନ ଆୟୋଗ ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ ନବୀନ ଅନୁରୋଧ କରିଛନ୍ତି।

ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ନବୀନ କହିଛନ୍ତି ଯେ ଭାରତୀୟ ନିର୍ବାଚନ ଆୟୋଗ ନିର୍ଦ୍ଦେଶାବଳୀ ଅନୁସାରେ ସାଇଲେଣ୍ଟ ପିରିୟଡ ଆରମ୍ଭ ହେଲେ ବାହାର ଅଞ୍ଚଳର ରାଜନୈତିକ ନେତା ଓ ପ୍ରଚାରକମାନଙ୍କୁ ନିର୍ବାଚନମଣ୍ଡଳୀରୁ ବାହାରିବାକୁ ପଡ଼େ। ମାତ୍ର ବିଜେପିର ନିର୍ବାଚନମଣ୍ଡଳୀ ବାହାରର ମନ୍ତ୍ରୀ, ବିଧାୟକ ଏବଂ ନେତାମାନେ ନୂଆପଡ଼ାରେ ଅବାଧ ଭାବେ ଘୁରି ବୁଲୁଛନ୍ତି। ସେମାନେ ଅସତ୍ ଉପାୟରେ ଭୋଟ ଦାତାମାନଙ୍କୁ ପ୍ରଭାବିତ କରିବାକୁ ଚେଷ୍ଟା କରୁଛନ୍ତି। ବଡ଼ ଆଶ୍ଚର୍ଯ୍ୟର କଥା ଯେ ସ୍ଥାନୀୟ ବିଜେଡି ନେତାମାନେ ଯେତେବେଳେ ଏହାର ବିରୋଧରେ ସ୍ୱର ଉଠାଉଛନ୍ତି ସେମାନଙ୍କୁ ପୁଲିସ ଅଟକ ରଖୁଛି। ଜିଲ୍ଲା ପ୍ରଶାସନ ଏବଂ ସ୍ଥାନୀୟ ପୁଲିସ ଏକ ନିରପେକ୍ଷ ନିର୍ବାଚନ ସୁନିଶ୍ଚିତ କରିବା ପରିବର୍ତ୍ତେ କିପରି ସରକାରୀ ଦଳର ସ୍ୱାର୍ଥ ପୂରଣ ପାଇଁ ପଡ଼ିଥିବା ଏଥିରୁ ସ୍ପଷ୍ଟ ସୂଚୀତ ହେଉଛି।ଗଣତାନ୍ତ୍ରିକ ମୂଲ୍ୟବୋଧକୁ ଏପରି ଘଟଣା ଆଘାତ ପହଞ୍ଚାଇବା ସହ ନିର୍ବାଚନ ପ୍ରକ୍ରିୟା ଉପରେ ଜନସାଧାରଣଙ୍କ ଥିବା ବିଶ୍ୱାସକୁ ମଳିନ କରୁଛି। ଏହା ଜାରି ରହିଲେ ନୂଆପଡ଼ା ଉପନିର୍ବାଚନର ସ୍ୱଚ୍ଛତା ଏବଂ ବିଶ୍ୱସନୀୟତା ଉପରେ ଏକ ବିରାଟ ପ୍ରଶ୍ନବାଚୀ ସୃଷ୍ଟି ହେବ। ତେଣୁ ଏହାକୁ ରୋକିବା ଦିଗରେ ଭାରତୀୟ ନିର୍ବାଚନ ଆୟୋଗ ତୁରନ୍ତ କେତେକ ପଦକ୍ଷେପ ନେବାକୁ ନବୀନ ଅନୁରୋଧ କରିଛନ୍ତି। ୩୬ ଘଣ୍ଟାର ମୌନ ପର୍ଯ୍ୟାୟକୁ କଡ଼ାକଡ଼ି ଲାଗୁ କରିବା ସହ ବିଜେପିର ମନ୍ତ୍ରୀ, ବିଧାୟକ ଓ ନେତାମାନେ ନିର୍ବାଚନ କ୍ଷେତ୍ର ଛାଡ଼ିବା ନିର୍ବାଚନ ଆଚରଣବିଧି ଅନୁଯାୟୀ ସୁନିଶ୍ଚିତ କରାଯାଉ। ନିର୍ବାଚନ ପ୍ରକ୍ରିୟାର ପବିତ୍ରତା ବଜାୟ ରଖିବା ପାଇଁ ନିରପେକ୍ଷ ଭାବେ କାର୍ଯ୍ୟ କରିବାକୁ ଜିଲ୍ଲା ପ୍ରଶାସନ ଏବଂ ପୁଲିସକୁ ନିର୍ଦ୍ଦେଶ ଦିଆଯାଉ। ଏଥିସହ ବିଜେପି ଦ୍ୱାରା ହେରଫେର ହେବାର ଆଶଙ୍କା ନେଇ ବିଜେଡି ଏବଂ ଅନ୍ୟ ରାଜନୈତିକ ଦଳ ପକ୍ଷରୁ ତାଲିକାରେ ଦିଆଯାଇଥିବା ସମ୍ବେଦନଶୀଳ ବୁଥ୍ ଉପରେ ମଧ୍ୟ ସ୍ୱତନ୍ତ୍ର ନଜର ରଖାଯାଉ ବୋଲି ନବୀନ ନିଜ ଦାବି କରିଛନ୍ତି। ସେ କହିଛନ୍ତି ଯେ ପୂର୍ବଜମାନଙ୍କ ବହୁ ତ୍ୟାଗ ଓ ସଂଘର୍ଷ ବଳରେ ଆମେ ଭାରତର ଜନସାଧାରଣମାନେ ଏହି ଗଣତନ୍ତ୍ର ପାଇଛୁ। ଏହିପରି ସମୟରେ ପ୍ରତ୍ୟେକ ପ୍ରତିଷ୍ଠାନ, ବିଶେଷକରି ନିର୍ବାଚନ ଆୟୋଗ, ଗଣତନ୍ତ୍ରର ପବିତ୍ରତା ରକ୍ଷା କରିବା ଏବଂ ଏହାର ସୁରକ୍ଷା କରିବା ହେଉଛି ପ୍ରଧାନ କର୍ତ୍ତବ୍ୟ ବୋଲି ନବୀନ ନିଜ ଟୁଇଟରେ ଉଲ୍ଲେଖ କରିଛନ୍ତି।

## ନକଲି ଘିଅ ଦେଇଥିଲା...

ଏବଂ ଲହୁଣୀ କିଣି ନ ଥିଲା। ଏହା ସତ୍ତ୍ୱେ ଘିଅ ଏବଂ ଲହୁଣୀ ଯୋଗାଣ କରୁଥିଲା। ଏହି କମ୍ପାନୀର ମାଲିକ ପମ୍ମିଲା ଜୈନ ଏବଂ ବିପିନ ଜୈନ ଜାଲ୍ ଘିଅ ଉତ୍ପାଦନ କେନ୍ଦ୍ର ପ୍ରତିଷ୍ଠା କରିଥିଲା। ଘିଅ ଏବଂ ଲହୁଣୀ କ୍ରୟ କରାଯାଇଥିବାର ନକଲି ବିଲ୍ ପ୍ରସ୍ତୁତ କରାଯାଇଥିଲା। ଏହି ମାମଲାରେ ଅନ୍ୟତମ ଅଭିଯୁକ୍ତ ଅଜୟ କୁମାର ସୁଗନ୍ଧକୁ ଜେରା କରାଯାଇଥିଲା। ସେ ମୋନୋଡିଗ୍ଲିସରାଇଡ୍‌ସ ଏବଂ ଏସିଟିକ ଏସିଡ ଏଷ୍ଟର ଭଳି କେମିକାଲ ଯୋଗାଣ କରୁଥିବା ସ୍ୱୀକାର କରିଛି। ଏହାକୁ ମିଶାଇ ନକଲି ଘିଅ ପ୍ରସ୍ତୁତ କରାଯାଉଥିଲା। ୨୦୨୨ରେ ଟିଟିଡିର ଅଭିଯୋଗ କ୍ରମେ ଏହି ଭୋଲେ ବାବା ଡାଏରୀକୁ କଳାତାଲିକାଭୁକ୍ତ କରାଯାଇଥିଲା। ପରେ ଏହି ଗ୍ରୁପ ଆଉ ଏକ କମ୍ପାନୀ ଗଠନ କରିଥିଲା ଏବଂ ମନ୍ଦିରକୁ ଘିଅ-ଲହୁଣୀ ଯୋଗାଣ ଜାରି ରଖିଥିଲା। ଏଥିରେ ବୈଷ୍ଣବୀ ଡାଏରୀ (ତିରୁପତି), ମାଲ ଗଙ୍ଗା ଡାଏରୀ (ଉତ୍ତର ପ୍ରଦେଶ) ଏବଂ ଏଆର ଡାଏରୀ ଫୁଡ୍ସ (ତାମିଲନାଡୁ) ସାମିଲ ରହିଛି।

ସିବିଆଇ ଏବଂ ଏଫଏସଏସଏଆଇର ତଦନ୍ତରୁ ଜଣାପଡ଼ିଛି ଯେ ଘିଅରେ ପଶୁ ଚର୍ବି ମିଶା ଯାଉଥିଲା। ୨୦୨୪ ଜୁଲାଇରେ ଟିଟିଡି ଏଆର ଡାଏରୀର ଚାରୋଟି ଟ୍ୟାଙ୍କରକୁ ଗ୍ରହଣ କରି ନ ଥିଲା। କିନ୍ତୁ ଏହି ଟ୍ୟାଙ୍କରକୁ ଫେରାଇ ନେବା ପରିବର୍ତ୍ତେ ବୈଷ୍ଣବୀ ଡାଏରୀ ନାମରେ ପଠାଇ ଦିଆଯାଇଥିଲା। ଗୁଜରାଟର ଏକ ଲ୍ୟାବ୍ ରିପୋର୍ଟରେ ଜଣାପଡ଼ିଥିଲା ଯେ ଏଆର ଡାଏରୀର ଘିଅରେ ମାଛ ତେଲ, ଗୋଚର୍ବି, ଲାଳ ମିଶା ଯାଉଥିଲା। ଏଥିପାଇଁ ଲାଞ୍ଚ କାରବାର ହେଉଥିଲା। ଯାଞ୍ଚରୁ ଜଣାପଡ଼ିଛି ଯେ ୫୦ ଲକ୍ଷ ଟଙ୍କା ଲୁଚାଇ ଟ୍ରାନ୍ସଫର କରାଯାଇଥିଲା। ଏହି ରାଶି ୱାଇଏସଆର କଂଗ୍ରେସର ପୂର୍ବତନ ସାଂସଦ ତଥା ଟିଟିଡିର ପୂର୍ବତନ ଅଧ୍ୟକ୍ଷ ୱାଇଭି ସୁଭା ରେଡ୍ଡୀଙ୍କ ବ୍ୟକ୍ତିଗତ ସହାୟକ ଚିନ୍ନପନ୍ନାଙ୍କୁ ଦିଆଯାଇଥିଲା। ଦିଲ୍ଲୀର ଦୁଇଟି ଅଲଗା ଅଲଗା ଟ୍ରାଞ୍ଜାକ୍ସନରେ ଏଜେଣ୍ଟ ଅମନ ଗୁପ୍ତାଠାରୁ ୨୦ ଲକ୍ଷ ଟଙ୍କା ଏବଂ ବାକି ଟଙ୍କା ଏଗ୍ରି ଫୁଡ୍ସର ଅଧିକାରୀ ବିଜୟ ଗୁପ୍ତାଙ୍କଠାରୁ ମିଳିଥିଲା।

ମୁଖ୍ୟମନ୍ତ୍ରୀ ଚନ୍ଦ୍ରବାବୁ ନାଇଡୁ ଦାବି କରିଥିଲେ ଯେ ପୂର୍ବତନ ଜଗନ ମୋହନ ରେଡ୍ଡୀଙ୍କ ସରକାରର ସମୟରେ ପଶୁ ଚର୍ବି ଥିବା ଘିଅ ଲଡୁ ପ୍ରସ୍ତୁତିରେ ବ୍ୟବହାର କରାଯାଉଥିଲା। ଏହି ମାମଲା ସେତେବେଳେ ସୁପ୍ରିମକୋର୍ଟ ପର୍ଯ୍ୟନ୍ତ ଯାଇଥିଲା। ରାଜନୀତି ଏବଂ ଧର୍ମକୁ ମିଶାଇବା ଭୁଲ୍ ବୋଲି କୋର୍ଟ କହିଥିଲେ। ମାମଲାର ତଦନ୍ତ ପାଇଁ ସିବିଆଇ, ରାଜ୍ୟ ପୁଲିସ ଏବଂ ଖାଦ୍ୟ ସୁରକ୍ଷା ବିଭାଗର ଅଧିକାରୀଙ୍କୁ ନେଇ ମିଳିତ ଟିମ ଗଠନ କରିଥିଲେ।

## ବିରାଦରୀ ପ୍ରୀତି...

ରଥଯାତ୍ରା ପରିଚାଳନା ପାଇଁ ୨୦ ବରିଷ୍ଠ ଆଇପିଏସ୍, ୪୫୦ ଓପିଏସ୍ ପାହ୍ୟାର ଅଧିକାରୀ, ଶ୍ରୀମନ୍ଦିର ପ୍ରଶାସନ, ପୁରୀ ଜିଲ୍ଲା ପ୍ରଶାସନ ରଥଯାତ୍ରା ପରିଚାଳନା ଦାୟିତ୍ୱରେ ଥିବା ଏଡ଼ିଜି, ସିସିଟିଭି ଲଗାଇବା ଦାୟିତ୍ୱରେ ଥିବା ଏଡିଜି (ମୁଖ୍ୟାଳୟ ଓ କମ୍ୟୁନିକେସନ)ଙ୍କୁ ରିପୋର୍ଟରେ କ୍ଲିନ୍‌ଚିଟ୍ ଦିଆଗଲା। ଅର୍ଥାତ୍ ରଥଯାତ୍ରାରେ ଯାହା ସବୁ ଘଟଣା ଘଟିଲା, କେବଳ ଏହି ସାତ ଜଣକ କନିଷ୍ଠ ଅଧିକାରୀଙ୍କ ପାଇଁ ଓ ଏଥିରେ ଅନ୍ୟମାନଙ୍କର କୌଣସି ଭୂମିକା ନାହିଁ। ରଥଯାତ୍ରାରେ ସୁରକ୍ଷାକୁ ସୁନିଶ୍ଚିତ କରିବା ପାଇଁ ପ୍ରଥମଥର ପାଇଁ ଇଣ୍ଟିଗ୍ରେଟେଡ୍ କମାଣ୍ଡ କଣ୍ଟ୍ରୋଲ ସିଷ୍ଟମ ସହ ଏଆଇ ସିସିଟିଭି କ୍ୟାମେରା ଲଗାଯିବ ବୋଲି ନିଷ୍ପତ୍ତି ହୋଇଥିଲା। ୫ ମେଗାପିକ୍ସଲର ୨୮୨ଟି ଏଆଇ କ୍ୟାମେରା ଲଗାଯିବା ପାଇଁ ୮୮ ଲକ୍ଷ ଟଙ୍କା ବରାଦ ବି କରାଗଲା। ମାତ୍ର ୨୮୨ କ୍ୟାମେରା ବଦଳରେ ମାତ୍ର ୧୭୦ଟି କ୍ୟାମେରା ଲାଗିଲା ଓ ଯେଉଁ କ୍ୟାମେରା ଲଗାଗଲା, ତାହାର ମେଗାପିକ୍ସଲ ଓ ଫଟୋର ମାନ ଥିଲା ଅତ୍ୟନ୍ତ ଖରାପ। ୫ ମେଗାପିକ୍ସଲ ବଦଳରେ ୨ ମେଗାପିକ୍ସଲ କ୍ୟାମେରା ଲଗାଯାଇଥିବା ପରେ ଜଣାପଡ଼ିଲା। ମୋଟାମୋଟି ଦେଖିଲେ ଭିଡ଼, ଦଳାଚକଟା, ଶ୍ରଦ୍ଧାଳୁଙ୍କ ମୃତ୍ୟୁ ପଛରେ ଏଆଇ କ୍ୟାମେରା ପରିଚାଳନାରେ ଦାୟିତ୍ୱହୀନତା ପ୍ରମୁଖ କାରଣ ହୋଇଥିଲେ ବି ଦାୟିତ୍ୱରେ ଥିବା ଅଧିକାରୀଙ୍କୁ ତଦନ୍ତ ରିପୋର୍ଟରେ ଏକପ୍ରକାର କ୍ଲିନ୍‌ଚିଟ୍ ଦିଆଯାଇଥିବା ଅଭିଯୋଗ ହୋଇଛି। କାହିଁକି କମ୍ କ୍ୟାମେରା ଲାଗିଲା, କ୍ୟାମେରାର ମେଗାପିକ୍ସଲ କିଏ ଓ କାହିଁକି ପରିବର୍ତ୍ତନ କଲେ, କ୍ୟାମେରା ଲଗାଇଥିବା ସମ୍ପୃକ୍ତ ଠିକା ସଂସ୍ଥାକୁ ବାଛିଥିବା ଅଧିକାରୀଙ୍କ ବିରୋଧରେ କାହିଁକି କାର୍ଯ୍ୟାନୁଷ୍ଠାନ ସୁପାରିସ ହେଲା ନାହିଁ ତାହା ସନ୍ଦେହ ସୃଷ୍ଟି କରିଛି। ଗୁରୁତ୍ୱପୂର୍ଣ୍ଣ କଥା ହେଲା, ସିସିଟିଭି ଲଗାଇବା ନିମନ୍ତେ ଠିକା ସଂସ୍ଥା ଚୟନ ଦାୟିତ୍ୱରେ ଥିବା ତତ୍କାଳୀନ ପୁଲିସ ଏଡିଜି (ହେଡ଼କ୍ୱାର୍ଟର ଓ କମ୍ୟୁନିକେସନ)ଙ୍କୁ ଏ ସମ୍ପର୍କରେ ପ୍ରଶ୍ନଟିଏ ବି କରାଯାଇ ନାହିଁ। କନିଷ୍ଠ ପୁଲିସ କର୍ମଚାରୀଙ୍କୁ ବଳି ଦେଇ ତାଙ୍କୁ ପୂରା ଦୋଷମୁକ୍ତ କରି ଦିଆଯାଇଛି। ଆଇଏଏସ୍ ଓ ଆଇପିଏସ୍ ଅଧିକାରୀଙ୍କ ବିରାଦରୀ ପ୍ରୀତି ଯୋଗୁଁ ରିପୋର୍ଟ ନିରପେକ୍ଷତାର ଊର୍ଦ୍ଧ୍ୱକୁ ଉଠି ପାରି ନ ଥିବା ଅଭିଯୋଗ ହୋଇଛି।

ଅନୁରୂପ ଭାବରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ରୀତିନୀତି ପରିଚାଳନାରେ ହୋଇଥିବା ଅବ୍ୟବସ୍ଥା ଓ ପହୁଡ଼ ବେଳେ ଉପଯୁକ୍ତ ପରିମାଣର ପୁଲିସ ମୁତୟନ କରା ନ ଯିବା ମଧ୍ୟ ଦର୍ଶନ ବ୍ୟବସ୍ଥାରେ ବିଶୃଙ୍ଖଳା ସୃଷ୍ଟି କରିଥିଲା। ସବୁଠାରୁ ସ୍ପର୍ଶକାତର ଘଟଣାଟି ଘଟିଥିଲା ଶରଧାବାଲିରେ। ରଥଯାତ୍ରା ଦିନ ରାତିରେ ଶୋଇଥିବାବେଳେ ଶରଧାବାଲିରେ ଦଳାଚକଟା ଘଟି ୩ ଜଣଙ୍କ ମୃତ୍ୟୁ ଘଟଣାକୁ ସମ୍ପୂର୍ଣ୍ଣ ଗୁରୁତ୍ୱହୀନ କରି ଦିଆଯାଇଛି। କାହିଁକି ସେଠାରେ ଭିଡ଼ ଏକାଠି ହେବାକୁ ଦିଆଗଲା, ଦାୟିତ୍ୱରେ ଥିବା ପ୍ରଶାସନିକ ଓ ପୁଲିସ ଅଧିକାରୀମାନେ କ'ଣ କରୁଥିଲେ, ଏଆଇ କ୍ୟାମେରାର ଭୂମିକା ଏଠାରେ କ'ଣ ଥିଲା ଏବଂ ଦଳାଚକଟା ସମୟରେ ଓ ଦଳାଚକଟା ପରେ ଦାୟିତ୍ୱରେ ଥିବା ଅଧିକାରୀମାନେ କୁଆଡ଼େ ଯାଇଥିଲେ ତାହାର ଉତ୍ତର କାହାରି ପାଖରେ ନାହିଁ। ତଦନ୍ତ ରିପୋର୍ଟରେ ଏଥିପାଇଁ କେବଳ କେଇଜଣ କନିଷ୍ଠ ପୁଲିସ ଅଧିକାରୀଙ୍କୁ ଦାୟୀ କରାଯାଇଛି। ଯେଉଁ ବରିଷ୍ଠ ଅଧିକାରୀମାନେ ଦାୟିତ୍ୱରେ ଥିଲେ, ସେମାନେ କାହିଁକି ଉତ୍ତରଦାୟୀ କରାଯାଇ ନାହିଁ; ସେ ସମ୍ପର୍କରେ ସ୍ୱାଭାବିକ ପ୍ରଶ୍ନ ଉଠିଛି।


**JOB VACANCY**

Advertisement Ref no- BWFPC/2025-26/026
Marketing Manager (01 no's): Experienced; Graduate (Age limit 40)
**Rs- 15,000/- to 16,000/-**
Accountant (01 no's): Experienced; Graduate in Commerce (Age limit40)
**Rs-8,000/- to 10,000/-.**
Send CVs through Email Id- **bonaigadawomenfpc@gmail.com** or Postal through registered office address C/c - Jaimati Kisan, At/Po Sarsara Bolang, Block Bonaigarha Dist-Sundargarh Postal - 770051 Contact No - 7606999010, 8260444056)
**Deadline for receiving applications: 25.11.2025, 5:00 PM.**

**DARWIN MEMORIAL HIGHER SECONDARY SCHOOL, KUDUMULUGUMMA, MALKANGIRI**

**WALK-IN-INTERVIEW**

A walk-in-interview for **Matron (contractual basis)** in Girls Hostel will be conducted on **19th November 2025 (Wednesday) at 10.00 A.M.** Interested candidates having necessary eligibility and documents be as follows:

1. She must be a graduate.
2. Residence certificate by competent authority.
3. NOC from concerned police station/police verification report.
4. Character certificate by any Gazetted officer.
5. Age must be 18 years as on 01.01.2025. No TA/DA is admissible.

The authority reserves the right to cancel or reject the Walk-in-Interview for any reason thereof.

**Sd/-Principal-cum-Secretary**
**Darwin Memorial H.S.S., Kudumulugumma**

## ଭଣ୍ଡାରି ପାଙ୍ଗାମ୍‌ରେ ଯୁଗ୍ମ ଅଭିଯୋଗ ଶୁଣାଣି

# ୮୪ଟି ଅଭିଯୋଗ ଶୁଣିଲେ ଜିଲ୍ଲାପାଳ

ମାଲକାନଗିରି,୧୦।୧୧(ସମିସ): ମାଲକାନଗିରି ଜିଲ୍ଲା ମାଥିଲି ବ୍ଲକ୍ ସ୍ଥିତ ଭଣ୍ଡାରି ପାଙ୍ଗାମ୍ ଗ୍ରାମ ପଞ୍ଚାୟତ କାର୍ଯ୍ୟାଳୟ ଠାରେ ସୋମବାର ଜିଲ୍ଲା ପ୍ରଶାସନ ପକ୍ଷରୁ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଏଥିରେ ଜିଲ୍ଲାପାଳ ସୋମେଶ କୁମାର ଉପାଧ୍ୟାୟ, ମାଲକାନଗିରି ଜିଲ୍ଲା ପରିଷଦ ସିଡିଓ ତଥା ନିର୍ବାହୀ ଅଧିକାରୀ ନରେଶ ଚନ୍ଦ୍ର ଶବର, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ରଶ୍ମୀ ରଞ୍ଜନ ସେନାପତି ଓ ଉପ ଜିଲ୍ଲାପାଳ ଅଶ୍ୱିନ ଏ ଏଲ ଉପସ୍ଥିତ ରହି ଜନ ସାଧାରଣଙ୍କ ଅଭିଯୋଗ ଗୁଡିକୁ ଶୁଣିଥିଲେ । ଏହି ଶିବିରରେ ମୋଟ ୮୪ ଟି ଅଭିଯୋଗର




ଶୁଣାଣି ହୋଇଥିଲା । ତନ୍ମଧ୍ୟରୁ ୧୩ ଗୋଟି ବ୍ୟକ୍ତିଗତ ଓ ୭୧ ଟି ସାମୂହିକ ଅଭିଯୋଗ ରହିଥିଲା । ସେଥିରେ ୧୨ଟି ପ୍ରଧାନମନ୍ତ୍ରୀ ଆବାସ ଗୃହ, ଗୋଟିଏ ପେନସନ, ୫ଟି ନୂତନ ମଣ୍ଡି ସ୍ଥାପନ, ୬ଟି ଅଙ୍ଗନବାଡି ଗୃହ, ୩ଟି ମୋ ପୋଖରୀ ଯୋଜନା, ଗୋଟିଏ ନଳକୂପ, ୬ଟି ନୂତନ ଟେଲିଫୋନ ଟାୱାର, ୩ଟି ବିଜୁଳି ସଂଯୋଗୀକରଣ ଓ ୭ଟି ଅନ୍ୟାନ୍ୟ ଅଭିଯୋଗ ରହିଥିଲା । ସେହିପରି ୪୦ଟି ରାସ୍ତା, ସେତୁ ଓ ଅନ୍ୟାନ୍ୟ ଅଭିଯୋଗର ଶୁଣାଣି ହୋଇଥିଲା । ବିଭିନ୍ନ ଯୋଜନାର ହାତ ପାହାନ୍ତାରେ ସେବା ଯୋଗାଇ ଦେବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ କ୍ୟାମ୍ପସ ଆୟୋଜନ କରାଯାଇଥିଲା । ଅଭିଯୋଗ ପରେ ଜିଲ୍ଲାପାଳ ଭଣ୍ଡାରି ପାଙ୍ଗାମ୍ ସ୍ଥିତ ସ୍କୁଲ୍ ପରିଦର୍ଶନରେ ଯାଇ ମଧ୍ୟାହ୍ନ ଭୋଜନର ମାନ ପରଖିଛନ୍ତି । ଏହି ଯୁଗ୍ମ ଅଭିଯୋଗ ଶୁଣାଣି ଶିବିରରେ ଜିଲ୍ଲାସ୍ତରୀୟ ଅଧିକାରୀ, ବିଡିଓ ଓ ତହସିଲଦାର ମାନେ ଉପସ୍ଥିତ ଥିଲେ ।

# ଜିଲ୍ଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର

ପଦ୍ମପୁର/ରାୟଗଡ଼ା,୧୦।୧୧(ସମିସ): ରାୟଗଡ଼ା ଜିଲ୍ଲା ପଦ୍ମପୁର ବ୍ଲକ କାର୍ଯ୍ୟାଳୟ ସଦ୍‌ଭାବନା ସଭାଗୃହରେ ଆଜି ଜିଲ୍ଲାପାଳଙ୍କ ଯୁଗ୍ମ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଆଶୁତୋଷ କୁଲକର୍ଣ୍ଣିଙ୍କ ନିର୍ଦ୍ଦେଶକ୍ରମେ ଅତିରିକ୍ତ ଜିଲ୍ଲାପାଳ ନବୀନ ଚନ୍ଦ୍ର ନାୟକଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି ଶିବିରରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଅକ୍ଷୟ କୁମାର ଖେମୁଣ୍ଡୁ, ଗୁଣପୁର ଉପ ଜିଲ୍ଲାପାଳ ଦୁଧାଲ ଅଭିଷେକ ଦିଲୀପ, ଜିଲ୍ଲା ମୁଖ୍ୟ ଚିକିତ୍ସା ତଥା ଜନ ସ୍ୱାସ୍ଥ୍ୟ ଅଧିକାରୀ ଭି. ସରଜୋନୀ ଦେବୀ, ରାୟଗଡ ସଦର ଡ଼ିଏସପି ରବୀନ୍ଦ୍ର ନାଥ ପାତ୍ର, ଗୁଣପୁର ଆଦିବାସୀ ଉନ୍ନୟନ ସଂସ୍ଥା ପ୍ରକଳ୍ପ ପ୍ରଶାସକ ଅଜୟ କୁମାର ପ୍ରଧାନ, ପଦ୍ମପୁର ବ୍ଲକ ଅଧକ୍ଷା ମଣିମାଳା ଶବର ଯୋଗଦେଇ ସମସ୍ତ ଅଭିଯୋଗର ଶୁଣାଣି କରିଥିଲେ । ଆଜି ମୋଟ ୩୬ଟି ଅଭିଯୋଗୟର ଶୁଣାଣି ହୋଇଥିବା ବେଳେ



ସେଥିରୁ ୨୯ଟି ବ୍ୟକ୍ତିଗତ, ୭ଟି ସାମୂହିକ ଦରଖାସ୍ତ ପଞ୍ଜିକରଣ ହୋଇଥିଲା । ଅତିରିକ୍ତ ଜିଲ୍ଲାପାଳ ସମସ୍ତ ଦରଖାସ୍ତ ଗ୍ରହଣ ପରେ ସେ ଗୁଡିକୁ ତଦନ୍ତ କରି ତୁରନ୍ତ ପଦକ୍ଷେପ ନେବା ନିମନ୍ତେ ସମ୍ପୃକ୍ତ ଅଧିକାରୀଙ୍କୁ ଦରଖାସ୍ତ ଗୁଡିକ ପ୍ରଦାନ କରିବା ସହ ଗ୍ରହଣ କରିଥିବା ପଦକ୍ଷେପର ବିବରଣୀ ଜିଲ୍ଲାପାଳଙ୍କ ଅବଗତ ନିମନ୍ତେ ନିର୍ଦ୍ଦେଶ ଦେଇଥିଲେ । ଏହି ଅଭିଯୋଗ ଶିବିରରେ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶ୍ରୀକାନ୍ତ ପାଣିଗ୍ରାହୀ, ଉପଖଣ୍ଡ ଆରକ୍ଷୀ ଅଧିକାରୀ ବାବୁଲି ନାୟକ, ଉପଖଣ୍ଡ ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଧନଞ୍ଜୟ ବେହେରା, ଲିଡ଼ ବ୍ୟାଙ୍କ ଅଧିକାରୀ ଦେବେନ୍ଦ୍ର ବାଉରୀ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ମିନତୀ ଦେଓ, ଜିଲ୍ଲା ପଞ୍ଚାୟତ ଅଧିକାରୀ, ଗ୍ରାମ୍ୟ ପାନୀୟ ଜଳ ଯୋଗାଣ ସହକାରୀ ନିର୍ବାହୀ ଯନ୍ତ୍ରୀ ଲୋକନାଥ ଯାଦବଙ୍କ ସମେତ ସମସ୍ତ ଜିଲ୍ଲା ସ୍ତରୀୟ ଅଧିକାରୀ ଓ ଉପଖଣ୍ଡ ସ୍ତରୀୟ ଅଧିକାରୀ ଯୋଗ ଦେଇଥିଲେ । ପଦ୍ମପୁର ଗୋଷ୍ଠୀ ଉନ୍ନୟନ ଅଧିକାରୀ କୁରେଶ ଚନ୍ଦ୍ର ଜେନାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମରେ ପଦ୍ମପୁର ତହସିଲଦାର ସୁବଶିଷ ଶତପଥୀ,ପଦ୍ମପୁର ଥାନା ଅଧିକାରୀ ଧରଣୀଧର ପ୍ରଧାନ ପ୍ରମୁଖ ଯୋଗ ଦେଇଥିଲେ ।

# ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ଚିତ୍ରକୋଣ୍ଡା,୧୦।୧୧(ସମିସ): ମାଲକାନଗିରି ଜିଲ୍ଲା ଚିତ୍ରକୋଣ୍ଡା ବ୍ଲକ ଆନୁକୂଲ୍ୟରେ ଜିଲା ସାମାଜିକ ସୁରକ୍ଷା ବିଭାଗ ସହାୟତାରେ ଚିତ୍ରକୋଣ୍ଡା ବ୍ଲକ ପାପୁଲୁର ପଞ୍ଚାୟତ କାର୍ଯ୍ୟାଳୟ ପରିସରରେ ଭୀମଭୋଇ ଭିର୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି । ଉକ୍ତ ଭୀମଭୋଇ ଭିର୍ନକ୍ଷମ ସାମର୍ଥ୍ୟ ଶିବିରରେ ଚିତ୍ରକୋଣ୍ଡା ବ୍ଲକ ଅନ୍ତର୍ଭୁକ୍ତ ଅଠର ଗୋଟି ପଞ୍ଚାୟତରୁ ଆସିଥିବା ମାନସିକ, ବିକଳାଙ୍ଗ ମାନଙ୍କର ନାମ



ପଞ୍ଜିକରଣ କରାଯାଇ ସେମାନଙ୍କୁ ଉପଯୁକ୍ତ ସେବା ପ୍ରଦାନ କରାଯାଇଥିଲା ଉକ୍ତ କାର୍ଯ୍ୟକ୍ରମରେ ମାନସିକ ରୋଗ ବିଶେଷଜ୍ଞ ଡ଼ ମହମ୍ମଦ ଅବିଦ ହୁସେନ, ମେଡିସିନ ବିଶେଷଜ୍ଞ ଡ. ପ୍ରଫୁଲ୍ଲ ବେହେରା, ନେତ୍ର ବିଶେଷଜ୍ଞ ଡ. ଅଶୋକ କୁମାର ଖମାରୀ, କାନ ନାକ ଗଳା ବିଶେଷଜ୍ଞ ଡା. ନିରଞ୍ଜନ ବେହେରାଙ୍କ ଦ୍ୱାରା ରୋଗୀ ମାନଙ୍କର ପରୀକ୍ଷା ନିରୀକ୍ଷା କରାଯାଇଥିଲା । ମୋଟ ୨୭୪ ଜଣଙ୍କର ଦରଖାସ୍ତ ରଖାଯାଇ ଚିହ୍ନଟି କରଣ କରାଯାଇଥିଲା । ସେଥିମଧ୍ୟରୁ ଶାରୀରିକ ବିକଳାଙ୍ଗ ୧୧୪ ଜଣ, ଶ୍ରବଣ ବାଧିତ ୫୯ ଜଣ, ଦୃଷ୍ଟି ବାଧୀତ ୪୬ ଜଣ, ମାନସିକ ଅନଗ୍ରସର ୧୨ ଜଣ, ପେନସନ ଆପ୍ଲିକେସନ ୨୩ ଜଣ, ଡିଆରଆଇ ଲୋନ ୨୦ ଜଣ । ଚିତ୍ରକୋଣ୍ଡା ବ୍ଲକ ଅଧକ୍ଷା ରାଜେଶ୍ୱରୀ ଖିଲ, ଉପା ଅଧକ୍ଷ ପଦ୍ମନାଭ ଦାମୀ, ବିଡ଼ିଓ ପ୍ରୀତା କୁମାର,ପାପୁଲୁର ସରପଞ୍ଚ, ସମିତି ସଭ୍ୟ, ଚିତ୍ରକୋଣ୍ଡା ସିଡିପିଓ ସ୍ୱର୍ଣ୍ଣଲତା ଦାସ, ଡିଏସଏସଓ ନିର୍ମଳ ଧାରୁଆ, ଉପସ୍ଥିତ ଥିଲେ । ଚିତ୍ରକୋଣ୍ଡା ବିଏସ୍‌ଏସ୍‌ଓ ଶଶାଙ୍କ ସୌମ୍ୟ ରଞ୍ଜନ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ । ଚିତ୍ରକୋଣ୍ଡା ବ୍ଲକର ସମସ୍ତ କର୍ମଚାରୀ କାର୍ଯ୍ୟକ୍ରମ ସୁପରିଚାଳନାରେ ସହଯୋଗ କରିଥିଲେ ।

# ନିଆଁ ଲାଗି ଜଳିଗଲା ଗ୍ୟାରେଜ୍

ଉମରକୋଟ,୧୦।୧୧(ସମିସ): ନବରଙ୍ଗପୁର ଜିଲ୍ଲା ଉମରକୋଟ ସହର କଣ୍ଡାଗାଁ ରୋଡ଼ର ଏକ ଗ୍ୟାରେଜ୍‌ରେ ରବିବାର ରାତିରେ ନିଆଁ ଲାଗି ଗ୍ୟାରେଜଟି ସମ୍ପୂର୍ଣ୍ଣ ନଷ୍ଟ ହୋଇଯାଇଛି । ଗତ ରାତିରେ ଗ୍ୟାରେଜ ମାଲିକ ଗ୍ୟାରେଜ ବନ୍ଦ କରି ଯାଇଥିଲେ କିନ୍ତୁ ମଧ୍ୟ ରାତିରେ ଗ୍ୟାରେଜରେ ନିଆଁ ଲାଗିଥିଲା । ନିଆଁ ଲାଗିବା ଫଳରେ କାଠରେ ନିର୍ମିତ ଗ୍ୟାରେଜଟି ସମ୍ପୂର୍ଣ୍ଣ ଜଳି ପୋଡ଼ି ନଷ୍ଟ ହୋଇଯାଇଛି । ସେହିଭଳି ଗ୍ୟାରେଜରେ କିଛି ପୋଡା ମୋବିଲ ରହିଥିବା ଯୋଗୁଁ ନିଆଁର ମାତ୍ରା ଅଧିକ ହୋଇଯାଇଥିଲା । ନିଆଁ ଲାଗିବା ଯୋଗୁଁ ଗ୍ୟାରେଜରେ ଥିବା ବହୁ ଜିନିଷ ଜଳି ପୋଡ଼ି ନଷ୍ଟ ହୋଇ ଯାଇଛି । ନଷ୍ଟ ହୋଇଥିବା ସାମଗ୍ରୀର ଆନୁମାନିକ ମୂଲ୍ୟ ପ୍ରାୟ ୩୦ ହଜାର ଟଙ୍କା ବୋଲି ଅନୁମାନ କରାଯାଉଛି । ବିଳମ୍ବିତ ରାତିରେ ଅଗ୍ନିଶମ ବିଭାଗ ରାତିରେ ଖବର ପାଇବା ପରେ ଅଗ୍ନିଶମ ଅଧିକାରୀ ଭାଗିରଥି ବଣୁଆଙ୍କ ନେତୃତ୍ୱରେ ଏକ ଟିମ ଘଟଣା ସ୍ଥଳକୁ ଯାଇ ନିଆଁକୁ ଆୟତ କରିଥିଲେ ।ତେବେ କେଉଁ କାରଣରୁ ନିଆଁ ଲାଗିଲା, ତାହା ସ୍ପଷ୍ଟ ହୋଇନାହିଁ । ଉକ୍ତ ଗ୍ୟାରେଜରେ ବିଦ୍ୟୁତ ସଂଯୋଗ ନଥିଲା । କେହି ଦୁର୍ବୃତ୍ତ ନିଆଁ ଲଗାଇ ଦେଇଥାଇ ପାରନ୍ତି ବୋଲି ସନ୍ଦେହ କରିଛନ୍ତି ଗ୍ୟାରେଜ ମାଲିକ ବିଶ୍ୱଜିତ୍ ତରଫଦାର ।

# ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି ଉପରେ ଲୋକଙ୍କ ତୁଟୁଛି ଆସ୍ଥା



ନନ୍ଦପୁର,୧୦।୧୧ (ସମିସ): ଲୋକଙ୍କ ସମସ୍ୟା, ଅଞ୍ଚଳର ସମସ୍ୟା ଉପରେ ତୁରନ୍ତ ଶୁଣାଣି କରି ଅଞ୍ଚଳ ବିକାଶ ସହ ଉନ୍ନୟନ କାର୍ଯ୍ୟ ତ୍ୱରାନିତ କରିବା ପାଇଁ ସରକାର ଦ୍ୱାରା ପ୍ରଚଳିତ ପଞ୍ଚାୟତ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ଉପରେ ଲୋକେ ଆସ୍ଥା ହରାଇ ବସିଛନ୍ତି । ସରକାରଙ୍କ ନିର୍ଦ୍ଦେଶ କ୍ରମେ ପ୍ରତି ସପ୍ତାହରେ ବ୍ଲକ୍ ପ୍ରଶାସନ ପକ୍ଷରୁ ନିର୍ଦ୍ଧାରିତ ପଞ୍ଚାୟତରେ ଅଭିଯୋଗ ଶୁଣାଣୀ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇ ଥିବା ବେଳେ ବର୍ତ୍ତମାନ ଉକ୍ତ ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ଉପରେ ଆସ୍ଥା ହରାଇ ବସିଛନ୍ତି ଲୋକ ପ୍ରତିନିଧି ସାଧାରଣ ଲୋକେ । ଏପରି ଘଟଣା ଘଟିଛି ନନ୍ଦପୁର ବ୍ଲକ ଅନ୍ତର୍ଗତ ବାଡେଲ ଗ୍ରାମ ପଞ୍ଚାୟତ ରେ । ସୋମବର ନିର୍ଦ୍ଧାରିତ ତାରିଖ ଉପରେ ବାଡେଲ ଗ୍ରାମପଞ୍ଚାୟତରେ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମ ରହିଥିବା ବେଳେ ୱାର୍ଡ ମେମ୍ବର ମାନେ ଶୁଣାଣି ଶିବିର ସ୍ଥଳରେ ଅନୁପସ୍ଥିତ ରହିବା ସହ ସରପଞ୍ଚଙ୍କୁ ମଧ୍ୟ ଶିବିର ସ୍ଥଳକୁ ଯିବାକୁ ଦେଇ ନଥିଲେ । ସୂଚନା ଅନୁସାରେ ପୂର୍ବ ଅଭିଯୋଗ ଶୁଣାଣି ଶିବିର ମାନଙ୍କରେ ହୋଇ ଥିବା ଅଭିଯୋଗ ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନଯିବା ସହ ଅଭିଯୋଗ ପ୍ରକାରେ ଉନ୍ନୟନ କାର୍ଯ୍ୟ ହୋଇ ନଥିବା ଅଭିଯୋଗରେ ୱାର୍ଡ ମେମ୍ବର ମାନେ ଶିବିରରେ ଯୋଗ ନ ଦେବା ସହ ସରପଞ୍ଚଙ୍କୁ ମଧ୍ୟ ଶିବିର ପ୍ରକୋଷ୍ଠକୁ ଛାଡି ନଥିଲେ । ତେବେ ପଞ୍ଚାୟତସ୍ତରୀୟ ଅଭିଯୋଗ ଶୁଣାଣି ଶିବିରରେ ସୋମବାର ଦୁଇଟି ଶୁଣାଣି କରିଥିଲେ ବିଡ଼ିଓ । ତେବେ ନିର୍ଦ୍ଧାରିତ ସମୟ ପର୍ଯ୍ୟନ୍ତ ଅପେକ୍ଷା କରି ଅଭିଯୋଗ ପ୍ରକୋଷ୍ଠକୁ ୱର୍ଡ ମେମ୍ବର ମାନେ ନ ଆସିବାରୁ କାର୍ଯ୍ୟାଳୟ ପହଞ୍ଚିଥିଲେ ବ୍ଲକ୍ ପ୍ରଶାସନ ।

# ସେମିଳିଗୁଡା ଝିଅ ରୁଚିକାଙ୍କ ପୁଣି ଏକ ସଫଳତା



ସେମିଳିଗୁଡ଼ା,୧୦।୧୧(ସମିସ):କୋରାପୁଟଜିଲ୍ଲାରସେମିଳିଗୁଡାଝିଅରୁଚିକାଦିବ୍ୟଦର୍ଶିନୀଙ୍କ ପଞ୍ଚମ ପୁସ୍ତକ 'ଭଏସ ଅଫ୍ ଚଏସ୍' ଇତି ମଧ୍ୟରେ ଶ୍ରୀ ଶ୍ରୀ ୟୁନିଭରସିଟି ଠାରେ ଆଧ୍ୟାତ୍ମିକ ଗୁରୁଜୀ ଶ୍ରୀ ଶ୍ରୀ ରବିଶଙ୍କର ମହାରାଜଙ୍କର କରକମଳରେ ଉନ୍ମୋଚିତ ହୋଇଯାଇଛି । ଏହି ଅବସରରେ ବିଶ୍ୱବିଦ୍ୟାଳୟର ଭାଇସ ଚାନସେଲର, ଡିନ୍, ବିଭାଗୀୟ ମୁଖ୍ୟ, ଇଂରାଜୀ ବିଭାଗର ସମସ୍ତ ଅଧ୍ୟାପକ ଅଧ୍ୟାପିକା ଏବଂ ଛାତ୍ରଛାତ୍ରୀ ଉପସ୍ଥିତ ରହି ରୁଚିକାଙ୍କୁ ଶୁଭେଚ୍ଛା ଓ ଶୁଭକାମନା ଜଣାଇବା ସହ ତାଙ୍କର ଉନ୍ନତି କାମନା କରିଛନ୍ତି । ରୁଚିକା ବର୍ତ୍ତମାନ ଶ୍ରୀ ଶ୍ରୀ ୟୁନିଭରସିଟିରେ ଶେଷବର୍ଷ କଳା (ଇଂରାଜୀ ସମ୍ମାନ)ରେ ଅଧ୍ୟୟନରତ । ନିଜର ସଫଳତା ପାଇଁ ରୁଚିକା ନିଜର ମାତା, ପିତା, ପରିବାରର ସମସ୍ତ ଗୁରୁଜନ ଏବଂ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ଶ୍ରେୟ ଦେଇଛନ୍ତି । ରୁଚିକାଙ୍କ ମାତା ଶ୍ରୀମତି ରେଣୁବାଳା ହୋତା ଦେଓମାଳି ପବ୍ଲିକ ସ୍କୁଲରେ ଇଂରାଜୀ ବିଦ୍ୟାଳୟରେ ଶିକ୍ଷୟିତ୍ରୀ ଏବଂ ପିତା ଡ. ବୃନ୍ଦାବନ ପଣ୍ଡା ଗୁଣୁପୁର ଜିଆଇଇଟି ୟୁନିଭର୍ସିଟିରେ ପ୍ରଶାସନ ବିଭାଗରେ ବର୍ତ୍ତମାନ କାର୍ଯ୍ୟରତ ଅଛନ୍ତି । ଝିଅର ସଫଳତା ପାଇଁ ପରିବାରବର୍ଗ ଖୁସି ହେବା ସହ ଜଗତର ନାଥ ଜଗନ୍ନାଥଙ୍କ ଆଶୀର୍ବାଦ କାମନା କରିଛନ୍ତି ।

■ ରାଜ୍ୟସ୍ତରୀୟ ସୁରଭି ପ୍ରତିଯୋଗିତା

# କୁଟୁଳି ଆଶ୍ରମ ବିଦ୍ୟାଳୟର ଦୁଇ ଛାତ୍ର ମନୋନୀତ

ରାୟଗଡ଼ା, ୧୦।୧୧(ସମିସ): ରାୟଗଡ଼ା ସହର ସ୍ଥିତ ବିଜୁ ପଟ୍ଟନାୟକ ଅଡିଟରୀୟମ ଠାରେ ଜିଲ୍ଲା ସ୍ତରୀୟ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ଶନିବାର ଅନୁଷ୍ଠିତ ହୋଇଯାଇଛି । ସଦର ବ୍ଲକ କୁଟୁଳୀ ଆଶ୍ରମ ବିଦ୍ୟାଳୟର ଅଷ୍ଟମ ଶ୍ରେଣୀ ଛାତ୍ର ଜିତୁ ମାଝୀ ଜିଲ୍ଲାସ୍ତରୀୟ ସୁରଭୀର





ଚିତ୍ରାଙ୍କନ ବରିଷ୍ଠ ବିଭାଗରେ ପ୍ରଥମ ସ୍ଥାନ ଅଧିକାର କରି ରାଜ୍ୟସ୍ତରୀୟ ସୁରଭୀ ନିମନ୍ତେ ମନୋନୀତ ହୋଇଛନ୍ତି । ସେହିପରି ସପ୍ତମ ଶ୍ରେଣୀ ଛାତ୍ର ମୁରଲୀଧର ମାଝୀ ଜିଲ୍ଲାସ୍ତରୀୟ 'ସୁରଭି'ର ଚିତ୍ରାଙ୍କନ କନିଷ୍ଠ ବିଭାଗରେ ପ୍ରଥମ ସ୍ଥାନ ଅଧିକାର କରି ରାଜ୍ୟ ସ୍ତରୀୟ ସୁରଭୀ ନିମନ୍ତେ ମନୋନୀତ ହୋଇଛନ୍ତି । ବିଦ୍ୟାଳୟର ଦୁଇ ଛାତ୍ରଙ୍କ ସଫଳତା ପାଇଁ ପ୍ରଧାନଶିକ୍ଷକ ଗୋପୀନାଥ ପରିଛା ଓ ଅନ୍ୟ ଶିକ୍ଷକ ଶିକ୍ଷୟିତ୍ରୀ ମାନେ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି ।

# ପବନ କଲ୍ୟାଣ ଫ୍ୟାନ୍ସଙ୍କ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର

ପଡିଆ,୧୦।୧୧(ସମିସ): ମାଲକାନଗିରି ଜିଲ୍ଲା ପଡିଆ ବ୍ଲକ ସଦର ମହକୁମାରେ ଥିବା ଆଞ୍ଚଳିକ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ପବନ କଲ୍ୟାଣ ଫ୍ୟାନ୍ସଙ୍କ



ସହଯୋଗରେ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଅବସରରେ ଆଞ୍ଚଳିକ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଶ୍ରେଣୀଗୃହ ଠାରେ ସ୍ୱେଚ୍ଛାକୃତ ଭାବେ ରକ୍ତଦାନ ପାଇଁ ଆହ୍ୱାନ ଦିଆଯାଇଥିଲା । ଏହି ରକ୍ତଦାନ ଶିବିରରେ ମୋଟ ୧୨ ୟୁନିଟ୍ ରକ୍ତ ସଂଗ୍ରହ କରାଯାଇଛି । ଏହି ଅବସରରେ ରକ୍ତ ସଂଗ୍ରହକାରୀ ଟିମ୍‌ରେ ଏଲଟି ତ୍ରିନାଥ ଚରଣ ପଣ୍ଡା, ଏନ୍ ସୁବର୍ଣ୍ଣା ନାମଲା, ମୋହନ ଖେମୁଡୁ, କୁନୁ ହାଲବା ପ୍ରମୁଖ ଉପସ୍ଥିତ ରହି ଉପଯୁକ୍ତ ସ୍ୱାସ୍ଥ୍ୟ ଆଳାପ କରି ରକ୍ତଦାତାଙ୍କ ଠାରୁ ରକ୍ତ ସଂଗ୍ରହ କରିଛନ୍ତି । ପଡିଆ ଅଞ୍ଚଳର ପବନ କଲ୍ୟାଣ ଫ୍ୟାନ୍ସଙ୍କ ପକ୍ଷରୁ ଅନୁଷ୍ଠିତ ଏହି ରକ୍ତଦାନ ଶିବିରକୁ ଏଲ୍ ତିରୁପତି ରାଓ ପରିଚାଳନା କରିଥିବା ଦେଖିବାକୁ ମିଳିଛି ।

# ଅଙ୍ଗନବାଡି କର୍ମୀଙ୍କ କର୍ମଶାଳା ଶିବିର

ପଡିଆ,୯।୧୧(ସମିସ): ମାଲକାନଗିରି ଜିଲ୍ଲା ପଡ଼ିଆ ବ୍ଲକ ସଦର ମହକୁମାରେ ଅଙ୍ଗନବାଡି କର୍ମୀଙ୍କ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ଏଥିପାଇଁ ଆଇଟିସି ମିଶନ ସୁନହରାକାଲ ସହଯୋଗରେ ପରିଚାଳିତ ଆଇଜିଡି ଏନଜିଓ ପକ୍ଷରୁ ପଡିଆ ବ୍ଲକ ସମନ୍ୱିତ ଶିଶୁ ବିକାଶ ବିଭାଗ ସମ୍ମିଳନୀ କକ୍ଷରେ ଏକ ସ୍ୱତନ୍ତ୍ର ବୈଠକ ଅନୁଷ୍ଠିତ କରାଯାଇ ମାତୃ, ଶିଶୁ ସ୍ୱାସ୍ଥ୍ୟ ସୁରକ୍ଷା, କୁପୋଷଣ ଦୂରୀକରଣ ସହ କ୍ଷୁଦ୍ର ଶସ୍ୟକୁ ଲୋକଲୋଚନେ କରାଇବାରେ ଅଗଧାଡ଼ିର କର୍ମୀଙ୍କ ଭୂମିକା ସମ୍ପର୍କରେ ଆଲୋଚନା କରାଯାଇଛି । ମୁଖ୍ୟତଃ ସ୍ଥାନୀୟ ଅଞ୍ଚଳରେ ମିଳୁଥିବା ଆଞ୍ଚଳିକ ଖାଦ୍ୟର ପ୍ରକାର ଭେଦ, ମାଣ୍ଡିଆ, ବାଜରା, ସୁଆଁ ଭଳି କ୍ଷୁଦ୍ର ଶସ୍ୟକୁ ପ୍ରତ୍ୟେକ ବ୍ୟକ୍ତି ନିଜର ଖାଦ୍ୟରେ ସାମିଲ କରିବାକୁ ଅଭ୍ୟାସରେ ପରିଣତ କରିବା ସମେତ ବିଭିନ୍ନ ଡାଲି ଜାତୀୟ ଖାଦ୍ୟ ଗ୍ରହଣ ନିମନ୍ତେ ଗ୍ରାମାଞ୍ଚଳରେ କିଭଳି ସଚେତନତା ସୃଷ୍ଟି କରାଯାଇ ପାରିବ ସେ ନେଇ ବିସ୍ତାରିତ ଭାବେ ଆଲୋଚନା କରାଯାଇଛି । ଏହି ବୈଠକରେ ଖାଦ୍ୟର ପ୍ରକାର ଭେଦ, ମେଦ ବହୁଳତା ଦୂରୀକରଣ, ରକ୍ତହୀନତା ଦୂରୀକରଣ ନିମନ୍ତେ ମଧ୍ୟ ସଚେତନତା ସୃଷ୍ଟି କରାଯାଇଅଛି । ଏହି କାର୍ଯ୍ୟକ୍ରମରେ ପଡିଆ ବ୍ଲକ ପୋଷଣ ସଂଯୋଜକ ଚୀନାମ ଅଲିଲୁୟା, ସୃଷ୍ଟି ଏନଜିଓର ନାକା ରବି କୁମାରଙ୍କ ସମେତ ଅନ୍ୟାନ୍ୟ ଅଧିକାରୀ ମାନେ ଉପସ୍ଥିତ ଥିବା ବେଳେ ଆଇଜିଡି ଏନ୍‌ଜିଓର ଝିଲି ସିଲ ଓ ଗୋବିନ୍ଦ ସରଦାର ପରିଚାଳନା କରିଛନ୍ତି । ଏହି କର୍ମଶାଳାରେ ପଡିଆ, କାଲଦାପଲ୍ଲୀ ,ସିମିଳିବାଞ୍ଚା ଓ ବାପନପଲ୍ଲୀ ପଞ୍ଚାୟତର ୫୦ରୁ ଅଧିକ ଅଙ୍ଗନବାଡ଼ି କର୍ମୀଙ୍କ ସମେତ ଅନ୍ୟାନ୍ୟ ଆଗଧାଡ଼ିର କର୍ମୀମାନେ ଉପସ୍ଥିତ ଥିଲେ ।

# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା

ନନ୍ଦପୁର,୧୦।୧୧ (ସମିସ):

ରାଜ୍ୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିଭାଗ ଆନୁକୂଲ୍ୟରେ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା-୨୦୨୫ ଆଜି ନନ୍ଦପୁର ହାଇସ୍କୁଲ ଖେଳ ପଡ଼ିଆ ଠାରେ ଆୟୋଜିତ ହୋଇଯାଇଛି । ଏହି ମେଳାରେ ଅଞ୍ଚଳର ୪୫୦ରୁ ଅଧିକ ମତ୍ସ୍ୟ ଚାଷୀ, ପଶୁପାଳକ ଓ ସ୍ୱୟଂସହାୟକ ଗୋଷ୍ଠୀ ସଦସ୍ୟମାନେ ଅଂଶଗ୍ରହଣ କରିଥିଲେ । ପଟାଙ୍ଗି ବିଧାୟକ ରାମଚନ୍ଦ୍ର ଚନ୍ଦ୍ର କାଡାମ ଏହାକୁ ଉଦ୍‌ଘାଟନ କରିଥିଲେ । ଏହି ଅବସରରେ ଜିଲ୍ଲା ପଶୁ ଚିକିତ୍ସାଧିକାରୀ ଡ଼ା. ଲକ୍ଷ୍ମୀଧର ବେହେରା, ଜିଲ୍ଲା ମତ୍ସ୍ୟ ଅଧିକାରୀ ସାଗର କୁମାର ରାମ୍, ଉପଖଣ୍ଡ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ସୁଦର୍ଶନ ସାହୁ, ବ୍ଲକ ଉନ୍ନୟନ ଅଧିକାରୀ ଦୂର୍ଗା ପ୍ରସାଦ ଦୋରା, ଗୋଷ୍ଠୀ ପ୍ରାଣୀ ଚିକିତ୍ସା ଅଧିକାରୀ ଯଶୋବନ୍ତ କୁମାର କୁମୂଟି, ଅତିରିକ୍ତ ମତ୍ସ୍ୟ ଅଧିକାରୀ ସ୍ୱପ୍ନାରାଣି



ସାମନ୍ତରାୟ ତଥା ଗ୍ରାମ ଉନ୍ନୟନ ବିଭାଗର କର୍ମଚାରୀମାନେ ଉପସ୍ଥିତ ଥିଲେ । ଏହି ପରିପ୍ରେକ୍ଷୀରେ ବିଧାୟକ ଶ୍ରୀ କାଡ଼ାମ ଗ୍ରାମୀଣ ଅଞ୍ଚଳର ଯୁବ ସମାଜ ମତ୍ସ୍ୟ ଓ ପଶୁପାଳନ ମାଧ୍ୟମରେ ନିଜକୁ ଆଜି ନିର୍ଭରଶୀଳ ହେବାକୁ ପ୍ରେରିତ କରିଥିଲେ ତଥା ବିଭିନ୍ନ ସରକାରୀ ଯୋଜନାର ଲାଭ ଉଠାଇ ନିଜକୁ ସଶକ୍ତ କରିବାକୁ ଆହ୍ୱାନ ଦେଇଥିଲେ । ମେଳାରେ ବିଭିନ୍ନ ଷ୍ଟଲ ମାଧ୍ୟମରେ ମତ୍ସ୍ୟ ଚାଷ ପ୍ରଣାଳୀ, ପଶୁ ପାଳନ ପ୍ରକ୍ରିୟା, ଚାରା ପ୍ରସ୍ତୁତି, ଭ୍ୟାକସିନ୍ ସଚେତନତା ଓ ସରକାରୀ ଯୋଜନା ସମୂହ ବିଷୟରେ ସୂଚନା ଦିଆଯାଇଥିଲା । ସେହିପରି ମତ୍ସ୍ୟ ଚାଷ ବାବଦରେ କାର୍ତ୍ତିକ ଖେମୁଣ୍ଡୁ, ମଧୁ ମୁଦୁଲି, କମୁଲୁ ଖିଲ, ଓ ମାଳି ଭିମଡୋଲର ମା' ଭବାନୀ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ସେମାନଙ୍କର ଅତୁଳନୀୟ ଅବଦାନ ଓ ସଫଳତା ଲାଗି ଏବଂ ପଶୁପାଳନରେ ନଗେଶ ଜେନା, ଧନୁର୍ଜୟ କିର୍ଶନି, ସରୋଜିନୀ ବେହେରା ଓ ସାତଶେମିଳି ଗ୍ରାମର ମା' କାଳିଜାଇ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ପୁରସ୍କାର, ସମ୍ମାନ ଦେଇ ଉତ୍ସାହିତ କରାଯାଇଥିଲା । ଅନ୍ୟ ମାନଙ୍କ ମଧ୍ୟରେ ବରିଷ୍ଠ ବିଜେପି ନେତା ଶେଖ୍ ଗଫୁର, ଜୟରାମ ଭୋଇ, ବିଧାୟକ ପ୍ରତିନିଧି କମେଶ କାମୁଡି, କଂଗ୍ରେସ ବ୍ଲକ ସଭାପତି ଦେବେନ୍ଦ୍ର ଖେମୁଦୁ, ବାବୁ ରାଓ ଖରା, ଭଗବାନ ମୁଦୁଲି ଏବଂ ମିଶନ ଶକ୍ତି, ଅଙ୍ଗନବାଡ଼ି କର୍ମୀ, ଏମ୍‌ବିକେ ସହ ମିଶନ ଶକ୍ତି ବିପିସି ଶ୍ରୀଧର ଜାନି ପ୍ରମୁଖ ଉପସ୍ଥିତ ଥିଲେ । ଏହି କାର୍ଯ୍ୟକ୍ରମକୁ ଏଲ୍ ଆଇ ଚିରଞ୍ଜିବୀ ଲାଇଟେଲ ପରିଚାଳନା କରିଥିବା ବେଳେ ପାଡୁଆ ଗୋଷ୍ଠୀ ପ୍ରାଣୀଧନ ଚିକିତ୍ସା ଅଧିକାରୀ ଡ. ସିଦ୍ଧାର୍ଥ ବେହେରା, ସହକାରୀ କାର୍ଯ୍ୟକ୍ରମ ଅଧିକାରୀ ଧନି ଖରା, ରାମ ଚନ୍ଦ୍ର ଗୋଲରି, ଲକ୍ଷ୍ମୀ ସାହୁକାର, ବିଜୟ କୁମାର ଖରା, ନଳିନୀ କାନ୍ତ ସ୍ୱାଇଁ, ରେଣୁକା ଚୌଧୁରୀ ଓ ପ୍ରଭାକର ବାଘ ଏବଂ ଆଟେଣ୍ଡାଣ୍ଟ ସୋମନାଥ ଆର୍ଲିଆ, ସନ୍ତୋଷ ପଣ୍ଡା, ରାଜୁ ନାୟକ, ମଧୁ ଖିଲ ପ୍ରମୁଖ ପୂର୍ଣ୍ଣ ସହଯୋଗ ପୂର୍ବକ କାର୍ଯ୍ୟକ୍ରମକୁ ସାଫଲ୍ୟ ମଣ୍ଡିତ କରିଥିଲେ ।

# ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କୁ ଦାବିପତ୍ର ପ୍ରଦାନ

ଜୟପୁର, ୧୦।୧୧ (ସମିସ): କୋରାପୁଟ ଜିଲ୍ଲା ଶିକ୍ଷା ବିଭାଗରେ କାର୍ଯ୍ୟରତ ଶିକ୍ଷକ ଶିକ୍ଷୟିତ୍ରୀଙ୍କ ବିଭିନ୍ନ ସମସ୍ୟାର ସମାଧାନ ନିମନ୍ତେ ଓଡ଼ିଶା ରାଜ୍ୟ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକ ବାଳମୁକୁନ୍ଦ ଭୂୟାଁଙ୍କ ସହିତ ଆଲୋଚନା କରିବା ଦାବିପତ୍ର ପ୍ରଦାନ କରାଯାଇଥିବା ନେଇ ଜିଲ୍ଲା ଅଣଗେଜେଟେଡ ସମନ୍ୱୟ ସମିତିର ସଭାପତି ଶଶୀଭୂଷଣ ଦାଶ ପ୍ରକାଶ କରିଛନ୍ତି । ୧୦ ଦଫା ଦାବିପତ୍ରରେ ବିଭିନ୍ନ ବିଦ୍ୟାଳୟର ଜଣେ ଲେଖାଏଁ ଶିକ୍ଷକ ଶିକ୍ଷୟିତ୍ରୀ ଦ୍ୱାରା ପରିଚାଳିତ ହେଉଛି । ଫଳରେ ସେମାନେ ଚାପଗ୍ରସ୍ତ ହୋଇ ରହୁଛନ୍ତି । ସେହି ସ୍ଥାନରେ ଅନ୍ୟ ଜଣେ ଲେଖାଏଁ ଶିକ୍ଷକ ଯୋଗାଇବା, ଆବଶ୍ୟକ ରହିଥିବା ବିଦ୍ୟାଳୟ ମାନଙ୍କରେ ଶିକ୍ଷକ ନିଯୁକ୍ତି କରିବା, ଉପାନ୍ତ ଅଞ୍ଚଳରେ କାର୍ଯ୍ୟରତ ଶିକ୍ଷୟିତ୍ରୀ ମାନଙ୍କୁ ଉପଯୁକ୍ତ ସ୍ଥାନକୁ ନିଯୁକ୍ତି, ସ୍ୱାସ୍ଥ୍ୟଗତ ସମସ୍ୟା ଥିବା , ଏହିପରି ଅତିଶୀଘ୍ର କୋରାପୁଟ ଜିଲ୍ଲାରେ କାର୍ଯ୍ୟରତ ଶିକ୍ଷକ ଶିକ୍ଷୟିତ୍ରୀ ମାନଙ୍କର ସମସ୍ୟା ଦୂର ହେବା କରାଯିବ ବୋଲି ନିର୍ଦ୍ଦେଶକ ଶ୍ରୀ ଭୂୟାଁ ପ୍ରତିଶୃତି ଦେଇଥିବା ନେଇ ସାକ୍ଷାତ କରିଥିବା ସଭାପତି ଶ୍ରୀ ଦାଶ ପ୍ରକାଶ କରିଛନ୍ତି ।

# ଉମରକୋଟ ସହରରେ ତୁରୁଞ୍ଜା ଶୁଖୁଆର ଚାହିଦା

ଉମରକୋଟ ୧୦।୧୧(ସମିସ): ନବରଙ୍ଗପୁର ଜିଲ୍ଲା ଉମରକୋଟ ସହରରେ ତୁରୁଞ୍ଜା ଶୁଖୁଆର ଚାହିଦା ଅଧିକ । ଧନି ହେଉ କି ଗରିବ ହେଉ ସମସ୍ତଙ୍କ ଘରେ ଶୁଖୁଆ ଖାଇବାର ସ୍ୱାଦ ନିଆରା ହୋଇଥାଏ । ନବରଙ୍ଗପୁର ଜିଲ୍ଲା ଉମରକୋଟ ଠାରେ ତୁରୁଞ୍ଜା ଶୁଖୁଆ ତଥା ତୁରୁ ଶୁଖୁଆ ଅଧିକ ଦରରେ ବିକ୍ରି ହେଉଥବା ଦେଖିବାକୁ ମିଳିଛି । ଉମରକୋଟ ଦୈନିକ ବଜାର ହେଉ ଅବା ହାଟ ଠାରେ ବାଉଁଶ ପରଡା ଠାରେ ଏହି ତୁରୁ ଶୁଖୁଆକୁ ରଖି ବିକ୍ରି କରାଯାଇଥାଏ । ଅବିଭକ୍ତ କୋରାପୁଟ ଜିଲ୍ଲାରେ ଏହାର ଚାହିଦା ରହିଛି । ମୁଖ୍ୟତଃ ଗାଁ ଗହଳି ଓ ସାପ୍ତାହିକ ହାଟରେ ଦେଖିବାକୁ ମିଳିଥାଏ । ବର୍ଷା ସମୟରେ ନଦୀ ଓ ନାଳରୁ ଜମିକୁ ଆସିଥାନ୍ତି ଏବଂ ସେହିଠାରେ ବଂଶ ବିସ୍ତାର କରିଥାନ୍ତି । ବର୍ଷା ଫେରିଯିବା ସମୟରେ ଯେଉଁ ବର୍ଷା ପାଣିର ଜମିରେ ଯିବା ସମୟରେ ଜମିରେ ମାଛ ଧରିବାକୁ ତିଆରି ହୋଇଥିବା ଜାଲ ବା ଦାନ୍ଧରରେ ଧରାଯାଏ । ପରେ ଘରକୁ ଆଣିବା ପରେ ଭଲଭାବେ ସଫା କରି ଚୁଲି ଉପରେ ଭଲଭାବେ ଶୁଖାଯାଇ ତାକୁ ବଜାର ବା ହାଟରେ ବିକ୍ରି କରାଯାଇଥାଏ । ଓଡ଼ିଆ ଲୋକଙ୍କ ଶୁଖୁଆ ସହ ନିବିଡ଼ ସମ୍ପର୍କ ରହିଛି । ଯେଉଁଠି ପଖାଳ, ସେହିଠାରେ ଶୁଖୁଆ । ନବରଙ୍ଗପୁର ଜିଲ୍ଲା ଉମରକୋଟ ସହର ଠାରେ ମିଳୁଥିବା ତୁରୁଞ୍ଜା ଶୁଖୁଆକୁ ସ୍ଥାନୀୟ ଭାଷାରେ ତୁରୁ ଶୁକୁସି କୁହାଯାଏ । ବଜାରରେ ଏହାର ଦାମ କିଲୋ ପିଛା ୫ ରୁ ୬ ହଜାର । ଦରଦାମ ଆକାଶଛୁଆ ହେଲେ ମଧ୍ୟ ଏହାର ଚାହିଦା ରହିଛି । ଏହି ତୁରୁଞ୍ଜା ଶୁଖୁଆ ନିଆରା ସ୍ୱାଦ ପାଇଁ ଲୋକେ କିଣି ନେଉଛନ୍ତି । କିଛି ସ୍ଥାନୀୟ ଲୋକଙ୍କ କହିବା ଅନୁଯାୟୀ ଔଷଧୀୟ ଗୁଣ ମଧ୍ୟ ଏହି ଶୁଖୁଆରେ ରହିଛି । ବର୍ଷର କେବଳ ବର୍ଷା ଯାଉଥୁବ ଓ ଶୀତ ପ୍ରବେଶ କରୁଥିବା ସମୟରେ ଏହି ଶୁକୁସି ବଜାର ରେ ମିଳେ ହ୍ଣ ଏହି ତୁରୁଞ୍ଜା ଶୁଖୁଆ ନିଆଁ ଝାସ ଓ ଧୂଆଁ ରେ ଶୁଖାଯାଉଥିବା ଯୋଗୁଁ ସମ୍ପୂର୍ଣ୍ଣ ଦେଶୀ ଉପାୟରେ ବଜାର କୁ ଆସେ ତେଣୁ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ ନୁହେଁ । ବାଉଁଶ



ପରଡ଼ା ରେ ବସିଛି ସୁନ୍ଦର ମାଛ, ମହିଳା ମାନେ ଚାହିଁ ବସିଥାନ୍ତି । ମୁଖ୍ୟତଃ ଗାଁ ଗହଳି ଏବଂ ସାପ୍ତାହିକ ହାଟରେ ଦେଖୁବାକୁ ମିଳି ଥାଏ ଧୂଆଁ ହିଁ ଏହାକୁ ଏକ ନିଆରା ସ୍ୱାଦ ଦେଇଥାଏ ।ଯାହା ଥରେ ଯିଏ ଖାଇବ ଜୀବନ ସାରା ଭୁଲି ପାରିବ ନାହିଁ । ଏଣୁ ଉମରକୋଟ ଠାରୁ ପ୍ରତିବର୍ଷ ଜିଲ୍ଲା ତଥା ରାଜ୍ୟ ବାହାରେ ଥିବା ବନ୍ଧୁ ବାନ୍ଧବ ଓ ସମ୍ପର୍କୀୟଙ୍କୁ ପଠାଯାଇଥାଏ । ଏହି ତୁରୁ ଶୁକୁସି ଏତେ ସୁନ୍ଦର ସୁଆଦିଆ ଲାଗିଥାଏ ଯେ ଏହାକୁ କିଣିବା ପାଇଁ ସମସ୍ତେ ଧାଇଁ ଆସନ୍ତି ସପ୍ତାହିକ ବଜାର ଗୁଡିକକୁ । ଏତେ ମାତ୍ରାରେ ଏହାର ଚାହିଦା ରହିଛି ଯେ କିଲୋ ପ୍ରତି ପ୍ରାୟ ୫ ରୁ ୬ ହଜାର ହୋଇଥାଏ । ତଥାପି ଲୋକେ ଏହାକୁ କିଣିବା ପାଇଁ ପଛଘୁଞ୍ଚା ଦେଇ ନଥାନ୍ତି । କିଛି ସ୍ଥାନୀୟ ବାସିନ୍ଦା ତୁରୁ ସୁକୁସି ରେ ଔଷଧୀୟ ଗୁଣ ଥିବା ମଧ୍ୟ ଦାବି କରନ୍ତି । ତୁରୁ ସୁକୁସି କୁ ବହୁ ଦିନ ଧରି ଘରେ ସାଇତି ରଖାଯାଇ ପାରିବ କାରଣ ସମ୍ପୂର୍ଣ୍ଣ ଭାବରେ ଶୁଖା ଯାଇଥାଏ । ତେବେ ଜମିରେ ପ୍ରବଳ ମାତ୍ରାରେ ରାସାୟନିକ ସାର ଓ କୀଟନାଶକ ପ୍ରୟୋଗ ଯୋଗୁଁ ତୁରୁଞ୍ଜା ମାଛ ମରି ଯାଉଥିବା ଯୋଗୁଁ ବର୍ତ୍ତମାନ ଦାମ ଅଧିକ ବୃଦ୍ଧି ପାଉଛି ।

## ବିକ୍ରି ହେଉଛି ଅବଧି ସରିଥିବା ମୃଦୁ ପାନୀୟ

# ଚଢ଼ଉ କରୁନି ପ୍ରଶାସନ; ଲୋକେ ଚିନ୍ତାରେ



ରାୟଗଡ଼ା,୧୦/୧୧(ସମିସ ): ରାୟଗଡା ବଜାରରେ ଅବଧି ସରିଥିବା ମୃଦୁ ପାନୀୟ ପ୍ୟାକେଟ କ୍ଟଅନ୍ୟାନ୍ୟ ସାମଗ୍ରୀ ଗୁଡିକ ବିକ୍ରି ହେଉଥିବା ଘଟଣା ଦେଖିବାକୁ ମିଳୁଛି । ସ୍ଥାନୀୟ ଜନସାଧାରଣଙ୍କ ଅଭିଯୋଗ ଅନୁସାରେ, କିଛି ଖୁଚୁରା ବ୍ୟବସାୟୀ ଅବଧି ସମାପ୍ତ ପାନୀୟ ଓ ଶୀତଳ ପାନୀୟକୁ ଲୋଭନୀୟ ଦାମରେ ଗ୍ରାହକଙ୍କୁ ଅନ୍ଧାରରେ ରଖି ବିକି ଦେବାକୁ ଚେଷ୍ଟା କରୁଛନ୍ତି। ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ଏବଂ ଖାଦ୍ୟ ସୁରକ୍ଷା ଅଧିକାରୀଙ୍କୁ ଜନସାଧାରଣ ଦାବି କରିଛନ୍ତି ଯେ, ଏହି ଅନୁଚିତ ବିକ୍ରି ଉପରେ ତତ୍କାଳ ତଦନ୍ତ କରି ଦୋଷୀ ବ୍ୟବସାୟୀଙ୍କ ଉପରେ କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବା ଉଚିତ । ଅପରପକ୍ଷେ ଡାକ୍ତରମାନଙ୍କ ମତ ଅନୁସାରେ, ଅବଧି ସରିଥିବା ପାନୀୟ ପିଇଲେ ପେଟ ଖରାପ, ବାନ୍ତି , ଜ୍ୱର ଓ ଅନ୍ୟାନ୍ୟ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି ହେବା ସମ୍ଭାବନା ରହୁଛି । ଗତ କିଛି ଦିନ ଧରି ରାୟଗଡା ସହରରେ ଗତ ଜୁଲାଇ ଠାରୁ ଆରମ୍ଭ କରି ସେପ୍ଟେମ୍ବର ଓ ଅକ୍ଟୋବର ମାସରେ ଅବଧି ସମାପ୍ତ ହୋଇଯାଇଥିବା ଏକ ମୃଦୁ ପାନୀୟ ବର୍ତ୍ତମାନ ମଧ୍ୟ ଦୋକାନମାନଙ୍କରେ ବିକ୍ରି ହେଉଛି। ବି ନେଚୁରାଲର ଗଭା ଜୁସ୍, ଅମୁଲ କମ୍ପାନୀର ଟ୍ରୁ ନାମକ ଚକୋଲେଟ, କମଳା ଓ ଆମ୍ବ ଜୁସ୍ ସମେତ ପୋଦାରାନ୍ କମ୍ପାନୀର ଆମ୍ବ ଜୁସ୍ ଆଦି ଅବଧି ଶେଷ ହୋଇଯାଇଥିଲେ ମଧ୍ୟ ଦୋକାନମାନଙ୍କରେ ଏହା ଗ୍ରାହକଙ୍କୁ ବିକ୍ରି କରାଯାଉଥିବା ଅଭିଯୋଗ ହେଉଛି । ଏନେଇ ଗ୍ରାହକମାନେ ଅସନ୍ତୋଷ ପ୍ରକାଶ କରିଛନ୍ତି ଏବଂ ଖାଦ୍ୟ ନିରାପତା ବିଭାଗ ଏଥିପ୍ରତି ଦୃଷ୍ଟି ଦେବାକୁ ଦାବି କରିଛନ୍ତି। ଏନେଇ କିଛି ଦୋକାନୀଙ୍କୁ ପଚାରିବାରେ ଭୁଲରେ ରହିଯାଇଛି ବୋଲି କହିଥିବା ବେଳେ ଅବଧି ପରେ ସମ୍ପୃକ୍ତ କମ୍ପାନୀର ଡିଲର ତାହା ଫେରାଇ ନେଇ ନୂତନ ପ୍ୟାକେଟ ଦେଉନାହାଁନ୍ତି ବୋଲି କହିଛନ୍ତି। ଏଭଳିକି ଭାରତର ସବୁଠୁ ପୁରୁଣା କମ୍ପାନୀ ଅମୂଲର ପ୍ରଡକ୍ଟରେ ମଧ୍ୟ ଏହି ସୁବିଧା ନାହିଁ ବୋଲି ଦୋକାନୀମାନେ ପ୍ରକାଶ କରିଛନ୍ତି। ତେଣୁ ଦୋକାନୀମାନେ ନିଜର କ୍ଷତି ନହେବା ଆଶାରେ ଅବଧି ସରିଥିବା ସାମଗ୍ରୀ ବିକ୍ରି କରୁଛନ୍ତି। ଅନ୍ୟପଟେ ଖାଦ୍ୟ ନିରାପତା ନିରୀକ୍ଷକ ରାୟଗଡ଼ାରେ ରହୁଥିଲେ ମଧ୍ୟ ନିୟମିତ ଯାଂଚ କରାଯାଉନଥିବା କାରଣରୁ ଦୋକାନୀ ଏବଂ ଡିଲରମାନେ ଏହିଭଳି ଅବଧି ସରିଥିବା ଜିନିଷ ବିକ୍ରି କରୁଥିବା କହିଛନ୍ତି ପ୍ରଦେଶ କଂଗ୍ରେସ କମିଟି ରାଜ୍ୟ ସମ୍ପାଦକ ତଥା ରାୟଗଡା ଜିଲ୍ଲା କଂଗ୍ରେସ ପୂର୍ବତନ ସଭାପତି ଦୁର୍ଗା ପ୍ରସାଦ ପଣ୍ଡା କହିଛନ୍ତି। ଜିଲ୍ଲା ପ୍ରଶାସନ ପକ୍ଷରୁ ଅନେକ ସମୟରେ ଏ ନେଇ କୌଣସି ଚଢ଼ାଉ ହେଉ ନଥିବା ଯୋଗୁଁ ଏହାର ଫାଇଦା ଉଠାଇ ଜିଲ୍ଲା ସଦର ମହକୁମା ସମେତ ବିଭିନ୍ନ ବ୍ଲକରେ କିଛି ଖୁଚୁରା ବ୍ୟବସାୟୀମାନେ ଲାଭଖୋର ମନୋଭାବ ରଖି ଗ୍ରାହକଙ୍କୁ ବେଆଇନ ଭାବେ ଅବଧି ସରିଥିବା ସାମଗ୍ରୀ ବିକ୍ରି କରୁଛନ୍ତି। ଏନେଇ ଜିଲ୍ଲା ଖାଦ୍ୟ ନିରୀକ୍ଷକ ଜ୍ୟୋତି ପ୍ରକାଶ ସୋରେନଙ୍କ ପ୍ରତିକ୍ରିୟା ନେବାରୁ ଏଭଳି ଅଭିଯୋଗ ପାଇବା ପରେ ଚଢ଼ଉ କରାଯାଇ ଦୃଢ ପଦକ୍ଷେପ ଗ୍ରହଣ କରାଯିବ ବୋଲି କହିଛନ୍ତି। ଜିଲ୍ଲାରେ ପୂର୍ବରୁ ଓଆରଏସରେ ଏଭଳି ଅନିୟମିତତା ହୋଇଥିବା କାରଣରୁ ବିଭାଗ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ସେଗୁଡିକୁ ନଷ୍ଟ କରାଯାଇଥିଲା ବୋଲି କହିଛନ୍ତି ଖାଦ୍ୟ ନିରୀକ୍ଷକ ସୋରେନ୍। ତେବେ ଅବଧି ସରିଥିବା ମୃଦୁ ପାନୀୟ କିଣି ପିଇଥିବା ଗ୍ରାହକ ମାନେ ରୋଗରେ ଆକ୍ରାନ୍ତ ହେବାର ଆଶଙ୍କା ରହିଛି।

# ୬୦ ହଜାର ଲୁଟିନେଲା ଡିଜିଟାଲ ଲୁଟେରା

## ଭଦ୍ରକରୁ ଗିରଫ କଲା ଓରକେଲ ପୋଲିସ

କୋରୁକୋଣ୍ଡା,୧୦ ।୧୧(ସମିସ): ମାଲକାନଗିରି ଜିଲ୍ଲା ଓରକେଲ ପୋଲିସ ଆଜି ଜଣେ ଡିଜିଟାଲ ଲୁଟେରାକୁ ଗିରଫ କରି କୋର୍ଟ ଚାଲାଣ କରିଛି। ମିଳିଥିବା ସୂଚନା ମୁତାବକ ବାଲିମେଳା ଛକ ନିକଟରେ ଥିବା ଲକ୍ଷ୍ମୀ ନାରାୟଣ ଢ଼ାବା ମାଲିକ କୃଷ୍ଣ ମୋହନ ମଲ୍ଲିକଙ୍କୁ ଗତ ଅକ୍ଟୋବର ୨୧ ତାରିଖରୁ ଏକ ଅଜଣା ଫୋନ କଲ ବାରମ୍ବାର ତାଙ୍କ ଫୋନକୁ ଆସୁଥିଲା। ଫୋନ କରି ବ୍ୟକ୍ତି ଜଣଙ୍କ ନିକଟରେ ୧ ହଜାର ଲିଟର ଡିଜେଲ ରହିଥିବା କହି ଲିଟର ପିଛା ୬୦ ଟଙ୍କାରେ ଡିଜେଲ ଦେବା ନେଇ ବାରମ୍ବାର କହି ଆସୁଥିଲା। ତେବେ ବାରମ୍ବାର ଢ଼ାବା ମାଲିକ କୃଷ୍ଣ ଙ୍କୁ ଫୋନ ଆସୁଥିବା ହେତୁ ଶେଷରେ ସେ ବିରକ୍ତି ହୋଇ ଏହି ମାସ ୧ ତାରିଖରେ ଡିଜେଲ କେଉଁଠୁ ଆଣିବାକୁ ପଡିବ ସେ ଉକ୍ତ ଯୁବକ ଟିକୁ ପଚାରିଥିଲେ। ଯୁବକ ଜଣଙ୍କ ଅତି ଚାଲାକ ର ସହ ପୂର୍ବରୁ କିନ୍ତୁ କୋରୁକୋଣ୍ଡା ସଦର ସ୍ଥିତ ଓଁ ଫିଲିଙ୍ଗ ଷ୍ଟେସନର ମାଲିକ ଙ୍କ ସହ ଜଣେ ବ୍ୟକ୍ତି ତାଙ୍କ ତେଲ ଟାଙ୍କି କୁ ଯାଇ ୧ ହଜାର ଲିଟର ଡିଜେଲ ନେବେ ବୋଲି ଫୋନ ଯୋଗେ କହିଥିଲା। ଏପଟେ ଢ଼ାବା ମାଲିକ କୃଷ୍ଣ କୋରୁକୋଣ୍ଡା ସ୍ଥିତ ତେଲ ଟାଙ୍କିକୁ ଯିବା ପୂର୍ବରୁ ଉକ୍ତ ଯୁବକ ଜଣଙ୍କୁ ଅନ୍‌ଲାଇନ ଯୋଗେ ଡିଜେଲ ଲିଟର ପିଛା ୬୦ ଟଙ୍କା ହିସାବରେ ୧ ହଜାର ଲିଟରର ମୂଲ୍ୟ ୬୦ ହଜାର ଟଙ୍କା ପଠାଇ ଦେଇ ତେଲ ଟାଙ୍କିକୁ ଯାଇଥିଲେ। କୋରୁକୋଣ୍ଡା ସ୍ଥିତ ତେଲ ଟାଙ୍କିକୁ ଯାଇ ୧ ହଜାର ଲିଟର ଡିଜେଲ ବ୍ୟାରେଲ ଯୋଗେ ଭର୍ତ୍ତି କରିବା ପରେ ଟାଙ୍କି ମାଲିକ ଡିଜେଲର ଟଙ୍କା କିଏ ଦେବ ବୋଲି ପଚାରିବାରୁ ସେ ଟଙ୍କା ଉକ୍ତ ଯୁବକକୁ ପୈଠ କରିଥିବା କହିଥିଲେ। ପରେ କୃଷ୍ଣ ପୁନଃ ଉକ୍ତ ନମ୍ବରରେ ଯୋଗାଯୋଗ କରିବା ବେଳେ ଉକ୍ତ ଯୁବକ ଜଣଙ୍କ ନିଜ ଫୋନ ସ୍ୱିଚ ଅଫ କରି ଦେଇଥିଲା। ଏନେଇ କୃଷ୍ଣ ଓରକେଲ ଥାନାର ଦ୍ୱାରସ୍ଥ ହୋଇ ଏକ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରିଥିଲେ। ଏହାପରେ ପୋଲିସ ଘଟଣାର ସମ୍ପୂର୍ଣ୍ଣ ତଦନ୍ତ କରି ଉକ୍ତ ବ୍ୟବହୃତ ନଂ ଟି ଭଦ୍ରକ ଅଞ୍ଚଳର ଜାଣିବାକୁ ପାଇଥିଲା। ଏହାପରେ ଏସଆଇ ମିଳନ ବାରିହା ଙ୍କ ନେତୃତ୍ୱରେ ଏକ ଟିମ ସୁଦୂର ଭଦ୍ରକ ଯାଇ ଉକ୍ତ ଡିଜିଟାଲ ଲୁଟେରାକୁ ଗିରଫ କରିବାରେ ସକ୍ଷମ ହୋଇଛି। ଗିରଫ ହୋଇଥିବା ଯୁବକ ଜଣଙ୍କ ନାମ ଚନ୍ଦନ ଦାସ(୨୯) ଏବଂ ସେ ଭଦ୍ରକ ଜିଲ୍ଲା ମେରାଇନ ଧାମରା ଥାନା ଅନ୍ତର୍ଗତ ପାଇକ ସାହିର ବୋଲି ପୋଲିସ ସୂଚନା ଦେଇଛି। ଅଭିଯୁକ୍ତ ଚନ୍ଦନ ଠାରୁ ଏକ ଏଟିଏମ କାର୍ଡ, ନଗଦ ୫୦୦୦ ଟଙ୍କା ଏବଂ ଏକ ମୋବାଇଲ ଫୋନ ଜବତ କରାଯାଇଥିବା ବେଳେ କେସ ନଂ ୨୯୯/୨୫ ରେ ମାମଲା ରୁଜୁ କରି ଆଜି ଅଭିଯୁକ୍ତକୁ କୋର୍ଟ ଚାଲାଣ କରାଯାଇଥିବା ଥାନାଧିକାରୀ ଧୀରେନ ପଟ୍ଟନାୟକ ସୂଚନା ଦେଇଛନ୍ତି।

## ● ଅଧ୍ୟାପକଙ୍କ ମନମୁଖି କାର୍ଯ୍ୟର ପ୍ରତିବାଦ

# ଫାଟକରେ ତାଲା ପକାଇଲେ ଛାତ୍ରଛାତ୍ରୀ




ରାମନାଗୁଡ଼ା/ରାୟଗଡ଼ା,୧୦।୧୧(ସମିସ): ରାୟଗଡ଼ା ଜିଲ୍ଲା ରମନାଗୁଡ଼ା ସ୍ନାତକ ମହାବିଦ୍ୟାଳୟ ପରିସରରେ ଇତିହାସ ବିଭାଗ ଅଧ୍ୟାପକଙ୍କ ମନମୁଖୀ କାର୍ଯ୍ୟ ଲାଗି ସୋମବାର ମହାବିଦ୍ୟାଳୟର ସ୍ନାତକ ପ୍ରଥମ ଏବଂ ଦ୍ୱିତୀୟ ବର୍ଷର ଛାତ୍ରଛାତ୍ରୀ ମାନେ ତାଲା ପକାଇ ଆନ୍ଦୋଳନ କରି ବଦଳି ଦାବି କରିଛନ୍ତି। ଶିକ୍ଷା ବର୍ଷ ଆରମ୍ଭରୁ ଏଠାରେ ପ୍ରିନ୍‌ସିପାଲଙ୍କ ଦେଖା ମିଳୁ ନଥିବା ବେଳେ ମହାବିଦ୍ୟାଳୟରେ ଅଧ୍ୟାପକମାନଙ୍କ ଉପରେ ଦାୟିତ୍ୱ ନ୍ୟସ୍ତ କରାଯାଇଥିବା ଜଣାପଡିଛି। ବିଭିନ୍ନ ସମୟରେ ଅଧ୍ୟାପକ ଜଣକ ମୋର ଇଚ୍ଛାରେ ସବୁ କିଛି ହେବ, କାହାକୁ ଡରୁନି, ମୋତେ କିଏ କିଛି କରିପାରିବେ ନାହିଁ ଯାହାକୁ କହୁଛ କୁହ ବୋଲି ଧମକପୂର୍ଣ୍ଣ ବାକ୍ୟ ସବୁବେଳେ ପିଲାଙ୍କୁ କହୁଥିବା ଅଭିଯୋଗ ହୋଇଛି। ପରୀକ୍ଷା ସମୟରେ ମାର୍କ ଦେବିନି । ଫେଲ କରିଦେବି ବୋଲି ଡରାଉ ଥିବା ପିଲାମାନେ ଅଭିଯୋଗ କରିଛନ୍ତି। ଅଧ୍ୟାପକ ଜଣକ ସବୁ ବେଳେ ଅନୁସୂଚିତ ଜାତି ଓ ଜନଜାତିର ପିଲାଙ୍କୁ ବାଧିଲା ପରି କଟୁ ଭାଷାରେ କହୁଥିବା ଅଭିଯୋଗ ହୋଇଛି। ପରୀକ୍ଷା ସମୟରେ ଫେଲ୍ କରିଦେବି ବୋଲି ଡରାନ୍ତି। କ୍ଲାସରେ ପାଠପଢା କମ୍ । କିନ୍ତୁ କାହା ସହ କଥାବାର୍ତ୍ତା ଆରମ୍ଭ ହୋଇଗଲେ ଆଉ କ୍ଲାସକୁ ଭୁଲିଯାଆନ୍ତି ବୋଲି ପିଲା ମାନେ ଅଭିଯୋଗ କରି ଆଜି କଲେଜ ଫାଟକରେ ପ୍ରାୟ ଚାରି ଘଣ୍ଟା ଧରି ତାଲା ପକାଇ ଆନ୍ଦୋଳନ କରିଥିଲେ। ସେହିପରି ଅନେକ ଗୁଡିଏ ସମସ୍ୟା ବିଷୟରେ ମହାବିଦ୍ୟାଳୟ ର ଛାତ୍ରଛାତ୍ରୀ ମାନେ ଅଭିଯୋଗ କରିଛନ୍ତି। ଖବର ପାଇ ଘଟଣା ସ୍ଥଳରେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରଦ୍ୟୁମ୍ନ ମଣ୍ଡଳ, ତହସିଲଦାର ପ୍ରାଣକୃଷ୍ଣ ପାଣିଗ୍ରାହୀ, ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁଜନ ମଲ୍ଲିକ, ଥାନା ଅଧିକାରୀ ସୁନିତା ବେହେରା, ଜିଲ୍ଲା ପରିଷଦ ସଭ୍ୟ ତାଙ୍ଗୁଡୁ ଶ୍ରୀଧର, ଏଏସଆଇ ଜଗନ୍ନାଥ ବେହେରା ପ୍ରମୁଖ ପହଞ୍ଚି ଉତ୍ତ୍ୟକ୍ତ ଛାତ୍ରଛାତ୍ରୀଙ୍କ ସହିତ ଆଲୋଚନା କରି ଘଟଣା ସମ୍ପର୍କରେ ଉଚ୍ଚ ଶିକ୍ଷା ବିଭାଗର ରିଜିଓନାଲ ଡାଇରେକ୍ଟର ଜୟପୁର ଗୋପାଳ ହଲଦାରଙ୍କ ସହିତ ଫୋନ ଯୋଗେ କଥାବାର୍ତ୍ତା କରିଥିଲେ। ଦିନେ ଦୁଇ ଦିନ ମଧ୍ୟରେ ମହାବିଦ୍ୟାଳୟରେ ପହଞ୍ଚି ବିଭିନ୍ନ ସମସ୍ୟାର ସମାଧାନ କରାଯିବ ବୋଲି ଛାତ୍ରଛାତ୍ରୀ ମାନଙ୍କୁ ପ୍ରତିଶୃତି ଦେଇଥିଲେ। ପ୍ରଶାସନିକ ଅଧିକାରୀଙ୍କ ଉପସ୍ଥିତିରେ ତାଲା ଖୋଲା ଯିବା ସହ ଶ୍ରେଣୀ କକ୍ଷରେ ଛାତ୍ର ଛାତ୍ରୀମାନଙ୍କୁ କାଉନ୍‌ସେଲିଂ କରି ଅଧ୍ୟାପକ, ଅଧ୍ୟାପିକା ମାନଙ୍କୁ ସଠିକ ଭାବେ ଶିକ୍ଷା ପ୍ରଦାନ କରି ଛାତ୍ରଛାତ୍ରୀ ମାନଙ୍କୁ ଉତ୍ତମ ବ୍ୟବହାର କରିବାକୁ ଉପସ୍ଥିତ ଅଧିକାରୀ ମାନେ ପରାମର୍ଶ ଦେଇଥିଲେ।

## ସାଇବର ସିକ୍ୟୁରିଟି ସଚେତନତା ଅଭିଯାନ

ଚିତ୍ରକୋଣ୍ଡା, ୧୦ ।୧୧(ସମିସ): ଦିନ ଯୋଡ଼ାମ୍ବ ଥାନା ପୋଲିସ ଟିମ୍ ପ୍ରଚେଷ୍ଟାରେ ଦର୍ଲାବେଡ଼ା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଏକ ସାଇବର ସିକ୍ୟୁରିଟି ସଚେତନ ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଦର୍ଲାବେଡ଼ା ଉଚ୍ଚ ବିଦ୍ୟାଳୟର ଯୁକ୍ତ ଦୁଇ ଶ୍ରେଣୀର ଛାତ୍ରଛାତ୍ରୀ ତଥା ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀ ମାନଙ୍କୁ ନେଇ ଏକ ବକ୍ତୃତା ଓ କୁଇଜ୍ ପ୍ରତିଯୋଗିତା କରାଯାଇ କୃତି ଛାତ୍ରଛାତ୍ରୀ ମାନଙ୍କୁ ଅତିଥି ମାନଙ୍କ ଦ୍ୱାରା ପୁରସ୍କାର ପ୍ରଦାନ କରାଯାଇଥିଲା। ଏହା ବ୍ୟତୀତ ଗ୍ରାମର ସମସ୍ତ ସଚେତନ ନାଗରିକ ମାନଙ୍କୁ ମଧ୍ୟ ଏହି କାର୍ଯ୍ୟକ୍ରମରେ ସାମିଲ୍ କରାଯାଇ ବିଭିନ୍ନ ସାଇବର ସିକ୍ୟୁରିଟିର ଭିଡିଓ କ୍ଲିପ୍ ପ୍ରଦର୍ଶନ କରାଯାଇ ସମସ୍ତଙ୍କୁ ସତର୍କ ଓ ସୁରକ୍ଷିତ ରହିବାର ମନ୍ତ୍ର ପ୍ରଦାନ କରାଯାଇଥିଲା। ଏହାର ଅନୁରୂପ କାର୍ଯ୍ୟକ୍ରମ ମଧ୍ଯ ପଣସପୁଟ ଠାରେ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଚିତ୍ରକୋଣ୍ଡା ଏସଡିପିଓ ପ୍ରଦୋସ ପ୍ରଧାନ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଆୟୋଜକ କର୍ତ୍ତା ଯୋଡ଼ାମ୍ବ ଥାନା ଅଧିକାରୀ ମନୋରଞ୍ଜନ ସାହୁ, ଏସଆଇ ଅନନ୍ତ କୁମାର ନାୟକ ଓ ଥାନାର ସମସ୍ତ କର୍ମକର୍ତ୍ତା ଥିଲାବେଳେ ଦର୍ଲାବେଡ଼ା ବିଦ୍ୟାଳୟର ଅଧକ୍ଷ ବାବୁଲି ଦିଶାରୀ, ଉପାଧକ୍ଷ ଅରୁଣ କୁମାର ସାହୁ ଏବଂ ଯୁକ୍ତ ଦୁଇର ସମସ୍ତ ଅଧ୍ୟାପକ ତଥା ଉଚ୍ଚ ବିଦ୍ୟାଳୟର ସମସ୍ତ ଶିକ୍ଷକ ପୂର୍ଣ୍ଣ ସହଯୋଗ କରିଥିଲେ। ଶିକ୍ଷକ ଶିକ୍ଷୟିତ୍ରୀ ତଥା ଗ୍ରାମର ସଚେତନ ନାଗରିକ ମାନଙ୍କୁ ସାଇବର ସିକ୍ୟୁରିଟି ଅଭିଯାନର ସାର୍ଟ ବଣ୍ଟନ କରାଯାଇଥିଲା।

## ନିର୍ମାଣ ଶ୍ରମିକ ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ



ମାଲକାନଗିରି, ୧୦ ।୧୧(ସମିସ): ମାଲକାନଗିରି ଅଲ୍ ଇଣ୍ଡିଆ ଟ୍ରେଡ ୟୁନିୟନ ଏବଂ ନିର୍ମାଣ ଶ୍ରମିକ ସଂଘ ପକ୍ଷରୁ ୬ ଦଫା ଦାବି ନେଇ ଜିଲ୍ଲା ଶ୍ରମ ଅଧିକାରୀଙ୍କ ଜରିଆରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ଟ୍ରେଡ ୟୁନିୟନ ଏବଂ ନିର୍ମାଣ ଶ୍ରମିକ ସଂଘର ଶତାଧିକ ସଦସ୍ୟ ସଦସ୍ୟା ଓ କର୍ମକର୍ତ୍ତା ଏକ ଶୋଭାଯାତ୍ରାରେ ଆସି ଜିଲ୍ଲା ଶ୍ରମ ଅଧିକାରୀଙ୍କ କାର୍ଯ୍ୟାଳୟରେ ପହଞ୍ଚି ଏହି ଦାବିପତ୍ର ପ୍ରଦାନ କରିଥିଲେ। ଦାବି ଗୁଡିକ ମଧ୍ୟରେ ମୁଖ୍ୟ ଦାବି ଗୁଡିକ ହେଲା କାର୍ଯ୍ୟ ସମୟ ୮ ଘଣ୍ଟା ପରିବର୍ତ୍ତେ ୧୦ ଘଣ୍ଟା ନିର୍ଦ୍ଦେଶ ଓ ମହିଳା ଶ୍ରମିକ ଓ କର୍ମଚାରୀ ମାନଙ୍କୁ ରାତିରେ କାମ କରିବାକୁ ରହିଥିବା ନିର୍ଦ୍ଦେଶକୁ ତୁରନ୍ତ ପ୍ରତ୍ୟାହାର କରାଯାଉ। ଏହା ସହିତ ବିଭିନ୍ନ ସୁବିଧାକୁ ଉଚିତ ସମୟସୀମା ମଧ୍ୟରେ ପ୍ରଦାନ କରାଯାଉ। ଶ୍ରମ ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଅଲ୍ ଇଣ୍ଡିଆ ଟ୍ରେଡ ୟୁନିୟନ କର୍ମକର୍ତ୍ତାଙ୍କ ସମେତ ଅଙ୍ଗନବାଡି କର୍ମୀ ସଂଘ, ପାଚିକା ସଂଘ, ନିର୍ମାଣ ଶ୍ରମିକ ସଂଘର ଶତାଧିକ କର୍ମକର୍ତ୍ତା ମାନେ ଉପସ୍ଥିତ ରହି ନାରା ବାଜି କରିବା ସହ ଦାବିପତ୍ର ଦେଇଥିଲେ।

## ପ୍ରଜ୍ଞାନ ମିଶନର ଗୀତା ଆବୃତ୍ତି ପ୍ରତିଯୋଗିତା




କାଲିମେଳା,୧୦।୧୧(ସମିସ): ମାଲକାନଗିରି ଜିଲ୍ଲା କାଲିମେଳା ବ୍ଲକ ଅନ୍ତର୍ଗତ କାଲିମେଳା ଆଶ୍ରମ ବିଦ୍ୟାଳୟରେ ବ୍ଲକସ୍ତରୀୟ ଗୀତା ଆବୃତ୍ତି ପ୍ରତିଯୋଗିତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ରଜ୍ଞାନ ମିଶନ ଆନୁକୂଲ୍ୟରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ କାଲିମେଳା ବ୍ଲକ ଅଧକ୍ଷା ସୁବାସିନୀ ସୋଡି ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଥିବା ବେଳେ, ଅନ୍ୟତମ ଅତିଥି ଭାବେ ଗୀତା ସୁଗିତା କର୍ତ୍ତବ୍ୟାର ଜିଲ୍ଲା ସଂଯୋଜକ ତୁଷାର ମହାପାତ୍ର ଏବଂ ଶିବସେନା ଜିଲ୍ଲା ସଭାପତି ଦିଲ୍ଲୀପ କୁମାର ପାତ୍ର କାର୍ଯ୍ୟକ୍ରମରେ ଯୋଗ ଦେଇ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଏହି ଗୀତା ଆବୃତ୍ତି ପ୍ରତିଯୋଗିତା ୩୦ ଜଣ ଛାତ୍ର ଛାତ୍ରୀ ଭାଗ ନେଇଥିବା ବେଳେ ୩ ଜଣଙ୍କୁ ପ୍ରଥମ ,ଦ୍ୱିତୀୟ ଓ ତୃତୀୟ ଭାବେ ପୁରସ୍କୃତ କରାଯାଇଥିଲା। ମଞ୍ଚରେ ଜର୍ଜ ହିସାବରେ ଲକ୍ଷ୍ମୀକାନ୍ତ ତ୍ରିପାଠୀ , ରଶ୍ମିତା ନାୟକ, ଅବସର ପ୍ରାପ୍ତ ଶିକ୍ଷକ ଶତ୍ରୁଘନ ଶଲ୍ୟ ଏବଂ ଦୀପଙ୍କର ଦାୟିତ୍ୱ ତୁଲାଇଥିଲେ।

## ● 'ବନ୍ଦେ ମାତରମ୍'ର ୧୫୦ ବର୍ଷ ପୂର୍ତ୍ତି

# ଓଡ଼ିଶା କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟରେ ସାମୂହିକ ଗାୟନ

କୋରାପୁଟ,୧୦।୧୧(ସମିସ): ଓଡ଼ିଶା କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟରେ ଜାତୀୟ ଗୀତ 'ବନ୍ଦେ ମାତରମ୍'ର ୧୫୦ ବର୍ଷ ପୂର୍ତ୍ତି ଉପଲକ୍ଷେ ସାମୂହିକ ଗାୟନ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ବିଶ୍ୱବିଦ୍ୟାଳୟ ପରିସରରେ ନୂଆଦିଲ୍ଲୀର ଇନ୍ଦିରା ଗାନ୍ଧୀ ଇନ୍‌ଡୋର ଷ୍ଟ। ।ଡିୟମ୍‌ରୁ ପ୍ରଧାନମନ୍ତ୍ରୀଙ୍କ ଭାଷଣର ସିଧା ପ୍ରସାରଣ କରାଯାଇଥିଲା। ବିଶ୍ୱବିଦ୍ୟାଳୟର ଭାରପ୍ରାପ୍ତ କୁଳପତି ପ୍ରଫେସର ନରସିଂହ ଚରଣ ପାଣ୍ଡାଙ୍କ ନେତୃତ୍ୱରେ ଶିକ୍ଷକମାନେ, କର୍ମଚାରୀଏବଂ ଛାତ୍ରଛାତ୍ରୀମାନେ ଉତ୍ସାହର ସହ ସାମୂହିକ ଗାୟନରେ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମର ସମନ୍ୱୟ ଲୋକସଂପର୍କ ଅଧିକାରୀ ଡ. ଫଗୁନାଥ ଭୋଇ ଓ ଏନ୍‌ଏସ୍‌ଏସ୍ ପ୍ରୋଗ୍ରାମ କୋର୍ଡିନେଟର ଡ. ଅଞ୍ଜନେୟଲୁ ଥୋଟାପଲ୍ଲୀ କରିଥିଲେ। ଛାତ୍ରଛାତ୍ରୀ, ଶିକ୍ଷକ ଓ କର୍ମଚାରୀମାନେ ସକ୍ରିୟ ଭାବରେ ଅଂଶଗ୍ରହଣ କରିଥିଲେ। ବିଶ୍ୱବିଦ୍ୟାଳୟ ୭ ନଭେମ୍ବର ୨୦୨୫ ଠାରୁ ୭ନଭେମ୍ବର ୨୦୨୬ ପର୍ଯ୍ୟନ୍ତ ବନ୍ଦେ ମାତରମ୍‌ର ୧୫୦ ବର୍ଷ ପାଳନ ପାଇଁ ବିଭିନ୍ନ ବାର୍ଷିକ କାର୍ଯ୍ୟକ୍ରମ ଆୟୋଜନ କରୁଛି ବୋଲି ବିଶ୍ୱବିଦ୍ୟାଳୟରେ ଲୋକସମ୍ପର୍କ ଅଧିକାରୀ ଡ଼ଃ ଫଗୁନାଥ ଭୋଇ ଜଣାଇଛନ୍ତି।

# ଭୂତକୋଠି ପାଲଟିଲାଣି ପୂର୍ତ୍ତ ବିଭାଗ ଡାକ ବଙ୍ଗଳା



କଲ୍ୟାଣସିଂହପୁର,୧୦।୧୧(ସମିସ): ରାୟଗଡା ଜିଲ୍ଲାର କଲ୍ୟାଣସିଂହପୁର ସର୍ବ ପୁରାତନ ରାଜ୍ୟ ରାଜପଥ କଡ଼ରେ ରହିଛି ପୂର୍ତ୍ତ ବିଭଗର ପୂରାତନ ଲେକାଗୁଡ଼ାରେ ଡାକ ବଙ୍ଗଳା। ଦୀର୍ଘ ବର୍ଷ ପୂର୍ବେ ନିର୍ମାଣ ହୋଇଥିବା ଏହି ବଙ୍ଗଳା ରକ୍ଷଣ ବେକ୍ଷଣ ଅଭାବରୁ ଜରାଜୀର୍ଣ୍ଣ ଅବସ୍ଥାକୁ ଚାଲି ଗଲାଣି। ଏଭଳି ଅବସ୍ଥା ହେବା ଯୋଗୁଁ ଅଧିକାରୀ କିମ୍ବା ନେତା ମନ୍ତ୍ରୀ କେହି ରୁହନ୍ତି ନାହିଁ। ଏଭଳି ଅବସ୍ଥାକୁ ଆଣିବା ପଛରେ ପୂର୍ତ୍ତ ବିଭାଗର ଅଧିକାରୀ ମାନେହିଁ ଦାୟୀ କହିଲେ ଭୁଲ ହେବନାହିଁ। କେହି କେହି ବୁଲିବାକୁ କିମ୍ବା ରାତି ଯାପନ କରିବାକୁ ଆସୁ ଥିଲେ ଅବ୍ୟବସ୍ଥା ଦେଖି ପୁଣି ଚାଲି ଯାଇଥାନ୍ତି। ପୂର୍ବେ ଏଠାରେ ବିଜୁଳି ନଥିବାରୁ ପରଦା ପଙ୍ଖା ଏହି ବଙ୍ଗଳାରେ ଲାଗିଲା ଓ ଏହାକୁ ଦଉଡ଼ି ସାହାଯ୍ୟରେ ଟଣା ହୋଇ ବ୍ୟବହାର କରାଯାଉଥିଲା। ସେହିପରି କିରୋସିନ ତେଲରେ ପେଟ୍ରମାକ୍ସ କିମ୍ବା ଲଣ୍ଠନ ଆଲୁଅ ବ୍ୟବହାର କରା ଯାଇଥିଲା। ପରେ ପରେ ପୂର୍ତ୍ତ ବିଭାଗ ଏହି ବଙ୍ଗଳାର ରକ୍ଷଣ ବେକ୍ଷଣ ବଦଳାଇଥିଲା। ୧୯୯୨ ମସିହାରେ ଜିଲ୍ଲା ଗଠନ ହେବାପରେ କିଛିମାତ୍ରାରେ ବଦଳି ଥିବାବେଳେ ଅଧିକା ସେମିତି କିଛି ବଦଳିନୀ।ସଂଯୋଗ କରୁଥିବା ପୂର୍ତ୍ତ ବିଭାଗ ରାଜପଥକୁ ରାଜ୍ୟ ରାଜପଥ ନେଲା ପରେ ସେହି ଦିନଠାରୁ ଆଜି ପର୍ଯ୍ୟନ୍ତ ଏହି ବଙ୍ଗଳାର କୌଣସି ରକ୍ଷଣ ବେକ୍ଷଣ କରାଯାଇ ନଥିବାରୁ ଏଠାକୁ ଆସୁଥିବା ଦେବଗିରି ଶୈବ ପୀଠକୁ ଦର୍ଶନ କରି ରାତ୍ର ହେଲେ ରହିବା ପାଇଁ ସ୍ଥାନଟିଏ ନଥିବାରୁ ହଇରାଣ ହେବାକୁ ପଡୁଛି। ଏତେବଡ଼ ବଙ୍ଗଳା ପଡିଥାଇ ମଧ୍ୟ ଲୋକେ ରହୁନଥିବାରୁ ବିଭାଗ ଦୃଷ୍ଟି ଆଢୁଆଳରେ ରହିଥିବା ଯୋଗୁଁ ସରକାରଙ୍କର ଏହା ଏକ ବଡ଼ କ୍ଷତି କହିଲେ ଅତ୍ୟୁକ୍ତି ହେବନାହିଁ।ଗତ ଦୁଇ ବର୍ଷ ପୂର୍ବେ ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରି ମରାମତି କରିଥିଲେ ବି ଅତି ନିମ୍ନମାନର କାର୍ଯ୍ୟ କରିଥିବାରୁ ଟିଣରୁ ପାଣି ଗଳୁଥିବା ବେଳେ ଚଟାଣ ଗୁଡାକ ଭାଙ୍ଗିରୁଜି ଗଲାଣି। ଏକ ପ୍ରକାର ଭୁତ କୋଠି ପାଲଟିଥିବା ରାତ୍ର ଯାପନ ପାଇଁ ଆସୁଥିବା ଲୋକମାନେ ପ୍ରକାଶ କରିଛନ୍ତି। ସେହିପରି ଡାକ ବଙ୍ଗଳା ସୌନ୍ଦର୍ଯ୍ୟ କରଣ କରିବା ପାଇଁ ଦୁଇ ବର୍ଷ ପୂର୍ବେ ଟଙ୍କା ଆସିଥିଲେ ମଧ୍ୟ କିଛିବି ଗଛ କି ଫୁଲ କୁଣ୍ଡ ଭଳି କାର୍ଯ୍ୟ କରାଯାଇନି ବୋଲି ଅଭିଯୋଗ ହୋଇଛି।ବଙ୍ଗଳା ପରିବେଶ ଅତ୍ୟନ୍ତ ଖରାପ ଓ ଲତାବୁଦା ହୋଇ ପଡ଼ିଥିବାରୁ ବଙ୍ଗଳା ଆଉ ଡାକ ବଙ୍ଗଳା ଭଳି ନାହିଁ! ଭୁତ କୋଠିଠୁ କିଛି କମ ନୁହଁ। ଧାନ ସିଜିନି ଆସିଲେ ମଣ୍ଡି ହୋଇଥାଏ କୃଷକ ପାଇଁ ସେମିତି କିଛି ବ୍ୟବସ୍ଥା ନଥିବାରୁ ଚାଷୀମାନେ ନାନା ହଇରାଣ ହୋଇଥାନ୍ତି।

## ୧୧କେଭି ବିଦ୍ୟୁତ ତାର ସଂସ୍ପର୍ଶରେ ଆସି ଡ୍ରାଇଭର ମୃତ

ଟିକିରି,୧୦।୧୧(ସମିସ): ରାୟଗଡା ଜିଲ୍ଲା କାଶିପୁର ବ୍ଲକ ଟିକିରି ଥାନା ଅନ୍ତର୍ଗତ ପୋଡାପାଡି ପଞ୍ଚାୟତ ଆନ୍ଦୁଗୁଡା ନୂଆସାହି ଠାରେ ୧୧କେଭି ବିଦ୍ୟୁତ ତାର ସଂସ୍ପର୍ଶରେ ଆସି ଜଣଙ୍କ ମୃତ୍ୟୁ ଘଟିଛି । ଟିପ୍ପର ଗାଡିରୁ ଜିନିଷ ଖାଲି କରିବା ସମୟରେ ବିଦ୍ୟୁତ ତାର ସଂସ୍ପର୍ଶରେ ଆସି ଡ୍ରାଇଭରଙ୍କର ମୃତ୍ୟୁ ଘଟିଛି। ମୃତକ ଜଣକ ହେଉଛନ୍ତି କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ବ୍ଲକ୍ ଚମ୍ପି ଗ୍ରାମର ପ୍ରକାଶ ଚନ୍ଦ୍ର ଦାସ(ମାନ୍ଧୁ) । ଆଜି ସନ୍ଧ୍ୟା ସମୟରେ ଟିପ୍ପର ଗାଡିରୁ ମାଟି ଖାଲି କରିବା ସମୟରେ ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସି ଯାଇଥିଲେ। ତାଙ୍କର ୨ଟି ପୁଅ ଥିବା ଜଣାପଡିଛି।

# ନଦୀ ପାର ହେବା ପାଇଁ ଡେକଚି ସାହାରା

## କୋମଳମତୀଙ୍କ ଜୀବନ ବାଜିରେ ଲାଗୁଛି



କୋରୁକୋଣ୍ଡା, ୧୦ ।୧୧(ସମିସ): ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଅଧୀନ ମାରିୱାଡା ଗ୍ରାମ ପଞ୍ଚାୟତ ଅଧୀନ କୁଟିଗୁଡା ଗ୍ରାମରେ ଦେଖିବାକୁ ମିଳିଛି ଏକ ଅଭାବନୀୟ ଦୃଶ୍ୟ। ବିପଦ ସଂକୁଳ ଅବସ୍ଥାରେ ନଦୀ ପାର କରୁଛନ୍ତି କୁନି କୁନି ଶିଶୁ ଙ୍କ ସମେତ ଗ୍ରାମବାସୀ। ଗ୍ରାମବାସୀଙ୍କ କହିବାନୁଯାୟୀ ନଦୀ ଆରପାରୀ ଗାଁର ବହୁ ଚାଷ ଜମି ରହିଥିବା ବେଳେ ପ୍ରତ୍ୟେକ ଦିନ ଯିବା ଆସିବା କରିବାକୁ ପଡିଥାଏ। ଏପରି ସ୍ଥଳେ କିଛି ଗ୍ରାମବାସୀ ଚାଷ ଜମିରେ ଛୋଟିଆ ଛୋଟିଆ କୁ?ଆ କରି ରହିଥାଆନ୍ତି। ବିଭିନ୍ନ ସମୟରେ ଗାଁକୁ ଯିବା ଆସିବା କଲେ କିମ୍ବା କୌଣସି କାମରେ ପଞ୍ଚାୟତକୁ ଆସିବାକୁ ହେଲେ ଛୋଟ ଛୋଟ ପିଲାଙ୍କୁ ଡେକଚିରେ ଭରି ବିପଦ ସଂକୁଳ ଅବସ୍ଥାରେ ନଦୀ ପାର କରିବାକୁ ପଡିଥାଏ। ବିଭିନ୍ନ ସମୟରେ ପଞ୍ଚାୟତ ପ୍ରଶାସନ ଠାରୁ ଆରମ୍ଭ କରି ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଏବଂ ସ୍ଥାନୀୟ ଜନ ପ୍ରତିନିଧିଙ୍କ ନିକଟରେ ବାରମ୍ବାର ଅଭିଯୋଗ କରିଥିଲେ ମଧ୍ୟ କୌଣସି ସୁଫଳ ମିଳି ନଥିବା କହିଛନ୍ତି ଗ୍ରାମବାସୀ। ନିର୍ବାଚନ ସମୟରେ ନେତା ମାନେ ଆସି ପ୍ରତିଶୃତି ଦେଉଛନ୍ତି ସତ କିନ୍ତୁ ତାହା ଯେପରି ପାଣିରେ ଗାର ସଦୃଶ। ସୂଚନା ଥାଉକି କିଛି ବର୍ଷ ପୂର୍ବେ ଶବ ସତ୍କାର କରିବା ନିମନ୍ତେ ମଧ୍ୟ ଏହିପରି ଭାବେ କିଛି ଡେକଚିକୁ ବାଉଁଶ ବାନ୍ଧି ଭେଳା ସାହାଯ୍ୟରେ ପାର କରାଯାଇ ଥିବାର ଦୃଶ୍ୟ ଦେଖିବାକୁ ମିଳିଥିଲା। ଏବଂ ସେହି ଖବର ବିଭିନ୍ନ ଗଣ ମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ବିଭିନ୍ନ ଅଧିକାରୀ ଗାଁକୁ ଯାଇ ପୋଲ ନିର୍ମାଣ କରିବା ନେଇ ପ୍ରତିଶୃତି ଦେଇ ଯାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା କୌଣସି ପଦକ୍ଷେପ ଗ୍ରହଣ କରାଯାଇ ନାହିଁ। ତେଣୁ କୌଣସି ସୁବିଧା ନଥିବା କାରଣରୁ ଆଜିବି ଏପରି ଭାବେ ନିଜ ଜୀବନ ସହିତ ଛୋଟ ଛୋଟ ପିଲା ଛୁଆଙ୍କ ଭରା ନଦୀରେ ବାଜି ଲଗାଇ ଡେକଚି ସାହାର୍ଯ୍ୟ ରେ ପାର ହେବାକୁ ବାଧ ହେଉଛନ୍ତି। ଆଗାମୀ ଦିନରେ ଏନେଇ କଣ ପଦକ୍ଷେପ ନିଆଯାଉଛି ତାକୁ ଦେଖିବାକୁ ଚାହିଁ ବସିଥିବା କହିଛନ୍ତି କୁଟିଗୁଡା ଗ୍ରାମବାସୀ।

# ପାରାବେଢ଼ାରେ ଆଉ ଏକ ପାଣି ଟାଙ୍କି ନିର୍ମାଣ

## ୬ ମାସରେ ଶେଷ ନେଇ ଲକ୍ଷ୍ୟ ଧାର୍ଯ୍ୟ



ଜୟପୁର, ୧୦ ।୧୧(ସମିସ): କୋରାପୁଟ ଜିଲ୍ଲା ଜୟପୁର ସହରରେ ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପାଇପ ମାଧ୍ୟମରେ ପାନୀୟ ଜଳ ସୁ-ବ୍ୟବସ୍ଥା ନେଇ କୋଟି କୋଟି ଟଙ୍କା ନିର୍ମାଣ କାର୍ଯ୍ୟ କରାଯାଇଛି। ଏହିପରି ପାରାବେଢାର ଏଲଆଇସି କୋଲନୀ ଠାରେ ପୂର୍ବରୁ ୨ଲକ୍ଷ ୨୭ ହଜାର କ୍ଷମତା ବିଶିଷ୍ଟ ଏକ ପାଣି ଟାଙ୍କି ନିର୍ମାଣ ହୋଇଥିବା ବେଳେ ବର୍ତ୍ତମାନ ଏହାର ପାଶ୍ୱର୍ରେ ପୁଣି ୯ ଲକ୍ଷ କ୍ଷମତା ବିଶିଷ୍ଟ ପାଣି ଟାଙ୍କି ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଛି। ଏହା ଆସନ୍ତା ୬ ମାସ ମଧ୍ୟରେ ସମାପ୍ତ ହେବା ସହିତ ଗ୍ରୀଷ୍ମ ମାସ ସୁଦ୍ଧା କାର୍ଯ୍ୟକାରୀ ହେବା ନେଇ ଆଶା କରାଯାଉଛି। ଏହିପରି ଗତ ୨ରୁ ଅଧିକ ମାସ ହେଲାଣି ପ୍ରାୟ ୨ କୋଟିରେ ନିର୍ମାଣ ହେବାକୁ ଥିବା ଏହି ୯ ଲକ୍ଷ କ୍ଷମତା ବିଶିଷ୍ଟ ପାଣି ଟାଙ୍କି ୧୫ ମିଟର ଉଚତା ବିଶିଷ୍ଟ ରହିବ। ଏହା ନିର୍ମାଣ ହେଲେ ପାରାବେଢାର ସନ୍ତୋଷୀ ମାଆ ନଗର, ଏଲଆଇସି କଲୋନୀ, ଶ୍ରୀରାମ ନଗର, ଅରବିନ୍ଦ ନଗର , କୁନ୍ଦାରି ଗୁଡା, ବାପୁଜୀ ନଗର ପ୍ରଭୃତି ଅଞ୍ଚଳରେ ରହିଥିବା ଆବଶ୍ୟକ ଜଳସଙ୍କଟ ଦୂର ହେବ। ଏହିପରି ପାରାବେଢ ଅଞ୍ଚଳରେ ଭୂତଳ ଜଳ ବହୁ ପରିମାଣରେ ରହିଥିଲେ ସୁଦ୍ଧା ଏହାକୁ ପିଇବା ପାଇଁ ଅନୁପଯୋଗୀ । ସ୍ଥାନୀୟ ଅଞ୍ଚଳର ବାସିନ୍ଦା ମାନେ ଜନସ୍ୱାସ୍ଥ୍ୟ ବିଭାଗର ପାଇପ ମାଧ୍ୟମରେ ଯୋଗାଣ ହେଉଥିବା ଜଳ ଉପରେ ଅଧିକ ନିର୍ଭର କରିଥାଆନ୍ତି। ପୂର୍ବରୁ ୨ ଲକ୍ଷ ୨୭ ହଜାର କ୍ଷମତା ବିଶିଷ୍ଟ ପାଣି ଟାଙ୍କି ରହିଥିଲା। କିନ୍ତୁ ଜୟପୁରର ନୂତନ ସହର ଭାବେ ପାରାବେଢା ଅଞ୍ଚଳ ଦ୍ରୁତ ବିକାଶ ହୋଇଥିବା ବେଳେ ଏଠାରେ ଆଧୁନିକ ଗୃହ ଓ ବଜାର ଗୁଡିକ ବ୍ୟାପକ ଭାବେ ନିର୍ମାଣ ଚାଲୁଥିବା ଯୋଗୁଁ ଜନସଂଖ୍ୟା ମଧ୍ୟ ବୃଦ୍ଧି ପାଉଛି। ଆଗାମୀ ଦିନରେ ପୌରସଂସ୍ଥା ପୁନଃ ସୀମା ନିର୍ଦ୍ଧାରଣ ବେଳେ ସ୍ଥାନୀୟ ଏକଟାଗୁଡା, ଦୁବଲୀ ଏବଂ ପୌରାଞ୍ଚଳର ପାଶ୍ୱର୍ବର୍ତ୍ତି ଅଞ୍ଚଳ ପୌରାଞ୍ଚଳ ଅଧୀନକୁ ଚାଲି ଆସିବ। ତେଣୁ ଜଳ ସଂକଟ ସମସ୍ୟା ଉପୁଜିବା ପୂର୍ବରୁ ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପାନୀୟ ଜଳ ନିମନ୍ତେ ସହରର ବିଭିନ୍ନ ଅଞ୍ଚଳର ପାଣି ଟାଙ୍କି ଏବଂ ଅନ୍ୟାନ୍ୟ ବ୍ୟବସ୍ଥା ନେଇ ତତ୍ପରତା ପ୍ରକାଶ ପାଇଛି। କୋଲାବ ଜଳ ଭଣ୍ଡାର ବିଦ୍ୟୁତ ଉତ୍ପାଦନ ପରେ ସତୀଗୁଡା ଡ୍ୟାମରେ ଗଚ୍ଛିତ ହେଉଥିବା ଉଦ୍‌ବୃତ ଜଳକୁ ନିକଟସ୍ଥ ସୁଖିଆଗୁଡା ନିକଟରେ ଜନସ୍ୱାସ୍ଥ୍ୟ ବିଭାଗ ପ୍ଲାଣ୍ଟରେ ପାଣି ସ୍ୱଚ୍ଛ କରାଯାଇ ସହରକୁ ପାଣି ପମ୍ପ ମାଧ୍ୟମରେ ଜଳଯୋଗାଣ ହେଉଛି। ଉକ୍ତ ସ୍ୱଚ୍ଛ ଜଳ ପାଇପ ମାଧ୍ୟମରେ ପାରବେଢା ପାଣି ଟାଙ୍କିରେ ପହଞ୍ଚିବା ପରେ ସ୍ଥାନୀୟ ଅଞ୍ଚଳର ଗୃହ ଏବଂ ଅନ୍ୟାନ୍ୟ ପାଇପ ପଏଣ୍ଟକୁ ଯୋଗାଣ କରାଯିବା ନେଇ ବ୍ୟବସ୍ଥା କରାଯାଉଥିବା କନିଷ୍ଠ ଯନ୍ତ୍ରୀ ସୁବ୍ରତ ସିଂ ପ୍ରକାଶ କରିଛନ୍ତି।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୦୦
- ପାଉଣ୍ଡ ୧୧୫.୮
- ୟୁରୋ ୧୦୧.୫୯
- ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୨,୯୫୦ (ନୂଆଦିଲ୍ଲୀ)
- ରୁପା : ୧,୫୫,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍ସେକ୍ସ ୮୩,୫୩୫.୦୦
- ନିଫ୍ଟି ୨୫,୫୭୪.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ପ୍ରଭାବିତ ହୋଇପାରେ ଭାରତ-ଆମେରିକା ବାଣିଜ୍ୟ ଚୁକ୍ତି

ନୂଆଦିଲ୍ଲୀ,୧୦।୧୧(ଏଜେନ୍ସି): ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱାରା ଲାଗୁ କରାଯାଇଥିବା ବୃହତ୍ ଟାରିଫ୍ ବା ଶୁଳ୍କ ଉପରେ ଆମେରିକାର ସୁପ୍ରିମକୋର୍ଟରେ ଚାଲିଥିବା ମାମଲା ଭାରତ ପାଇଁ ଏବେ ବଡ଼ ମୁଣ୍ଡବିନ୍ଧାର କାରଣ ପାଲଟିଛି। ସମ୍ପ୍ରତି ଭାରତୀୟ ଅଧିକାରୀ ଏବଂ ବାଣିଜ୍ୟ ବିଶେଷଜ୍ଞ ଏହି ମାମଲା ଉପରେ ନଜର ରଖିଛନ୍ତି। କାରଣ ହେଉଛି ଏହି ଟାରିଫ୍ ମାମଲା ସିଧାସଳଖ ଭାରତ-ଆମେରିକା ବାଣିଜ୍ୟ ଚୁକ୍ତିକୁ ପ୍ରଭାବିତ କରିପାରେ। ଏପ୍ରିଲରେ, ଟ୍ରମ୍ପ୍ ଦେଶର ବର୍ଦ୍ଧିତ ବାଣିଜ୍ୟ ନିଅଣ୍ଟକୁ ଏକ ଜାତୀୟ ଜରୁରୀକାଳୀନ ପରିସ୍ଥିତି ଘୋଷଣା କରିଥିଲେ ଏବଂ ଅଧିକାଂଶ ଦେଶ ଉପରେ ବ୍ୟାପକ ଶୁଳ୍କ ଲଗାଇଥିଲେ। ବର୍ତ୍ତମାନ, କୋର୍ଟ ନିଷ୍ପତ୍ତି ନେବେ ଯେ ରାଷ୍ଟ୍ରପତିଙ୍କର ଏତେ ବ୍ୟାପକ ଅଧିକାର ଅଛି କି ନାହିଁ।

**ଭାରତର ଚିନ୍ତା ବଢ଼ିଲା**

ଗତ ସପ୍ତାହରେ ଏକ ଶୁଣାଣିରେ, ସୁପ୍ରିମକୋର୍ଟର ବିଚାରପତିମାନେ ଟ୍ରମ୍ପଙ୍କ ଶୁଳ୍କ ଲାଗୁ କରିବାର ଅଧିକାର ଉପରେ ସନ୍ଦେହ ପ୍ରକାଶ କରିଥିଲେ। ଅନେକ ବିଚାରପତି ପ୍ରଶ୍ନ କରିଥିଲେ ଯେ ଏକ ଜରୁରୀକାଳୀନ ଆଇନ ରାଷ୍ଟ୍ରପତିଙ୍କୁ ଆମଦାନୀ ଶୁଳ୍କ ବୃଦ୍ଧି କିମ୍ବା ହ୍ରାସ କରିବାର କ୍ଷମତା ଦିଏ କି ନାହିଁ। ଆମେରିକା ସମ୍ବିଧାନ କଂଗ୍ରେସକୁ ଶୁଳ୍କ ଲାଗୁ କରିବାର ଅଧିକାର ପ୍ରଦାନ କରେ, କିନ୍ତୁ ପ୍ରଥମ ଥର ପାଇଁ, ଟ୍ରମ୍ପ ପ୍ରଶାସନ ଦାବି କରୁଛି ଯେ ଜରୁରୀକାଳୀନ ଆଇନ ସେମାନଙ୍କୁ ଏହି କ୍ଷମତା ପ୍ରଦାନ କରେ। ବିଚାରପତିମାନଙ୍କ ମନ୍ତବ୍ୟ ଟ୍ରମ୍ପଙ୍କ ଯୁକ୍ତିକୁ ଦୁର୍ବଳ କରୁଥିବା ପରି ମନେ ହେଉଛି।



ଯଦି କୋର୍ଟ ଟ୍ରମ୍ପଙ୍କ ବିରୁଦ୍ଧରେ ରାୟ ଦିଏ, ତେବେ ଏହା ବିଶ୍ୱ ବାଣିଜ୍ୟରେ ଏକ ବଡ଼ ପରିବର୍ତ୍ତନ ଆଣିପାରେ।

ଭାରତ ଏବଂ ଆମେରିକାର ଟିମ୍ ଏକ ବାଣିଜ୍ୟ ଚୁକ୍ତିନାମା ପାଇଁ ଆଲୋଚନା କରୁଛନ୍ତି। ଜଣେ ସରକାରୀ ଅଧିକାରୀ କହିଛନ୍ତି ଯେ ଯେକୌଣସି କାର୍ଯ୍ୟାନୁଷ୍ଠାନ ଚୂଡ଼ାନ୍ତ ନିଷ୍ପତ୍ତି ଉପରେ ନିର୍ଭର କରିବ। ସେ କହିଛନ୍ତି, ଭାରତୀୟ ଦଳ କୌଣସି ତରବରିଆ ନିଷ୍ପତ୍ତି ନେବାକୁ ଚାହୁଁନାହିଁ। ସବୁକିଛି କୋର୍ଟଙ୍କ ନିଷ୍ପତ୍ତି ଉପରେ ନିର୍ଭର କରେ।

ବାଣିଜ୍ୟ ଏବଂ ଶିଳ୍ପ ବିଶେଷଜ୍ଞମାନେ ବିଶ୍ୱାସ କରନ୍ତି ଯେ କୋର୍ଟ ଟ୍ରମ୍ପଙ୍କ ବିରୁଦ୍ଧରେ ରାୟ ଦେଲେ ମଧ୍ୟ ସେ ହାର ମାନିବେ ନାହିଁ। ଯଦିଓ ନିଷ୍ପତ୍ତି ଟ୍ରମ୍ପଙ୍କ ସପକ୍ଷରେ ନ ଯାଏ, ତଥାପି ସେ କୌଣସି ପ୍ରକାରେ ଶୁଳ୍କ ଲାଗୁ କରିବେ। ଶୁଳ୍କ ହେଉଛି ଟ୍ରମ୍ପଙ୍କ ପ୍ରିୟ ଅସ୍ତ୍ର। କୋର୍ଟଙ୍କ କଟକଣା ସତ୍ତ୍ୱେ, ଟ୍ରମ୍ପ ଅନ୍ୟ ଆଇନର ଆଶ୍ରୟ ନେଇ ବାଣିଜ୍ୟିକ ଅଂଶୀଦାରମାନଙ୍କୁ ଟାର୍ଗେଟ କରିପାରିବେ।

ଦିଲ୍ଲୀ-ଭିତ୍ତିକ ଏକ ଥିଙ୍କ ଟ୍ୟାଙ୍କ ଗ୍ଲୋବାଲ୍ ଟ୍ରେଡ୍ ରିସର୍ଚ୍ଚ ଇନିସିଏଟିଭ୍ (ଜିଟିଆର୍‌ଆଇ) ଦ୍ୱାରା ଗତ ସପ୍ତାହରେ ଜାରି ଏକ ରିପୋର୍ଟରେ ଚେତାବନୀ ଦିଆଯାଇଥିଲା ଯେ ଯଦି ସୁପ୍ରିମକୋର୍ଟ ଟ୍ରମ୍ପଙ୍କ ଜରୁରୀକାଳୀନ କ୍ଷମତାକୁ ପ୍ରତ୍ୟାଖ୍ୟାନ କରନ୍ତି ଏବଂ ତାଙ୍କର "ମୁକ୍ତି ଦିବସ" ଶୁଳ୍କ ଉଠାଇ ଦିଅନ୍ତି, ତେବେ ଏହାର ଆମେରିକା ବାହାରେ ବଡ଼ ପ୍ରଭାବ ପଡ଼ିପାରେ। ରିପୋର୍ଟରେ କୁହାଯାଇଛି ଯେ ଏହା ଇୟୁ, ଜାପାନ, ଦକ୍ଷିଣ କୋରିଆ ଏବଂ ୟୁକେ ଭଳି ଦେଶ ସହିତ

**ଟ୍ରମ୍ପଙ୍କ ଶୁଳ୍କ ଉପରେ ଆମେରିକା ସୁପ୍ରିମକୋର୍ଟରେ ମାମଲା**

ସାମ୍ପ୍ରତିକ ବାଣିଜ୍ୟ ଚୁକ୍ତିକୁ ପଲଟାଇଦେଇପାରେ, କାରଣ ସେଗୁଡ଼ିକ ସବୁ ଶୁଳ୍କ ଚାପରେ କରାଯାଇଥିଲା।

ଭାରତ ସହିତ ଚାଲିଥିବା ଆଲୋଚନା, ଯେଉଁଠାରେ ଆମେରିକା ଚାପ ପ୍ରୟୋଗ କରିବା ପାଇଁ ଶୁଳ୍କକୁ ଅସ୍ତ୍ର ଭାବରେ ବ୍ୟବହାର କରୁଛି, ତାହା ମଧ୍ୟ ଗୁରୁତର ଭାବରେ ପ୍ରଭାବିତ ହେବ। ଗତ ସପ୍ତାହରେ ଏକ ସାକ୍ଷାତକାରରେ ଟ୍ରମ୍ପ ସ୍ପଷ୍ଟ ଭାବରେ କହିଥିଲେ ଯେ ଶୁଳ୍କ ହଟାଇବା ତାଙ୍କ ଦେଶ ପାଇଁ ଏକ ବିପର୍ଯ୍ୟୟ ହେବ। ସେ ଚେତାବନୀ ଦେଇଥିଲେ ଯେ ଯଦି ସେ ବାଣିଜ୍ୟିକ ଅଂଶୀଦାରମାନଙ୍କ ଉପରେ ଶୁଳ୍କ ଲାଗୁ କରିପାରିବେ ନାହିଁ, ତେବେ ସମଗ୍ର ବିଶ୍ୱ ମାନସିକ ଅବସାଦରେ ବୁଡ଼ିଯିବ।

## ଖିମଜୀ ଗ୍ରୁପ୍ ପକ୍ଷରୁ ରକ୍ତଦାନ ଶିବିର



ଭୁବନେଶ୍ୱର,୧୦।୧୧(ସମିସ): ଖିମଜୀ ଗ୍ରୁପ୍ ପକ୍ଷରୁ ଭାରତୀୟ ରେଡକ୍ରସ ସୋସାଇଟି (ଆଇଆରସିଏସ), ଓଡ଼ିଶା ରାଜ୍ୟ ଶାଖା ସହଯୋଗରେ ଏକ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିର ଭୁବନେଶ୍ୱରସ୍ଥିତ ଏନଏସଆଇସି ସୌଧରେ ଥିବା ଖିମଜୀ ଗ୍ରୁପ୍ କର୍ପୋରେଟ କାର୍ଯ୍ୟାଳୟରେ ଆୟୋଜିତ ହୋଇଥିଲା। ଉକ୍ତ ରକ୍ତଦାନ ଶିବିରକୁ ମିତେଶ ଖିମଜୀ, ମ୍ୟାନେଜିଂ ଡାଇରେକ୍ଟର ଖିମଜୀ ଗ୍ରୁପ୍ ଏବଂ ଡା. ରଘୁନାଥ ବେହେରା, ମେଡିକାଲ ଅଫିସର, ଆଇଆରସିଏସ୍ ବିଶିଷ୍ଟ ଅତିଥି ଗୁଲଶନ କୁମାର ଦାଶ, ରେଡକ୍ରସ ପ୍ରତିନିଧି, ତ୍ରିଲୋଚନ ଦାଶ, ସଂଯୋଜକ, ଓଡ଼ିଶା ରକ୍ତ ସଞ୍ଚାର ମହାସଂଘ ଏବଂ ଖିମଜୀ ଜୁଏଲର୍ସର ବରିଷ୍ଠ ପ୍ରତିନିଧିଗଣ, ଖିମଜୀ ଫିନସର୍ଭ ଓ ଖିମଜୀ ଫାଉଣ୍ଡେସନ୍‌ର ମାନବ ସମ୍ବଳ ଓ କର୍ପୋରେଟ କମ୍ୟୁନିକେସନ ଟିମ୍‌ର ପ୍ରତିନିଧିଙ୍କ ଉପସ୍ଥିତିରେ ଉଦ୍‌ଘାଟନ କରିଥିଲେ। ଏହି ଅବସରରେ ମିତେଶ ଖିମଜୀ କହିଥିଲେ ଯେ, କହିବାକୁ ଗଲେ ରକ୍ତ ହେଉଛି ଲାଲ ସୁନା ଏବଂ ଏହାର ମୂଲ୍ୟ ଜରୁରୀ ପରିସ୍ଥିତିରେ କେତେ ମୂଲ୍ୟବାନ ତାହା ଜଣାପଡିଥାଏ। ପ୍ରତ୍ୟେକ ରକ୍ତ ବୁନ୍ଦା ଆବଶ୍ୟକ କରୁଥିବା ଜଣେ ବ୍ୟକ୍ତିଙ୍କ ପାଇଁ ଆଶାର କିରଣ। ଖିମଜୀରେ ଆମେ ବିଶ୍ୱାସ ରଖିଛୁ ଯେ ପ୍ରତ୍ୟେକ ୟୁନିଟ ରକ୍ତର ତିନିଟି ମୂଲ୍ୟବାନ ଜୀବନ ବଞ୍ଚାଇବାର ଶକ୍ତି ରହିଛି। ଏହି ରକ୍ତଦାନ ଶିବିରରେ ମୋଟ ୩୪ ୟୁନିଟ ରକ୍ତ ସଂଗ୍ରହ କରାଯାଇଥିଲା। ଖିମଜୀ ଗ୍ରୁପର ୨୪ଜଣ ଉତ୍ସାହୀ କର୍ମଚାରୀଙ୍କ ସହିତ ଏନଏସଆଇସିରୁ ୧୦ଜଣ ରକ୍ତଦାନ କରିଥିଲେ।

## ଟାରିଫ୍‌ରୁ ପ୍ରତି ଆମେରିକୀୟଙ୍କୁ ୧.୭୭ ଲକ୍ଷ ଦେବେ ଟ୍ରମ୍ପ୍

ୱାଶିଂଟନ୍,୧୦।୧୧(ଏଜେନ୍ସି):ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ତାଙ୍କର ଟ୍ରୁଥ୍ ସୋସିଆଲ ମିଡିଆରେ ପୋଷ୍ଟ କରି ଦାବି କରିଛନ୍ତି ଯେ ସେ ଲାଗୁ କରିଥିବା ଟାରିଫ୍ କୋଟି କୋଟି ଡଲାର ରାଜସ୍ୱ ସୃଷ୍ଟି କରୁଛି। ସେ କହିଛନ୍ତି ଯେ ଏହି ରାଜସ୍ୱ ଅର୍ଥକୁ ଆମେରିକା ବାସୀଙ୍କ ମଧ୍ୟରେ ବାଣ୍ଟି ଦିଆଯିବ। ଧନୀ ଲୋକଙ୍କୁ ଛାଡି ଏଥିରୁ ପ୍ରତ୍ୟେକ ଆମେରିକୀୟ ନାଗରିକଙ୍କୁ ୨୦୦୦ ଡଲାର (ପ୍ରାୟ ୧.୭୭ ଲକ୍ଷ ଟଙ୍କା) ର "ଲାଭାଂଶ" ପ୍ରଦାନ କରିବ। ପୋଷ୍ଟରେ ଟ୍ରମ୍ପ ଶୁଳ୍କର ସମାଲୋଚକମାନଙ୍କୁ "ମୂର୍ଖ" ବୋଲି କହିଛନ୍ତି। ସେ କହିଛନ୍ତି, ଯେଉଁମାନେ ଶୁଳ୍କ ବିରୁଦ୍ଧରେ କଥା କୁହନ୍ତି ସେମାନେ ମୂର୍ଖ। ଆମ ସରକାର ଆମେରିକାକୁ ବିଶ୍ୱର ସବୁଠାରୁ ଧନୀ ଏବଂ ସବୁଠାରୁ ସମ୍ମାନଜନକ ଦେଶ କରିଛି, ଯେଉଁଠାରେ ମୁଦ୍ରାସ୍ଫୀତି କିଛି ବି ନୁହେଁ ଏବଂ ସେୟାର ବଜାର ରେକର୍ଡ ସ୍ତରରେ ଅଛି। ତଥାପି, ଟ୍ରମ୍ପ ଏହି ସୁବିଧା କିଏ ପାଇବେ ତାହା ସ୍ପଷ୍ଟ କରି ନାହାଁନ୍ତି, ଯୋଗ୍ୟତା ମାନଦଣ୍ଡ (ଯେପରିକି ଆୟସୀମା) କିମ୍ବା ସମୟସୀମା ବିଷୟରେ କୌଣସି ସ୍ପଷ୍ଟ ସୂଚନା ପ୍ରଦାନ କରିନାହାଁନ୍ତି। ଏହା ପ୍ରଥମ ଥର ନୁହେଁ ଯେତେବେଳେ ସେ ଏପରି ପ୍ରତିଶ୍ରୁତି ଦେଇଛନ୍ତି।

## ଭାରତ ମସଲା ପକ୍ଷରୁ ୪ର୍ଥ ଦିନର ଲକି ଡ୍ର

କଟକ,୧୦।୧୧(ସମିସ): ପ୍ରତିଦିନ କଟକ ବାଲିଯାତ୍ରାରେ ଭାରତ ମସଲା ପକ୍ଷରୁ ଲକି ଡ୍ର କାର୍ଯ୍ୟକ୍ରମ ଜାରି ରହିଛି। ଗ୍ରାହକଙ୍କ ଭାରି ଚାହିଦାକୁ ଆଖି ଆଗରେ ରଖି ମସଲାର ମାନ, ଗୁଣବତ୍ତା ଓ ମୂଲ୍ୟରେ କମ୍ପାନୀ ଏ ପର୍ଯ୍ୟନ୍ତ ସାଲିସ କରିନି ବୋଲି ପରିଚାଳନା ନିର୍ଦ୍ଦେଶକ ସୁଶାନ୍ତ କୁମାର ପଣ୍ଡା କହିଛନ୍ତି। ଆଜିର ଲକି ଡ୍ର ବିଜେତାମାନଙ୍କୁ ମୁଖ୍ୟ ଅତିଥି ଭାରତ ମସଲାର ପ୍ରତିଷ୍ଠାତା ଅଧ୍ୟକ୍ଷ ସୁରେନ୍ଦ୍ର ନାଥ ପଣ୍ଡା ପୁରସ୍କାର ପ୍ରଦାନ କରିଥିଲେ। ଆଜିର ପ୍ରଥମ ଭାଗ୍ୟଶାଳୀ ବିଜେତା ଢେଙ୍କାନାଳ ଜିଲ୍ଲା ଗୁଡ଼ିଆକାଟେଣୀ ଅଞ୍ଚଳର ଭରତ କୁମାର ରାଉତଙ୍କୁ ମାଇକ୍ରୋ ଓଭେନ୍, ଦ୍ୱିତୀୟ ବିଜେତା ସିଡିଏ ସେକ୍ଟର ୧୦ ର ପ୍ରଦୀପ କୁମାର ଦାସଙ୍କୁ ରେସିଂ ବାଇସାଇକେଲ, ତୃତୀୟ ବିଜେତା ଭୁବନେଶ୍ୱରର ତମାଣ୍ଡୋ ଅଞ୍ଚଳର ଈଶ୍ୱର ଚନ୍ଦ୍ର ବଳଙ୍କୁ ବାଉଲ ସେଟ୍ ଓ ସାନ୍ତ୍ୱନା ମୂଳକ ପୁରସ୍କାର ସ୍ୱରୂପ ସାଇଲୋ ଗୋବିନ୍ଦପୁର ମେଘା ଅଞ୍ଚଳର ମୀନକେତନ



ରାଉତରାୟଙ୍କୁ ଫ୍ରାଇଂ ପ୍ୟାନ୍ ଶ୍ରୀ ପଣ୍ଡା ପ୍ରଦାନ କରିଥିଲେ। ଏଥିରେ ଅନ୍ୟ ମାନଙ୍କ ମଧ୍ୟରେ ନିର୍ଦ୍ଦେଶକ ଶ୍ରୀମନ୍ତ କୁମାର ପଣ୍ଡା ,ଦିଗନ୍ତ କୁମାର ପଣ୍ଡା, ଆଶୁତୋଷ ପଣ୍ଡା,ଏସଏନ ମିଲେନିୟମ, ଜିଏମ୍ ଅପରେସନ ଅରୁଣ କୁମାର ନାୟକ, ଜିଏମ୍ ପ୍ରଡକ୍ସନ ନବକୃଷ୍ଣ ପ୍ରଧାନଙ୍କ ସମେତ ଭାରତ ମସଲା କମ୍ପାନୀର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।

## ଜିନ୍ଦଲ ଷ୍ଟେନ୍‌ଲେସ୍ ତ୍ରୈମାସିକ ଆର୍ଥିକ ଫଳାଫଳ

ଭୁବନେଶ୍ୱର, ୧୦।୧୧(ସମିସ): ଜିନ୍ଦଲ ଷ୍ଟେନଲେସ୍ ଲିମିଟେଡ୍ (ଜେଏସଏଲ)ର ନିର୍ଦ୍ଦେଶକ ମଣ୍ଡଳୀ ଆଜି ତ୍ରୈମାସିକ ଆର୍ଥିକ ଫଳାଫଳ ଘୋଷଣା କରିଛନ୍ତି। କମ୍ପାନୀର ବିକ୍ରି ପରିମାଣ ୬,୪୮,୦୫୦ ଟନ୍ ରେକର୍ଡ ହୋଇଛି, ଯାହା ବାର୍ଷିକ ଆଧାରରେ ୧୪.୮% ବୃଦ୍ଧି ପାଇଛି। ମୋଟ ରାଜସ୍ୱ ୧୦,୮୮୧ କୋଟି ଟଙ୍କା ହୋଇଛି,ଯାହା ବାର୍ଷିକ ଆଧାରରେ ୧୧.୬% ବୃଦ୍ଧି ପାଇଛି। ଷ୍ଟାଣ୍ଡଆଲୋନ୍ ଇବିଆଇଟିଡିଏ ଏବଂ ଟିକସ ପରବର୍ତ୍ତୀ ଲାଭ ଯଥାକ୍ରମେ ୧,୦୬୦ କୋଟି ଟଙ୍କା ଏବଂ ୬୪୪ କୋଟି ଟଙ୍କା ହୋଇଛି, ଯାହା ବାର୍ଷିକ ଭିତିରେ ଯଥାକ୍ରମେ ୫.୩% ଏବଂ ୯.୩% ବୃଦ୍ଧି ପାଇଛି। ଏକୀକୃତ ଭାବେ, ମୋଟ ରାଜସ୍ୱ ୧୦,୮୯୩ କୋଟି ଟଙ୍କା ହୋଇଛି, ଯାହା ବାର୍ଷିକ ଭିତିରେ ୧୧.୪% ବୃଦ୍ଧି ପାଇଛି। ଏକୀକୃତ ଇବିଆଇଟିଡିଏ ୧,୩୮୮ କୋଟି ଟଙ୍କା ଏବଂ ଟିକସ ପରବର୍ତ୍ତୀ ଲାଭ ୮୦୮ କୋଟି ଟଙ୍କା ରେକର୍ଡ ହୋଇଛି, ଯାହା ବାର୍ଷିକ ଭିତିରେ ଯଥାକ୍ରମେ ୧୭% ଏବଂ ୩୨.୬% ବୃଦ୍ଧି ପାଇଛି। ଏକୀକୃତ ମୋଟ ଋଣ ୩,୬୪୬ କୋଟି ଟଙ୍କା ଥିଲା, ଯେତେବେଳେ ମୋଟ ଋଣ-ଇକ୍ୱିଟି ଅନୁପାତ ୦.୨x ରହିଛି।

## ବେଦାନ୍ତ ଆଲୁମିନିୟମ୍‌ର 'ପ୍ରୋଜେକ୍ଟ ସମ୍ପର୍କ'

ଭୁବନେଶ୍ୱର, ୧୦।୧୧(ସମିସ): ବେଦାନ୍ତ ଆଲୁମିନିୟମ ଏହାର ସାମୁଦାୟିକ ବିକାଶ ପଦକ୍ଷେପ ପ୍ରୋଜେକ୍ଟ ସମ୍ପର୍କ ମାଧ୍ୟମରେ ସ୍ୱାସ୍ଥ୍ୟ, ପୁଷ୍ଟି ଏବଂ ସ୍ଥାୟୀତ୍ୱର ସଂସ୍କୃତିକୁ ପ୍ରୋତ୍ସାହିତ କରୁଛି। କାର୍ଯ୍ୟକ୍ରମର ଏକ ଅଂଶ ଭାବରେ, କମ୍ପାନୀ ବଞ୍ଜାରୀ, କୁତାଲୋଇ ଏବଂ ପିପଲିମାଲ ଗ୍ରାମରୁ ୧,୦୦୦ରୁ ଅଧିକ ମହିଳାଙ୍କୁ ରୋଷେଇ ଘର ଉଦ୍ୟାନ ଗ୍ରହଣ କରିବା ଏବଂ ଜୈବିକ ଘରେ ଉତ୍ପାଦିତ ଖାଦ୍ୟ ଅଭ୍ୟାସ ଗ୍ରହଣ କରିବା ପାଇଁ ସଶକ୍ତ କରିଛି। ପ୍ରତ୍ୟେକ ଅଂଶଗ୍ରହଣକାରୀଙ୍କୁ ଜୈବିକ ସାର ସହିତ ୧୦ ପ୍ରକାରର ପନିପରିବା ବିହନ ଥିବା ଏକ ରୋଷେଇ ଘର ଉଦ୍ୟାନ କିଟ୍ ମିଳିଥିଲା। ମୋଟ ୧୦,୦୦୦ରୁ ଅଧିକ ବିହନ ପ୍ୟାକେଟ ମହିଳା ଏବଂ ଅଙ୍ଗନୱାଡି କର୍ମୀଙ୍କୁ ବଣ୍ଟନ କରାଯାଇଥିଲା। ଏ ସମ୍ପର୍କରେ





ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, ବେଦାନ୍ତ ଆଲୁମିନିୟମରେ ଆମେ ବିଶ୍ୱାସ କରୁଛୁ ଯେ ସ୍ଥାୟୀ ବିକାଶ ସମ୍ପ୍ରଦାୟକୁ ସଶକ୍ତ କରିବା ସହିତ ଆରମ୍ଭ ହୁଏ। ପ୍ରୋଜେକ୍ଟ ସମ୍ପର୍କ ମାଧ୍ୟମରେ, ଆମେ ଗ୍ରାମୀଣ ଓଡ଼ିଶାର ମହିଳାମାନଙ୍କୁ ରୋଷେଇ ଘର ଉଦ୍ୟାନ ଚାଷ କରି ସେମାନଙ୍କ ପରିବାରର ପୁଷ୍ଟି ଏବଂ କଲ୍ୟାଣର ଦାୟିତ୍ୱ ନେବାକୁ ସକ୍ଷମ କରୁଛୁ।

**ଆସିଲା ନୂଆ ଆଧାର ଆପ୍**

# କ୍ୟୁଆର୍‌ରେ ସେୟାର ହେବ ଆଧାର କାର୍ଡ

ନୂଆଦିଲ୍ଲୀ,୧୦।୧୧(ଏଜେନ୍ସି):ଏଣିକି ଆଉ ସବୁବେଳେ ସଙ୍ଗରେ ନେବାକୁ ପଡ଼ିବନି ଆଧାର କାର୍ଡ। ମୋବାଇଲରେ ହିଁ ସେଭ୍ ହୋଇ ରହିବ ଆଧାର କାର୍ଡ। ଇଣ୍ଟରନେଟ ଥାଉ କି' ନ ଥାଉ ଆପ୍ ମାଧ୍ୟମରେ କାଢ଼ିପାରିବେ ନିଜର ଓ ନିଜ ପରିବାର ସଦସ୍ୟଙ୍କ ଆଧାରକାର୍ଡ। ଖାଲି ସେତିକି ନୁହେଁ ସୁରକ୍ଷିତ ଉପାୟରେ ଆଧାରକାର୍ଡର କେବଳ ଜରୁରୀ ତଥ୍ୟ ହିଁ ଶେୟାର କରିପାରିବେ। ଆଧାର କାର୍ଡର ଡିଜିଟାଲ ବ୍ୟବହାରକୁ ଆହୁରି ସରଳ ଓ ସହଜ କରିବା ପାଇଁ ୟୁନିକ୍ ଆଇଡେଣ୍ଟିଫିକେସନ ଅଥରିଟି ଅଫ୍ ଇଣ୍ଡିଆ ବା ୟୁଆଇଡିଏଆଇ ଏକ ନୂଆ ମୋବାଇଲ ଆପ୍ ଲଞ୍ଚ କରିଛି। ଏହି ଆପ୍ ଜରିଆରେ ଏଣିକି ଆପଣ ନିଜ ଆଧାର କାର୍ଡକୁ ସବୁବେଳେ ଫୋନ୍‌ରେ ନେଇପାରିବେ। ଅର୍ଥାତ ଆପଣଙ୍କୁ କୌଣସି ଫିଜିକାଲ ଆଧାରକାର୍ଡ ପାଖରେ ରଖିବା ଆବଶ୍ୟକ ପଡିବନାହିଁ। ପୁରୁଣା ଏମ-ଆଧାର ଆପ୍‌ଠାରୁ ଅଲଗା ନୂଆ ଆପ୍‌ରେ ଆଧାର କାର୍ଡ ସହ ଜଡ଼ିତ କୌଣସି ଭେରିଫିକେସନ ୟୁପିଆଇ ପେମେଣ୍ଟ ଭଳି ସହଜରେ ହୋଇପାରିବ। ଇ-ଆଧାର ସବୁବେଳେ ସମସ୍ତଙ୍କ ପାଖରେ ଫୋନ୍‌ରେ ରହିପାରିବ। ପେପର କପି ରଖିବାର ଆବଶ୍ୟକତା ପଡ଼ିବନି। ଯଦି ଆପଣ ନିଜ ଆଧାର କାର୍ଡ କେଉଁଠାରେ ବ୍ୟବହାର କରିବାକୁ ଚାହିବେ ତେବେ ଆପଣଙ୍କୁ ଫେସ୍ ସ୍କାନ କରିବାକୁ ହେବ। ଏହା ସହ ବାୟୋମେଟ୍ରିକ ଅଥେଣ୍ଟିକେସନ ଦ୍ୱାରା ଆପ ଖୋଲି ହେବ। ଆପ୍‌ର ଏକାଧିକ ଭାଷା, ଅଫ୍‌ଲାଇନ୍ ୟୁଜ ଭଳି ସୁବିଧା

- ଆଉ ସାଥିରେ ନେବାକୁ ପଡ଼ିବନି ଆଧାର କାର୍ଡ
- ମୋବାଇଲରେ ହିଁ ସେଭ୍ ହୋଇ ରହିବ ଆଧାର କାର୍ଡ




ମଧ୍ୟ ରହିଛି। ସୂଚନାଥାଉକି, ପୂର୍ବରୁ ଏମ ଆଧାର ଆପ୍‌ର ବ୍ୟବହାର ହେଉଥିଲା। ଏହା ଆଧାର ଡିଟେଲ ଚେକ୍ କରିବା, ଡିଜିଟାଲ ଆଧାର କାର୍ଡ ଡାଉନଲୋଡ କରିବା ଏବଂ ପିଭିସି କାର୍ଡ ମଗାଇବା ପାଇଁ ବ୍ୟବହାର ହେଉଥିଲା। ସେହିଭଳି ନୂଆ ଆପ୍‌ରେ ୟୁଜର୍ସ ନିଜ ଆଧାର ତଥ୍ୟକୁ ନିରାପଦ ରଖି ସ୍କାନ କରି ଶେୟାର କରିପାରିବେ। ନୂଆ ଆପ ଦ୍ୱାରା ଚେକ-ଇନ୍, ସିମ୍ ଆକ୍ଟିଭେସନ କିମ୍ବା ବ୍ୟାଙ୍କ କେଓ୍ୱାଇସି ସହଜ ହେବ। ପରିବାର ସଦସ୍ୟଙ୍କ ଆଧାର କାର୍ଡ ମଧ୍ୟ ଏଥିରେ ସହଜରେ ରହିପାରିବ। ତଥାପି ପିଡିଏଫ ଡାଉନଲୋଡ କିମ୍ବା ପିଭିସି କାର୍ଡ ପାଇଁ ଏବେ ବି ଏମଆଧାର ବ୍ୟବହାର କରନ୍ତୁ।ଭର୍ଚୁଆଲ ଆଇଡି ଜେନେରେଟ୍ କିମ୍ବା କିଛି ଅପଡେଟ କରିବା ପାଇଁ ୟୁଆଇଡିଆଇ ପୋର୍ଟାଲ କିମ୍ବା ଏମ ଆଧାର ହିଁ ଉତ୍ତମ। ନୂଆ ଆପ୍‌ରେ ପ୍ରାଇଭେସୀକୁ ଗୁରୁତ୍ୱ ଦିଆଯାଇଛି। ଏହାଦ୍ୱାରା କେବଳ ଆବଶ୍ୟକୀୟ ତଥ୍ୟ ହିଁ ଶେୟାର କରିପାରିବେ।


**Government of India**
**Ministry of Environment, Forest & Climate Change**
**Regional Office, Bhubaneswar, Odisha**

**Online Proposal No.: FP/OR/RAIL/438606/2023**

**Dated: 07/10/2025**

**To,**
**The Addl. Chief Secretary,**
**Forest, Environment & CC Deptt.,**
**Government of Odisha,**
**Bhubaneswar – 751 001**

Subject: Diversion of 4.519 ha of forest land for construction of proposed Rail Corridor in village Kadei under Tangi Choudwar Tahasil of Cuttack District in Cuttack Forest Division by M/s My Home Industries Pvt. Ltd.

Sir/Madam,

I am directed to refer to State Govt. letter No.FE-DIV-FLD-0106-2023-25213/FE&CC dated 05.12.2023, No.26151/FE&CC dated 30.12.2024, No.2072/FE&CC dated 21.01.2025 and Online Proposal No.FP/OR/RAIL/438606/2023, wherein prior approval of the Ministry of Environment, Forest & Climate Change for non-forestry use of 4.519 ha of forest land for construction of proposed Rail Corridor in village Kadei under Tangi Choudwar Tahasil of Cuttack District in Cuttack Forest Division by M/s My Home Industries Pvt. Ltd., was sought in accordance with Section-2 (1)(ii) of the Van (Sanrakshan Evam Samvardhan) Adhiniyam, 1980. After due consideration of the proposal by the Ministry of Environment, Forest & Climate Change, the in-principle approval for diversion of the said forest land was accorded by Ministry vide this office letter of even number dated 24.01.2025, subject to fulfillment of certain conditions. The State Government has furnished the compliance report in respect of the conditions stipulated in the in-principle approval and has requested to grant final approval of the proposal.

2. In this connection, I am directed to say that on the basis of the compliance report furnished by the Addl. PCCF & Nodal Officer (FCA), Odisha vide their letter No.19249/9F (Rail)-391/2023 dated 15.09.2025 and submission of the compliance report by the State Govt. in Parivesh web portal on 26.09.2025, Stage-II/final approval of the Ministry of Environment, Forest & Climate Change is hereby granted under Section 2 (1)(ii) of the Van (Sanrakshan Evam Samvardhan) Adhiniyam, 1980 for non-forestry use of 4.519 ha of forest land for construction of proposed Rail Corridor in village Kadei under Tangi Choudwar Tahasil of Cuttack District in Cuttack Forest Division by M/s My Home Industries Pvt. Ltd., subject to the fulfillment of the following conditions:-

**1. General Conditions**

| S. No | Conditions |
|---|---|
| 1.1 | The State Govt. shall ensure that the legal status of diverted forest land shall remain unchanged. |
| 1.2 | The State Govt. shall ensure that the user agency shall pay the additional amount of NPV, if so determined, as per the final decision of the Hon'ble Supreme Court of India. |
| 1.3 | The State Govt. should ensure that the non-forest land proposed for CA shall be notified as PF under Section 29 of the IFA, 1927 or local Act before handing over of the diverted forest land to the user agency and after notification of such non-forest land, the Nodal Officer, Odisha shall upload a copy of said notification on the PARIVESH portal. |
| 1.4 | The State Govt. shall ensure the compliance on FRA, 2006 as per Van (Sanrakshan Evam Samvardhan) Rules and guidelines issued from time to time before handing over of the diverted forest land to user agency. |
| 1.5 | The State Govt. shall ensure that the KML files of the area to be diverted, CA and Addl. CA areas shall be uploaded on the e-Green watch portal with all requisite details before handing over of the diverted forest land to the user agency. |
| 1.6 | The State Govt. shall ensure that the boundary of the diverted forest land shall be demarcated on ground at the project cost, by erecting four feet high reinforced cement concrete pillars, each inscribed with its serial number, distance from pillar to pillar and GPS co-ordinates. |
| 1.7 | The State Govt. shall ensure that the State Forest Department will raise compensatory afforestation over 4.654 ha identified in village Chhotapadagon under Tangi Choudwar Tahasil of Cuttack District under Cuttack Forest Division within two years from the date of Stage-II Clearance and maintained thereafter by the State Forest Department as per approved plan/scheme and maintained thereafter, at the cost of user agency. |
| 1.8 | The State Govt. shall ensure that the State Forest Department will raise additional compensatory afforestation over 5.2 ha of degraded forest land identified in Kaliamba PRF of Dalijoda Range under Cuttack Forest Division within two years from the date of Stage-II Clearance and maintained thereafter by the State Forest Department as per approved plan/scheme and maintained thereafter, at the cost of user agency. |
| 1.9 | The State Govt. shall ensure that the species to be planted in the CA and Addl. CA scheme shall be of native species of the area. At least 18 month old seedlings should be planted. Intensive monitoring of the plantation needs to be done and documented using Geo tagging so that the increase of canopy density and survival and growth of plantation can be evaluated at regular intervals. |
| 1.10 | The State Govt. shall ensure that State Forest Department shall implement the Site Specific Wildlife Conservation Plan duly approved by Chief Wildlife Warden, Odisha the project cost. |
| 1.11 | The State Govt. shall ensure controlled speed limit of 20 Km/Hr, if the trains passing through the forest portion to enable the trains drivers to react to the sudden appearance of the wild animals on the track. As and when required speed of train shall be regulated in consultation with CWLW of the State Govt. There should be regular communication with the local forest department to know the presence/movement of elephant near the track. |
| 1.12 | The State Govt. and User Agency shall ensure that speed regulating signage will be erected along the railway line at regular intervals in Protected Areas/Forest Areas. |
| 1.13 | The State Govt. and the User Agency shall ensure that the designing of new culverts/bridges, if any, over the natural streams/ rivers/canals should be done in such a manner that it does not hamper the natural course of water, does not give rise to water-logging, so that it does not hamper movement of wild animals. |
| 1.14 | The State Govt. and the User Agency shall ensure that the reclamation of quarry, if any, should be done under the supervision of the State Forest Department. The quarry shall be reclaimed and afforested completely before the project is closed. |
| 1.15 | The State Govt. shall ensure that the user agency shall take up Avenue Plantation on either side of alignment of the track at its own cost in consultation with the DFO. |
| 1.16 | The State Govt. shall ensure that the user agency shall explore the possibility of successful transplantation of maximum number of trees identified to be felled and shall ensure that any tree felling shall be done only when it is unavoidable and that too under strict supervision of the State Forest Department. |
| 1.17 | The State Govt. shall ensure that the period of diversion under this approval shall be co-terminus with the period of lease granted in favour of user agency or the project life, whichever is less. |
| 1.18 | The State Govt. shall ensure that no labour camp shall be established on the forest land and the user agency shall provide fuels preferably alternate fuels to the labourers and staff working at the site so as to avoid any damage and pressure on the nearby forest areas. |
| 1.19 | The State Govt. and user agency shall ensure that while executing works, the user agency shall not fell any tree or damage forest growth in the surrounding forest area in any manner. |
| 1.20 | The State Govt. and user agency shall ensure that earth or any material shall neither be brought from nor the debris resulting during construction be disposed of in the adjoining forest area by the user agency. |
| 1.21 | The State Govt. and user agency shall ensure that the layout plan of the proposal shall not be changed without prior approval of the Ministry of Environment, Forest & Climate Change. |
| 1.22 | The State Govt. shall ensure that the forest land shall not be used for any purpose other than that specified in the proposal and under no circumstances be transferred to any other user agency, department or person without prior approval of the Ministry of Environment, Forest & Climate Change. |
| 1.23 | The State Govt. shall ensure that no damage to the flora and fauna of the adjoining area shall be caused. |
| 1.24 | The State Govt. shall ensure that the DFO concerned will monitor and take necessary mitigative measures to ensure that there is no adverse impact on the forests in surrounding area. |
| 1.25 | The State Govt. shall ensure that the user agency shall submit annual self monitoring report on compliance of stipulated conditions to the Nodal Officer (FCA) of the State and Integrated Regional Office of this Ministry by the end of March every year regularly. |
| 1.26 | The State Govt. shall ensure that any other conditions that the Ministry of Environment, Forests & Climate Change may impose from time to time in the interest of afforestation, conservation and management of flora and fauna in the area, which shall be complied by the user agency. |
| 1.27 | The State Govt. and user agency shall ensure compliance to provisions of the all Acts, Rules, Regulations, Guidelines, NGT Order (s) & Hon'ble Court Order (s) pertaining to this project, if any, for the time being in force, as applicable to the project. |
| 1.28 | Any other direction issued by the Ministry as a result of Hon'ble Supreme Court order will have bearing on this approval. |
| 1.29 | Violation of any of these conditions will amount to violation of Van (Sanrakshan Evam Samvardhan) Adhiniyam, 1980 and action would be taken as prescribed in Para 1.16 of Consolidated Guidelines and Clarification issued under Van (Sanrakshan Evam Samvardhan) Adhiniyam, 1980 and Van (Sanrakshan Evam Samvardhan) Rules, 2023 vide Ministry's letter dated 29.12.2023. |

**2. Standard conditions**

**3. Specific Conditions**

1. The Inspector General of Forests (ROHQ), Ministry of Environment, Forest & Climate Change, Indira Paryavaran Bhawan, Jor Bagh Road, Aliganj, New Delhi – 110003.
2. The PCCF & Nodal Officer (FCA), Forest Department, Govt. of Odisha, Aranya Bhawan, Chandrasekharpur, Bhubaneswar-751023.
3. The Deputy General Manager (Projects), M/s My Home Industries Pvt. Ltd., 9th Floor, Block-3, My Home Hub, Madhapur, Hyderbad-500081, Telangana.

**Your's faithfully**
**(Sujoy Dutta)**
**Assistant Commissioner (Forestry)**

ସକାଳ
THE SAKALA
www.sakalaepaper.com

# ସମ୍ପୂର୍ଣ୍ଣା

ମଙ୍ଗଳବାର, ୧୧ ନଭେମ୍ବର, ୨୦୨୫


## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ସମସ୍ୟା ଦେଖା ଦେବ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଅନ୍ତୁ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟାର ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ ନାହିଁ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ।

**କର୍କଟ:** ଅଚାନକ ସମସ୍ୟାରେ ପଡ଼ିପାରନ୍ତି। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେଇପାରେ। ପିଲାମାନଙ୍କ ଭବିଷ୍ୟତକୁ ନେଇ ପିତାମାତା ଯୋଜନା କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ। ଦାନ ଧର୍ମ କରିବେ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିପାରନ୍ତି। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ସମ୍ପର୍କୀୟଙ୍କ ସହଯୋଗ ମିଳିବ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ପରିବାର ସଦସ୍ୟଙ୍କ ସହିତ ହସ ଖୁସିରେ ସମୟ ବିତାଇବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ। ଆୟ ଅନୁସାରେ ଖର୍ଚ୍ଚ କରିବେ।


**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ।

## ଆଜିର ଇତିହାସ

- ୧୮୮୯- ୱାଶିଂଟନ୍‌କୁ ଆମେରିକାର ୪୨ ତମ ପ୍ରାନ୍ତ ଘୋଷଣା କରାଗଲା।
- ୧୯୫୬- ରାଜଧାନୀ ଦିଲ୍ଲୀ କେନ୍ଦ୍ରଶାସିତ ଅଞ୍ଚଳ ହେଲା।
- ୧୯୬୬- ନାସା ମହାକାଶ ଯାନ 'ଜେମିନି-୧୨' ଲଞ୍ଚ୍ କଲା।
- ୧୯୭୩- ପ୍ରଥମ ଅନ୍ତରାଷ୍ଟ୍ରୀୟ ଡାକଟିକଟ ପ୍ରଦର୍ଶନୀ ନୂଆଦିଲ୍ଲୀରେ ଆରମ୍ଭ ହେଲା।
- ୧୯୮୨- ଇସ୍ରାଏଲର ସେନା ମୁଖ୍ୟାଳୟରେ ଗ୍ୟାସ୍ ବିସ୍ଫୋରଣ ଯୋଗୁଁ ପାଖାପାଖି ୬୦ ଲୋକଙ୍କ ମୃତ୍ୟୁ।
- ୨୦୦୧-ଦୋହା ବୈଠକରେ ଡବ୍ଲୁଟିଓ ଭାରତର ସମର୍ଥନ କଲା।

## ଜାତୀୟ ଶିକ୍ଷା ଦିବସ

ଦେଶର ବିକାଶରେ ମାନବ ସମ୍ବଳର ଗୁରୁତ୍ୱପୂର୍ଣ୍ଣ ଯୋଗଦାନ ରହିଥାଏ। ଦକ୍ଷ ମାନବ ସମ୍ବଳ ପାଇଁ ଉପଯୁକ୍ତ ଶିକ୍ଷା ଅପରିହାର୍ଯ୍ୟ। ମଣିଷ ଜୀବନରେ ଶିକ୍ଷାର ଆବଶ୍ୟକତା ସମ୍ପର୍କରେ ସଚେତନତା ସୃଷ୍ଟି ଲାଗି ପ୍ରତିବର୍ଷ ନଭେମ୍ବର ୧୧କୁ ଜାତୀୟ ଶିକ୍ଷା ଦିବସ ଭାବେ ପାଳନ କରାଯାଉଛି। ଶିକ୍ଷା ହେଉଛି ଏକ ଶକ୍ତିଶାଳୀ ସାଧନ ଯାହା ମାଧ୍ୟମରେ ଆମେ ଆମ ଜୀବନକୁ ଉନ୍ନତ କରିପାରିବା । ଏହା ଆମକୁ ଜ୍ଞାନ, କୌଶଳ, ଏବଂ ଦକ୍ଷତା ପ୍ରଦାନ କରିବା ସହ ଆମ ଲକ୍ଷ୍ୟ ପୂରଣ କରିବାରେ ଏବଂ ବିଶ୍ୱର ଉନ୍ନତି କରିବାରେ ସାହାଯ୍ୟ କରିଥାଏ। ଏହିଦିନ ଭାରତର ପ୍ରଥମ ଶିକ୍ଷା ମନ୍ତ୍ରୀ ତଥା ଭାରତ ରତ୍ନ ମୌଲାନା ଅବୁଲ କଲାମ ଆଜାଦଙ୍କ ଜନ୍ମ ଦିବସ। ମୌଲାନା ଏକାଧାରରେ ଜଣେ ସ୍ୱାଧୀନତା ସଂଗ୍ରାମୀ, ଶିକ୍ଷାବିତ୍ ଓ ଲେଖକ ଥିଲେ। ସେ ୧୮୮୮ ମସିହା ଆଜିର ଦିନରେ ଆରବର ମକ୍କା ସହରରେ ଜନ୍ମଗ୍ରହଣ କରିଥିଲେ।



ମୌଲାନା ତାଙ୍କୁ ପ୍ରଦତ୍ତ ଏକ ସମ୍ମାନସ୍ୱଦ ଉପାଧି ଥିଲା। ପରବର୍ତ୍ତୀ ସମୟରେ ସେ ତାଙ୍କ ନାମରେ ଆଜାଦ ଯୋଡ଼ିଥିଲେ, ଯାହାର ଅର୍ଥ ମୁକ୍ତି । ୧୫ ଅଗଷ୍ଟ ୧୯୪୭ରୁ ଫେବ୍ରୁଆରୀ ୨, ୧୯୫୮ ପର୍ଯ୍ୟନ୍ତ ସେ ଭାରତର ଶିକ୍ଷା ମନ୍ତ୍ରୀ ଥିଲେ। ମୌଲାନାଙ୍କ ଅନୁସାରେ, ବିଦ୍ୟାଳୟ ଏପରି ଏକ ପ୍ରୟୋଗଶାଳା, ଯେଉଁଠାରେ ରାଷ୍ଟ୍ରର ଭବିଷ୍ୟତ ପିଢ଼ିଙ୍କ ବିକାଶ ହୋଇଥାଏ। ଭାରତରେ ପ୍ରତିଷ୍ଠିତ ବିଭିନ୍ନ ଆଇଆଇଟିଗୁଡ଼ିକର ଶ୍ରେୟ ତାଙ୍କୁ ଦିଆଯାଏ। ସ୍ୱାଧୀନତା ସଂଗ୍ରାମ ସମୟରେ ସେ ଭାରତୀୟ ଜାତୀୟ କଂଗ୍ରେସର ବରିଷ୍ଠ ନେତାମାନଙ୍କ ମଧ୍ୟରୁ ଜଣେ ଥିଲେ। ଶିକ୍ଷା ମନ୍ତ୍ରୀ ଥିବା ସମୟରେ ସେ ଜାତୀୟ ଶିକ୍ଷା ନୀତିର ସ୍ଥାପନା କାରିଥିଲେ। ପ୍ରାଥମିକ ଶିକ୍ଷାର ଅଗ୍ରଗତି ତାଙ୍କର ମୁଖ୍ୟ ଲକ୍ଷ୍ୟ ଥିଲା। ୧୯୯୨ ମସିହାରେ ତାଙ୍କୁ ଭାରତରତ୍ନ ସମ୍ମାନରେ ସମ୍ମାନିତ କରାଯାଇଥିଲା। ଦେଶ ସ୍ୱାଧୀନ ହେବା ପରେ ସେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ସ୍ଥାପନା କରିଥିଲେ। ଭାରତୀୟ ଶିକ୍ଷା ବ୍ୟବସ୍ଥାକୁ ଏକ ନୂତନ ରୂପରେଖ ଦେବାରେ ତାଙ୍କର ଅବଦାନକୁ ଚିରସ୍ମରଣୀୟ କରିବା ପାଇଁ କେନ୍ଦ୍ର ମାନବ ସମ୍ବଳ ବିକାଶ ମନ୍ତ୍ରଣାଳୟ ପକ୍ଷରୁ ୨୦୦୮ ମସିହାରୁ ନଭେମ୍ବର ୧୧ ତାରିଖକୁ 'ଜାତୀୟ ଶିକ୍ଷା ଦିବସ' ଭାବେ ପାଳନ କରାଯାଇ ଆସୁଛି। ଶିକ୍ଷା ବିଷୟରେ ଲୋକଙ୍କୁ ସଚେତନ କରିବା ତଥା ଲୋକଙ୍କୁ ସାକ୍ଷର କରିବା ଉଦ୍ଦେଶ୍ୟରେ ଏହି ଦିନ ବିଭିନ୍ନ କାର୍ଯ୍ୟକ୍ରମ କରାଯାଏ । ବିଦ୍ୟାଳୟ, କଲେଜ ଏବଂ ବିଶ୍ୱବିଦ୍ୟାଳୟରେ ଜାତୀୟ ଶିକ୍ଷା ଦିବସରେ ବକ୍ତୃତା, ପ୍ରବନ୍ଧ ପ୍ରତିଯୋଗିତା, ପୁସ୍ତକ ମେଳାର ଆୟୋଜନ କରାଯାଇଥାଏ ।

## ଟଙ୍କା ଦେଇ ୱେଟର ସାଜନ୍ତି ଗ୍ରାହକ



ରେସ୍ତୋରାଁଗୁଡ଼ିକ ବିଭିନ୍ନ ଉପାୟ ଅବଲମ୍ବନ କରି ଗ୍ରାହକଙ୍କୁ ଆକୃଷ୍ଟ କରିବା ପାଇଁ ଯୋଜନା କରନ୍ତି। ଏହି କ୍ରମରେ ଜାପାନରେ ଏମିତି ଏକ ରେସ୍ତୋରାଁ ରହିଛି ଯେଉଁଠି ଗ୍ରାହକ ୱେଟର୍ ଅନୁଭୂତି ପାଇବାକୁ ରେସ୍ତୋରାଁ ଆସନ୍ତି। ଆଉ ଟଙ୍କା ଦେଇ ୱେଟର୍ ସାଜନ୍ତି। ଜାପାନର ଏକ ଲୋକପ୍ରିୟ ରେସ୍ତୋରାଁରେ ଗ୍ରାହକ ଟଙ୍କା ଦେଇ ୱେଟର୍ ସାଜିବା ଅନୁଭୂତି ନେଉଛନ୍ତି। ଏଥିପାଇଁ ରେସ୍ତୋରାଁ ପକ୍ଷରୁ ଗ୍ରାହକଙ୍କୁ ୱେଟର୍‌ଙ୍କ ପୋଷାକ ଦିଆଯାଏ। ତେବେ ସାମାଜିକ ଗଣମାଧ୍ୟମରେ ରେସ୍ତୋରାଁର ଏହି ନିୟମ ଏବେ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛି। ପପ୍-ଅପ୍ ଆଉଟଲେଟରେ କିଛି ଗ୍ରାହକ ଖାଦ୍ୟ ଖାଇବା ସହ ୱେଟର୍ ସାଜିବା ସଉକ ପୂରା କରିବାକୁ ଆସିଥାନ୍ତି। ରେସ୍ତୋରାଁରେ ଗ୍ରାହକ ୱେଟର୍ ପୋଷାକ ପିନ୍ଧି ରେସ୍ତୋରାଁର କର୍ମଚାରୀମାନଙ୍କୁ ଖାଦ୍ୟ ପରଷନ୍ତି। ଅବଶ୍ୟ ଗ୍ରାହକଙ୍କୁ ଏଭଳି ସଉକ ପୂରଣ କରିବା ପାଇଁ ୯୦ ମିନିଟ୍‌କୁ ଭାରତୀୟ ମୂଦ୍ରାରେ ୨,୨୯୮ ଟଙ୍କା ଦେବାକୁ ପଡ଼େ। ଏହାଦ୍ୱାରା ଗ୍ରାହକ କିଛି ସମୟ ପାଇଁ ନିଜକୁ ୱେଟର୍ ଭାବିଥାନ୍ତି। କିଛି ଲୋକ ୱେଟର୍‌ଙ୍କ ଭଳି ପୂରା ପୋଷାକ ନ ପିନ୍ଧି କେବଳ ପୋଷାକ ଉପରେ ତାକୁ ଗଳାଇ ଦେଇଥାନ୍ତି।

## ବିବାହ ପରେ ବିଦା ହୁଏ ବର

ସାଧାରଣତଃ ବିବାହକୁ ନେଇ ବିଭିନ୍ନ ସ୍ଥାନରେ ଭିନ୍ନ ରୀତିନୀତି ସଂସ୍କୃତି, ପ୍ରଥା, ପରମ୍ପରା ଆଦି ଦେଖିବାକୁ ମିଳିଥାଏ। ଏହିକ୍ରମରେ ମେଘାଳୟର ଖାସୀ ଜନଜାତିରେ ମଧ୍ୟ ବିବାହକୁ ନେଇ ଅଜବ ପରମ୍ପରା ଦେଖିବାକୁ ମିଳିଥାଏ। ଏଠାରେ ବିବାହ ପରେ କନିଆ ବଦଳରେ ବର ବିଦା ହୋଇଥାଏ। ତେବେ ଏହି ଜନଜାତିରେ ମହିଳାମାନଙ୍କର ରାଜୁତି ଚାଲେ। ଏଥିସହ ସମାଜରେ ସେମାନଙ୍କ ଭୂମିକା ସର୍ବୋଚ୍ଚ ବୋଲି କୁହାଯାଏ। ଏହି ପରମ୍ପରା ବର୍ଷ ବର୍ଷ ଧରି ଏଠାରେ ପାଳିତ ହୋଇ ଆସୁଛି। ଏଠାକାର ସମାଜ ମାତୃକୈନ୍ଦ୍ରିକ। ଏଠାରେ ପରିବାର ମୁଖ୍ୟ ଘରର ମହିଳା ହୋଇଥାନ୍ତି। ଘରର ସମ୍ପତ୍ତି, ଉପନାମ ସହ ଘରର ସମସ୍ତ ଦାୟିତ୍ୱ ଝିଅ ନେଇଥାଏ। ସେହିପରି ବିଶେଷ କଥା ହେଉଛି ପରିବାରର ସବୁଠୁ ସାନ ଝିଅଙ୍କୁ ମାଆବାପାଙ୍କ ଦେଖାଶୁଣା ଦାୟିତ୍ୱ ଦିଆଯାଏ। ପୁରୁଷମାନେ ଏଠି ମହିଳାମାନଙ୍କୁ ନିଷ୍ପତ୍ତି



ନେବାରେ ସାହାଯ୍ୟ କରନ୍ତି। ଶେଷ ନିଷ୍ପତ୍ତି କିନ୍ତୁ ମହିଳାଙ୍କ ଦ୍ୱାରା ହିଁ ନିଆଯାଇଥାଏ। ଏହି ନିଆରା ପରମ୍ପରା ମହିଳାଙ୍କ ସ୍ୱାଧୀନ ଚିନ୍ତାଧାରା ପ୍ରତୀକ। ଖାସି ଜନଜାତିର ସବୁଠୁ ରୋଚକୀୟ କଥା ହେଉଛି ବିବାହ ପରେ ବର ଶ୍ୱଶୁର ଘରକୁ ଯାଇଥାଏ। ବର ଶ୍ୱଶୁର ଘରକୁ ଯାଇ କନିଆ ପରିବାର ସହ ମିଶି ଜୀବନ ଅତିବାହିତ କରିଥାଏ। ଏହି ପରମ୍ପରା ଜନଜାତିଙ୍କ ପାଇଁ ଗର୍ବର ବିଷୟଭାବେ ଜଣାଯାଏ। ସ୍ଥାନୀୟ ଅଞ୍ଚଳରେ ପ୍ରଚଳିତ ଲୋକବିଶ୍ୱାସ ଅନୁଯାୟୀ, ଏହାଦ୍ୱାରା ପରିବାର ମଜଭୁତ ରହିବା ସହ ମହିଳାଙ୍କୁ ସାମାଜିକ ସମାନତା ମିଳିଥାଏ। ନିକଟରେ ଏହାକୁ ନେଇ ଏକ ଭିଡିଓ ଭାଇରାଲ ହେବା ପରେ ଏହି ଘଟଣା ସଭିଙ୍କ ଧ୍ୟାନ ଆକର୍ଷଣ କରିଥିଲା।

## 'ବର୍ଡର ୨'
## ଆସିଲା ବରୁଣଙ୍କ ଲୁକ୍

ଅନୁରାଗ ସିଂହଙ୍କ ନିର୍ଦ୍ଦେଶିତ 'ବର୍ଡର ୨' ଫିଲ୍ମରୁ ବରୁଣ ଧୱନଙ୍କ ଲୁକ୍ ସାମ୍ନାକୁ ଆସିଛି। ଏହା ସାମାଜିକ ଗଣମାଧ୍ୟମରେ ଖୁବ୍ ଭାଇରାଲ ହେଉଛି। ଏହାପୂର୍ବରୁ ଫିଲ୍ମରୁ ସନ୍ନି ଦେଓଲଙ୍କ ଲୁକ୍ ଭାଇରାଲ ହୋଇଥିଲା। ଜାନୁଆରୀ ୨୩, ୨୦୨୬ରେ ଏହା ପରଦାକୁ ଆସିବ। ସାମାଜିକ ଗଣମାଧ୍ୟମରେ ବରୁଣ ଫିଲ୍ମର ପୋଷ୍ଟର ସେୟାର୍ କରି ଲେଖିଛନ୍ତି- 'ଦେଶର ସିପାହୀ ପିବିସି ହୋସିଆର ସିଂହ ଦହିଆ।' ପୋଷ୍ଟର୍‌ରେ ବରୁଣ ସେନା ପୋଷାକରେ ବନ୍ଧୁକ ଧରିଥିବାର ଦେଖାଯାଇଛନ୍ତି। ତାଙ୍କ ଆଖପାଖରେ କିଛି ସୈନିକ ମଧ୍ୟ ଅଛନ୍ତି। ତନ୍ମଧ୍ୟରୁ କିଛି ଜଣ ଆହତ ହୋଇଥିବାବେଳେ ଆଉ କିଛି ଲଢୁଥିବାର ଦେଖାଯାଇଛନ୍ତି। ବରୁଣଙ୍କ ଆଖିରେ ଶତ୍ରୁପକ୍ଷ ପ୍ରତି ଆକ୍ରୋଶ ସ୍ପଷ୍ଟ ବାରି ହୋଇ ପଡୁଛି। ଏଥିରେ ବରୁଣଙ୍କ ସହ ସନ୍ନି ଦେଓଲ, ଦିଲଜିତ୍ ଦୋସାଞ୍ଜ,ଅହାନ୍ ସେଟ୍ଟୀ, ମେଘା ରାଣା, ମୋନା ସିଂହ, ସୋନମ୍ ବାଜୱା ପ୍ରମୁଖ ନଜର ଆସିବେ। ସେହିଭଳି ଭୂଷଣ କୁମାର, କୃଷ୍ଣ କୁମାର, ଜେପି ଦତ୍ତା, ନିଧି ଦତ୍ତା ଏହାର ପ୍ରଯୋଜନା ଦାୟିତ୍ୱରେ ଅଛନ୍ତି। ଏଠାରେ ପ୍ରକାଶ ଥାଉ କି, 'ବର୍ଡର ୨' ୧୯୯୭ରେ ଆସିଥିବା ଜେପି ଦତ୍ତାଙ୍କ ନିର୍ଦ୍ଦେଶିତ 'ବର୍ଡର'ର ସିକ୍ୱେଲ।






## କୁକୁଡ଼ା ବସନ୍ତ

**ବର୍ତ୍ତମାନ ଆମ ରାଜ୍ୟର ଅଧିକାଂଶ ଜିଲ୍ଲାରେ କୁକୁଡ଼ା ବସନ୍ତ ରୋଗ ଦେଖାଯାଉଛି। ଏହା ଏକ ଭୂତାଣୁଜନିତ ରୋଗ। ଶୀତଋତୁରେ ଆର୍ଦ୍ର ବାତାବରଣ ଯୋଗୁଁ କୁକୁଡ଼ା ଏହି ରୋଗରେ ଆକ୍ରାନ୍ତ ହୁଅନ୍ତି। ଏହି ରୋଗର ଲକ୍ଷଣ ଅନୁଯାୟୀ ଚିକିତ୍ସକଙ୍କ ପରାମର୍ଶରେ ଚିକିତ୍ସା ଯୋଗାଇଦେବା ଆବଶ୍ୟକ।**



କୁକୁଡ଼ା ବସନ୍ତ ରୋଗରେ ଆକ୍ରାନ୍ତ କୁକୁଡ଼ାଙ୍କ ମୁଣ୍ଡ, ପାଟି, ଆଖି ଆଦି ସ୍ଥାନରେ ଘା' ହୋଇଯାଏ। ଆଖି ବନ୍ଦ ହୋଇଯିବାରୁ ସେମାନେ ଦେଖିପାରନ୍ତିନି। ପ୍ରାୟତଃ ଅନ୍ଧ ହୋଇଯାଆନ୍ତି। ଚୂଳ, ଥଣ୍ଟ, ବେକ ଆଦି ସ୍ଥାନରେ ବସନ୍ତ ହୋଇ ଫୋଟକା ସୃଷ୍ଟି ହୁଏ। ଏହି ରୋଗରେ ଆକ୍ରାନ୍ତ କୁକୁଡ଼ା ଖାଇବା ପିଇବା ବନ୍ଦ କରିଥାନ୍ତି। ଗମ୍ଭୀରସ୍ଥିତିରେ କୁକୁଡ଼ା ମୃତ୍ୟୁବରଣ କରିଥାନ୍ତି। ତେବେ ଆକ୍ରାନ୍ତ କୁକୁଡ଼ାଠାରୁ ଅନ୍ୟକୁକୁଡ଼ାଙ୍କୁ ଏହି ରୋଗ ବହୁତ ଜୋରରେ ବ୍ୟାପୁଥିବାରୁ ରୋଗର ଲକ୍ଷଣ ଦେଖିବାମାତ୍ରେ ଡାକ୍ତରଙ୍କ ପରାମର୍ଶରେ ଯତ୍ନ ନେବା ଜରୁରି। ରୋଗର ନିରାକରଣ ପାଇଁ ବଡ଼ କୁକୁଡ଼ା ଓ ଛୋଟ କୁକୁଡ଼ାଙ୍କୁ ଟିକା କରଣ କରାଯାଏ। କୁକୁଡାର ପର ତଳେ ୦.୧ ମିଲି ଟିକା ଦିଆଯାଇଥାଏ। ସେହିପରି ଘା' ଗୁଡିକୁ ପଟାସ ପାଣିରେ ଧୋଇବା ଜରୁରି। ଯଦି ଟିକା ଉପଲବ୍ଧ ନ ଥାଏ, ହୋମିଓପାଥି ଉପଚାର କରି ପାରିବେ। ପାଣିରେ ହୋମିଓପାଥି ଔଷଧ ପକାଇ କୁକୁଡ଼ାଙ୍କୁ ଦେଲେ ରୋଗର ତୀବ୍ରତା କମିଥାଏ। ତେବେ ସଂକ୍ରମିତ କୁକୁଡ଼ାଙ୍କୁ ସୁସ୍ଥ କୁକୁଡ଼ାଙ୍କଠାରୁ ଦୂରେଇ ରଖନ୍ତୁ।

## ଏମାସର ଚାଷ

**ଆମ ରାଜ୍ୟର ପ୍ରାୟତଃ ଚାଷୀ ଧାନ ଚାଷ ସହିତ ବିଭିନ୍ନ ପ୍ରକାର ପରିବା ଚାଷ କରିଥାନ୍ତି। ତେଣୁ ନଭେମ୍ବର ମାସରେ ପରିବା ଚାଷ କରୁଥିଲେ; କିଛି କଥାକୁ ଧ୍ୟାନ ଦେବା ଜରୁରି।**



ଚାଷ ପୂର୍ବରୁ ଜମିରେ ମାଟିକୁ ଗୁଣ୍ଡ କରି ଏକର ପ୍ରତି ୧୦ କ୍ୱିଣ୍ଟାଲ ସଢ଼ା ଗୋବର ଖତ ପ୍ରୟୋଗ କରି ମାଟିକୁ ସମତଳ କରିଦିଅନ୍ତୁ। ନଭେମ୍ବର ମାସରେ ଆଳୁ, ଗାଜର, ମୂଳା, ବିଟ୍, କୋବି ଓ ଟମାଟୋ ଆଦି ପନିପରିବା ଚାଷ କରିପାରିବେ। ମୁଖ୍ୟତଃ ଏହି ଦିନେ ତାପମାତ୍ରା କମ୍ ରୁହେ, ତେଣୁ ଗଛ ମୂଳରେ ଅଧିକ ମାତ୍ରାର ପାଣି ଦେବା ଅନୁଚିତ। ଏହାଦ୍ୱାରା ଗଛ ମୂଳ ସଢ଼ିଯାଇଥାଏ। ସୂର୍ଯ୍ୟକିରଣ ପଡୁଥିବା ସ୍ଥାନରେ ଗଛ ଲଗାଇବା ଭଲ। ଜମିରେ ବୁଣାକାମ ପୂର୍ବରୁ ମାଟିରେ ଖତ ମିଶାଇ ଦିଅନ୍ତୁ। ଗଛରେ ଯବକ୍ଷାରଜାନ ଓ ପଟାସ ଆଦି ଉପଯୋଗ କରିପାରିବେ। ଯଦି ଚାହିଁବେ ଜୈବିକ ପ୍ରଣାଳୀରେ ଚାଷ କରିପାରିବେ।

ଗଛ ଲଗାଇବା ପରେ ସପ୍ତାହ ଅନ୍ତରରେ ୪ରୁ ୫ ଥର ଜଳ ସିଞ୍ଚନ କରିବାକୁ ଭୁଲନ୍ତୁନି। ଏକମାସ ପରେ ଚାଷଜମିରେ କୋଡାଖୋସା କରିବା ଆବଶ୍ୟକ। ଘାସ ନିୟନ୍ତ୍ରଣ କରି ଜୈବିକ ସାର ପ୍ରୟୋଗ କଲେ ଫସଲ ସୁରକ୍ଷିତ ରୁହେ। ୪୫ ଦିନରେ ୩ରୁ ୪ କ୍ୱିଣ୍ଟାଲ ପ୍ରତି ଏକର ପିଛା ଜିଆ ଖତ ପ୍ରୟୋଗ କରିପାରିବେ।

## କୁଣ୍ଡରେ ମଟର ଅମଳ

ଶୀତଦିନେ ମଟରର ଚାହିଦା ଅଧିକ ଥାଏ। ତେଣୁ ବାଲ୍‌କୋନି କିମ୍ବା ଘରେ କୁଣ୍ଡରେ ମଟର ଚାଷ ସମ୍ଭବ। ମଟର ଚାଷ କରିବାକୁ ୧୦ରୁ ୧୨ ଇଞ୍ଚ ଗଭୀର କୁଣ୍ଡ ଆବଶ୍ୟକ ହୋଇଥାଏ। କୁଣ୍ଡ ତଳପାର୍ଶ୍ୱରେ ବାୟୁ ଚଳାଚଳ ପାଇଁ ଛୋଟ କଣା ରହିଥିବା ଜରୁରି। ମାଟି, ସଢ଼ାଗୋବର, ଖତ ବାଲି ଆଦିକୁ ମିଶାଇ କୁଣ୍ଡ ଭର୍ତ୍ତି କରି ସେଥିରେ ଗଛ ଲଗାଯାଏ। ମାଟିରେ ବାୟୁ ଚଳାଚଳ ଯେପରି ହୋଇପାରିବ ସେନେଇ ଧ୍ୟାନ ଦେବା ଆବଶ୍ୟକ। କୁଣ୍ଡରେ ମଞ୍ଜିକୁ ୩ରୁ ୪ ସେମି ଗଭୀରରେ ପୋତି ଗଛକୁ ଗଛ ୧୦ରୁ ୧୫ ସେମି ଦୂରରେ ରଖାଯାଏ।



ସେହିପରି ଗଛକୁ ଯେପରି ୬ଘଣ୍ଟା ସୂର୍ଯ୍ୟକିରଣ ମିଳିପାରିବ ତାହାକୁ ଧ୍ୟାନ ଦେବା ଆବଶ୍ୟକ। ମଟର ଗଛର ଲତା ବଢ଼ିଲେ ଏହାକୁ ସାହାରା ଦେବାକୁ ରଞ୍ଜା (ବାଉଁଶ, ଜାଲି) ବନ୍ଦୋବସ୍ତ କରିପାରିବେ। ସମୟେ ସମୟେ ଘାସ ନିୟନ୍ତ୍ରଣ କରିବାକୁ ଭୁଲନ୍ତୁନି। ଗଛରେ ରୋଗପୋକ ଦେଖାଦେଲେ, କୃଷି ବିଶେଷଜ୍ଞଙ୍କ ପରାମର୍ଶକ୍ରମେ ଔଷଧ ସିଞ୍ଚନ କରନ୍ତୁ। ଏହାଦ୍ୱାରା ଗଛରେ ଶୀଘ୍ର ଫଳ ଆସିଥାଏ। ମଟର ଫଳିବାକୁ ପାଖାପାଖି ଦୁଇରୁ ଅଢ଼େଇ ମାସ ସମୟ ଲାଗେ। ମଟର ଛୁଇଁ ପରିପକ୍ୱ ହୋଇଥିଲେ ଏହାକୁ ତୋଳି ପାରିବେ ।

## ନଡ଼ା ସଫା ଯନ୍ତ୍ର



ଅଧିକାଂଶ ଚାଷୀ ଫସଲ ଅମଳ ପରେ ସେହି ଜମିରେ ଅନ୍ୟ ଫସଲ ଚାଷ କରିଥାନ୍ତି। ପ୍ରତ୍ୟେକ ଚାଷକାର୍ଯ୍ୟ ଆରମ୍ଭରୁ ମାଟିକୁ ଭଲ ଭାବେ ଗୁଣ୍ଡ କରି ଜମି ପ୍ରସ୍ତୁତ କରାଯାଏ। ତେବେ ପ୍ରଥମ ଫସଲ ଯଥା ଧାନ, ଗହମ କିମ୍ବା ଅନ୍ୟାନ୍ୟ ଫସଲ ଅମଳ ପରେ ଜମିରେ ଏହାର ଅବଶିଷ୍ଟାଂଶ ରହିଥାଏ। ଏନେଇ ଅଧିକାଂଶ ଲୋକ ଚାଷ ପୂର୍ବରୁ ପୁରୁଣା ଫସଲର ଅବଶିଷ୍ଟାଂଶକୁ ପୋଡ଼ିଥାନ୍ତି। ଏହା ଯୋଗୁଁ ଜମିରେ ଉପଯୋଗୀ ଜୀବାଣୁ ନଷ୍ଟ ହୋଇଯାଇଥାନ୍ତି। ମାଟି ଟାଣ ହେବା ସହ ଜଳଧାରଣା କ୍ଷମତା କମିଯାଏ। ତେଣୁ ଏବେ ଏହି ସମସ୍ୟାକୁ ଦୂର କରିବ ସୁପର ସିଡର। ଏହି କୃଷି ଯନ୍ତ୍ରଟି ଗହମ, ଧାନ ତଥା ଅନ୍ୟ ଫସଲ କାଟିବା ପରେ ଜମିରେ ବଳକା ଥିବା କୁଟା, ନଡ଼ା, କାଠି ଆଦିକୁ ସିଧାସଳଖ ମାଟିରେ ମିଶାଇ ଦିଏ। ଏହାଦ୍ୱାରା ଚାଷୀଙ୍କୁ ଆଉ ଫସଲ ବର୍ଜ୍ୟକୁ ପୋଡିବାକୁ ପଡ଼ି ନ ଥାଏ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହା ଦ୍ୱାରା ଜମିର ବର୍ଜ୍ୟ ମାଟିରେ ମିଶି ଫସଲରେ ଖତ ପରି କାମ ଦିଏ। ଏହି କୃଷି ଯନ୍ତ୍ରର ମୂଲ୍ୟ ପାଖାପାଖି ୨.୪୦ଲକ୍ଷରୁ ୩ ଲକ୍ଷ ଟଙ୍କା ହେବ । ଏହି ଯନ୍ତ୍ରଟିକୁ ଟ୍ରାକ୍ଟର ସହିତ ଫିଟ୍ କରି ଜମିରେ ବ୍ୟବହାର କରିବାକୁ ପଡ଼େ। ଫଳରେ ଚାଷୀମାନେ ସହଜ ଓ ସ୍ୱଳ୍ପ ମୂଲ୍ୟରେ ହଳ ସହିତ ବୁଣା କାମ କରିପାରନ୍ତି।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ଧାନକେଣ୍ଡାରେ ଶତକଡ଼ା ୮୫ ଭାଗ ପାଚି ଯାଇଥିଲେ କାଟି ନିଅନ୍ତୁ। ବେଙ୍ଗଳା ପରେ ଧାନକୁ ଭଲ ଭାବେ ଖରାରେ ଶୁଖାଇ ସାଇତି ରଖନ୍ତୁ।
- ଅମଳ ଉପଯୋଗୀ ଫସଲ ଯଥା ପନିପରିବା ଓ ଶସ୍ୟଜାତୀୟ ଫସଲକୁ ଅମଳ କରି ସୁରକ୍ଷିତ ସ୍ଥାନରେ ରଖନ୍ତୁ।
- ଅମଳକ୍ଷମ ପିଆଜର କିସମ ଗୁଡିକ ହେଲା- ଆଗ୍ରିଫାଉଣ୍ଡ ଲାଇଟ୍ ରେଡ୍, ଆଗ୍ରିଫାଉଣ୍ଡ ଡାର୍କ ରେଡ୍, ଭୀମ ଶକ୍ତି, ଭୀମ ସୁପର ଇତ୍ୟାଦି।
- ଉଚ୍ଚ-ମଧ୍ୟମ ଜମିରେ ବତର ଦେଖି ରବି ଫସଲ ଯଥା ମୁଗ, ବିରି, ଝୁଡ଼ଙ୍ଗ, ମଟର, ଚିନାବାଦାମ ଓ ସୂର୍ଯ୍ୟମୁଖୀ ଚାଷ କରନ୍ତୁ।
- ଲଙ୍କାରେ ଉକୁଣିଆ ପୋକର ପରିଚାଳନା ପାଇଁ ଏକର ପିଛା ୮ଟି ଅଠାଳିଆ ଯନ୍ତା ଲଗାନ୍ତୁ।
- ଶୀତଋତୁରେ ମାଛମାନଙ୍କ ଦେହରେ କବକ ବୀଜାଣୁ ଓ ପରଜୀବୀ ଜନିତ ରୋଗ ଦେଖାଯାଇଥାଏ। ଏହି ରୋଗମାନଙ୍କର ନିରାକରଣ ପାଇଁ ଶୀତଋତୁ ଆରମ୍ଭ ହେବା ପୂର୍ବରୁ ଏକ ଏକର ପୋଖରୀ ପ୍ରତି ସିଫାକ୍ସ ୪୦୦ ମିଲି କିମ୍ବା ପଟାସିୟମ ପରମାଙ୍ଗାନେଟ୍ ୧ ରୁ ୨ କେଜି କିମ୍ବା ଚୂନ ୫୦ରୁ ୧୦୦ କେଜି ମିଶାଇ ବିଶୋଧନ କରନ୍ତୁ।



● ଆଇପିଏଲ୍-୨୦୨୬

## ସିଏସ୍‌କେରୁ ଖେଳିପାରନ୍ତି ସାମସନ, ରାଜସ୍ଥାନରୁ ଜାଡ଼େଜା

ନୂଆଦିଲ୍ଲୀ,୧୦।୧୧(ଏଜେନ୍ସି): ଆସନ୍ତାବର୍ଷ ଖେଳାଯିବାକୁ ଥିବା ଆଇପିଏଲ୍-୧୯ ର ନିଲାମ ଏଥର ମଧ୍ୟ ବିଦେଶରେ ହେବ। ବିସିସିଆଇ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ଡିସେମ୍ବର ୧୫ କିମ୍ବା ୧୬ରେ ଏହି ମିନି ନିଲାମ ଆବୁଧାବିରେ ଅନୁଷ୍ଠିତ ହେବାର ସମ୍ଭାବନା ରହିଛି। ଗତ ଦୁଇବର୍ଷ ହେଲା ଏହା ଯଥାକ୍ରମେ ଜେଦ୍ଦା, ସାଉଦି ଆରବ ଓ ଦୁବାଇରେ ଆୟୋଜିତ ହୋଇଥିଲା। ନଭେମ୍ବର ୧୫ ସୁଦ୍ଧା ଖେଳାଳି ରିଟେନସନ ତାଲିକା ବିସିସିଆଇର ହସ୍ତଗତ ହେଲେ ନିଲାମ ତାରିଖ ଘୋଷଣା କରାଯିବ ବୋଲି ବିସିସିଆଇ ପକ୍ଷରୁ ସୂଚନା ଦିଆଯାଇଛି। ମହିଳା ପ୍ରିମିୟର ଲିଗ୍ ଲାଗି ନିଲାମ ନୂଆଦିଲ୍ଲୀରେ ନଭେମ୍ବର ୨୭ରେ ଅନୁଷ୍ଠିତ ହେବ ବୋଲି ଫ୍ରାଞ୍ଚାଇଜ୍‌ଗୁଡ଼ିକୁ ଜଣାଇଦିଆଯାଇଛି। ଏହା ମଧ୍ୟରେ ଆଉ ଏକ ଘଟଣାକ୍ରମରେ ସଞ୍ଜୁ ସାମସନ ଏଥର ଚେନ୍ନାଇ ସୁପରକିଙ୍ଗ୍‌ସ (ସିଏସ୍‌କେ) ପକ୍ଷରୁ ଏବଂ ରବୀନ୍ଦ୍ର ଜାଡେଜା ରାଜସ୍ଥାନ ରୟାଲ୍ସ ପକ୍ଷରୁ ଖେଳିବେ ବୋଲି ଏକପ୍ରକାର ସ୍ଥିର ହୋଇଛି। ଆଇପିଏଲ ଟ୍ରେଡ୍ ମାଧ୍ୟମରେ ଏହା ସମ୍ଭବ ହେବାକୁ ଯାଉଛି। ସଞ୍ଜୁ ସାମସନଙ୍କୁ ହଟାଇବା ଲାଗି ରାଜସ୍ଥାନ ରୟାଲ୍ସ ଏକାଧିକ ଫ୍ରାଞ୍ଚାଇଜ୍ ସହ ଆଲୋଚନା କରିଛି। କିନ୍ତୁ ଏଥିରେ ବିଫଳ ହେବା ପରେ ସିଏସ୍‌କେ ରାଜି ହୋଇଛି।

## ପାକିସ୍ତାନ କ୍ରିକେଟର୍ ନସୀମଙ୍କ ଘର ଉପରକୁ ଗୁଳି ମାଡ଼

ଇସଲାମବାଦ୍, ୧୦।୧୧ (ଏଜେନ୍ସି): ପାକିସ୍ତାନ କ୍ରିକେଟର୍ ନସୀମ ଶାହଙ୍କ ଘର ଉପରକୁ ଅଜଣା ଆତତାୟୀମାନେ ଦିନ ଦ୍ୱିପହରେ ଆଖିବୁଜା ଗୁଳିଚାଳନା କରିଛନ୍ତି। ଖାଇବର ପଖତୁନଖୱା ପ୍ରଦେଶର ଲୋୟର ଡି ଜିଲ୍ଲାରେ ଥିବା ନସୀମଙ୍କ ଘରର ମୁଖ୍ୟ ଦ୍ୱାରରେ ଏହି ଗୁଳିମାଡ଼ ହୋଇଥିବା ଜଣାପଡ଼ିଛି। ଗୁଳିମାଡ଼ରେ ଲୁହାରେ ନିର୍ମିତ ମୁଖ୍ୟ ଦ୍ୱାରରେ ଅନେକ ଛିଦ୍ର ହୋଇଥିବାବେଳେ ନିକଟରେ ଥିବା ଏକ କାର୍ ମଧ୍ୟ କ୍ଷତିଗ୍ରସ୍ତ ହୋଇଛି। ଏହାର ଭିଡିଓ ଏବେ ସାମାଜିକ ଗଣମାଧ୍ୟମରେ ବେଶ୍ ଭାଇରାଲ ହେବାରେ ଲାଗିଛି। ସ୍ଥାନୀୟ ପୋଲିସ ଘଟଣାସ୍ଥଳରେ ତୁରନ୍ତ ପହଞ୍ଚି ୫ଜଣ ସନ୍ଦିଗ୍ଧଙ୍କୁ ଅଟକ ରଖିଥିବା ଜଣାପଡ଼ିଛି।

● ଚେସଟର୍ଫ ରାପିଡ୍ ଓ ବ୍ଲିଜ୍ ଟୁର୍ଣ୍ଣାମେଣ୍ଟ

## ସମ୍ବିତ୍ ଓ ଅନ୍ୱେଷଙ୍କୁ ଟାଇଟଲ୍

ଭୁବନେଶ୍ୱର,୧୦।୧୧(ସମିସ): ଆଇଏମ୍ ସମ୍ବିତ ପଣ୍ଡା ଓ ଡାକ୍ତର ଅନ୍ୱେଷ ଉପାଧ୍ୟାୟ ପ୍ରଥମ ଚେସଟର୍ଫ ରାପିଡ୍ ଓ ବ୍ଲିଜ୍ ଟୁର୍ଣ୍ଣାମେଣ୍ଟରେ ଟାଇଟଲ ବିଜୟୀ ହୋଇଛନ୍ତି। ଚେସ୍‌ଟର୍ଫ ଏକାଡେମୀ ଆନୁକୂଲ୍ୟରେ ଓଡ଼ିଶାରେ ଏହି ଟୁର୍ଣ୍ଣାମେଣ୍ଟ ପ୍ରଥମଥର ଆୟୋଜିତ ହୋଇଥିଲା। ସମଗ୍ର ରାଜ୍ୟରୁ ୨୫୦ରୁ ଊର୍ଦ୍ଧ୍ୱ ଖେଳାଳି ଏଥିରେ ଅଂଶଗ୍ରହଣ



କରିଥିଲେ। ସମ୍ବିତ ସମସ୍ତଙ୍କୁ ପଛରେ ପକାଇ ରାପିଡ୍ ବିଭାଗରେ ଚାମ୍ପିଅନ ହେବା ସହ ଟ୍ରଫି ଓ ୨୧,୦୦୦ ଟଙ୍କାର ପୁରସ୍କାର ଜିତିଥିଲେ। ଏହି ବିଭାଗରେ ଫିଡେ ମାଷ୍ଟର ଶ୍ରୀଅଂଶ ଦାସ ଦ୍ୱିତୀୟ ସ୍ଥାନରେ ରହି ୧୧,୦୦୦ ଟଙ୍କା ଓ ଅନ୍ୱେଷ ତୃତୀୟ ସ୍ଥାନରେ ରହି ୮,୦୦୦ ଟଙ୍କାର ପୁରସ୍କାର ପାଇଥିଲେ। ସେହିପରି ବ୍ଲିଜ୍ ବିଭାଗରେ ଡାକ୍ତର ଅନ୍ୱେଷ ପ୍ରଥମ ସ୍ଥାନରେ ରହିଥିଲେ। ତାଙ୍କୁ ପୁରସ୍କାର ବାବଦରେ ଟ୍ରଫି ସହ ୭,୫୦୦ ଟଙ୍କା ପ୍ରଦାନ କରାଯାଇଥିଲା। ଏହି ବିଭାଗରେ ସମ୍ବିତ ରନର୍ସଅପ୍ ଓ ଜ୍ୟୋତ୍ସ୍ନାଭ ତାଲୁକଦାର ତୃତୀୟ ସ୍ଥାନ ଅଧିକାର କରିଥିଲେ। ମୋଟ ୧.୭୫ ଲକ୍ଷ ଟଙ୍କାର ପୁରସ୍କାର ପ୍ରଦାନ କରାଯାଇଥିଲା। ଖେଳ ଶେଷରେ ଅନୁଷ୍ଠିତ ଉତ୍ସବରେ ରାଜ୍ୟର ପ୍ରଥମ ଗ୍ରାଣ୍ଡମାଷ୍ଟର ଦେବାଶିଷ ଦାସ, ଶିଳ୍ପପତି ଦୀପ୍ତିରଞ୍ଜନ ପଟ୍ଟନାୟକ, ଅଲ୍‌ଓଡ଼ିଶା ଚେସ ସଂଘ ସମ୍ପାଦକ ଦେବବ୍ରତ ଭଞ୍ଜ ଓ ଆୟୋଜକ ଚେସ୍‌ଟର୍ଫ ଏକାଡେମୀର ସମ୍ପାଦକ ସ୍ୱାଂଶୁ ସତ୍ୟକାମ ପ୍ରମୁଖ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ।

▶ ଜୁନିଅର ମହିଳା ବିଶ୍ୱକପ୍ ଲାଗି ଭାରତୀୟ ହକି ଦଳ ଘୋଷିତ

# ଟିମ୍‌ରେ ଓଡ଼ିଶାରୁ ସୁନେଲିତା, ହର୍ଷାରାଣୀ, ପୂଜା

ନୂଆଦିଲ୍ଲୀ,୧୦।୧୧(ଏଜେନ୍ସି): ଜୁନିଅର ମହିଳା ହକି ବିଶ୍ୱକପ୍ ଲାଗି ୨୦ ଜଣିଆ ଭାରତୀୟ ଦଳ ଘୋଷଣା କରାଯାଇଛି। ଜ୍ୟୋତି ସିଂ ପୂର୍ବପରି ଜୁନିଅର ଦଳର ନେତୃତ୍ୱ ବଜାୟ ରଖିଛନ୍ତି। ଏହି ଟୁର୍ଣ୍ଣାମେଣ୍ଟ ଚିଲିର ସାଣ୍ଟିଆଗୋଠାରେ ଡିସେମ୍ବର ୧ରୁ ୧୩ ତାରିଖଯାଏ ଅନୁଷ୍ଠିତ ହେବ। ଜୁନିଅର ହକିର ଏହି ମେଗା ଇଭେଣ୍ଟରେ ଭାରତ ପୁଲ-ସି'ରେ ସ୍ଥାନ ପାଇଛି। ଏହା ମଧ୍ୟରୁ ଦଳ ପ୍ରଥମ ମ୍ୟାଚ୍ ନାମିବ୍ୟା ସହ ଡିସେମ୍ବର ୧ରେ, ଦ୍ୱିତୀୟ ମ୍ୟାଚ୍ ଜର୍ମାନୀ ସହ ଡିସେମ୍ବର ୩ ଓ ତୃତୀୟ ମ୍ୟାଚ୍ ଆୟର୍ଲାଣ୍ଡ ସହ ଡିସେମ୍ବର ୫ରେ ଖେଳାଯିବ। ପ୍ରତ୍ୟେକ ଗ୍ରୁପ୍‌ର ଦୁଇ ଶ୍ରେଷ୍ଠ ଦଳ ନକ୍‌ଆଉଟ୍‌କୁ ଯୋଗ୍ୟତା ଅର୍ଜନ କରିବେ। ଡିସେମ୍ବର ୭ରୁ ୧୩ ତାରିଖଯାଏ ନକ୍‌ଆଉଟ ମ୍ୟାଚ୍ ଗୁଡ଼ିକ ଖେଳାଯିବ। ଏହା ମଧ୍ୟରେ ଡିସେମ୍ବର ୧୩ରେ ଫାଇନାଲ ମୁକାବିଲା ଅନୁଷ୍ଠିତ ହେବ।






ଭାରତ ପକ୍ଷରୁ ଘୋଷିତ ୨୦ ଜଣିଆ ଦଳରେ ୧୮ଜଣ ଖେଳାଳି ଓ ୨ଜଣ ବଦଳ ଖେଳାଳି ରହିଛନ୍ତି। ଏମାନଙ୍କ ବ୍ୟତୀତ ୩ଜଣଙ୍କୁ ଷ୍ଟାଣ୍ଡବାଇରେ ରଖାଯାଇଛି। ଭାରତୀୟ ଦଳରେ ଓଡ଼ିଶାରୁ ୩ଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନଙ୍କ ମଧ୍ୟରେ ଅଛନ୍ତି ଗୋଲରକ୍ଷକ ଏଞ୍ଜେଲ ହର୍ଷାରାଣୀ ମିଞ୍ଜ, ଡିଫେଣ୍ଡର ପୂଜା ସାହୁ ଓ ମିଡ୍‌ଫିଲ୍ଡର ସୁନେଲିତା ଟପ୍ପୋ। ସମସ୍ତଙ୍କର ଜୁନିଅର ଅନ୍ତର୍ଜାତୀୟ ହକି ଖେଳିବାରେ ଅଭିଜ୍ଞତା ରହିଛି। ସୁନେଲିତା ଟପ୍ପୋ ଗୋଟିଏ ପାଦ ଆଗେଇଯାଇ ସିନିଅର ଦଳ ପକ୍ଷରୁ ଖେଳିଛନ୍ତି। ସେହିପରି ମମିତା ଓରାମ ଚତୁର୍ଥ ଖେଳାଳିମାନେ ଷ୍ଟାଣ୍ଡବାଇରେ ରହିଛନ୍ତି। ମହିଳା ହକି ଦଳର ହେଡ୍ କୋଚ୍ ତୁଷାର ଖାଣ୍ଡେକର ଦଳଠାରୁ ଭଲ ପ୍ରଦର୍ଶନ ଆଶା ରଖିଛନ୍ତି। ଖେଳାଳିମାନଙ୍କୁ ଶିବିରରେ ରଖାଯାଇ ପ୍ରଶିକ୍ଷଣ ଦିଆଯାଇଥିଲା। ଏହା ପରେ ବିଭିନ୍ନ ଟୁର୍‌ରେ ମଧ୍ୟ ଏମାନେ ଖେଳିଥିଲେ। ଏଣୁ ଅନ୍ତର୍ଜାତୀୟ ଅଭିଜ୍ଞତା ଥିବା ଖେଳାଳିମାନେ ଏଥର ଦଳରେ ସ୍ଥାନ ପାଇଛନ୍ତି ଓ ଏଥର ଦଳ ଭଲ ଖେଳିବ ବୋଲି ଖାଣ୍ଡେକର କହିଛନ୍ତି।

**ଖେଳସୂଚୀ**

୧-୧୨ ବନାମ ନାମିବ୍ୟା
୩-୧୨ ବନାମ ଜର୍ମାନୀ
୫-୧୨ ବନାମ ଆୟର୍ଲାଣ୍ଡ

**ଘୋଷିତ ଦଳ**

ନିଧି, ଏଞ୍ଜିଲ ହର୍ଷାରାଣୀ ମିଞ୍ଜ (ଗୋଲରକ୍ଷକ), ସାକ୍ଷୀ ଶୁକ୍ଳା, ପୂଜା ସାହୁ ଓ ନନ୍ଦିନୀ (ସମସ୍ତେ ଡିଫେଣ୍ଡର), ସାକ୍ଷୀ ରାଣା, ଇଶିକା, ସୁନେଲିତା ଟପ୍ପୋ, ଜ୍ୟୋତି ସିଂ (ଅଧିନାୟିକା), କେ, ଶିଲେଇମା ଚାନୁ, ବିନିମା ଧାନ୍ (ମିଡ୍‌ଫିଲ୍ଡର), ସୋନମ, ପୂର୍ଣ୍ଣିମା ଯାଦବ, କନିକା ସିୱାଚ୍‌ଲ ହୀନା ବାନୋ ମନୀଷା, ଲାଲଥାନଲୁଆଲାଙ୍ଗି ଓ ସୁଖବୀର କୌର।

ରଣଜୀ ଟ୍ରଫି: ବିଦର୍ଭର ଅମନ, ଧ୍ରୁବଙ୍କ ଶତକ

## ଓଡ଼ିଶା ଆଗରେ ୩୪୫ ରନ୍‌ର ଟାର୍ଗେଟ

ଭୁବନେଶ୍ୱର, ୧୦।୧୧ (ସମିସ): ଅମନ ମୋଖାଡେ ଓ ଧ୍ରୁବ ସୋରେଙ୍କ ଶତକ ବଳରେ ଏଠାରେ ଚାଲିଥିବା ରଣଜୀ ଟ୍ରଫିର ଏଲିଟ୍-ସି'ର ଏକ ମ୍ୟାଚ୍‌ରେ ଘରୋଇ ବିଦର୍ଭ ଦଳ ଭ୍ରମଣକାରୀ ଓଡ଼ିଶା ଆଗରେ ୩୪୫ ରନ୍‌ର ବିଜୟ ଲକ୍ଷ୍ୟ ଧାର୍ଯ୍ୟ କରିଛି। ଏହି ଲକ୍ଷ୍ୟକୁ ପିଛା କରି ତୃତୀୟ ଦିନ ଖେଳ ଶେଷସୁଦ୍ଧା ଓଡ଼ିଶା ୧୨ ଓଭର ଖେଳି ବିନା ୱିକେଟରେ ୪୪ ରନ୍ କରିନେଇଛି। ଦୁଇ ଓପନର ସ୍ୱସ୍ତିକ ସାମଲ ୨୫ ଓ ଗୌରବ ଚୌଧୁରୀ ୧୭ ରନ୍‌ରେ ବ୍ୟାଟିଂ କରୁଥିଲେ। ଏହି ପିଚ୍‌ରେ ମ୍ୟାଚ୍ ବଞ୍ଚାଇବା କଷ୍ଟକର ହୋଇଥିଲାବେଳେ ମ୍ୟାଚ୍ ଜିତିବାକୁ ଆସନ୍ତାକାଲି ଚତୁର୍ଥ ତଥା ଶେଷ ଦିନରେ ବାକିଥିବା ସମସ୍ତ ୧୦ଟିଯାକ ଦ୍ୱିତୀୟ ଇନିଂସ ୱିକେଟ୍‌ରେ ଆଉ ୩୦୧ ରନ୍ ଆବଶ୍ୟକ ହେଉଛି। ଓଡ଼ିଶାର ଦ୍ୱିତୀୟ ଇନିଂସ ପୂର୍ବରୁ ଉଭୟ ଦଳ ଗୋଟିଏ ଲେଖାଏଁ ଇନିଂସ ଶେଷ କରିଥିଲେ। ଗତକାଲି ୬ ୱିକେଟରେ ୧୨୨ ରନ୍ କରିଥିବା ଓଡ଼ିଶା ଆଜି ଆଉ ୩୮ ରନ୍ ଯୋଡିବା ପରେ ୧୬୦ ରନ୍‌ରେ ଅଲଆଉଟ ହୋଇଥିଲା। ଶେଷଭାଗରେ ସମ୍ବିତ ବରାଳଙ୍କ ୨୯ ରନ୍ ଲାଗି ଏହା ସମ୍ଭବ ହୋଇଥିଲା। ଅଧିନାୟକ ଶୁଭ୍ରାଂଶୁ ସେନାପତି ସର୍ବାଧିକ ୪୧ ରନ୍ କରିଥିଲେ। ଘରୋଇ ଦଳର ଦୁଇ ମିଡିୟମ ପେସ୍ ବୋଲର ଗୌରବ ଫାର୍ଡେ ୪ଟି ଓ ପାର୍ଥ ରେଖାଡେ ୨ଟି ୱିକେଟ ନେଇଥିଲେ। ପ୍ରଥମ ଇନିଂସରେ ୧୨୬ ରନ୍‌ରେ ଆଗୁଆ ଥିବା ବିଦର୍ଭ ଦ୍ୱିତୀୟ ଇନିଂସରେ ୨ ୱିକେଟରେ ୨୧୮ ରନ୍ କରି ଇନିଂସ ସମାପ୍ତି ଘୋଷଣା କରିଥିଲା। ଅମନ ମୋଖାଡେ ଅପରାଜିତ ୧୦୧ ରନ୍ କରିଥିଲାବେଳେ ଧ୍ରୁବ ସୋରେ ୧୦୧ ରନ୍ କରି ଆଉଟ ହୋଇଥିଲେ। ୨ଟିଯାକ ୱିକେଟ ବାଦଲ ବିଶ୍ୱାଳଙ୍କୁ ମିଳିଥିଲା। ଧ୍ରୁବ ମଧ୍ୟ ପ୍ରଥମ ଇନିଂସରେ ଶତକ ସହ ୧୪୪ ରନ୍‌ର ବିରାଟ ଇନିଂସ ଖେଳିଥିଲେ।


## କିଟ୍ ଓ କିସ୍‌ରେ ୩୨ କୋଚ୍‌ଙ୍କୁ ନିଯୁକ୍ତି



ଭୁବନେଶ୍ୱର, ୧୦।୧୧ (ସମିସ): କିଟ୍ ଓ କିସ୍ ପକ୍ଷରୁ ଏହାକୁ କ୍ରୀଡ଼ା ଇକୋସିଷ୍ଟମକୁ ସୁଦୃଢ଼ କରିବା ଲାଗି ଏକ ବଡ଼ ପଦକ୍ଷେପ ନିଆଯାଇଛି। ଏହିକ୍ରମରେ ୩୨ଜଣ ପୂର୍ବତନ କ୍ରୀଡ଼ାବିତ୍ ଓ ଏନ୍‌ଆଇଏସ୍-ପ୍ରମାଣିତ ପ୍ରଶିକ୍ଷକଙ୍କୁ କିଟ୍ ଓ କିସ୍‌ର କ୍ରୀଡ଼ା ବିଭାଗରେ ନିଯୁକ୍ତି କରାଯାଇଛି। ନିଯୁକ୍ତି ପାଇଥିବା କ୍ରୀଡ଼ାବିତ୍‌ଙ୍କ ମଧ୍ୟରେ ଅଲିମ୍ପିଆନ ରାହୁଲ ବାନାର୍ଜୀ (ମୁଖ୍ୟ କୋଚ୍, ତୀରନ୍ଦାଜୀ), ସିଏସ୍ ଲାଗୁରୀ, କୁନି ଭଦ୍ରା, ଉମା ଦଳପତି, ଜଗନ୍ନାଥ ମାଝୀ, ସରିତା ଏକ୍କା, ମକରନ୍ଦ ପ୍ରଧାନ ପ୍ରମୁଖ ରହିଛନ୍ତି। ଏହି ସମସ୍ତ ଖେଳାଳି ପୂର୍ବରୁ ଜାତୀୟ ଓ ଅନ୍ତର୍ଜାତୀୟସ୍ତରରେ ପ୍ରତିନିଧିତ୍ୱ କରି ଓଡ଼ିଶା ଓ ଦେଶ ପାଇଁ ସଫଳତା ଆଣିଥିଲେ। ଏହି ଅବସରରେ କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ନବନିଯୁକ୍ତ ସଦସ୍ୟଙ୍କୁ ଅଭିନନ୍ଦନ ଜଣାଇଛନ୍ତି। ଏହି ନିଯୁକ୍ତି ଫଳରେ କିଟ୍ ଓ କିସ୍‌ର କ୍ରୀଡ଼ା ବିଭାଗରେ କର୍ମଚାରୀ ସଂଖ୍ୟା ୩୩୭କୁ ବୃଦ୍ଧି ପାଇଛି।

## ସାଓ ପାଓଲୋ ଗ୍ରାଁପ୍ରି ଜିତିଲେ ନୋରିସ

ସାଓ ପାଓଲୋ, ୧୦।୧୧ (ଏଜେନ୍ସି): ମ୍ୟାକଲରେନ୍‌ର ଚାଳକ ଲାଣ୍ଡୋ ନୋରିସ ଏଠାରେ ଅନୁଷ୍ଠିତ ଫର୍ମୁଲା ୱାନ ରେସିଂ ସାଓ ପାଓଲୋ ଗ୍ରାଁପ୍ରିରେ ଚାମ୍ପିଅନ ହୋଇଛନ୍ତି। ରବିବାର ବିଳମ୍ବିତ ରାତିରେ ଅନୁଷ୍ଠିତ ୭୧ ଲ୍ୟାପ୍ ତଥା ୩୦୫.୮ କିମି ବିଶିଷ୍ଟ ଏହି ରେସକୁ ନୋରିସ ଏକ ଘଣ୍ଟା ୩୨ ମିନିଟ୍ ଓ ୦୧.୫୯୬ ସେକେଣ୍ଡ ସମୟ ନେଇ ପୋଡିୟମର ଶୀର୍ଷ ସ୍ଥାନ ହାସଲ କରିଥିଲେ। ମର୍ସିଡିଜର ଯୁବ ଚାଳକ କିମି




ଆଣ୍ଟୋନେଲି ୧୦.୩୮୮ ସେକେଣ୍ଡ ଅଧିକ ସମୟ ନେଇ କ୍ୟାରିୟର ଶ୍ରେଷ୍ଠ ପ୍ରଥମ ରନର୍ସଅପ୍ ଓ ରେଡ୍ ବୁଲ୍‌ର ମାକ୍ସ ଭର୍ଷ୍ଟାପେନ ୧୦.୭୫ ସେକେଣ୍ଡ ଅଧିକ ସମୟ ସହ ଦ୍ୱିତୀୟ ରନର୍ସଅପ୍ ହୋଇଥିଲେ। ଏଠାରେ ବିଜୟ ସହ ନୋରିସ ବର୍ଷର ଶ୍ରେଷ୍ଠ ଫର୍ମୁଲା ୱାନ ଡ୍ରାଇଭର ଟାଇଟଲ୍ ଦୌଡ଼ରେ ସର୍ବାଗ୍ରେ ରହିଛନ୍ତି। ନୋରିସ ବର୍ତ୍ତମାନ ୩୯୦ ପଏଣ୍ଟ ସହ ଶୀର୍ଷରେ ରହିଛନ୍ତି। ମ୍ୟାକଲରେନର ଅନ୍ୟତମ ଚାଳକ ଓସ୍କାର ପିଆଷ୍ଟ୍ରି ମୋଟ୍ ୩୬୬ ପଏଣ୍ଟ ସହ ଦ୍ୱିତୀୟ ଓ ଭର୍ଷ୍ଟାପେନ ୩୪୧ ପଏଣ୍ଟ ସହ ୩ୟ ସ୍ଥାନରେ ରହିଛନ୍ତି। ଚଳିତ ସିଜନରେ ଆଉ ୩ଟି ରେସ୍ ବାକି ରହିଥିବାବେଳେ ୪୯ ପଏଣ୍ଟ ପଛରେ ଥିବା ଭର୍ଷ୍ଟାପେନଙ୍କ ଟାଇଟଲ୍ ଜିତିବା ଆଶା ମଉଳି ଯାଇଛି।

ରାଜ୍ୟ ୧୫ ଓ ୧୭ ବର୍ଷରୁ କମ୍ ବ୍ୟାଡ୍‌ମିଣ୍ଟନ ଉଦ୍‌ଯାପିତ

## ହର୍ଷିତ ପ୍ରିୟଦର୍ଶୀଙ୍କୁ ତ୍ରିମୁକୁଟ, ନିମିଶା ଓ ସୌମ୍ୟଙ୍କୁ ଦ୍ୱିମୁକୁଟ

ଭୁବନେଶ୍ୱର,୧୦।୧୧(ସମିସ): ଓଡ଼ିଶା ରାଜ୍ୟ ୧୫ ଓ ୧୭ ବର୍ଷରୁ କମ୍ ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍ ଭୁବନେଶ୍ୱର ପୋଖରୀପୁଟସ୍ଥିତ ବିଜୁପଟ୍ଟନାୟକ ବହୁମୁଖି ଇଣ୍ଡୋର ଷ୍ଟାଡିୟମ୍‌ରେ ସୋମବାର ଉଦ୍‌ଯାପିତ ହୋଇଯାଇଛି। ଏହି ପ୍ରତିଯୋଗିତାର ୧୫ ବର୍ଷରୁ କମ ବାଳକ ବିଭାଗରେ କଟକର ହର୍ଷିତ ପ୍ରିୟଦର୍ଶୀ ବେହେରା ତ୍ରିମୁକୁଟ ଲାଭ କରିଛନ୍ତି। ୧୫ ବର୍ଷରୁ କମ୍ ବାଳିକା ବିଭାଗରେ ଖୋର୍ଦ୍ଧାର ନିମିଶା ଓଝା ଓ ୧୭ ବର୍ଷରୁ କମ୍ ବାଳକ ବିଭାଗରେ ଖୋର୍ଦ୍ଧାର ସୌମ୍ୟଜିତ ସାହୁ ମଧ୍ୟ ଦ୍ୱିମୁକୁଟ ଲାଭ କରିଛନ୍ତି।




୧୫ ବର୍ଷରୁ କମ୍ ବାଳକ ବିଭାଗରେ ସିଙ୍ଗଲ୍ସ ଫାଇନାଲରେ ସମ୍ବଲପୁରର ଅୟଙ୍କ ସାହୁଙ୍କୁ ହରାଇ ଚାମ୍ପିଅନ ହୋଇଛନ୍ତି। ବାଳକ ଡବଲ୍ସରେ ସେ ଓ ଅୟଙ୍କ, ମିକ୍ସଡ ଡବଲ୍ସରେ ସେ ଓ ଆଦ୍ୟାଶା ମହନ୍ତ ଟାଇଟଲ ଜିତିଥିଲେ। ବାଳିକା ବିଭାଗରେ ଖୋର୍ଦ୍ଧାର ନିମିଶା ଓଝାଙ୍କୁ ଡବଲ ସଫଳତା ମିଳିଛି। ସିଙ୍ଗଲ୍ସ ଫାଇନାଲରେ ସେ କଟକର ସ୍ୱାତୀ ନାୟକଙ୍କୁ ହରାଇଥିଲେ। ଡବଲ୍ସରେ ନିମିଶା ଓ ସ୍ୱାତୀ ନାୟକ ଚାମ୍ପିଅନ ହୋଇଥିଲେ। ୧୭ ବର୍ଷରୁ କମ୍ ବିଭାଗରେ ଜୋରଦାର ଲଢ଼େଇ ଦେଖିବାକୁ ମିଳିଥିଲା। ବାଳକ ବିଭାଗ ସିଙ୍ଗଲ୍ସ ଫାଇନାଲରେ ଖୋର୍ଦ୍ଧାର ସୌମ୍ୟଜିତ ସାହୁ ୨-୦ରେ ନିଜ ଜିଲ୍ଲାର ବାପୁନ ରାଉତଙ୍କୁ ହରାଇଥିଲେ। ମିକ୍ସଡ ଡବଲ୍ସରେ ସେ ଓ ଭଦ୍ରକର ଜେସିକା ସାହୁ ଟାଇଟଲ ଜିତିନେଇଥିଲେ। ଡବଲ୍ସରେ ଖୋର୍ଦ୍ଧାର ବାପୁନ ରାଉତ ଓ ସମ୍ବଲପୁରର ଜୟକୃଷ୍ଣ ଗର୍ଡିଆ ଟାଇଟଲ କବ୍‌ଜା କରିଥିଲେ। ବାଳିକା ବିଭାଗ ସିଙ୍ଗଲ୍ସରେ କଟକର ସ୍ୱାତୀ ନାୟକ ଖୋର୍ଦ୍ଧାର ନିମିଶା ଓଝାଙ୍କୁ ହରାଇ ଟାଇଟଲ ଜିତିଥିଲେ। ଡବଲ୍ସରେ ଯାଜପୁରର ରତିକା ଦାସ ଓ ଭଦ୍ରକର ବି.ଲକ୍ଷ୍ମୀ ରେଡ୍ଡୀ ଚାମ୍ପିଅନ ହୋଇଛନ୍ତି। ଖେଳ ଶେଷରେ ରାଜ୍ୟ କ୍ରୀଡ଼ା ନିର୍ଦ୍ଦେଶକ ଡ. ୟେଦୁଲା ବିଜୟ ମୁଖ୍ୟ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ପୁରସ୍କାର ବିତରଣ ଉତ୍ସବରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ବ୍ୟାଡମିଣ୍ଟନ ସଂଘ ସମ୍ପାଦକ ନିଳିନ କୁମାର, ଆୟୋଜନ କମିଟି ସମ୍ପାଦକ କମଳ ଦାଶ୍ ଓ ଅଜିତ ମହାନ୍ତି, ପର୍ଯ୍ୟବେକ୍ଷକ ଶିବମ ଅଗରୱାଲ, ଟୁର୍ଣ୍ଣାମେଣ୍ଟ ନିର୍ଦ୍ଦେଶକ ଶୁଭମ ନାୟକ, ଚିଫ୍ ରେଫରୀ ରୀତା ଦାଶ୍ ପ୍ରମୁଖ ଉପସ୍ଥିତ ଥିଲେ।

## ଭଙ୍ଗାଯିବ ଜବାହରଲାଲ୍ ନେହରୁ ଷ୍ଟାଡିୟମ

ନୂଆଦିଲ୍ଲୀ, ୧୦।୧୧ (ଏଜେନ୍ସି): ଜାତୀୟ ରାଜଧାନୀ ଦିଲ୍ଲୀର ଐତିହାସିକ ଜବାହରଲାଲ ନେହରୁ ଷ୍ଟାଡିୟମ ଏବେ ଇତିହାସ ହୋଇଯିବ। ଦିଲ୍ଲୀର ପ୍ରତୀକ ଭାବେ ବିବେଚିତ ହେଉଥିବା ଏହି ଷ୍ଟାଡିୟମ ଭଙ୍ଗାଯିବ। ଏହି ଷ୍ଟାଡିୟମକୁ ଭାଙ୍ଗି ଏଠାରେ ୧୦୨ ଏକର ଜାଗାରେ ସ୍ପୋର୍ଟ୍ସ ସିଟି ନିର୍ମାଣ କରାଯିବ। ଯେଉଁଥିରେ ସମସ୍ତ ପ୍ରମୁଖ ଖେଳର ଆୟୋଜନ ସ୍ଥଳ ଏବଂ ଆଥ୍‌ଲେଟଙ୍କ ଲାଗି ଅତ୍ୟାଧୁନିକ ସୁବିଧା ବ୍ୟବସ୍ଥା କରିବାକୁ କ୍ରୀଡ଼ା ମନ୍ତ୍ରଣାଳୟ ଯୋଜନା କରିଛି। ଏହାର ବଜେଟ ବିବରଣୀ ଏପର୍ଯ୍ୟନ୍ତ ସ୍ଥିର କରାଯାଇ ନ ଥିବା ଜଣାପଡ଼ିଛି। ୨୦୩୬ ଅଲିମ୍ପିକ୍ସ ଆୟୋଜନ ଦୌଡ଼ରେ ଭାରତ ରହିଥିବାରୁ ଏହାକୁ ଲକ୍ଷ୍ୟ ରଖି ବିଶ୍ୱସ୍ତରୀୟ ଭିତ୍ତିଭୂମି ନିର୍ମାଣ କରାଯାଉଛି। ରିପୋର୍ଟ ଅନୁସାରେ କ୍ରୀଡ଼ା ମନ୍ତ୍ରଣାଳୟ ପକ୍ଷରୁ ଏବେ ବିଶ୍ୱର ବିଭିନ୍ନ ଷ୍ଟାଡିୟମର ମଡେଲର ଅଧ୍ୟୟନ କରାଯାଉଛି। କତାର ଓ ଅଷ୍ଟ୍ରେଲିଆରେ ରହିଥିବା ସ୍ପୋର୍ଟ୍ସ ସିଟି ପ୍ରକଳ୍ପର ନିର୍ମାଣ ଢାଞ୍ଚାକୁ ନଜରରେ ରଖି ଦିଲ୍ଲୀର କ୍ରୀଡ଼ା ନଗରୀ ନିର୍ମାଣ ହେବାର ଯୋଜନା ରହିଛି। ଉଲ୍ଲେଖଯୋଗ୍ୟ, ୧୯୮୨ରେ ଦିଲ୍ଲୀର ଜବାହରଲାଲ ନେହରୁ ଷ୍ଟାଡିୟମ ତିଆରି କରାଯାଇଥିଲା। ଏହାର ଦର୍ଶକ କ୍ଷମତା ୬୦ ହଜାର ରହିଛି। ଗତ ୧୫ ବର୍ଷ ମଧ୍ୟରେ ଏହି ଷ୍ଟାଡିୟମର ନବୀକରଣରେ ପାଖାପାଖି ୧୦୧୧ କୋଟି ଟଙ୍କା ଖର୍ଚ୍ଚ କରାଯାଇସାରିଛି। ନିକଟରେ ବିଶ୍ୱ ପାରା ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍ ଲାଗି ୩୦ କୋଟି ଟଙ୍କା ବ୍ୟୟରେ ଏକ ଟ୍ରାକ୍ ବିଛାଯାଇଥିଲା।

# ମହିଳାରେ ପୁରୀ, ପୁରୁଷରେ ଜଟଣୀ ଚାମ୍ପିଅନ

ରାଜ୍ୟ ଥ୍ରୋବଲ୍ ଚାମ୍ପିଅନସିପ୍ ଉଦ୍‌ଯାପିତ

ଭୁବନେଶ୍ୱର,୧୦।୧୧(ସମିସ): ପୁରୀ ସଦର ଓ ଜଟଣୀ ଦଳ ସୋଆ ୟୁନିଭର୍ସିଟି କ୍ୟାମ୍ପସରେ ଶେଷ ହୋଇଥିବା ୩୩ତମ ରାଜ୍ୟ ଥ୍ରୋବଲ ଚାମ୍ପିଅନସିପ୍‌ରେ ଯଥାକ୍ରମେ ପୁରୁଷ ଓ ମହିଳା ବିଭାଗରେ ଚାମ୍ପିଅନ ହୋଇଛନ୍ତି। ମହିଳା ବିଭାଗରେ ଯାଜପୁର ଜିଲ୍ଲା ଓ ପୁରୁଷ ବିଭାଗରେ ପୁରୀ ସଦର ରନର୍ସ ଅପ୍‌ରେ ସନ୍ତୁଷ୍ଟ ହୋଇଛନ୍ତି। ମହିଳା ବିଭାଗରେ ପୁରୀ ଜିଲ୍ଲା ଓ ସୋଆ, ପୁରୁଷ ବିଭାଗରେ ଭଦ୍ରକ ଓ ପୁରୀ ସଦର ମିଳିତଭାବେ ତୃତୀୟ ସ୍ଥାନରେ ସନ୍ତୁଷ୍ଟ ହୋଇଛନ୍ତି। ଖେଳ ଶେଷରେ ଅନୁଷ୍ଠିତ ଉତ୍ସବରେ ରାଜ୍ୟ ଥ୍ରୋବଲ ସଂଘ ସଭାପତି




ଭୂପିନ୍ଦର ସିଂହ, ମାର୍ଗଦର୍ଶନ କୃଷ୍ଣଚନ୍ଦ୍ର ପଣ୍ଡା ଓ ସୋଆ କ୍ରୀଡ଼ା ଅଧିକାରୀ ସୁନିତା ବର୍ମା ପ୍ରମୁଖ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ସମ୍ପାଦକ ଜିତେନ୍ଦ୍ରନାଥ ଦାସ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ନ୍ୟାସନାଲ ରେଫରୀ ଯଶୋବନ୍ତ ପରମଗୁରୁ, ଦୀପ୍ତିରଞ୍ଜନ ସାମନ୍ତରାୟ, ସେକ୍ ଆଜାରୁଦ୍ଦିନ, ଏସ୍ ଜଗା ରେଡ୍ଡୀ ଓ କଳ୍ପନା ମହାରଣାଙ୍କୁ ସମ୍ମାନିତ କରାଯାଇଥିଲା।

'ନନ୍ଦିଘୋଷ ଟିଭି'
ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଅଛି।
ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
|---|---|
| ଇନ୍‌ପୁଟ୍ କପି ଏଡିଟର (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଭିଡିଓ ଏଡିଟର୍ -ଡିଜିଟାଲ (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| କପି ଏଡିଟର -ଡିଜିଟାଲ (୦୩) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ଡିଜିଟାଲ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ନ୍ୟୁଜ୍ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସିଜି ଅପରେଟର (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସ୍ୱିଚର / ଅନଲାଇନ୍ ଏଡିଟର | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୧୫ ନଭେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

*କେବଳ ନିର୍ବାଚିତ ଆବେଦନଗୁଡ଼ିକୁ ସାକ୍ଷାତକାର ପାଇଁ ଡକାଯିବ।
ଯୋଗାଯୋଗ: ୯୪୩୭୦୧୬୪୯୯
ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS